

ଦୀପିକାଙ୍କ ପରେ ଅଲ୍ଲୁ

▸ପୃଷ୍ଠା ୧୧ ଦେଖନ୍ତୁ...


- RNI REGD NO: 42041/83
- www.sakalaepaper.com
- /sakalanews
- /sakalanews
- www.thesakala.in

# ସକାଳ
## THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

◆VOLUME- 42 ◆ISSUE-349 ◆BHUBANESWAR ◆TUESDAY ◆17 JUNE 2025 ◆PAGE-12 ◆₹ 6.00 | PANIKOILI | ◆ବର୍ଷ-୪୨ ◆ସଂଖ୍ୟା-୩୪୯ ◆ଭୁବନେଶ୍ୱର ◆ମଙ୍ଗଳବାର ◆୧୭ ଜୁନ୍ ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦





No.1 Residential Institution

A School of Excellence For
Board / IIT-JEE / NEET / CUET / CA / UPSC Programme

KRISHNA VIKASH GROUP, BARGARH

NTA-NEET UG 2025 Result

Krishna Vikash Edu. Network Odisha | Chhattisgarh | Andhra Pradesh

Krishna Vikash Group of Institutions

| Name | AIR* | Category | Marks | Percentile |
|---|---|---|---|---|
| PRATYUSH | 1178 | OBC | 582 | 99.85 |
| NAVNEET | 292 | ST | 500 | 97.61 |
| RITIKA | 1972 | GEN | 578 | 99.82 |
| RUPA RANJITA | 2242 | GEN | 575 | 99.79 |
| PIYUSH SAHU | 1891 | OBC | 573 | 99.77 |
| PIYUSH MISHRA | 2926 | GEN | 567 | 99.71 |
| RONAK | 2679 | OBC | 565 | 99.68 |
| MUKESH | 3558 | GEN | 562 | 99.64 |
| RAKESH | 2641 | OBC | 561 | 99.70 |
| SUBHAM | 5063 | GEN | 552 | 99.47 |
| HARSHIT | 6189 | OBC | 546 | 99.34 |
| DEEPAL | 9258 | OBC | 535 | 99.05 |
| AMARNATH | 8639 | GEN | 534 | 99.02 |
| NAMITA | 9653 | OBC | 534 | 99.02 |
| ASHUTOSH | 11349 | OBC | 524 | 98.68 |
| ARYYAN | 14146 | OBC | 522 | 98.61 |
| LISA | 14432 | GEN | 521 | 98.57 |
| APARNA | 4061 | EWS | 518 | 98.45 |
| RAJAT | 15712 | OBC | 518 | 98.45 |
| NAMRATA | 14952 | GEN | 512 | 98.20 |
| MADHUSUDAN | 19134 | OBC | 511 | 98.15 |
| NIRLIPTA | 16032 | OBC | 509 | 98.61 |
| JATINDRA | 24217 | OBC | 501 | 97.66 |
| ROHAN | 2501 | SC | 478 | 96.34 |
| HEMAKSHI | 3082 | SC | 470 | 95.82 |
| TAMANNA | 3892 | SC | 460 | 95.15 |
| SAMBHAVNA | 2092 | ST | 424 | 92.46 |
| PRAGYA | 2472 | ST | 416 | 91.80 |
| CHHAYAKANTA | 3602 | ST | 395 | 89.98 |
| PRERIT | 4776 | ST | 379 | 88.51 |
| BABITA | 27280 | OBC | 496 | 97.40 |
| JIYA | 21017 | GEN | 495 | 97.35 |
| CHINMAYANANDA | 22760 | GEN | 491 | 97.12 |
| MONALISA | 22963 | GEN | 490 | 97.06 |
| RAJASHREE | 32770 | OBC | 487 | 96.89 |
| RIDDHI | 26745 | GEN | 482 | 96.59 |
| PRAGATI | 28140 | GEN | 479 | 96.40 |
| TAPASWINI | 38285 | OBC | 479 | 96.40 |
| SOUMYA RANJAN | 41375 | OBC | 474 | 96.08 |
| SHIVAM | 29764 | GEN | 470 | 96.15 |
| ROHAN | 45207 | OBC | 469 | 95.76 |
| SOUMYA RANJAN | 32233 | GEN | 469 | 95.76 |
| DEVESH | 10075 | ST | 327 | 83.13 |
| SIKHA RANI | 9146 | SC | 422 | 92.29 |

NTA-NEET (UG) 2025 Results Analysis

02 Eligible for AIIMS | 43 Eligible for Govt. Seats | 13 Above 99 Percentile | 63 Above 90 Percentile

JEE Adv. 2025 Results

| Name | Category | AIR |
|---|---|---|
| HEMANEEL | ST | 366 |
| SAMBHAVNA | ST | 726 |
| TUSHARAKANTA | SC | 3573 |
| PARTHA | SC | 4742 |

JEE Mains 2025 Final Results

PRATYUSH 99.39 Percentile TOTAL

Students Eligible to get Admissions in NITs (as per 2024 Cut-off) 53

| 98 Percentile & Above in Total | 97 Percentile & Above in Total | 96 Percentile & Above in Total | 95 Percentile & Above in Total |
|---|---|---|---|
| 04 | 14 | 21 | 29 |

ADMISSIONS OPEN (Co-Ed. Day/Residential)
Nursery to IX & XI CBSE & +2 CHSE
(XI Science / Commerce / Humanities | +2 Science / Commerce)

krishnavikash.com

23 Vibrant Years

SUPER 40 (For 12th Pass Out Students) 1 Year Extended NEET/JEE/CUET Regular Classroom Programme

CBSE & SUPER40: 99376 18855, 63707 04779, 91245 99099, 93373 10441

CHSE : 70641 40000, 94393 53433, 94380 69105, 94375 89101

• ANGUL: 91246 09681 / 82 • ROURKELA: 70778 53111 • FIRST STEP, BARGARH: 70644 13477 • CEMENT NAGAR: 94396 65394 • BRAHMAPUR: 91246 09687 / 88
• RAIPUR: 77519 93222 • BHILAI: 91245 71067 / 68 / 69 • JAGDALPUR: 91240 87305 / 06 / 07 • VISAKHAPATNAM: 99662 12217 / 63014 64656.

*Category Rank

### ଅଣସର ଘରେ ମହାପ୍ରଭୁଙ୍କ ସେବା: ଆଜି ଓଷୁଅ ଲାଗି

# ଲାଗିହେଲା ଫୁଲୁରୀ ତେଲ

ପୁରୀ,୧୬।୬(ସମିସ): ଦେବସ୍ନାନ ପୂର୍ଣ୍ଣିମାରେ ୧୦୮ ଗଡ଼ୁ ସୁବାସିତ ଜଳରେ ଅତ୍ୟଧିକ ସ୍ନାନ ପରେ ଜ୍ୱରରେ ପଡ଼ିଛନ୍ତି ମହାପ୍ରଭୁ। ଅଣସର ଘରେ ଦାରୁବିଗ୍ରହଙ୍କ ଉପଚାର ପାଇଁ ଚାଲିଛି ଗୁପ୍ତ ସେବା। ଶ୍ରୀଅଙ୍ଗଲାଗି ସେବକ ଦଇତାପତିମାନେ ଏହି ସେବା କରୁଛନ୍ତି। ସୋମବାର ଦାରୁଦିଅଁଙ୍କୁ ଲାଗି ହୋଇଛି ଫୁଲୁରୀ ତେଲ। ମଙ୍ଗଳବାର ଠାକୁରଙ୍କୁ ଓଷୁଅ ଲାଗି କରାଯିବ। ତେବେ ମହାପ୍ରଭୁଙ୍କ ଗୁପ୍ତ ନୀତି ମଧ୍ୟରେ ଫୁଲୁରୀ ତେଲ ଲାଗି ଏକ ଗୁରୁତ୍ୱପୂର୍ଣ୍ଣ ଅଂଶ। ବଡ଼ ଓଡ଼ିଆ ମଠ ପକ୍ଷରୁ ଚତୁର୍ଦ୍ଧାବିଗ୍ରହଙ୍କ ଲାଗି ଫୁଲୁରୀ ତେଲ ଯୋଗାଇ ଦିଆଯାଇଛି। ପ୍ରତିବର୍ଷ ଅଣସରରେ ମଠ ୬ ସେର ଏବଂ କେବଳ ନବକଳେବର ବର୍ଷରେ ୯ ସେର ଫୁଲୁରୀ ତେଲ ଯୋଗାଇ ଦେଇଥାଏ।



ବର୍ଷକ ଆଗରୁ ୨୪ ପ୍ରକାର ସାମଗ୍ରୀରେ ଏହାକୁ ପ୍ରସ୍ତୁତି କରାଯାଏ। ହେରାପଞ୍ଚମୀ ଦିନ ଘଣାପେଡ଼ା ରାଶିତେଲରେ କେତକୀ, ମଲ୍ଲୀ, ଚମ୍ପା, ଜୁଇ, ଜାଇ, ହେନା ଭଳି ୧୪ ପ୍ରକାର ଫୁଲ, ବେଣାଚେର, ଗୁଳୁଚି ଭଳି ୭ ପ୍ରକାର ଔଷଧୀୟ ଚେରମୂଳ ଏବଂ ସୁବାସିତ ଦ୍ରବ୍ୟ ପକାଇ ଏକ ପାତ୍ରରେ ରଖି ମାଟିତଳେ ପୋତାଯାଇଥାଏ। ଦେବସ୍ନାନ ପୂର୍ଣ୍ଣିମା ପୂର୍ବଦିନ ମାଟିତଳୁ ତେଲକୁ ବାହାର କରାଯାଇ ରଖାଯାଇଥାଏ। ପଞ୍ଚମୀ ଦିନ ତେଲକୁ ଛଣାଯାଇ ଅମୁଣିଆ ପ୍ରସ୍ତୁତ କରି ମହାପ୍ରଭୁଙ୍କୁ ଲାଗି ପାଇଁ ପଠାଯାଇଥାଏ ବୋଲି ବଡ଼ ଓଡ଼ିଆ ମଠ ମହନ୍ତ ଅଧିକାରୀ ବଂଶୀଧର ଦାସଗୋସ୍ୱାମୀ କହିଛନ୍ତି। ମହାପ୍ରଭୁଙ୍କ ଏହି ଗୁପ୍ତ ନୀତି ପାଇଁ ସୋମବାର ଅପରାହ୍ଣରେ ମଠର ଦୁଇଜଣ କର୍ମଚାରୀ ୨ଟି ହାଣ୍ଡିରେ ୬ ସେର ଫୁଲୁରୀ ତେଲ ନେଇ ଶ୍ରୀମନ୍ଦିର ଗାରଦରେ ପହଞ୍ଚାଇଥିଲେ। ସନ୍ଧ୍ୟାରେ ଦକ୍ଷିଣୀ ଘର ଭୋଗ ସମ୍ପନ୍ନ ହେବା ପରେ ଜୟ ବିଜୟ ଦ୍ୱାର ବନ୍ଦ ହୋଇଥିଲା। ଏହାପରେ ଅଣସର ଘର ଦ୍ୱାର ଖୋଲାଯାଇ ଅଣସର ନୀତି ଆରମ୍ଭ ହୋଇଥିଲା। ଫୁଲୁରୀ ତେଲକୁ ପତିମହାପାତ୍ର ସେବକ ତିନିଟି ରୁପା ପିଙ୍ଗଣରେ ନେଇ ସଂସ୍କାର କରିବା ପରେ ଦଇତାପତିମାନେ ମହାପ୍ରଭୁଙ୍କ ଶ୍ରୀଅଙ୍ଗରେ ଲାଗି କରାଇଥିଲେ।

ଫୁଲୁରୀ ତେଲ ଲାଗି ପରେ ପ୍ରଭୁଙ୍କୁ ଶୟନ ଅବସ୍ଥାରୁ ବସାଇବା ଉପକ୍ରମ ଆରମ୍ଭ ହୋଇଛି। ଲୋକମତରେ ଜ୍ୱରଗ୍ରସ୍ତ ଠାକୁରମାନଙ୍କ ଦେହରୁ ମଜରା ଛଡ଼ାଇବାକୁ କରାଯାଉଛି ଉପଚାର। ଶ୍ରୀଅଙ୍ଗକୁ ସୁସ୍ଥ କରିବାକୁ ମାଲିସ୍ ହୋଇଛି ଫୁଲୁରୀ ତେଲ। ଆୟୁର୍ବେଦ ଶାସ୍ତ୍ର ମୁତାବକ ଏଥିରେ ମିଶୁଥିବା ସମସ୍ତ ପ୍ରକାର ଫୁଲ ଏବଂ ବେଣା ଚେରରେ ରହିଛି ଦେହକୁ ଉଷ୍ମତା ପ୍ରଦାନ କରିବାର ଶକ୍ତି। ଏଣୁ ଦାରୁଦିଅଁମାନେ ଅତ୍ୟଧିକ ସ୍ନାନ ଯୋଗୁଁ ଅସୁସ୍ଥ ହୋଇପଡ଼ିଥିବା କଳ୍ପନା କରାଯାଇ ଏହି ତେଲ ମର୍ଦ୍ଦନ କରାଯାଇଥାଏ।

### ବିଜେପିକୁ ଘେରିଲା କଂଗ୍ରେସ

# ବର୍ଷେ ଏକ; ପ୍ରତାରଣା ଅନେକ



ପୁରୀ,୧୬।୬(ସମିସ): ରାଜ୍ୟରେ ବିଜେପି ସରକାରକୁ ବର୍ଷେ ପୂରିଛି। ନିଜର ଏକ ବର୍ଷର ସଫଳତାକୁ ନେଇ ବିଜେପି ପାଳନ କରୁଛି ବିକାଶ ପର୍ବ। ଠିକ୍ ଏହି ସମୟରେ କଂଗ୍ରେସ ଶାସକ ବିଜେପିକୁ ଘେରିଛି। କୌଣସି ପ୍ରତିଶ୍ରୁତି ବିଜେପି ପାଳନ କରିନି, ବରଂ ସାଧାରଣ ଜନତାଙ୍କୁ ପ୍ରତରଣା ଦେଇ ସେମାନଙ୍କ ଭରସା ଓ ବିଶ୍ୱାସ ଭାଙ୍ଗିଛି। ନେତା, ମନ୍ତ୍ରୀ କେବଳ ଟଙ୍କା ପଛରେ ଧାଇଁଥିବାବେଳେ ରାଜ୍ୟର ବିକାଶ ଠପ୍ ହୋଇଯାଇଛି। ଶିଶୁ ସରକାର କହି ଲୋକଙ୍କୁ ଭୂଆଁ ବୁଲାଉଥିବା ବିଜେପି ଗରିବ ଖଟିଖିଆଙ୍କ ଟିକସ ଅର୍ଥକୁ ବେପରୁଆ ଭାବେ ଖର୍ଚ୍ଚ କରୁଛି। କେବଳ ବଡ଼ବଡ଼ ବିଜ୍ଞାପନ ମାଧ୍ୟମରେ ନିଜର ପ୍ରଚାରପ୍ରସାରରେ ମାତିଛନ୍ତି। ନିର୍ବାଚନ ସମୟରେ ଭୋଟରଙ୍କୁ ଯେଉଁସବୁ ପ୍ରତିଶ୍ରୁତି ଦେଇଥିଲେ ତାହା ପୂରଣ କରିବାରେ ଫେଲ୍ ମାରିଛନ୍ତି ବୋଲି କହିଛନ୍ତି କଂଗ୍ରେସର ବରିଷ୍ଠ ନେତା। ସୋମବାର ସ୍ଥାନୀୟ ସଂସ୍କୃତି ଭବନରେ ଜିଲ୍ଲା କଂଗ୍ରେସ କମିଟି ପକ୍ଷରୁ ଆୟୋଜିତ ହୋଇଥିଲା ସାମ୍ବାଦିକ ସମ୍ମିଳନୀ। "ବର୍ଷ ୧ ପ୍ରତାରଣା ଅନେକ', ରାଜ୍ୟ ସରକାରଙ୍କ ୧ ବର୍ଷ ଏବଂ କେନ୍ଦ୍ର ସରକାରଙ୍କ ୧୩ ବର୍ଷର ବିଫଳତା ବିଷୟରେ ଆଲୋକପାତ କରାଯାଇଥିଲା।

ମୁଖ୍ୟଅତିଥି ତଥା ବରିଷ୍ଠ କଂଗ୍ରେସ ନେତା ତାରାପ୍ରସାଦ ବାହିନୀପତ କହିଥିଲେ ଯେ ନିର୍ବାଚନ ସମୟରେ ସେମାନେ ଯେଉଁ ପ୍ରତିଶ୍ରୁତି ଦେଇଥିଲେ ତାହା ଭୁଲିଯାଇଛନ୍ତି। ୩୦୦ ୟୁନିଟ୍ ମାଗଣା ବିଜୁଳି ଗଲା କୁଆଡ଼େ? ଚାଷୀଙ୍କୁ ଧାନରେ ଅଧିକ ୮୦୦ ଟଙ୍କା ଠନ୍ ଠନ୍ କରି ଗଣିଦେବେ ବୋଲି କହିଥିଲେ। ହେଲେ ମଣ୍ଡିରୁ ଧାନ ସଂଗ୍ରହ ହେଉନାହିଁ। ଅଧିକାଂଶ ମଣ୍ଡିରେ ଧାନ ନଷ୍ଟ ହେଉଛି। କଟ୍‌ନୀ ଛଟ୍‌ନୀ ୧୧ରୁ ୧୨ କେଜି କରାଯାଉଛି। ଏପଟେ ୮୦୦ ଟଙ୍କା ଇନ୍‌ପୁଟ ସବ୍‌ସିଡ୍ ଦେବେ କହି ସେପଟେ ଲୁଟି ନେଉଛନ୍ତି। ରାଜ୍ୟରେ ଏବେ ସ୍ୱାସ୍ଥ୍ୟସେବା ସମ୍ପୂର୍ଣ୍ଣ ବିପର୍ଯ୍ୟସ୍ତ ହୋଇପଡ଼ିଛି। ଅନେକ ଜିଲ୍ଲାରେ ଝାଡ଼ାବାନ୍ତି ବ୍ୟାପିଥିବାବେଳେ

**■ ରଙ୍ଗ ଆଉ ନାଁ ବଦଳା ସରକାର କହି ସମାଲୋଚନା**
**■ ନିର୍ବାଚନ ବେଳର ପ୍ରତିଶ୍ରୁତି କେବଳ ପ୍ରତାରଣା ପାଲଟିଛି**

ବହୁ ଲୋକଙ୍କ ଜୀବନ ଗଲାଣି। ଦରଦାମ୍ ଉପରେ ଲଗାମ୍ ନାହିଁ। ସାଧାରଣ ଲୋକଟିଏ ଚଳିବା କଷ୍ଟକର ହୋଇପଡ଼ିଛି। ରାଜ୍ୟରେ ନାରୀ ନିର୍ଯାତନା ବଢ଼ିଛି। ନାବାଳିକାଙ୍କୁ ଦୁଷ୍କର୍ମ କରାଯାଉଥିବାବେଳେ ଛାତ୍ରୀ ଗର୍ଭବତୀ ହେଉଛନ୍ତି। ହଜାର ହଜାର ପଦ ଫାଙ୍କା ପଡ଼ିଥିବାବେଳେ ନିଯୁକ୍ତି ଦିଆଯାଉ ନ ଥିବାରୁ ଯୁବଗୋଷ୍ଠୀ ପଥଭ୍ରଷ୍ଟ ହେଉଛନ୍ତି। ଓଡ଼ିଶାର ହଜାର ହଜାର ଲୋକ ଦାଦନ ଖଟିବାକୁ ଯାଉଛନ୍ତି। ଏମିତି କି ଅନେକଙ୍କର ସେଠାରେ ମୃତ୍ୟୁ ଘଟୁଛି। ମୃତଦେହ ଆସିପାରୁ ନାହିଁ। ସରକାର ଆସିବାର ୨୪ ଘଣ୍ଟା ଭିତରେ ଚିଟ୍‌ଫଣ୍ଡ କ୍ଷତିଗ୍ରସ୍ତଙ୍କୁ ଟଙ୍କା ଫେରାଇବେ ବୋଲି କହିଥିଲେ। ହେଲେ ତାହାକୁ ଭୁଲିଯାଇଛନ୍ତି। ସରକାର କେବଳ ସବୁଜ ରଙ୍ଗ ବଦଳରେ ଗେରୁଆ ରଙ୍ଗ କରିବାରେ ଏକ ବର୍ଷ ବିତିଗଲା। ପହଲଗାମ୍‌ରେ ଯେଉଁ ୪ଜଣ ଆତଙ୍କବାଦୀ ଦମନଲୀଳା ରଚି ଧର୍ମ ପଚାରି ନିରୀହ ହିନ୍ଦୁମାନଙ୍କୁ ହତ୍ୟା କଲେ ସରକାର ସେମାନଙ୍କୁ ଏ ପର୍ଯ୍ୟନ୍ତ ମାରିପାରିଲେ ନାହିଁ ବୋଲି କହିଥିଲେ ଶ୍ରୀ ବାହିନୀପତି।

କଂଗ୍ରେସ ବିଧାୟକ ଦଳ ଉପନେତା ଅଶୋକ ଦାସ ପେଟ୍ରୋଲ, ଡିଜେଲ, ଗ୍ୟାସ୍ ଦର ଆକାଶଛୁଆଁ। କିନ୍ତୁ ଏହି ବିଜେପି କଂଗ୍ରେସ ଶାସନ ସମୟରେ ଗ୍ୟାସ୍ ଦର ୪୩୫ ଟଙ୍କାକୁ ବୃଦ୍ଧି ହୋଇଥିବାରୁ ରାଜରାସ୍ତାରେ ଆନ୍ଦୋଳନ କରିଥିଲେ ବୋଲି କହିଥିଲେ। ଯୁବ କଂଗ୍ରେସ ନେତା ୟାସିର ନୱାଜ କେନ୍ଦ୍ର ମୋଦୀ ସରକାର ବାର୍ଷିକ ୨ କୋଟି ବେକାରୀଙ୍କୁ ନିଯୁକ୍ତି ଦେବେ ବୋଲି କହିଥିଲେ ମାତ୍ର ସେଥିରେ ବିଫଳ ହେଲେ। ରାଜ୍ୟ ସରକାର କଟ୍‌ନୀ ଛଟ୍‌ନୀ କରି ଚାଷୀଙ୍କୁ ଧୋକା ଦେଇଛି ବୋଲି କହିଥିଲେ। ଅନ୍ୟମାନଙ୍କ ମଧ୍ୟରେ କିଷାନ କଂଗ୍ରେସ ରାଜ୍ୟ ସଭାପତି ଅମିୟ ପଟ୍ଟନାୟକ ଜଳସେଚନଠାରୁ ଆରମ୍ଭ କରି ପୁରୀ ଜିଲ୍ଲାରେ ମୁଖ୍ୟତଃ ଧାନ, ପାନ, ମୀନ ଏବଂ ଦୁଗ୍ଧ ଚାଷୀଙ୍କ ବିଭିନ୍ନ ସମସ୍ୟା ଦିଗରେ ସରକାରଙ୍କୁ ନିଶାଣ କରିଥିଲେ। ଏହି କାର୍ଯ୍ୟକ୍ରମ ପୁରୀ ଜିଲ୍ଲା କଂଗ୍ରେସ ସଂଯୋଜକ ଇଂ. ରାଜେଶ କୁମାର ମିଶ୍ରଙ୍କ ସଭାପତିତ୍ୱରେ ସମ୍ପାଦନ ହୋଇଥିବାବେଳେ ଜିଲ୍ଲାର ସମସ୍ତ ବ୍ଲକ୍ କଂଗ୍ରେସ ସଭାପତି ଏବଂ ସମସ୍ତ ବିଧାୟକ ପ୍ରାର୍ଥୀ ନିଜର ଆଭିମୁଖ୍ୟ ରଖିଥିଲେ। ଅନ୍ୟମାନଙ୍କ ମଧ୍ୟରେ ମହିଳା ସଭାନେତ୍ରୀ ନିରୁପମା ପାତ୍ର, ଲକ୍ଷ୍ମୀଧର ପ୍ରଧାନ, ନୀଳମଣି ପ୍ରଧାନ, ସରସ୍ୱତୀ ପାତ୍ର, ବିଦ୍ୟୁତ୍‌ଲତା ଆଚାର୍ଯ୍ୟ, ସସ୍ମିତା ସ୍ୱାଇଁ, ଉତ୍ତମ ଆଚାର୍ଯ୍ୟ, ସୁଜିତ୍ ମହାପାତ୍ର, ବିଶ୍ୱଭୂଷଣ ଦାସ, ପ୍ରେମାନନ୍ଦ ମହାନ୍ତି, ଉମାକାନ୍ତ ବରାଳ, ସେକ୍ ସଫିକ୍‌ଉଦ୍ଦିନ, ପ୍ରେମ୍‌ଜିତ୍ ମହାନ୍ତି, ଭାସ୍କର ସେଠ୍, ବୁଟୁ ସାହୁ, ଅରୋପ୍ରସାଦ ମିଶ୍ର, ଡ. ନିରଞ୍ଜନ ବିଶ୍ୱାଳ, ବିଶ୍ୱକେଶନ ହରିଚନ୍ଦନ ମହାପାତ୍ର, ମନୋଜ ରଥ ପ୍ରମୁଖ ଉପସ୍ଥିତ ରହି କାର୍ଯ୍ୟକ୍ରମକୁ ସଫଳ କରାଇଥିଲେ।

## ସ୍ତ୍ରୀକୁ ଶାବଳରେ ଭୁସି ହତ୍ୟା

ବିଞ୍ଝାରପୁର,୧୬।୬(ସମିସ): ଯାଜପୁର ଜିଲ୍ଲା ବିଞ୍ଝାରପୁର ଥାନା ଅନ୍ତର୍ଗତ ଚନ୍ଦ୍ରମୁହଁ ପଞ୍ଚାୟତ ବାଣପୁର ଗାଁରେ ସ୍ତ୍ରୀକୁ ଶାବଳରେ ଭୁସି ଭୁସି ହତ୍ୟା କରିଛି ସ୍ୱାମୀ। ପୁଲିସ୍ତ ଅଭିଯୁକ୍ତ ସ୍ୱାମୀକୁ ଗିରଫ କରିଛି। ସୂଚନା ମୁତାବକ, ଗାଁର ସୁଦାମ ମଲ୍ଲିକ ଓ ତାଙ୍କ ଧର୍ମପତ୍ନୀ ଶାନ୍ତିଲତା ମଲ୍ଲିକ (୪୨) ଓ ଉଭୟ ରାତ୍ରୀଭୋଜନ ସାରି ସାଙ୍ଗ ହୋଇ ଶୋଇବାକୁ ଯାଇଥିଲେ। ତେବେ ମଧ୍ୟରାତ୍ରରେ ଉଭୟଙ୍କ ମଧ୍ୟରେ କୌଣସି କାରଣକୁ ନେଇ ବଚସା ହୋଇଥିଲା। ଫଳରେ ସ୍ୱାମୀ ସୁଦାମ ନରହନ୍ତା ପାଲଟିଯାଇଥିଲା। ଏକ ଶାବଳରେ ସ୍ତ୍ରୀ ଶାନ୍ତିଲତାକୁ ବାରବାର ଆଘାତ କରି ହତ୍ୟା କରିଥିଲା। ଚିତ୍କାର ଶୁଣି ଅନ୍ୟ ରୁମ୍‌ରେ ଥିବା ମା' ନିରୁପାୟ ହୋଇ ସୁଦାମର ସାନ ଭାଇକୁ ଡାକ ଛାଡିଥିଲେ। ସୁଦାମର ସାନ ଭାଇ ପହଞ୍ଚି ବହୁ ଅନୁରୋଧ କଲା ପରେ ସୁନାମ ଘରର କବାଟ ଖୋଲିଥିଲା। ରକ୍ତ ଜୁଡୁବୁଡୁ ହୋଇ ପଡ଼ି ରହିଥିବା ଶାନ୍ତିଲତାଙ୍କୁ ଉଦ୍ଧାର କରି ବିଞ୍ଝାରପୁର ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରକୁ ପରିବାର ଲୋକ ଏକ ଅଟୋ ରିକ୍ସା ସାହାଯ୍ୟରେ ବୋହି ଆଣିଥିଲେ। ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ଖବର ପାଇ ବିଞ୍ଝାରପୁର ଥାନା ପୁଲିସ ଘଟଣାସ୍ଥଳରେ ପହଞ୍ଚି ମୃତଦେହ ଜବତ କରିବା ସହ ମୃତ ଶାନ୍ତିଲତାଙ୍କ ହତ୍ୟାକାରୀ ସ୍ୱାମୀ ସୁଦାମକୁ ଗିରଫ କରିଛନ୍ତି। ପୁଲିସ୍ ଥାନା କେସ ନଂ୨୮୧/୨୫ରେ ଏକ ମାମଲା ରୁଜୁ କରି ଅଭିଯୁକ୍ତର ଡାକ୍ତରୀ ମାଇନା କରି କୋର୍ଟଚାଲାଣ କରିଛି। ଅନ୍ୟପକ୍ଷେ ଏହିପରି ହତ୍ୟାକାଣ୍ଡ ପଛରେ କ'ଣ ରହିଛି କାରଣ ତଦନ୍ତ ଚାଲିଛି ବୋଲି ବିଞ୍ଝାରପୁର ଥାନା ଅଧିକାରୀ କହିଛନ୍ତି।

## ମହିଳାଙ୍କୁ ଟାଣିନେଲା କୁମ୍ଭୀର

ଆଳି,୧୬।୬(ସମିସ): ଆଜି ଜଣେ ମହିଳାଙ୍କୁ କୁମ୍ଭୀର ଟାଣିନେଇଛି। କେନ୍ଦ୍ରାପଡ଼ା ଜିଲ୍ଲା ଆଳି ଥାନା ଅନ୍ତର୍ଗତ କୋଳିଡ଼ିହ ପଞ୍ଚାୟତରେ ଏଭଳି ଘଟଣା ଘଟିଛି। ମହିଳା ଜଣକ ତଅଁଳାଡିହା ଗ୍ରାମର କୈଳାସ ମହାନ୍ତିଙ୍କ ପତ୍ନୀ କାଜଲ ମହାନ୍ତି (୪୦ ବର୍ଷ)। ସୂଚନା ମୁତାବକ, ସୋମବାର କାଜଲ ଖରସ୍ରୋତା ନଦୀ ସଂଲଗ୍ନ ତଅଁଳାଡିହା ପାନିଆ ନାମକ ଜୋରକୁ ଗାଧୋଇବାକୁ ଯାଇଥିଲେ।



ସେ ଦୀର୍ଘ ସମୟ ଧରି ଘରକୁ ଫେରି ନ ଥିଲେ। ଘରକୁ ନ ଫେରିବାରୁ ପରିବାର ଲୋକ ଖୋଜାଖୋଜି କରି ଜୋର ନିକଟକୁ ଆସିଥିଲେ। ଜୋର ନିକଟକୁ ଆସି କାଜଲଙ୍କ କପଡା ଥୁଆ ହୋଇଥିବା ଦେଖିବାକୁ ପାଇଥିଲେ। ଗ୍ରାମବାସୀ ଜୋରରେ ଖୋଜାଖୋଜି ଆରମ୍ଭ କରି ଅଗ୍ନିଶମ ବାହିନୀକୁ ଖବର ଦେଇଥିଲେ। ଅଗ୍ନିଶମ ବାହିନୀ ଘଟଣାସ୍ଥଳରେ ପହଞ୍ଚି ବୋଟ୍ ସାହାଯ୍ୟରେ ଖୋଜାଖୋଜି କରିଥିଲେ ହେଁ ମହିଳାଙ୍କ ପତ୍ତା ପାଇ ନ ଥିବା ଜଣାପଡ଼ିଛି।

## ସିପିଇଡି ପରୀକ୍ଷାରେ ପାସ୍ ହାର ଶତ ପ୍ରତିଶତ

କଟକ,୧୬।୬(ସମିସ): ଓଡିଶା ମାଧ୍ୟମିକ ଶିକ୍ଷା ପରିଷଦ(ବୋର୍ଡ) ଦ୍ୱାରା ପରିଚାଳିତ ସିପିଇଡି (ସାର୍ଟିଫିକେଟ ଇନ ଫିଜିକାଲ ଏଜୁକେସନ) ପରୀକ୍ଷାରେ ପାସ ହାର ଶତପ୍ରତିଶତ ରହିଛି। ମୋଟ୧୧୪ ଜଣ ପରୀକ୍ଷା ଦେଇଥିବା ବେଳେ ସମସ୍ତେ ପରୀକ୍ଷାରେ ଉତ୍ତୀର୍ଣ୍ଣ ହୋଇଛନ୍ତି। ଗତ ମେ ୫ ତାରିଖରୁ ୯ ତାରିଖ ପର୍ଯ୍ୟନ୍ତ ଦୁଇଗୋଟି ପରୀକ୍ଷା କେନ୍ଦ୍ରରେ ଏହି ପରୀକ୍ଷା କରାଯାଇଥିଲା ବୋଲି ବୋର୍ଡ ସଭାପତି ଶ୍ରୀକାନ୍ତ ତରାଇ ସୂଚନା ଦେଇଛନ୍ତି।

# ୧୭ ଦିନ ପରେ ଆଗକୁ ବଢ଼ିଲା ମୌସୁମୀ

### ରାଜ୍ୟର ଏକାଧିକ ଜିଲ୍ଲାକୁ ଅଗ୍ରସର ଯୋଗୁଁ ବର୍ଷା

ଭୁବନେଶ୍ୱର,୧୬।୬(ସମିସ): ଦୀର୍ଘ ୧୭ ଦିନ ପରେ ଆଗକୁ ବଢ଼ିଲା ଦକ୍ଷିଣ ପଶ୍ଚିମ ମୌସୁମୀ ବାୟୁ। ୨୯ ମେ'ଠାରୁ ରାଜ୍ୟରେ ମୌସୁମୀ ନିଷ୍କ୍ରିୟ ରହିଥିଲା। ଫଳରେ ରାଜ୍ୟରେ ମୌସୁମୀ ଜନିତ ବର୍ଷାରେ ରୋକ୍ ଲାଗିଥିଲା। ମାତ୍ର ୧୭ ଦିନ ପରେ ମୌସୁମୀ ସକ୍ରିୟ ହେବା ସହ ଓଡ଼ିଶାର ଅଧିକାଂଶ ଜିଲ୍ଲାକୁ ଅଗ୍ରସର ହୋଇଛି। ସୋମବାର ଆଇଏମ୍‌ଡି ପକ୍ଷରୁ ଦିଆଯାଇଥିବା ସୂଚନା ଅନୁଯାୟୀ ମୌସୁମୀର ନିମ୍ନ ଚାପରେଖା ବରଗଡ଼ରୁ ଚାନ୍ଦବାଲି ପର୍ଯ୍ୟନ୍ତ ଲମ୍ବିଛି। ଫଳରେ ଏହାଦ୍ୱାରା ଗଞ୍ଜାମ, କନ୍ଧମାଳ, ବଲାଙ୍ଗିର, ସୋନପୁରସ ବୌଦ୍ଧ, ଖୋର୍ଦ୍ଧା, ପୁରୀ, ଜଗତସିଂହପୁର, ଯାଜପୁର, କଟକ ଓ କେନ୍ଦ୍ରାପଡ଼ା ଆଦିକୁ ମୌସୁମୀ ସମ୍ପୂର୍ଣ୍ଣ ଆଚ୍ଛାଦିତ କରିଥିବା ଜଣାପଡ଼ିଛି। ଏହାସହିତ ସମ୍ବଲପୁର, ବରଗଡ଼, ଅନୁଗୁଳ, କେନ୍ଦୁଝର ଆଦି ଜିଲ୍ଲାକୁ ମୌସୁମୀ ଆଂଶିକ ଛୁଇଁଛି। ଆଗାମୀ ଦିନେ ଦୁଇ ଦିନ ମଧ୍ୟରେ ମୌସୁମୀ ଆହୁରି ସକ୍ରିୟ ହେବା ସହ ସାରା ରାଜ୍ୟକୁ ଅଗ୍ରସର ହେବା ନେଇ ସମ୍ଭାବନା ରହିଛି।


ବର୍ତ୍ତମାନ ଉତ୍ତର-ପଶ୍ଚିମ ବଙ୍ଗୋପସାଗରରେ ଏକ ଘୂର୍ଣ୍ଣିବଳୟ ସୃଷ୍ଟି ହୋଇଛି। ଏହା ପ୍ରଭାବରେ ମୌସୁମୀ ସକ୍ରିୟ ରହିବା ସହ ରାଜ୍ୟର ବିଭିନ୍ନ ସ୍ଥାନରେ ବର୍ଷା ଜାରି ରହିଛି। ଗତ ୨୪ ଘଣ୍ଟାରେ ଚାନ୍ଦବାଲିରେ ସର୍ବାଧିକ ୪୭ ମିମି ବର୍ଷା ହୋଇଥିବା ବେଳେ ରାଉରକେଲାରେ ୩୫, ଝାରସୁଗୁଡ଼ାରେ ୨୮, ଭଦ୍ରକ ୧୯, କେନ୍ଦୁଝର ୧୫ ଓ ବରଗଡ଼ ୧୩ ମିମି ବର୍ଷା ରେକର୍ଡ ହୋଇଛି। ଆଗକୁ ଆହୁରି ୨ ଟି ଅର୍ଥାତ ୨୪ ଏବଂ ୨୮ ତାରିଖରେ ବେଳକୁ ପୁଣି ଘୂର୍ଣ୍ଣିବଳୟ ସୃଷ୍ଟି ହେବାକୁ ଥିବାରୁ ଜୁନ୍ ଶେଷ ପର୍ଯ୍ୟନ୍ତ ରାଜ୍ୟରେ ବର୍ଷା ହେବାର ସମ୍ଭାବନା ରହିଛି।

ମଙ୍ଗଳବାର ମୟୂରଭଞ୍ଜ, କେନ୍ଦୁଝର ଏବଂ ସୁନ୍ଦରଗଡ ଜିଲ୍ଲାରେ ଗୋଟିଏ କିମ୍ବା ଦୁଇଟି ସ୍ଥାନରେ ବିଜୁଳି ଘଡଘଡି ସହ ପ୍ରବଳରୁ ଅତି ପ୍ରବଳ ବର୍ଷା ହେବାକୁ ଥିବା ବେଳେ ଝାରସୁଗୁଡ଼ା, ଦେଓଗଡ଼, ବାଲେଶ୍ୱର, ଭଦ୍ରକ, ଯାଜପୁର, ସମ୍ବଲପୁର, ଅନୁଗୁଳ, ବରଗଡ ଏବଂ ଢେଙ୍କାନାଳ ଜିଲ୍ଲାରେ ଗୋଟିଏ କିମ୍ବା ଦୁଇଟି ସ୍ଥାନରେ ବିଜୁଳି ଘଡଘଡି ସହ ପ୍ରବଳ ବର୍ଷା ଆଶଙ୍କା ରହିଛି। ଏହାସହ ବାଲେଶ୍ୱର, ଭଦ୍ରକ, ଯାଜପୁର, କେନ୍ଦ୍ରାପଡ଼ା, ସୁନ୍ଦରଗଡ, ଝାରସୁଗୁଡ଼ା, ବରଗଡ, ସମ୍ବଲପୁର, ଦେଓଗଡ଼, ଅନୁଗୁଳ, ଢେଙ୍କାନାଳ, କେନ୍ଦୁଝର, ମୟୂରଭଞ୍ଜ, ପୁରୀ, ଖୋର୍ଦ୍ଧା, ନୟାଗଡ଼, ଗଞ୍ଜାମ, ଗଜପତି, ସୋନପୁର, ବୌଦ୍ଧ, ନୂଆପଡା, ବଲାଙ୍ଗିର, କନ୍ଧମାଳ, ନବରଙ୍ଗପୁର, ରାୟଗଡା, କୋରାପୁଟ ଏବଂ ମାଲକାନଗିରି ଜିଲ୍ଲାରେ ସ୍ୱଳ୍ପରୁ ମଧ୍ୟମ ବର୍ଷା ଆଶଙ୍କା ରହିଛି। ବଙ୍ଗୋପସାଗରରେ ସକ୍ରିୟ ଘୂର୍ଣ୍ଣିବଳୟ ଯୋଗୁଁ ୧୯ ତାରିଖ ପର୍ଯ୍ୟନ୍ତ ଓଡ଼ିଶା ଉପକୂଳ ଓ ଏହାର ପାର୍ଶବର୍ତ୍ତି ସମୁଦ୍ର ମଧ୍ୟରେ ପବନର ବେଗ ୪୦-୫୦ ଓ ଝଟକା ପବନ ୬୦ କିମି ଛୁଇଁବାର ଆଶଙ୍କା ରହିଛି। ଏଥିପାଇଁ ଆସନ୍ତା ୧୯ ତାରିଖ ପର୍ଯ୍ୟନ୍ତ ମତ୍ସ୍ୟଜୀବୀମାନଙ୍କୁ ଓଡ଼ିଶା ଉପକୂଳ ଏବଂ ପାର୍ଶ୍ୱବର୍ତ୍ତି ସମୁଦ୍ରକୁ ନ ଯିବା ପାଇଁ ପରାମର୍ଶ ଦିଆଯାଇଛି।

# 'ଥାଟରାଜା' ରଣାର୍ଣ୍ଣବ ଦେବଙ୍କ ପରଲୋକ

ପୁରୀ,୧୬।୬(ସମିସ): ଗଜପତି ମହାରାଜା ଦିବ୍ୟସିଂହ ଦେବଙ୍କ ସାନଭାଇ ତଥା ପୁରୀର 'ଥାଟରାଜା' ରଣାର୍ଣ୍ଣବ ଦେବଙ୍କର ପରଲୋକ ହୋଇଯାଇଛି। ସ୍ଥାନୀୟ ଇ-୨୪ ହସ୍ପିଟାଲରେ ଚିକିତ୍ସାଧୀନ ଅବସ୍ଥାରେ ତାଙ୍କର ମୃତ୍ୟୁ ଘଟିଛି। ମୃତ୍ୟୁବେଳକୁ ତାଙ୍କୁ ୬୭ ବର୍ଷ ବୟସ ହୋଇଥିଲା। କିଛିଦିନ ପୂର୍ବେ ସେ ୧୫ ଦିନ ତଳୁ ସେ ଅସୁସ୍ଥ ହୋଇ କଟକ ଓ ଭୁବନେଶ୍ୱରରେ ଚିକିତ୍ସିତ ପରେ

**ଚିକିତ୍ସାଧୀନ ଅବସ୍ଥାରେ ଆଖି ବୁଜିଲେ ଗଜପତି ମହାରାଜାଙ୍କ ସାନଭାଇ**



ତିନି ଦିନ ତଳେ ତାଙ୍କୁ ପୁରୀକୁ ନେଇ ଆସିଥିଲେ। ଇ-୨୪ରେ ଚିକିତ୍ସାଧୀନ ଅବସ୍ଥାରେ ରବିବାର ରାତି ୧୨ଟା ୬ ମିନିଟ୍ ସମୟରେ ତାଙ୍କର ମୃତ୍ୟୁ ହୋଇଛି। ସୋମବାର ତାଙ୍କ ମରଶରୀରକୁ ଶ୍ରୀନଅରକୁ ଅଣାଯାଇଥିଲା। ଷୋଳ କରଣଙ୍କ ସହାୟତାରେ ଥାଟରାଜାଙ୍କୁ ସ୍ୱର୍ଗଦ୍ୱାର ନିଆଯାଇ ଶେଷକୃତ୍ୟ ସମ୍ପନ୍ନ କରାଯାଇଥିଲା। ଶ୍ରୀମନ୍ଦିରରେ ତାଙ୍କର କୌଣସି ସ୍ୱତନ୍ତ୍ର ସେବାପୂଜା ନ ଥିଲେ ବି ସେବକ ପରିବାରର ହୋଇଥିବାରୁ ବଡ଼ଦେଉଳ ରୋଷଘରୁ ବୈଷ୍ଣବାଗ୍ନି ତଥା ଚମ୍ପା ଆସି ଅନ୍ତ୍ୟେଷ୍ଟିକ୍ରିୟା ସମାପନ ହୋଇଥିଲା।

ଗଜପତି ମହାରାଜା ବୀରକିଶୋର ଦେବଙ୍କ ଦୁଇପୁଅ ମଧ୍ୟରୁ ସାନ ଥିଲେ ଥାଟରାଜା ରଣାର୍ଣ୍ଣବ ଦେବ। ଅଧିକାଂଶ ସମୟ ସେ ନୀଳଗିରିସ୍ଥିତ ରାଜବାଟୀରେ ନିଜ ମାମୁ ଘରେ ରହି ଆସୁଥିଲେ। ଶ୍ରୀମନ୍ଦିରରେ ତାଙ୍କର କୌଣସି ବିଶେଷ ସେବା ନ ଥିଲେ ମଧ ବଡ଼ଭାଇ ଗଜପତି ମହାରାଜା ଦିବ୍ୟସିଂହ ଦେବଙ୍କ ସୁନିଆଁ, ଛେରାପହଁରା ଆଦି ବିଶେଷ ସେବାରେ ସାମିଲ୍ ହେଉଥିଲେ। ତଢ଼ାଉକରଣ ସେବକ ସୁଧାଂଶୁ ପଟ୍ଟନାୟକ କହିଛନ୍ତି, ଷୋଳ କରଣ ହେଉଛନ୍ତି ରାଜ ପରିବାରର ଜ୍ଞାତି କୁଟୁମ୍ବ। ଥାଟରାଜା ରାଜ ପରିବାରର ହୋଇଥିଲେ ମଧ ଶ୍ରୀମନ୍ଦିରରେ ତାଙ୍କର କୌଣସି ସ୍ୱତନ୍ତ୍ର ସେବାପୂଜା ନ ଥାଏ। ସେ ସ୍ୱର୍ଗବାସ କରିଥିଲେ ହେଁ ଗଜପତି ମହାରାଜା ଅଶୌଚ ହୁଅନ୍ତି ନାହିଁ। ନିଜ ପିତାମାତାଙ୍କ ମୃତ୍ୟୁ ହେଲେ ମଧ ରାଜା ଅଶୌଚ ହୋଇ ନ ଥା'ନ୍ତି। ତେଣୁ ଗଜପତି ମହାରାଜାଙ୍କର ରଥଯାତ୍ରାରେ କୌଣସି ନୀତିକାନ୍ତି ବାଧାପ୍ରାପ୍ତ ହେବ ନାହିଁ।

# ବିପଜ୍ଜନକ ଅବସ୍ଥାରେ କାର୍ଯ୍ୟ କରୁଛନ୍ତି ବନ କର୍ମଚାରୀ

ଭୁବନେଶ୍ୱର,୧୬।୬(ସମିସ): ବିପଦପୂର୍ଣ୍ଣ ଭାବେ କାର୍ଯ୍ୟ କରୁଥିବା ବନ କର୍ମଚାରୀଙ୍କୁ ମିଳିପାରୁନି ଜୀବନ ବୀମା। ରାଜ୍ୟରେ ଗତ କିଛି ବର୍ଷ ହେବ ନିୟମିତ ଭାବେ ବନ କର୍ମଚାରୀମାନେ ଶିକାରି ଗୁଳିରେ ପ୍ରାଣ ହରାଇବାରେ ଲାଗିଛନ୍ତି। ଏହା ବ୍ୟତୀତ ଅନେକ ସମୟରେ ହାତୀ ଆକ୍ରମଣରେ ମଧ ବନକର୍ମଚାରୀଙ୍କ ଜୀବନ ଯାଉଛି। ମୃତକଙ୍କ ମଧ୍ୟରେ ମୁଖ୍ୟତଃ କ୍ଷେତ୍ରସ୍ତରରେ କାର୍ଯ୍ୟରତ ଫରେଷ୍ଟଗାର୍ଡ, ଫରେଷ୍ଟର ଓ ଡେପୁଟି ରେଞ୍ଜର ପଦରେ କାର୍ଯ୍ୟରତ କର୍ମଚାରୀ ରହୁଛନ୍ତି। ତେଣୁ ଏହି କର୍ମଚାରୀମାନେ ନିଜ ପାଇଁ ଜୀବନ ବୀମା ଦାବି କରି ଆସୁଥିଲେ ମଧ ବନ ବିଭାଗ ଏଥିପ୍ରତି ଆଖିବୁଜି ଦେଇଛି। ଯାହାକୁ ନେଇ ବନ କର୍ମଚାରୀଙ୍କ ମଧ୍ୟରେ ତୀବ୍ର ଅସନ୍ତୋଷ ଦାନା ବାନ୍ଧିବାରେ ଲାଗିଛି।

ବଡ଼ କଥା ହେଉଛି ଯେ ଏହି ବୀମା ବାବଦକୁ ରାଜ୍ୟ ସରକାର କିମ୍ବା ବନ ବିଭାଗ ହାତରୁ ଟଙ୍କାଟେ ଖର୍ଚ୍ଚ ପଡ଼ିବ ନାହିଁ। ଏହା ସତ୍ତ୍ୱେ ଏପରି ବୀମା ପ୍ରତି ଅନାଗ୍ରହ ଯୋଗୁଁ ହଜାର ହଜାର ବନ କର୍ମଚାରୀଙ୍କ ପରିବାର କ୍ଷତିଗ୍ରସ୍ତ ହେଉଛନ୍ତି। ରାଜ୍ୟରେ ବର୍ତ୍ତମାନ ପୁଲିସ ଓ ଜେଲ୍ ବିଭାଗର କର୍ମଚାରୀମାନଙ୍କୁ ଏହି ବୀମା ସୁବିଧା ପ୍ରଦାନ କରାଯାଇଛି। ହେଲେ ବନ ବିଭାଗ କର୍ମଚାରୀଙ୍କୁ କାହିଁକି ଏଥିରୁ ବାଦ୍ ଦିଆଯାଇଛି ତାକୁ ନେଇ କର୍ମଚାରୀମାନେ ପ୍ରଶ୍ନ ଉଠାଇଛନ୍ତି। ବର୍ତ୍ତମାନ ବିଭିନ୍ନ ଜାତୀୟ ବ୍ୟାଙ୍କ ଜରିଆରେ 'ସାଲେରୀ ପ୍ୟାକେଜ୍ ବୀମା' ପ୍ରଦାନ କରିବାର ବ୍ୟବସ୍ଥା ଉପଲବ୍ଧ ରହିଛି। ଏ ବାବଦକୁ ପ୍ରିମିୟମ ଅର୍ଥରାଶି ମଧ ପୈଠ କରିବାର ଆବଶ୍ୟକତା ରହୁନାହିଁ। ଏହାକୁ ଆଧାର କରି ରାଜ୍ୟ ପୁଲିସ ବିଭାଗ ଓ ଜେଲ୍ ବିଭାଗ ନିଜ କର୍ମଚାରୀଙ୍କ ପାଇଁ ୧ କୋଟି ଟଙ୍କାର ବୀମା ଉପଲବ୍ଧ କରାଇଛନ୍ତି। ଯଦି କୌଣସି କର୍ମଚାରୀଙ୍କ ଦୁର୍ଘଟଣା ଜନିତ ମୃତ୍ୟୁ ହୁଏ,

**■ ଜୀବୀନ ବୀମା କରିବାକୁ ଅମଙ୍ଗ ବିଭାଗୀୟ ଅଧିକାରୀ**
**■ ବିନା ପ୍ରିମିୟମରେ ବୀମା ସୁବିଧା ଥାଇ ବି ମିଳୁନି ସୁବିଧା**

ତେବେ ତାଙ୍କ ପରିବାରକୁ ବ୍ୟବସ୍ଥା ଅନୁଯାୟୀ ୧ କୋଟି ଟଙ୍କାର ବୀମା ରାଶି ମିଳିବାର ବ୍ୟବସ୍ଥା ହୋଇଛି। ତେଣୁ ବନ କର୍ମଚାରୀମାନଙ୍କ ଜୀବନ ପ୍ରତି ବିପଦ ରହିଥିବାରୁ, ସେମାନଙ୍କୁ ଏହି ସୁବିଧା ଉପଲବ୍ଧ କରାଇ ଦେବାକୁ ବାରମ୍ବାର ବନ କର୍ମଚାରୀମାନେ ଦାବି କରି ଆସୁଥିଲେ ମଧ ବନ ବିଭାଗ ଏଥିପ୍ରତି ଗୁରୁତ୍ୱ ଦେଉ ନ ଥିବା ଅଭିଯୋଗ ହୋଇଛି।

ଓଡ଼ିଶା ଅଣଗେଜେଟେଡ୍ ବନସେବାସଂଘର ସଭାପତି ଜଗବନ୍ଧୁ ପାତ୍ର କହିଛନ୍ତି ଯେ ବର୍ତ୍ତମାନ ପୁଲିସ, ଜେଲ୍ ଓ ଅଗ୍ନିଶମ କର୍ମଚାରୀଙ୍କୁ 'ସାଲେରୀ ପ୍ୟାକେଜ୍ ବୀମା' ପ୍ରଦାନ କରାଯାଉଛି। ବନ କର୍ମଚାରୀମାନେ ଏମାନଙ୍କଠାରୁ ବିପଦପୂର୍ଣ୍ଣ ଭାବେ କାର୍ଯ୍ୟ କରୁଛନ୍ତି। ବର୍ତ୍ତମାନ ସମସ୍ତ ପିସିସିଏଫ୍‌ସହିତ ଅନେକ ଉଚ୍ଚ ଅଧିକାରୀ ଅଣଓଡ଼ିଆ ହୋଇଥିବାରୁ ସେମାନେ ଓଡ଼ିଆଙ୍କ ମନର ଅବସ୍ଥାକୁ ବୁଝି ପାରୁ ନାହାନ୍ତି। ସେଥିପାଇଁ ସେମାନେ ୮ ହଜାରୁ ଉର୍ଦ୍ଧ୍ୱ ବନ କର୍ମଚାରୀଙ୍କ ପରିବାରର ସୁରକ୍ଷାକୁ ବିପଦକୁ ଠେଲି ଦେଇଛନ୍ତି। କିଛି ଦିନ ତଳେ ଭାରତୀୟ ଷ୍ଟେଟ୍‌ବ୍ୟାଙ୍କର ଏକ ଟିମ୍ ପିସିସିଏଫଙ୍କୁ ଏହି ବୀମା ସୁବିଧା ସମ୍ପର୍କରେ ଅବଗତ କରାଇଥିଲେ। ସମସ୍ତ ସୁବିଧା ସୁଯୋଗ ନେଇ ସୂଚନା ଦେଇଥିଲେ। ମାତ୍ର ଏହା ସତ୍ତ୍ୱେ ବିଭାଗ ପକ୍ଷରୁ କୌଣସି ପ୍ରକ୍ରିୟା ଆଗକୁ ନିଆଯାଇ ନାହିଁ। ଯାହାକୁ ନେଇ ଓଡ଼ିଶା ଅଣଗେଜେଟେଡ୍ ବନ ସେବାସଂଘ ପକ୍ଷରୁ ଅସନ୍ତୋଷ ପ୍ରକାଶ କରାଯାଇଛି।

## ଆଜି ଖୋଲିବ ଉଚ୍ଚଶିକ୍ଷାନୁଷ୍ଠାନ

ଭୁବନେଶ୍ୱର,୧୬।୬(ସମିସ): ଆସନ୍ତାକାଲି ଅର୍ଥାତ୍ ମଙ୍ଗଳବାର ଠାରୁ ରାଜ୍ୟର ସମସ୍ତ ଉଚ୍ଚ ଶିକ୍ଷାନୁଷ୍ଠାନ ଖୋଲିବ। ଏନେଇ ଶିକ୍ଷାନୁଷ୍ଠାନଗୁଡ଼ିକରେ ପ୍ରସ୍ତୁତି ଆରମ୍ଭ ହୋଇଛି ଓ ପୂର୍ଣ୍ଣ ଭାବେ ପୂର୍ବପରି ପାଠପଢ଼ା ଆରମ୍ଭ କରିବାକୁ ଗୁରୁତ୍ୱ ଦିଆଯାଇଛି। ଗ୍ରୀଷ୍ମ ପ୍ରବାହ ପାଇଁ ସମସ୍ତ ସରକାରୀ ଓ ବେସରକାରୀ କଲେଜକୁ ଏପ୍ରିଲ୍ ୨୩ ତାରିଖରୁ ଛୁଟି ଘୋଷଣା କରାଯାଇଥିଲା। ହେଲେ ଏହି ଛୁଟି ସମୟରେ ପୂର୍ବ ନିର୍ଦ୍ଧାରିତ ପରୀକ୍ଷା ସୂଚୀ ଅନୁଯାୟୀ ପରୀକ୍ଷା ହେବ ବୋଲି କୁହାଯାଇଥିଲା। ଫଳରେ ମେ ୫ରୁ ସମସ୍ତ ଉଚ୍ଚଶିକ୍ଷାନୁଷ୍ଠାନ ଛୁଟି ହୋଇଥିଲା। ପ୍ରାୟ ୪୩ ଦିନ ପରେ ଆସନ୍ତାକାଲି ପାଠପଢ଼ା ଆରମ୍ଭ ହେବ।

### ଆଡ଼ପ ପହଣ୍ଡି ଅଘଟଣ


# ପ୍ରାୟଶ୍ଚିତ ହେଲାନି; ଫଳ ଭୋଗୁଛନ୍ତି ଦେଶବାସୀ!

ପୁରୀ,୧୬।୬(ସମିସ): ଗତବର୍ଷ ଜୁଲାଇ ୯ ତାରିଖ କୋଟି କୋଟି ଜଗନ୍ନାଥପ୍ରେମୀଙ୍କ ଭାବାବେଗକୁ ଲାଗିଥିଲା ଶକ୍ତ ଆଘାତ। ଆଡପ ପହଣ୍ଡି ସମୟରେ ଚାରମାଳ ଉପରେ ମୁହଁମାଡ଼ି ପଡିଥିଲେ ବଡ଼ଠାକୁର ଶ୍ରୀବଳଭଦ୍ର। ଅନେକ ସେବାୟତ ମଧ ଆହତ ହୋଇଥିଲେ। ମାତ୍ର ଏହି ଘଟଣାର ଏହାର କୌଣସି ପ୍ରାୟଶ୍ଚିତ କରାଗଲା ନାହିଁ। ଏହି ଆଡପ ପହଣ୍ଡି ଅଘଟଣର ଫଳ ଭୋଗୁଛନ୍ତି ଦେଶବାସୀ। ପ୍ରାୟଶ୍ଚିତ ନ କରିବାରୁ ରାଜ୍ୟ, ଦେଶ ବିପଦର ସାମ୍ନା କରୁଛି। ବଢୁଛି ଦୁର୍ଘଟଣା, ହତ୍ୟା, ମୃତ୍ୟୁ ଏବଂ ପ୍ରାକୃତିକ ବିପର୍ଯ୍ୟୟ। ଏପରି କି ଗଜପତି ମହାରାଜାଙ୍କ ପରିବାର ଉପରେ ମଧ ଏହାର ପ୍ରଭାବ ପଡିଥିବା ପଣ୍ଡିତ ଆଶଙ୍କା କରିଥିବା ବେଳେ ସାଧାରଣରେ ମଧ ଏହି ଚର୍ଚ୍ଚା ଜୋର୍ ଧରିଛି। ଗଜପତି ମହାରାଜାଙ୍କ ପରିବାର ସଦସ୍ୟ ଥାଟରାଜା ରଣାର୍ଣ୍ଣବ ଦେବଙ୍କ ବିୟୋଗ ଘଟିଛି। ପ୍ରାୟଶ୍ଚିତ ବିଧି କରିଥିଲେ ହୁଏତ ଏଭଳି କ୍ଷତି ହୋଇ ନ ଥାନ୍ତା ବୋଲି ମତ ଦେଇଛନ୍ତି ପଣ୍ଡିତ ବିଶ୍ୱମ୍ଭର ଦାଶ।

ଗତବର୍ଷ ଆଡପମଣ୍ଡପ ବିଜେ ପହଣ୍ଡି ସମୟରେ ପଡିଯାଇଥିଲେ ବଡଠାକୁର ବଳଭଦ୍ର। ଏହାକୁ ନେଇ ନାନା ପ୍ରକାର ଚର୍ଚ୍ଚା, ଆଲୋଚନା ହୋଇଥିଲା। ଠାକୁର ପଡିଗଲେ କ'ଣ ହୁଏ ତାହା ବିଭିନ୍ନ ଶାସ୍ତ୍ରରେ ଉଲ୍ଲେଖ ରହିଥିବା ବେଳେ ଶାନ୍ତି ବିଧାନ ବା ପ୍ରାୟଶ୍ଚିତର ମତ ଦେଇଥିଲେ ପଣ୍ଡିତ। ନୀଳାଦ୍ରି ମହୋଦୟ ଗ୍ରନ୍ଥରୁ ଉଦ୍ଧୃତ ରାଧାବଲ୍ଲଭ ମଠ ମହନ୍ତ ତଥା ପୂର୍ବତନ ପରିଚାଳନା କମିଟି ସଦସ୍ୟ ରାମକୃଷ୍ଣ ଦାସ ମହାରାଜ କହିଥିଲେ, ଏହିପରି ଅଘଟଣ ଘଟିଲେ ରାଷ୍ଟ୍ର ପ୍ରତି ବହୁ ବିପଦ ଦେଖାଯାଏ। ଏହି ଅଘଟଣ ଦେଖାଗଲେ କ'ଣ ହୁଏ ସେ ସମ୍ପର୍କରେ ସ୍ୱୟଂ ବ୍ରହ୍ମା ରାଜା ଇନ୍ଦ୍ରଦ୍ୟୁମ୍ନଙ୍କୁ କହିଛନ୍ତି। 'ହେ ରାଜା ! ଅସାବଧାନତା ହେତୁ ଯଦି ଜଗନ୍ନାଥ, ବଳଭଦ୍ର କିମ୍ବା ସୁଭଦ୍ରା ତଳେ ପଡିଯାଆନ୍ତି ତେବେ ରାଜ୍ୟ ରାଜାଙ୍କର ଏବଂ ରାଜ୍ୟର ମହା ଅନିଷ୍ଟ ହେବ। ଦୁର୍ଭିକ୍ଷ ପଡିବ, ମହାମାରୀ ବାରମ୍ବାର ହେବ। ପହଣ୍ଡି ସମୟରେ ଠାକୁର ପଡିଗଲେ ମହିଷୀ (ରାଣୀ)ଙ୍କର କ୍ଷତି ହେବ। ତେଣୁ ବିଷ୍ଣୁଙ୍କର ପ୍ରୀତି ଉଦ୍ଦେଶ୍ୟରେ ଶାନ୍ତି ବିଧାନ କରିବ। ବ୍ରାହ୍ମଣମାନଙ୍କ ଦ୍ୱାରା ମୂଳମନ୍ତ୍ର ଏକ ଲକ୍ଷ ବାର ଜପ କରାଇବ। ସେତିକି ସଂଖ୍ୟକ ଅର୍ଥାତ୍ ଗବ୍ୟ ଘୃତରେ ଏକ ଲକ୍ଷ ଆହୁତି ଦେଇ ହୋମ କରିବ। ତାହାର ଏକ ଦଶମାଂଶ ଅର୍ଥାତ୍ ଦଶହଜାର ତର୍ପଣ କରାଇବ।' ସେହିପରି ବାମଦେବ ସଂହିତାରୁ ଉଦ୍ଧୃତ କରି ଜଗନ୍ନାଥ ସଂସ୍କୃତି ଗବେଷକ ଡ. ନରେଶ ଚନ୍ଦ୍ର ଦାଶ କହିଥିଲେ, ଠାକୁର ଯଦି ରଥରୁ ଅକସ୍ମାତ ପଡିଯାନ୍ତି ତେବେ ରାଜା ଏବଂ ରାଜ୍ୟ ଉଭୟଙ୍କର କ୍ଷତି ହୋଇଥାଏ। ରାଜ୍ୟରେ ଦୁର୍ଭିକ୍ଷ, ମୃତ୍ୟୁ ଭୟ ବଢିଯାଏ।

ପଣ୍ଡିତମାନେ ପ୍ରାୟଶ୍ଚିତ ପାଇଁ ଯେଉଁ ପରାମର୍ଶ ଦେଇଥିଲେ, ତାହା ପାଳନ କରାଯାଇ ନାହିଁ।ପଣ୍ଡିତ ବିଶ୍ୱମ୍ଭର ଦାଶ କହିଛନ୍ତି, ବଳଭଦ୍ର ମହାପ୍ରଭୁ ଯଦି ପଡିଯାନ୍ତି ତେବେ ରାଷ୍ଟ୍ରର କ୍ଷତି ହୋଇଥାଏ, ଯାହାର ଫଳସ୍ୱରୂପ ଅତୀତରେ ବାତ୍ୟା, ଅଦିନରେ ମରୁଡ଼ି, ଭୂମିକମ୍ପ, ଯୁଦ୍ଧର ଘନଘଟା ଲାଗିରହିଛି। ଏହାରି ଭିତରେ ଆଜି ଆଉ ଏକ ଦୁଃଖଦ ଘଟଣା ଘଟିଛି। ବଳଭଦ୍ର ପଡିଯିବାର ବର୍ଷେ ନ ପୁରୁଣୁ ଗଜପତି ମହାରାଜାଙ୍କ ସାନଭାଇ ରଣାର୍ଣ୍ଣବ ଦେବଙ୍କର ରବିବାର ରାତିରେ ସ୍ୱର୍ଗବାସ ହୋଇଛି। ଧର୍ମଶାସ୍ତ୍ର ଅବମାନନା କଲେ ଆମକୁ ଏହିଭଳି ବିପଦର ସମ୍ମୁଖୀନ ହେବାକୁ ପଡିବ।

ପହଲଗାମ ଆତଙ୍କବାଦୀ ଆକ୍ରମଣ ହେଉ କି ଅହମ୍ମଦାବାଦ ବିମାନ ଦୁର୍ଘଟଣା, କୁମ୍ଭମେଳା ଦଳଚକଟା ହେଉ କି କେଦାରନାଥରେ ହେଲିକପ୍ଟର ଦୁର୍ଘଟଣା ଅବା ଆର୍‌ସିବି ବିଜୟ ଉତ୍ସବ ଦଳଚକଟା ଏବଂ ପୁଣେରେ ବ୍ରିଜ ଭାଙ୍ଗିବା। ଏମିତି ଅନେକ ଅଘଟଣ ଘଟି ଶହ ଶହ ନିରୀହ ଜୀବନ ଗଲାଣି। ଦେଶରେ ଯୁଦ୍ଧ ପରିସ୍ଥିତି ମଧ ସୃଷ୍ଟି ହୋଇଛି। ଏହାଛଡା ବନ୍ୟା, ବାତ୍ୟା, ହଇଜା ପରି ଅନେକ ବିପର୍ଯ୍ୟୟର ଲୋକେ ସାମ୍ନା କରିଛନ୍ତି। ଧାର୍ମିକ ବିଧିବିଧାନ ବା ଶାସ୍ତ୍ରୀୟ ମତ ଅନୁଯାୟୀ ବଳଭଦ୍ର ପଡିବାର ପ୍ରାୟଶ୍ଚିତ ବିଧି କରାଯାଇଥିଲେ ହୁଏତ ଏଭଳି ଅଘଟଣ ଘଟି ନ ଥାନ୍ତା ବୋଲି କହିଛନ୍ତି ଜ୍ୟୋର୍ତିବିଦ୍ ପଣ୍ଡିତ ହରିଶଙ୍କର ମିଶ୍ର।




অক্টোবর ৫রে — 

ଅକ୍ଟୋବର ୫ରେ ଭାରତ-ପାକ୍ ଲଢ଼େଇ

▶ପୃଷ୍ଠା ୧୨ ଦେଖନ୍ତୁ...

RNI REGD NO: 42041/83
www.sakalaepaper.com
/sakalanews
/sakalanews
www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

◆VOLUME- 42 ◆ISSUE-349 ◆BHUBANESWAR ◆TUESDAY ◆17 JUNE 2025 ◆PAGE-12 ◆₹ 6.00

◆ବର୍ଷ-୪୨ ◆ସଂଖ୍ୟା-୩୪୯ ◆ଭୁବନେଶ୍ୱର ◆ମଙ୍ଗଳବାର ◆୧୭ ଜୁନ୍ ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦

## ଲାଗୁହେଲା ନୂଆ ୟୁପିଆଇ ପେମେଣ୍ଟ ନିୟମ

### ୫୦% ଫାଷ୍ଟ ହେବ ପେମେଣ୍ଟ

### ୩୦ ନୁହେଁ ସର୍ବାଧିକ ୧୫ ସେକେଣ୍ଡରେ ହେବ ପେମେଣ୍ଟ

■ ନୂଆଦିଲ୍ଲୀ, ୧୬।୬ (ଏଜେନ୍ସି): ଆଜିଠାରୁ ଦେଶରେ ଲାଗୁ ହୋଇଛି ନୂଆ ୟୁପିଆଇ ପେମେଣ୍ଟ ନିୟମ। ଏଥିଯୋଗୁ ୟୁପିଆଇ ପେମେଣ୍ଟ ୫୦% ଫାଷ୍ଟ ବା ଦ୍ରୁତ ହୋଇଛି। ଏହାଫଳରେ ବର୍ତ୍ତମାନ ପେମେଣ୍ଟ ପ୍ରକ୍ରିୟା ସର୍ବାଧିକ ୧୫ ସେକେଣ୍ଡରେ ସମାପ୍ତ ହେବ, ଏଥିପାଇଁ ପୂର୍ବ ପରି ଆଉ ୩୦ ସେକେଣ୍ଡ ଅପେକ୍ଷା କରିବାକୁ ପଡିବନାହିଁ। ଅର୍ଥାତ୍ ଏଣିକି କୌଣସି ୟୁପିଆଇ ପେମେଣ୍ଟ ୩୦ ନୁହେଁ ସର୍ବାଧିକ ୧୫ ସେକେଣ୍ଡରେ ସମ୍ପୂର୍ଣ୍ଣ ହେବ। ଭାରତୀୟ ଜାତୀୟ ପେମେଣ୍ଟ ନିଗମ (ଏନ୍‌ପିସିଆଇ) ଗତ ମାସରେ ୟୁପିଆଇ ସହିତ ଜଡିତ କିଛି ନିୟମ ପରିବର୍ତ୍ତନ କରିଥିଲା, ଯାହା ଜୁନ୍ ୧୬ଠାରୁ ଲାଗୁ ହୋଇଛି।

ପୂର୍ବରୁ ।ଫୋନ୍ ପେ', ଗୁଗୁଲ୍ ପେ' କିମ୍ବା ପେଟିଏମ୍ ଭଳି ୟୁପିଆଇ ଆପ୍ ମାଧ୍ୟମରେ ପେମେଣ୍ଟ କରିବାବେଳେ କେତେକ ସମୟରେ କାରବାର ଶେଷ ହେବା ପାଇଁ ୩୦ ସେକେଣ୍ଡ ପର୍ଯ୍ୟନ୍ତ ସମୟ ଲାଗୁଥିଲା। ଗତ ମାସରେ ଏନ୍‌ପିସିଆଇ ବ୍ୟାଙ୍କ ଏବଂ ପେମେଣ୍ଟ ଆପ୍ସଗୁଡିକୁ ସେମାନଙ୍କର ସିଷ୍ଟମ ଅପଗ୍ରେଡ୍ କରିବାକୁ କହିଥିଲା, ଯାହା ଦ୍ୱାରା ପେମେଣ୍ଟ ମାତ୍ର ୧୫ ସେକେଣ୍ଡରେ ସମ୍ପୂର୍ଣ୍ଣ ହେବ। ଏନ୍‌ପିସିଆଇ ଏହି ଅପ୍‌ଗ୍ରେଡେସନ୍ ପାଇଁ କିଛି ବୈଷୟିକ ଜିନିଷରେ ପରିବର୍ତ୍ତନ ଘଟାଇଛି, ଯାହା ଏପିଆଇ ଅର୍ଥାତ୍ ଆପ୍ଲିକେସନ୍ ପ୍ରୋଗ୍ରାମିଂ ଇଣ୍ଟରଫେସ୍ ସହିତ ଜଡିତ। ସରଳ ଭାଷାରେ କହିବାକୁ ଗଲେ ▶ପୃଷ୍ଠା-୭

## ଉତ୍ତର ପ୍ରଦେଶରେ ବଜ୍ରପାତ; ୪୮ ଘଣ୍ଟାରେ ୩୪ ମୃତ



■ ଲକ୍ଷ୍ନୌ, ୧୬।୬ (ଏଜେନ୍ସି): ଉତ୍ତର ପ୍ରଦେଶରେ ଝଡ଼ବାତ୍ୟା ସହିତ ବଜ୍ରପାତ ଆତଙ୍କ ସୃଷ୍ଟି କରିଛି। ଗତ ୪୮ ଘଣ୍ଟା ମଧ୍ୟରେ ଏହା ରାଜ୍ୟରେ ୩୪ ଜଣଙ୍କ ଜୀବନ ନେଇଛି। ଅନେକ ଲୋକଙ୍କ ମଧ୍ୟ ଆହତ ହୋଇଛନ୍ତି। ରାଜ୍ୟର ୧୫ ଜିଲ୍ଲାରେ ଏହି ଜୀବନ ଯାଇଛି। ପାଣିପାଗରେ ହଠାତ ପରିବର୍ତ୍ତନ ଯୋଗୁଁ ଜିଲ୍ଲାଗୁଡିକରେ ବିପର୍ଯ୍ୟୟ ସୃଷ୍ଟି ହୋଇଛି। କାଶଗଞ୍ଜ ଏବଂ ଫେତହପୁର ଜିଲ୍ଲାରେ ୫ ଜଣ ଲେଖାଏଁ, ମିରଟ ଏବଂ ଗୌତମ ବୁଦ୍ଧନଗରରେ ୪ ଜଣ ଲେଖାଏଁ, ବୁଲନ୍ଦସହରରେ ତିନି ଜଣ, ଔରିଆ, କାନପୁର ନଗର, କାନପୁର ଦେହାତ ଏବଂ ଇଟୱାରେ ୨ ଜଣ ଲେଖାଏଁ ପ୍ରାଣ ହରାଇଛନ୍ତି। ମୁଖ୍ୟମନ୍ତ୍ରୀ ଯୋଗୀ ଆଦିତ୍ୟନାଥ ଏହି ମୃତ୍ୟୁକୁ ନେଇ ଗଭୀର ଶୋକ ପ୍ରକାଶ କରିଛନ୍ତି। ମୃତକଙ୍କ ପରିବାରକୁ ସମସ୍ତ ପ୍ରକାରର ସହାୟତା ଦେବା ପାଇଁ ପ୍ରଭାବିତ ଜିଲ୍ଲାର ଅଧିକାରୀମାନଙ୍କୁ ନିର୍ଦ୍ଦେଶ ଦେଇଛନ୍ତି।

କର୍ତ୍ତୃପକ୍ଷଙ୍କ ସୂଚନା ଅନୁଯାୟୀ ଗଛ ପଡି, ବଜ୍ରପାତରେ, କାନ୍ଥ ଆଦି ଭୁଶୁଡି ଏବଂ ପାଣିରେ ବୁଡି ମଧ୍ୟ ଅନେକ ଜୀବନ ଯାଇଛି। ସେହିପରି ୨୭ ତାରିଖ ପର୍ଯ୍ୟନ୍ତ ରାଜ୍ୟର ବିଭିନ୍ନ ଭାଗରେ ବର୍ଷା ଜାରି ରହିବ ବୋଲି ପାଣିପାଗ ବିଭାଗ ଅନୁମାନ କରିଛି। ବରେଲିରେ ପ୍ରବଳ ବର୍ଷା ଯୋଗୁଁ ଏକ ହାଇୱେ ମଧ୍ୟ ବୁଡି ଯାଇଛି। ଏଥିଯୋଗୁଁ ଲୋକେ ନାହିଁ ନ ଥିବା ସମସ୍ୟାର ସମ୍ମୁଖୀନ ହେଉଛନ୍ତି।

# ଥମୁନି ଝାଡ଼ାବାନ୍ତି

## ଯାଜପୁରରେ ପୁଣି ବଢ଼ିଲା ରୋଗୀ ସଂଖ୍ୟା

### ସୁକିନ୍ଦାରେ ଦୁଇ ମୃତ ■ ୧୫ଦିନ ପାଇଁ ହୋଟେଲ, ଜଳଖିଆ ଦୋକାନ ବନ୍ଦ ନିର୍ଦ୍ଦେଶ

■ ଯାଜପୁର, ୧୬।୬ (ସମିସ): ଯାଜପୁରରେ ଗତ ସପ୍ତାହେ ହେଲା ଝାଡ଼ାବାନ୍ତି ଲାଗି ରହିଛି। ଗୋଟିଏ ବ୍ଲକରୁ ଅନ୍ୟ ବ୍ଲକକୁ ଡେଇଁ ଏହା ରାଜ୍ୟର ୮ଟି ଜିଲ୍ଲାକୁ ମଧ୍ୟ ବ୍ୟାପିଗଲାଣି। ତଥାପି ଏହି ଝାଡ଼ାବାନ୍ତିଙ୍କୁ ନିୟନ୍ତ୍ରଣ କରାଯାଇପାରୁନାହିଁ। ସ୍ୱାସ୍ଥ୍ୟ ବିଭାଗ ପକ୍ଷରୁ ସଂଗୃହିତ ନମୁନା ମଧ୍ୟରୁ ୧୧ଟିରେ କଲେରା ଭୂତାଣୁ ମିଳିବା ପରେ ଏହାକୁ ନେଇ ସରକାରଙ୍କ ଚିନ୍ତା

### ସ୍ୱାସ୍ଥ୍ୟ ସଚିବଙ୍କ ଦ୍ୱିତୀୟ ସମୀକ୍ଷା

ବଢ଼ିବାରେ ଲାଗିଛି। କେନ୍ଦ୍ରୀୟ ଟିମ୍ କେବଳ ପାଣି ଓ ଖାଦ୍ୟ ନମୁନା ସଂଗ୍ରହ କରି ପରୀକ୍ଷା ନିରୀକ୍ଷାରେ ଲାଗିଥିଲେ ମଧ୍ୟ ଏହି ଝାଡ଼ାବାନ୍ତିର ମୁଖ୍ୟ କାରଣ ଏ ପର୍ଯ୍ୟନ୍ତ ସ୍ପଷ୍ଟ ହୋଇପାରିନି। ପ୍ରତିଦିନ ଜିଲ୍ଲାରେ ମଧ୍ୟ ମୃତକଙ୍କ ସଂଖ୍ୟା ବଢ଼ିବାରେ ଲାଗିଛି। ପରିସ୍ଥିତି ଅଣାୟତ ଅବସ୍ଥା ଆଡକୁ ଯାଉଥିବା ଲକ୍ଷ୍ୟ କରି ରାଜ୍ୟ ସରକାରଙ୍କ ବିଭିନ୍ନ ପଦାଧିକାରୀଙ୍କ ଠାରୁ ଆରମ୍ଭ କରି ସ୍ୱାସ୍ଥ୍ୟମନ୍ତ୍ରୀ ମଧ୍ୟ ଆସି ଆକ୍ରାନ୍ତମାନଙ୍କୁ ଭେଟିବା ସହିତ



ପ୍ରଶାସନ ସହିତ ସମୀକ୍ଷା ବୈଠକ କରିଯାଇଛନ୍ତି। ଆଜି ସ୍ୱାସ୍ଥ୍ୟ ସଚିବ ଏସ୍. ଆଶ୍ୱଥି ଦ୍ୱିତୀୟ ଥର ଜିଲ୍ଲାକୁ ଆସି ପରିସ୍ଥିତିର ସମୀକ୍ଷା କରିଛନ୍ତି।

ଜିଲ୍ଲା ପ୍ରଶାସନର ସୂଚନା ମୁତାବକ ବର୍ତ୍ତମାନ ସୁଦ୍ଧା ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ ସମେତ ଜିଲ୍ଲାର ୧୩ଗୋଟି ସ୍ୱାସ୍ଥ୍ୟକେନ୍ଦ୍ରରେ ୨୪୪ ଜଣ ରୋଗୀ ଭର୍ତ୍ତି ହୋଇଛନ୍ତି। ତେବେ ଘରୋଇ ଡାକ୍ତରଖାନାର ରୋଗୀଙ୍କୁ ହିସାବକୁ ନେଲେ ଜିଲ୍ଲାରେ ମୋଟ ୨୫୯ ରୋଗୀ ଚିକିତ୍ସିତ ହେଉଛନ୍ତି। ଗତକାଲି ୩ ଜଣଙ୍କର ଝାଡ଼ାବାନ୍ତିରେ ମୃତ୍ୟୁ ଘଟିଥିବା ବେଳେ ▶ପୃଷ୍ଠା-୭

## ଟାଙ୍ଗୀ-ଚୌଦ୍ୱାରରେ ଜଣେ ମୃତ, ୧୦ ଆକ୍ରାନ୍ତ

### ଅଧିକାଂଶ ଆକ୍ରାନ୍ତ ରୋଗୀ ଘରୋଇ ହସ୍ପିଟାଲରେ ଭର୍ତ୍ତି

■ ଟାଙ୍ଗୀ, ୧୬।୬ (ସମିସ): ଟାଙ୍ଗୀ-ଚୌଦ୍ୱାର ବ୍ଲକ ସଫା ପଞ୍ଚାୟତ ସୁଆଁରୀ ଗ୍ରାମରେ ଝାଡ଼ାବାନ୍ତି ବ୍ୟାପିବାରେ ଲାଗିଛି। ବର୍ତ୍ତମାନ ସୁଦ୍ଧା ୧୦ ଜଣ ଆକ୍ରାନ୍ତ ଚିହ୍ନଟ ହୋଇଥିବାବେଳେ ଜଣେ ଗୁରୁତର ହୋଇ କଟକସ୍ଥିତ ଘରୋଇ ହସ୍ପିଟାଲର ଆଇସିୟୁରେ ଚିକିତ୍ସାଧୀନ ଅଛନ୍ତି। ସେହିଭଳି କଟକ ବଡ଼ ମେଡିକାଲରେ ଚିକିତ୍ସାଧୀନ ଥିବା ମହିଳା ଉର୍ମିଳା ବଳ (୩୯)ଙ୍କ ରବିବାର ରାତିରେ ମୃତ୍ୟୁବରଣ କରିଥିବା ଜଣାପଡିଛି।

### ଗୋପାଳପୁରରେ ଲଜ୍ଜା

## ପୁରୁଷ ବନ୍ଧୁଙ୍କୁ କାବୁକରି କଲେଜ ଛାତ୍ରୀଙ୍କୁ ଗଣଦୁଷ୍କର୍ମ




### ୭ ଅଭିଯୁକ୍ତ ଅଟକ, ୩ ଫେରାର୍

■ ବ୍ରହ୍ମପୁର,୧୬।୬(ସମିସ): କ୍ରମାଗତ ଭାବେ ଗୋଟିକ ପରେ ଗୋଟିଏ ଗଣଦୁଷ୍କର୍ମ ଘଟଣା ଗୋପାଳପୁର ନିର୍ବାଚନମଣ୍ଡଳୀକୁ ଲଜ୍ଜିତ କରିଛି। ଦୁଇଦିନ ତଳେ ଏହି ନିର୍ବାଚନମଣ୍ଡଳୀ ଅନ୍ତର୍ଗତ ଗୋଳନ୍ଥରା ଥାନା ଅଞ୍ଚଳରେ ଦୁଇଜଣ ନାବାଳିକା ଓ ବୈଦ୍ୟନାଥପୁର ଥାନା ଅଞ୍ଚଳରେ ଜଣେ ନାବାଳିକାଙ୍କୁ ଗଣଦୁଷ୍କର୍ମ କରାଯାଇଥିବା ବେଳେ ରବିବାର ଗୋପାଳପୁର ବେଳାଭୂମିକୁ ନିଜ ପୁରୁଷ ବନ୍ଧୁଙ୍କ ସହ ବୁଲିବାକୁ ଆସିଥିବା ଜଣେ ଯୁକ୍ତ ତିନି ଛାତ୍ରୀ ଗଣଦୁଷ୍କର୍ମର ଶିକାର ହୋଇଛନ୍ତି। ଅଭିଯୋଗକୁ ଆଧାରରେ ପୁଲିସ ୭ ଜଣ ଯୁବକଙ୍କୁ ଥାନାରେ ଅଟକ ରଖି ପଚରାଉଚରା କରଥିବାବେଳେ ଆଉ ୩ ଜଣ ଫେରାର୍ ହୋଇଯାଇଛନ୍ତି। ପୁଲିସ ସୂଚନା ଅନୁସାରେ, ଜିଲ୍ଲା ବାହାରର ଜଣେ ଯୁବତୀ ବ୍ରହ୍ମପୁରର ଏକ ଶିକ୍ଷାନୁଷ୍ଠାନରେ ଯୁକ୍ତ ୩ରେ ଅଧ୍ୟୟନ କରନ୍ତି। ରବିବାର ଅପରାହ୍ନରେ ସେ ନିଜ ପୁରୁଷ ବନ୍ଧୁଙ୍କ ସହ ସେ ଗୋପାଳପୁର ବେଳାଭୂମିକୁ ବୁଲି ଆସିଥିଲେ। ସନ୍ଧ୍ୟା ପ୍ରାୟ ୭ଟାରେ ପାନ୍ଥନିବାସ ପଛପଟ ବେଳାଭୂମିରେ ଉଭୟେ ବସିଥିବାବେଳେ ହିଞ୍ଜିଳିକାଟୁ ସମେତ ଅନ୍ୟାନ୍ୟ ଅଞ୍ଚଳର ୧୦ଜଣ ଯୁବକ ସେମାନଙ୍କୁ ଘେରିଯାଇ ପ୍ରଥମେ ଅସଦାଚରଣ କରିଥିଲେ। ପରେ ପୁରୁଷ ବନ୍ଧୁକୁ କିଛି ଯୁବକ କାବୁ କରି ଯୁବତୀକୁ ବଳପୂର୍ବକ ନିକଟସ୍ଥ ଏକ ଅନ୍ଧାରିଆ ସ୍ଥାନକୁ ଉଠାଇ ନେଇଥିଲେ। ପ୍ରାୟ ୩ ଜଣ ଯୁବକ ସେଠାରେ ଯୁବତୀଙ୍କୁ ଦୁଷ୍କର୍ମ କରି ଚମ୍ପଟ ମାରିଥିବା ଜଣାପଡିଛି। ଘଟଣା ପରେ ରାତି ପ୍ରାୟ ସାଢେ ୧୦ଟାରେ ଥାନାର ▶ପୃଷ୍ଠା-୭

### ଭୋଜି ଖାଇ ଫେରୁଥିଲେ

## ବଜ୍ରପାତରେ ୨ ମୃତ



### ଜଣେ ଗୁରୁତର

■ ଗୁଡାରୀ, ୧୬।୬ (ସମିସ): ରଜ ପର୍ବ ଭୋଜି ସାରି ଘରକୁ ଫେରୁଥିବା ବେଳେ ବଜ୍ରପାତ ହେବାରୁ ୩ ଜଣ ଗୁରୁତର ହୋଇଥିଲେ। ସେମାନଙ୍କ ମଧ୍ୟରୁ ଦୁଇ ଜଣଙ୍କର ମୃତ୍ୟୁ ଘଟିଥିବା ବେଳେ ଅନ୍ୟ ଜଣେ ଗୁରୁତର ଥିବା ଜଣାପଡ଼ିଛି।

ସୂଚନା ମୁତାବକ ସୋମବାର ଶେଷ ରଜ ଉପଲକ୍ଷେ ରାୟଗଡ଼ା ଜିଲ୍ଲା ମିଲୁ ଡେପସାହିର ପ୍ରାୟ ୪୦ ଜଣ ବଣଭୋଜିର ଆୟୋଜନ କରିଥିଲେ। ଅପରାହ୍ଣରେ ବଣଭୋଜି ଶେଷ କରି ସେମାନେ ଆନନ୍ଦରେ ଘରକୁ ଫେରୁଥିଲେ। ଏହି ସମୟରେ ଅଚାନକ ପ୍ରବଳ ବର୍ଷା ସାଙ୍ଗକୁ ବଜ୍ରପାତ ହୋଇଥିଲା। ଫଳରେ ପ୍ରସାଦ ଗୌଡଙ୍କ ଝିଅ ସୁନାଲି ଗୌଡ (୨୪), ଫାଲଗୁନି ଗୌଡ଼ଙ୍କ ପତ୍ନୀ ରୁପାଲି ଗୌଡ଼(୨୧) ଓ ର୍ ମୋନଜ ଗୌଡଙ୍କ ପତ୍ନୀ କାଜଲ ଗୌଡ଼ (୨୦) ବଜ୍ରପାତର ଶିକାର ହୋଇଥିଲେ। ସ୍ଥାନୀୟ ଲୋକ ଏବଂ ସମ୍ପର୍କୀୟମାନେ ସମସ୍ତଙ୍କୁ ଗୁଡାରୀ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରିଥିଲେ। ସେମାନଙ୍କ ମଧ୍ୟରୁ ସଙ୍କଟାପନ୍ନ ଅବସ୍ଥାରେ ଥିବା ସୁନାଲି ଗୌଡ଼ ଓ ରୁପାଲି ଗୌଡ଼ଙ୍କୁ ଅଧିକ ଚିକିତ୍ସା ପାଇଁ ରାୟଗଡ଼ା ପଠାଯାଇଥିଲା। ସେଠାରେ ଡାକ୍ତର ଉଭୟଙ୍କୁ ମୃତ ଘୋଷଣା କରିଥିଲେ। ଗୁରୁତର କାଜଲଙ୍କୁ ପ୍ରଥମେ ଗୁଣୁପୁରକୁ ସ୍ଥାନାନ୍ତର କରାଯାଇଥିଲା। କିନ୍ତୁ ତାଙ୍କ ଅବସ୍ଥା ସଙ୍କଟାପନ୍ନ ହେବାରୁ ତାଙ୍କୁ ଅଧିକ ଚିକିତ୍ସା ପାଇଁ ବ୍ରହ୍ମପୁର ପଠାଯାଉଥିବା ଜଣାପଡ଼ିଛି। ଏହି ଘଟଣା ଯୋଗୁଁ ସ୍ଥାନୀୟ ଅଞ୍ଚଳରେ ଶୋକର ଛାୟା ଖେଳିଯାଇଛି।

## ଜଳପ୍ରପାତ ସ୍ରୋତରେ ଭାସିଗଲେ ୨ ନାବାଳକ

### ଜଣଙ୍କ ମୃତଦେହ ଉଦ୍ଧାର

■ କୋଟପାଡ଼, ୧୬।୬ (ସମିସ): କୋରାପୁଟ ଜିଲ୍ଲା କୋଟପାଡ଼ ଛୋଟର୍ଲା ପଞ୍ଚାୟତ ନିକଟସ୍ଥ ଗୁଲମୀ ଜଳପ୍ରପାତ ସ୍ରୋତରେ ଦୁଇ ଜଣ ନାବାଳକ ଭାସି ଯାଇଛନ୍ତି। ଜଣେ ନାବାଳକଙ୍କର ମୃତ ଶରୀର ଉଦ୍ଧାର ହୋଇଥିବା ବେଳେ ଅନ୍ୟ ଜଣେ ନିଖୋଜ ଅଛନ୍ତି। ମୃତ ନାବାଳକ ଜଣକ ହେଲେ ଆଲୋକ ରାଜ ସୁନା (୧୬)। ଅଗ୍ନିଶମ ବାହିନୀ ଘଟଣାସ୍ଥଳରେ ପହଞ୍ଚି ଉଦ୍ଧାର କାର୍ଯ୍ୟ ଜାରି ରଖିଥିବାବେଳେ ପୁଲିସ ଘଟଣାସ୍ଥଳରେ ପହଞ୍ଚି ତଦନ୍ତ କରୁଛି।

ସୂଚନା ଅନୁସାରେ, କୋଟପାଡ଼ ଗୁଲମୀ ଜଳପ୍ରପାତଙ୍କୁ ରବିବାର ନବରଙ୍ଗପୁର ଜିଲ୍ଲା କୋଷାଗୁମୁଡ଼ା ବ୍ଲକର ୫ ଜଣ ବୁଲିବାକୁ ଆସିଥିଲେ। ଗତ କିଛିଦିନ ହେବ ଉପରମୁଣ୍ଡରେ ବର୍ଷା ଲାଗି ରହିଥିବାରୁ କୋଲାବ ନଦୀ ଜଳ ଗୁଲମୀ ଜଳପ୍ରପାତ ଦେଇ ପ୍ରବାହିତ ହେଉଛି। ବୁଲିବାକୁ ଆସିଥିବା ପିଲାମାନେ ଗୁଲମୀରେ ବିଭିନ୍ନ ସ୍ଥାନରେ ଫଟୋ ଉଠାଉ ଥିବା ସମୟରେ ଦୁଇ ନାବାଳକ ପ୍ରଖର ▶ପୃଷ୍ଠା-୭

## ମଧ୍ୟପ୍ରାଚ୍ୟରେ ବଢୁଛି ଉତ୍ତେଜନା



### ଚତୁର୍ଥ ଦିନରେ ଇରାନ-ଇସ୍ରାଏଲ ଯୁଦ୍ଧ

### ଜୋର୍‌ଦାର୍ ହେଉଛି କ୍ଷେପଣାସ୍ତ୍ର ମାଡ଼

### ଯୁଦ୍ଧ ଘନଘୋଟା ଭିତରେ ଇରାନରେ ଅଟକିଛନ୍ତି ୧୫୦୦ ଭାରତୀୟ ଛାତ୍ରଛାତ୍ରୀ

■ ତେହରାନ/ତେଲଅଭିଭ୍ ୧୬।୬ (ଏଜେନ୍ସି): ଇରାନ ଏବଂ ଇସ୍ରାଏଲ ମଧ୍ୟରେ ଭୟଙ୍କର ଯୁଦ୍ଧ ଲାଗି ରହିଛି। ଆଜି ଚତୁର୍ଥ ଦିନ ଧରି ମଧ୍ୟ ଉଭୟ ଦେଶ ପରସ୍ପର ଉପରେ କ୍ଷେପଣାସ୍ତ୍ର ଆକ୍ରମଣ ଜାରି ରଖିଛନ୍ତି। ଏଥିରେ ଉଭୟ ପକ୍ଷର ବ୍ୟାପକ କ୍ଷତି ଘଟି ଚାଲିଥିବା ବେଳେ ଏହାକୁ ରୋକିବା ଲାଗି ଆନ୍ତର୍ଜାତିକ ସ୍ତରରେ କୌଣସି ଉଦ୍ୟମ ହେଉନାହିଁ। ଅସ୍ତ୍ରବିରତି କରିବାକୁ ଇରାନ ମନା କରିବା ସହିତ ଇସ୍ରାଏଲ ଉପରେ ଜବାବୀ ହମଲା ଜାରି ରଖିଥିବାରୁ ନିକଟ ଭବିଷ୍ୟତରେ ଯୁଦ୍ଧ ଥମିବାର ସମ୍ଭାବନା କମ୍। ସେ ଚାହିଁଲେ ଅସ୍ତ୍ରବିରତି ହୋଇଯିବ ବୋଲି ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ କହୁଥିବା ବେଳେ ଏଭଳି ସ୍ଥିତି ଦେଖାଯାଉ ନାହିଁ। ଇରାନ-ଇସ୍ରାଏଲ ଯୁଦ୍ଧକୁ ନେଇ ସଂପୃକ୍ତ ଅଞ୍ଚଳରେ ଉତ୍ତେଜନା ବୃଦ୍ଧି ପାଉଥିବାରୁ ଏହାର ପ୍ରଭାବ ସିଧାସଳଖ ବିଶ୍ୱ ଅର୍ଥନୀତି ଉପରେ ପଡ଼ିବ। ଏହି ଯୁଦ୍ଧ ଅନ୍ୟ ଅଞ୍ଚଳକୁ ବ୍ୟାପିଲେ ପରିସ୍ଥିତି ଅସମ୍ଭାଳ ହୋଇପଡ଼ିବ ବୋଲି କୁହାଯାଉଛି।

ମିଳିଥିବା ସୂଚନା ଅନୁଯାୟୀ ଇରାନ ଆଜି ଇସ୍ରାଏଲ ରାଜଧାନୀ ତେଲ ଆଭିଭ୍ ସମେତ ହାଫିଆ, ପେଟା ଟିକଭା ଓ ଅନ୍ୟାନ୍ୟ ସହର ଉପରେ ଆଜି ପୁଣି ବାଲିଷ୍ଟିକ କ୍ଷେପଣାସ୍ତ୍ର ମାଡ଼ କରିଛି। ଏଥିରେ ଇସ୍ରାଏଲର ଆଉ ୮ ଜଣ ବ୍ୟକ୍ତି ପ୍ରାଣ ହରାଇଥିବା ବେଳେ ମୋଟ ମୃତ୍ୟୁସଂଖ୍ୟା ୨୨ ହୋଇଥିବା କୁହାଯାଉଛି। ଇସ୍ରାଏଲର ସେନା ମୁଖ୍ୟାଳୟ ସମେତ ଅନେକ ସରକାରୀ ଓ ସାମରିକ ପ୍ରତିଷ୍ଠାନକୁ ଟା।ର୍ଗେଟ କରି ଇରାନ ଆକ୍ରମଣ ଚଳାଇଥିବା କୁହାଯାଉଛି। ଆକ୍ରମଣରେ ଅନେକ ସ୍ଥାନରେ ଇସ୍ରାଏଲର ଏୟାର ଡିଫେନ୍ସ ସିଷ୍ଟମକୁ ଇରାନ ଧ୍ୱସ୍ତ କରିଥିବା ଦାବି କରିଛି। ତେଲ ଆଭିଭରେ ଆଜି ଏକ ଅଭାବନୀୟ ଘଟଣା ▶ପୃଷ୍ଠା-୭

### ଜାରିହେଲା ବିଜ୍ଞପ୍ତି

## ଦୁଇ ପର୍ଯ୍ୟାୟରେ ଜନଗଣନା

### ୨୦୨୬ ଅକ୍ଟୋବର ଏବଂ ମାର୍ଚ୍ଚ ୨୦୨୭

### ସାମିଲ ହେବ ଜାତିଭିତ୍ତିକ ତଥ୍ୟ



■ ନୂଆଦିଲ୍ଲୀ, ୧୬।୬ (ଏଜେନ୍ସି): ଆସନ୍ତା ବର୍ଷ ୨୦୨୬ ଅକ୍ଟୋବର ପହିଲାରୁ ଆରମ୍ଭ ହେବ ବହୁପ୍ରତୀକ୍ଷିତ ଜନଗଣନା। ଦୁଇଟି ପର୍ଯ୍ୟାୟରେ ହେବାକୁ ଥିବା ଏହି ଅଭିଯାନରେ ଜାତି ଭିତ୍ତିକ ଜନଗଣନା ମଧ୍ୟ କରାଯିବ। କେନ୍ଦ୍ର ସ୍ୱରାଷ୍ଟ୍ର ବିଭାଗ ପକ୍ଷରୁ ଆଜି ଏସଂପର୍କରେ ବିଜ୍ଞପ୍ତି ପ୍ରକାଶ ପାଇଛି। ଅକ୍ଟୋବର ୨୦୨୬ରୁ ଆରମ୍ଭ ହେବାକୁ ଥିବା ପ୍ରଥମ ପର୍ଯ୍ୟାୟରେ ଜମ୍ମୁ-କଶ୍ମୀର, ହିମାଚଳ ପ୍ରଦେଶ, ଉତ୍ତରାଖଣ୍ଡ, ଲଦାଖ ଭଳି ପାର୍ବତ୍ୟ ଅଞ୍ଚଳରେ ଜନଗଣନା କରାଯିବ। ଦ୍ୱିତୀୟ ପର୍ଯ୍ୟାୟରେ ଦେଶର ଅବଶିଷ୍ଟ ଅଞ୍ଚଳରେ ୨୦୨୭ ମାର୍ଚ୍ଚ ୧ ତାରିଖରୁ ଜନଗଣନା କରାଯିବ। ଦେଶର ଏହି ସବୃବୃହତ୍ତ ଅଭିଯାନ ତିନି ବର୍ଷ ଧରି ଚାଲିବ ବୋଲି ସରକାରୀ ସୂତ୍ରରୁ ଜଣାପଡ଼ିଛି। ଏଥିପାଇଁ ୩୭୬୮ କୋଟି ଟଙ୍କାର ବ୍ୟୟବରାଦ କରାଯାଇଛି।

ଜାତି ଭିତ୍ତିକ ଜନଗଣନା କରିବା ଲାଗି କେନ୍ଦ୍ର କ୍ୟାବିନେଟର ରାଜନୈତିକ ବ୍ୟାପାର କମିଟିରେ ସ୍ଥିର କରାଯାଇଥିଲା। ଏହାର ଗୋଟିଏ ମାସ ପରେ ସରକାର ଜନଗଣନା ପାଇଁ ତାରିଖ ଘୋଷଣା କରିଛନ୍ତି। ଜନଗଣନା ଆଇନ, ୧୯୪୮ ଏବଂ ଜନଗଣନା ନିୟମ, ୧୯୯୦ ଅନୁଯାୟୀ ଏହି ଅଭିଯାନର ଆୟୋଜନ କରାଯାଉଛି।

ଶେଷ ଥର ଲାଗି ୨୦୧୧ରେ ଜନଗଣନା କରାଯାଇଥିଲା। ଏହା ଦୁଇଟି ପର୍ଯ୍ୟାୟରେ ହୋଇଥିଲା। ୨୦୨୧ରେ ମଧ୍ୟ ଦୁଇଟି ପର୍ଯ୍ୟାୟରେ ଜନଗଣନା ଲାଗି ଯୋଜନା କରାଯାଇଥିଲା। ଯୋଜନା ଅନୁଯାୟୀ ୨୦୨୦ ଏପ୍ରିଲ-ସେ।ପ୍ଟେମ୍ବରରେ ପ୍ରଥମ ପର୍ଯ୍ୟାୟ ଏବଂ ୨୦୨୧ ଫେବୃଆରୀରେ ଦ୍ୱିତୀୟ ପର୍ଯ୍ୟାୟ ଜନଗଣନା ହେବାର ଥିଲା। ଏଥିପାଇଁ ପ୍ରସ୍ତୁତି ଶେଷ ହୋଇଥିଲା। କିନ୍ତୁ କୋଭିଡ୍ -୧୯ ମହାମାରୀ ଯୋଗୁଁ ଜନଗଣନା କାର୍ଯ୍ୟକୁ ସ୍ଥଗିତ କରି ଦିଆଯାଇଥିଲା। ଏଥର ହେବାକୁ ଯାଉଥିବା ଜନଗଣନା ଦୁଇଟି ଦୃଷ୍ଟିରୁ ଗୁରୁତ୍ୱ ବହନ କରୁଛି। ପ୍ରଥମଟି ହେଲା ▶ପୃଷ୍ଠା-୭

### ଆଖଣ୍ଡଳମଣି ପୀଠରେ ପ୍ରଶାସନିକ ଅବ୍ୟବସ୍ଥା

## ଉହଉହ ଖରାରେ ୪ କିମି ଚାଲିଲେ ଭକ୍ତ

### ଠେଲାପେଲାରେ ମହିଳା ଓ ଶିଶୁ ସଂଜ୍ଞାହୀନ

### ବାବାମଣିଙ୍କ ଦର୍ଶନରୁ ବଞ୍ଚିତ ଶହଶହ ଭକ୍ତ

### ବିଜୁଳି କାଟ୍; ୪ଘଣ୍ଟା ମନ୍ଦିର ପରିସର ଅନ୍ଧାର

### ମିଳିଲାନି ପାଣି; ଶିବଗଙ୍ଗାର ଜଳ ପିଇଲେ



■ ଭଦ୍ରକ/ଆରଡି, ୧୬।୬ (ସମିସ): ଓଡ଼ିଶାର ପ୍ରସିଦ୍ଧ ଶୈବକ୍ଷେତ୍ର ବାବା ଆଖଣ୍ଡଳମଣିଙ୍କ ପୀଠ ଆରଡ଼ିରେ ପ୍ରଶାସନିକ ଅବ୍ୟବସ୍ଥା ଯୋଗୁଁ ହଟହଟା ହୋଇଛନ୍ତି ଶ୍ରଦ୍ଧାଳୁ। ପୀଠରେ ଅବ୍ୟବସ୍ଥା ଯୋଗୁଁ ଗତ ରବିବାର ଓ ସୋମବାର ଭିଡ଼ ନିୟନ୍ତ୍ରଣ କରିବାରେ ବିଫଳ ହୋଇଛନ୍ତି ଉଭୟ ଜିଲ୍ଲା ଓ ମନ୍ଦିର ପ୍ରଶାସନ। ଆଜି ରଜ ଉତ୍ସବର ଶେଷ ଦିନ ସୋମବାରରେ ଆରଡ଼ି ଧାମର ପ୍ରସିଦ୍ଧ ବାବା ଆଖଣ୍ଡଳମଣିଙ୍କୁ ଦର୍ଶନ ଓ ମାନସିକ ପୂଜା ନିମନ୍ତେ ଲକ୍ଷାଧିକ ଭକ୍ତଙ୍କ ଭିଡ଼ ଲାଗିଥିଲା। ଗତକାଲି ରଜ ସଂକ୍ରାନ୍ତି ଓ ଆଜି ସୋମବାରରେ ଲକ୍ଷାଧିକ ଭକ୍ତଙ୍କ ସମାଗମ ହୋଇଥିଲେ ମଧ୍ୟ ଜିଲ୍ଲା ଓ ମନ୍ଦିର ପ୍ରଶାସନ ପକ୍ଷରୁ ଘୋର ଅବ୍ୟବସ୍ଥା ଯୋଗୁଁ ଯାତାୟାତଠାରୁ ଆରମ୍ଭ କରି ପିଇବା ପାଣି ଓ ବାବାଙ୍କ ଦର୍ଶନ ନିମନ୍ତେ ହନ୍ତସନ୍ତ ହୋଇଛନ୍ତି ଶ୍ରଦ୍ଧାଳୁ।

ମଣିବାବାଙ୍କ ଦର୍ଶନ ଓ ପୂଜାର୍ଚ୍ଚନା ପାଇଁ ଦକ୍ଷିଣଦ୍ୱାର (ପ୍ରବେଶ ଦ୍ୱାର) ଠାରେ ଭକ୍ତଙ୍କ ମଧ୍ୟରେ ଦୀର୍ଘ ସମୟ ଧରି ଠେଲାପେଲା ଲାଗି ରହିବାରୁ କିଛି ଭକ୍ତ ଗତକାଲି ସଂଜ୍ଞାହୀନ ହୋଇ ତଳେ ▶ପୃଷ୍ଠା-୭

## ଡିଆରକେ ୨୦-ଟ୍ୱେଣ୍ଟି କ୍ରିକେଟ୍; କୋର୍ ହାଣ୍ଟର୍ସ ଚାମ୍ପିଅନ




**ବାରିପଦା, ୧୬।୬(ସମିସ):** ବାରିପଦା ମଧୁବନ ମିନି ଷ୍ଟାଡିୟମରେ ୧୨ ଦିନ ଧରି ଚାଲିଥିବା ୧ମ ବାର୍ଷିକ ଡିଆରକେ କପ ଦିବାରାତ୍ର ୨୦-ଟ୍ୱେଣ୍ଟି କ୍ରିକେଟ ଟୁର୍ଣ୍ଣାମେଣ୍ଟ ଉଦଯାପିତ ହୋଇଯାଇଛି। ଫାଇନାଲ ମ୍ୟାଚରେ କୋର ହାଣ୍ଟର୍ସ ୩୫ ରନରେ ରାଫେଲ ରକେଟ୍ସକୁ ପରାସ୍ତ କରି ଚାମ୍ପିଅନ ହୋଇଛି। ପ୍ରଥମେ ବ୍ୟାଟିଂ କରି କୋର ହାଣ୍ଟର୍ସ ୨୦ ଓଭରରେ ସମସ୍ତ ଉଇକେଟ ହରାଇ ୧୭୨ ରନ ସଂଗ୍ରହ କରିଥିଲା। ଦଳ ପକ୍ଷରୁ ସୌମ୍ୟ ରଞ୍ଜନ ବିଶ୍ୱାଳ ୪୮ ରନ ସଂଗ୍ରହ କରିଥିବା ବେଳେ ବିପକ୍ଷ ଦଳର ସିଦ୍ଧାର୍ଥ ସିହ୍ନା, ପ୍ରୀତିଦେବ ଜେନା ଓ ନିର୍ବିଶଙ୍କର ବାରିକ ୨ଟି ଲେଖାଏଁ ଉଇକେଟ ଅକ୍ତିଆର କରିଥିଲେ। ଜବାବରେ ରାଫେଲ ରକେଟ୍ସ ୨୦ ଓଭରରେ ୬ ଉଇକେଟ ହରାଇ ୧୩୭ ରନ ସଂଗ୍ରହ କରିପାରିଥିଲେ। ବିପକ୍ଷ ଦଳର ଦିବ୍ୟେଶ ମହାନ୍ତି ୩ଟି ଉଇକେଟ ଅକ୍ତିଆର କରିଥିଲେ। ଅମ୍ପାୟାର ଆଶୁତୋଷ ପାଣି ଓ ଦିଲ୍ଲୀପ ଦାସ ଖେଳ ପରିଚାଳନା କରିଥିବା ବେଳେ ସମ୍ବିତ ମହାରଣା ସ୍କୋରିଂରେ ସହାୟତା କରିଥିଲେ। ବୁବୁ ସିହ୍ନା ଧାରା ବିବରଣୀ ପ୍ରଦାନ କରିଥିଲେ। ଚାମ୍ପିଅନ ଦଳକୁ ୮୦ହଜାର ଟଙ୍କା ଓ ଟ୍ରଫି ଓ ରନର୍ସ ଆପ ଦଳକୁ ୬୦ ହଜାର ଟଙ୍କା ଓ ଟ୍ରଫି ପ୍ରଦାନ କରି ପୁରସ୍କୃତ କରାଯାଇଥିଲା। ମ୍ୟାନ ଅଫ ଦି ମ୍ୟାଚ ଦିବ୍ୟେଶ ମହାନ୍ତି, ଶ୍ରେଷ୍ଠ ବୋଲର ସିଦ୍ଧାର୍ଥ ସିହ୍ନା, ଶ୍ରେଷ୍ଠ ବ୍ୟାଟ୍ସମନ ଅମିତ ପରିଡ଼ା ଓ ଶ୍ରେଷ୍ଠ ଖେଳାଳି ଭାବେ ମନୁ ରାମଙ୍କୁ ପୁରସ୍କୃତ କରାଯାଇଥିଲା। ଟୁର୍ଣ୍ଣାମେଣ୍ଟର ସଭାପତି ନଗରପାଳ କୃଷ୍ଣାନନ୍ଦ ମହାନ୍ତିଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଉଦଯାପନୀ ଉତ୍ସବରେ ମୁଖ୍ୟଅତିଥି ଭାବେ ବାରିପଦା ବିଧାୟକ ପ୍ରକାଶ ସୋରେନ ଓ ସମ୍ମାନିତ ଅତିଥି ଭାବେ କ୍ରୀଡା ସଂଗଠକ ଗିରିଶ ଚନ୍ଦ୍ର ଦାସ, ମୟୂରଭଞ୍ଜ ଆଥଲେଟିକ ଆସୋସିଏସନର ସାଧାରଣ ସମ୍ପାଦକ ବିଜୟ କୁମାର ଦାସ, ସମାଜସେବୀ ଅମର କୁମାର ସେଠୀ, ଦୀପା ରାଉତରାୟ ପ୍ରମୁଖ ପୁରସ୍କୃତ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ଟୁର୍ଣ୍ଣାମେଣ୍ଟର ସମ୍ପାଦକ ସଞ୍ଜୀବ ଦ୍ୱିବେଦୀ, ଉପ ସଭାପତି କାଶୀନାଥ ରଣା, କାର୍ଯ୍ୟକାରୀ ସଭାପତି କଳିଙ୍ଗ କେଶରୀ ଜେନା, ଆୟୋଜକ ଅମିତାଭ ଦାସ, ସତ୍ୟନାରାୟଣ ଜୀଉ ପ୍ରମୁଖ ଉପସ୍ଥିତ ଥିଲେ। ଏହି ଅବସରରେ ପୂର୍ବତନ କ୍ରିକେଟ ଖେଳାଳି ପ୍ରଶାନ୍ତ ପଟ୍ଟନାୟକ, ସୁବାଷ ସାହୁ, ସନ୍ତୋଷ ଓତା, ସୁନିଲ ଜେନା, ପ୍ରଭାସ ଚନ୍ଦ୍ର ଘଡେଇ, ସଞ୍ଜୟ ମାଇତି, ଅମୀୟ କୁମାର ବଳ, ସୋମନାଥ ସିଂହ, ମନୋଜ ଶର୍ମା, ଲଳାଟେନ୍ଦୁ ବେହେରା, ଦେବୀଦତ୍ତ ମହାନ୍ତିଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା।

## ସାବଧାନ! ଓଜନରେ ହେଉଛି ଠକେଇ; ଯାଞ୍ଚ ଦାବି

**ବାରିପଦା, ୧୬।୬(ସମିସ):** ଓଜନ ଓ ମାପ ବିଭାଗ ମାଧ୍ୟମରେ ବାରିପଦା ପୌରାଞ୍ଚଳ ମଧ୍ୟରେ ଥିବା ବ୍ୟବସାୟୀଙ୍କ ତରାଜୁ, ବଟକରା ଓ ବୈଦ୍ୟୁତିକ ଓଜନ ଯନ୍ତ୍ରଗୁଡ଼ିକୁ ଯାଞ୍ଚ କରିବା ପାଇଁ ପୌର ପରିଷଦ ପକ୍ଷରୁ ଜିଲ୍ଲାପାଳଙ୍କ ଦୃଷ୍ଟି ଆକର୍ଷଣ କରାଯାଇଛି। କାଉନସିଲ ବୈଠକର ସୁପାରିସକ୍ରମେ ନଗରପାଳ କୃଷ୍ଣାନନ୍ଦ ମହାନ୍ତି ସୋମବାର ଜିଲ୍ଲାପାଳ ହେମକାନ୍ତ ସଏଙ୍କୁ ଏକ ପତ୍ର ମାଧ୍ୟମରେ ଅବଗତ କରି ବିହୀତ ପଦକ୍ଷେପ ନେବାକୁ ନିବେଦନ କରିଛନ୍ତି। ସହରର ବ୍ୟବସାୟୀମାନେ ଓଜନରେ ଜନସାଧାରଣଙ୍କୁ ଠକୁଥିବା ଅଭିଯୋଗ ହେଉଥିଲେ ବି ଓଜନ ଓ ମାପ ବିଭାଗ ପକ୍ଷରୁ କୌଣସି ଯାଞ୍ଚ କରାଯାଉନାହିଁ। ଏ ନେଇ ଏକ ବୈଠକରେ କାଉସିଲରମାନେ ଅସନ୍ତୋଷ ପ୍ରକାଶ କରିଥିଲେ। ତେଣୁ ଜନସାଧାରଣଙ୍କ ହିତ ଦୃଷ୍ଟିରୁ ସମସ୍ତ ବ୍ୟବସାୟୀଙ୍କ ତରାଜୁ, ବଟକରା ଓ ବୈଦ୍ୟୁତିକ ଓଜନ ଯନ୍ତ୍ରକୁ ତୁରନ୍ତ ଯାଞ୍ଚ କରିବାକୁ ଜିଲ୍ଲାପାଳଙ୍କୁ ଶ୍ରୀ ମହାନ୍ତି ଚିଠି ମାଧ୍ୟମରେ ନିବେଦନ କରିଛନ୍ତି। ଆଉ ୧୦ଦିନ ପରେ ଦ୍ୱିତୀୟ ଶ୍ରୀକ୍ଷେତ୍ର ରଥଯାତ୍ରାରେ ଦୈନିକ ଲକ୍ଷାଧିକ ଜନସମାଗମ ହେବ। ତେଣୁ ଓଜନ ମାପ ଠିକ ନ ରହିଲେ ମୁନାଫାଖୋର ଅସାଧୁ ବ୍ୟବସାୟୀ ଗ୍ରାହକଙ୍କୁ ଠକିବା ସମ୍ଭାବନା ଅଧିକ।

## ୯୭ ରାଜସ୍ୱ ନିରୀକ୍ଷକଙ୍କ ଅଦଳବଦଳ

**ବାରିପଦା, ୧୬।୬(ସମିସ):** ମୟୂରଭଞ୍ଜ ଜିଲ୍ଲା ମଧ୍ୟରେ ୯୭ଜଣ ରାଜସ୍ୱ ନିରୀକ୍ଷକଙ୍କ ଅଦଳବଦଳ ହୋଇଛି। ଜିଲ୍ଲାପାଳ ହେମକାନ୍ତ ସଏଙ୍କ ପକ୍ଷରୁ ପ୍ରକାଶିତ ବିଜ୍ଞପ୍ତି ଅନୁସାରେ ଜିଲ୍ଲା ମଧ୍ୟରେ ବିଭିନ୍ନ ତହସିଲ ଅନ୍ତର୍ଗତ ରାଜସ୍ୱ ନିରୀକ୍ଷକଙ୍କ ବଦଳି ହୋଇଛି। ଜିଲ୍ଲାର ୧୭୮ଜଣ ରାଜସ୍ୱ ନୀରିକ୍ଷକଙ୍କ ମଧ୍ୟରୁ ଗୋଟିଏ ସ୍ଥାନରେ ୫ ବର୍ଷ ବା ତଦୁର୍ଦ୍ଧ୍ୱ ବର୍ଷ ଚାକିରିରେ ଥିବା ୯୭ଜଣ ରାଜସ୍ୱ ନିରୀକ୍ଷକଙ୍କୁ ଜିଲ୍ଲା ମଧ୍ୟରେ ଅଦଳବଦଳ କରାଯାଇଛି। ବଦଳି ସ୍ଥାନରେ ତୁରନ୍ତ ଯୋଗ ଦେବାକୁ ଜିଲ୍ଲା ପ୍ରଶାସନ ପକ୍ଷରୁ ନିର୍ଦ୍ଦେଶ ରହିଛି ଏବଂ କିରାଣୀଙ୍କର ବଦଳି ତାଲିକା ମଧ୍ୟ ପ୍ରକାଶ ପାଇବ ବୋଲି ଏକ ବିଶ୍ୱସ୍ତ ସୂତ୍ରରୁ ଜଣାପଡ଼ିଛି।

### ବାରିପଦା ସହରରେ ହଇଜାକୁ ଅପେକ୍ଷା କରିଛି 'ୱାଟ୍‌କୋ'

# ପାଇପ୍‌ରୁ ବାହାରୁଛି ଦୂଷିତ ପାଣି; ସଂକ୍ରମଣ ଆଶଙ୍କା

**ବାରିପଦା, ୧୬।୬(ସମିସ)**


ରାଜ୍ୟର ୯ଟି ଜିଲ୍ଲାରେ ହଇଜା କାୟା ବିସ୍ତାର କରିଥିବାବେଳେ ବାରିପଦା ସହରରେ ହଇଜା ବ୍ୟାପିବାକୁ ଅପେକ୍ଷା କରିଛି ୱାଟକୋ। କାରଣ ୱାଟ୍‌କୋର ମନମୁଖୀ କାର୍ଯ୍ୟଧାରା ପାଇଁ ଲୋକେ ସଂକ୍ରମିତ ହେବାର ଆଶଙ୍କାରେ ରହିଛନ୍ତି। ଖୋଦ ଗୃହ ଓ ନଗର ଉନ୍ନୟନ ବିଭାଗ ମନ୍ତ୍ରୀ ଡା କୃଷ୍ଣଚନ୍ଦ୍ର ମହାପାତ୍ରଙ୍କ ଅଞ୍ଚଳରେ ବାରମ୍ବାର ଅଭିଯୋଗ ସତ୍ତ୍ୱେ ବିଶୁଦ୍ଧ ପାନୀୟ ଜଳ ପାଇବାରୁ ଜନସାଧାରଣ ବଞ୍ଚିତ ହେଉଛନ୍ତି। ମନ୍ତ୍ରୀଙ୍କ ନିଜସ୍ୱ ବିଭାଗ ଅଧୀନ ୱାଟକୋର ମନମୁଖୀ କାର୍ଯ୍ୟ ପାଇଁ ଲୋକେ ବାଧ ହୋଇ ଦୂଷିତ ପାଣି ପିଉଛନ୍ତି।

**ମନ୍ତ୍ରୀଙ୍କ ସହରରେ ଲୋକଙ୍କୁ ସେବା ଯୋଗାଇବାରେ ପ୍ରଶାସନ ବିଫଳ**

ଏପରି ସମସ୍ୟା ବାରିପଦା ପୌର ପରିଷଦର ୧୫ ଓ ୧୦ନଂ. ୱାର୍ଡ ଅଞ୍ଚଳରେ ଦେଖିବାକୁ ମିଳିଛି। ୱାର୍ଡ ନମ୍ବର ୧୫ ଅଞ୍ଚଳର ବିଜୟରାମଚନ୍ଦ୍ରପୁର, ମନ୍ତ୍ରୀ ଛକ ଓ କମଳା ନେହେରୁ ସ୍କୁଲ ନିକଟ ଏବଂ ୱାର୍ଡ ନମ୍ବର ୧୦ର ବ୍ରହ୍ମ ମନ୍ଦିର ପଛ ପାଖ ଗଳି ଅଞ୍ଚଳରେ ୱାଟକୋ ପକ୍ଷରୁ ବିଛାଯାଇଥିବା ପାଇପରୁ ଦୂଷିତ ପାଣି ବାହାରୁଛି। ଫେଣ ପାଣି ସମେତ ଅନେକ ସମୟରେ ମାଟି ମିଶା ନାଳି ପାଣି ବାହାରୁଛି। ଉକ୍ତ ସମସ୍ୟା ମାସ ମାସ ଧରି ହେବ ଲାଗି ରହିଥିବା ବେଳେ ୱାର୍ଡ ବାସିନ୍ଦାମାନେ ଦୂଷିତ ପାନୀୟ ଜଳ ପିଇବା ପାଇଁ ବାଧ ହେଉଛନ୍ତି। ଉକ୍ତ ପାନୀୟ ଜଳ ସମସ୍ୟା ଉତ୍କଟ ଥିବାରୁ ଅଭିଯୋଗ କରିବାରୁ ୱାଟକୋ କର୍ମଚାରୀ କେବଳ ସ୍ଥାନ ପରିଦର୍ଶନ କରୁଛନ୍ତି। ୱାଟକୋ କେବଳ ଲୋକ ଦେଖାଣିଆ ମରାମତି କାର୍ଯ୍ୟ କରୁଥିବା ବେଳେ କୌଣସି ସ୍ଥାୟୀ ସମାଧାନ ହୋଇପାରୁନାହିଁ। ଫଳରେ ଲୋକେ ଦୂଷିତ ପାଣି ପିଉଛନ୍ତି। ବାରିପଦା ସହରର ଅନେକ ସ୍ଥାନରେ ପାନୀୟ ଜଳ ଯୋଗାଣ ପାଇପ ଫାଟି ରାସ୍ତାରେ ପାଣି ଭାସୁଛି। ସେହିପରି ଉକ୍ତ ୱାର୍ଡର ପାଇପ ମଧ୍ୟ ଫାଟି

**୧୦ ଓ ୧୫ ନଂ.ୱାର୍ଡବାସୀ ବାଧହୋଇ ପିଉଛନ୍ତି ଅପମିଶ୍ରିତ ପାଣି**





ଥିବା ନେଇ ସ୍ଥାନୀୟ ଲୋକେ ସନ୍ଦେହ କରିଛନ୍ତି। ଆଗକୁ ରଥଯାତ୍ରା ଥିବାବେଳେ ବର୍ଷା ମଧ୍ୟ ବେଳେ ବେଳେ ଲାଗିରହିଛି। ତେବେ ଉକ୍ତ ଅଞ୍ଚଳରେ ବସବାସ କରୁଥିବା ପରିବାର ଦୂଷିତ ପାଣି ପିଇ ହଇଜାରେ ସଂକ୍ରମିତ ହେବାର ଅନେକ ସମ୍ଭାବନା ରହିଛି। ଏ ବାବଦରେ ଜାଣି ସୁଦ୍ଧା ୱାଟକୋ ଅଧିକାରୀ ମାନେ ନିଦାବିଷ୍ଣୁ ସାଜିଛନ୍ତି। ଜଳ ସାଥିଙ୍କୁ ଜଣାଇଥିଲେ ସୁଦ୍ଧା ସମସ୍ୟାର ସମାଧାନ ହେବ ବୋଲି ଖାଲି ପ୍ରତିଶ୍ରୁତି ଦେଉଛନ୍ତି କିନ୍ତୁ ପଦକ୍ଷେପ ଗ୍ରହଣ କରାଯାଉନାହିଁ। ପୁରୁଣା ପାଇପ ଗୁଡିକ ମାଟି ଭିତରେ ଅନେକ ସ୍ଥାନରେ ଫାଟି ଯାଇଛି। ଯାହାଦ୍ୱାରା ରାସ୍ତା କଡରେ ବିନା କାରଣରେ ପାଣି ଗୁଡିକ ଜମି ହୋଇ ପାଇପ ବାଟ ଦେଇ ପୋକ ଆସୁଛନ୍ତି ବୋଲି ସ୍ଥାନୀୟ ଲୋକେ ମାନେ ପ୍ରକାଶ କରିଛନ୍ତି। ଏହାର ସମାଧାନ ନକରିଲେ ଆଗକୁ ହଇଜା ପରିସ୍ଥିତି ସୃଷ୍ଟି ହେବ। ବାରିପଦାବାସୀଙ୍କୁ ସ୍ୱଚ୍ଛ ପାନୀୟ ଯୋଗାଣ ପାଇଁ ୨୪ଘଣ୍ଟିଆ ମେଗା ପାନୀୟ ଜଳ ପ୍ରକଳ୍ପ ରାଜ୍ୟ ସରକାର କାର୍ଯ୍ୟକାରୀ କରିବାରେ ବିଳମ୍ବ କରୁଥିବାରୁ ଏପରି ସମସ୍ୟା ବାରମ୍ବାର ଉପୁଜୁଛି। କିନ୍ତୁ ସମସ୍ୟାର ସମାଧାନ ନକରି ଖାଲି ପ୍ରତିଶ୍ରୁତି ପରେ ପ୍ରତିଶ୍ରୁତି ଦେଇ କଥାକୁ ଟାଳି ଦେଉଛନ୍ତି। ଏ ନେଇ ୱାଟକୋ ଅଧିକାରୀ ପିସି ମଲ୍ଲିକଙ୍କୁ ଯୋଗାଯୋଗ କରିବାରୁ ତାହା ସମ୍ଭବ ହୋଇନଥିଲା। ତେବେ ମନ୍ତ୍ରୀ ଡା. ମହାପାତ୍ରଙ୍କ ନିଜ ସହରରେ ପାନୀୟ ଜଳ ସମସ୍ୟାର ସମାଧାନ କରିବା ନେଇ ପଦକ୍ଷେପ ଗ୍ରହଣ କରିବା ନିହାତି ଆବଶ୍ୟକ।

## ରଥଯାତ୍ରା ପୂର୍ବରୁ ଖାଦ୍ୟର ମାନ ଯାଞ୍ଚ ଦାବି

ରାଜ୍ୟରେ ହଇଜା ସଂକ୍ରମଣକୁ ଦୃଷ୍ଟିରେ ରଖି ବାରିପଦା ପୌରାଞ୍ଚଳ ମଧ୍ୟରେ ଥିବା ବିଭିନ୍ନ ହୋଟେଲ, ରେଷ୍ଟୁରାଣ୍ଟ ଏବଂ ଫାଷ୍ଟଫୁଡ୍ ଦୋକାନରେ ପରିବେଷଣ ହେଉଥିବା ଖାଦ୍ୟର ମାନ ଯାଞ୍ଚ କରିବା ପାଇଁ ଦାବି ଜୋର୍ ଧରିଲାଣି। ପୌର ପରିଷଦ ବୈଠକର ନିଷ୍ପତ୍ତି ଅନୁସାରେ ନଗପାଳ କୃଷ୍ଣାନନ୍ଦ ମହାନ୍ତି ସୋମବାର ଜିଲ୍ଲାପାଳ ହେମକାନ୍ତ ସଏଙ୍କୁ ଏ ନେଇ ଏକ ପତ୍ର ମାଧ୍ୟମରେ ଅବଗତ କରିଛନ୍ତି। ୧୦ ଦିନ ପରେ ଦ୍ୱିତୀୟ ଶ୍ରୀକ୍ଷେତ୍ର ରଥଯାତ୍ରା ପାଇଁ ଲକ୍ଷାଧିକ ଲୋକଙ୍କ ସମାଗମ ହେବ। ଏଣୁ ଜନସାଧାରଣଙ୍କ ସ୍ୱାସ୍ଥ୍ୟକୁ ଦୃଷ୍ଟିରେ ରଖି ରଥଯାତ୍ରା ପୂର୍ବରୁ ସହରର ବିଭିନ୍ନ ସ୍ଥାନରେ ଥିବା ହୋଟେଲ, ରେଷ୍ଟୁରାଣ୍ଟ ଏବଂ ଫାଷ୍ଟଫୁଡ୍ ଦୋକାନଗୁଡିକର ଖାଦ୍ୟର ମାନ ଯାଞ୍ଚ କରିବାକୁ ଜିଲ୍ଲାପାଳଙ୍କୁ ନିବେଦନ କରାଯାଇଛି।

### ମୟୂରଭଞ୍ଜ ଜିଲ୍ଲରେ ଅପରାଧିକ ଓ ସିଭିଲ ମାମଲା ସମାଧାନରେ ବିଳମ୍ବ

# ଅଭିଯୁକ୍ତ ଫେରାର ଥିବାରୁ ଅଟକି ରହିଛି ୧୨୬୭୨ ମାମଲା

**ବାରିପଦା, ୧୬।୬(ସମିସ):** ମୟୂରଭଞ୍ଜ ଜିଲ୍ଲାର ଅପରାଧିକ ଓ ସିଭିଲ ଅଦାଲତରେ ନ୍ୟାୟ ପ୍ରକ୍ରିୟା ସମ୍ପ୍ରତି ଏକ ଗୁରୁତର ସଂକଟର ସମ୍ମୁଖୀନ ହେଉଛି। ଉଭୟ କୋର୍ଟରେ ଅଭିଯୁକ୍ତଙ୍କ ଫେରାର ହେବା, ଦଲିଲ ଓ ସାକ୍ଷୀଙ୍କ ଅନୁପସ୍ଥିତି, ଆଇନଜୀବୀଙ୍କ ଅଭାବ ଏବଂ ଉଚ୍ଚ ନ୍ୟାୟାଳୟର ହସ୍ତକ୍ଷେପ ଭଳି ୧୩ଟି କାରଣ ହଜାର ହଜାର ମାମଲାକୁ ବିଳମ୍ବ କରୁଛି। ଅପରାଧିକ ମାମଲାରେ ଏକମାତ୍ର ଅଭିଯୁକ୍ତ ଫେରାର ହେବା କାରଣରୁ ୧୨୬୭୨ଟି ମାମଲା ଅଟକି ରହିଛି; ଯାହା ନ୍ୟାୟ ପ୍ରଦାନରେ ଅନ୍ତରାୟ ସୃଷ୍ଟି କରୁଛି। ସେହିପରି ସିଭିଲ ଅଦାଲତରେ ମଧ୍ୟ ନ୍ୟାୟ ପ୍ରକ୍ରିୟା ବିଳମ୍ବ ହେଉଛି। ଦଲିଲରେ ଅପେକ୍ଷା, ଆଇନଜୀବୀଙ୍କ ଅନୁପସ୍ଥିତି, ସାକ୍ଷୀ ଅଭାବ ଏବଂ ଅଟକ ଆଦେଶ ଭଳି ୧୨ଟି କାରଣ ମାମଲାଗୁଡ଼ିକୁ ପଛରେ ଠେଲି ଦେଉଛି। ବିଶେଷ କରି ୨୩୯୬ଟି ମାମଲା ଦଲିଲ ଅପେକ୍ଷା ଏବଂ ୧୯୯୧ଟି ମାମଲା ଆଇନଜୀବୀଙ୍କ ଅନୁପସ୍ଥିତି କାରଣରୁ ଅଟକି ରହିଛି। ଏହି ବିଳମ୍ବ ପକ୍ଷକାରୀଙ୍କ ଅଧିକାରକୁ ପ୍ରଭାବିତ କରୁଛି ଏବଂ ଡିଜିଟାଲ ବ୍ୟବସ୍ଥା ଓ ଅଧିକ ଆଇନଗତ ସହାୟତା ଭଳି ପଦକ୍ଷେପର ଆବଶ୍ୟକତାକୁ ଉଜାଗର କରୁଛି। ଜାତୀୟ ନ୍ୟାୟିକ ଡାଟା ଗ୍ରୀଡରୁ ମିଳିଥିବା ସୂଚନା ମୁତାବକ, ଜିଲ୍ଲାର ଅପରାଧିକ ଅଦାଲତରେ ୧୩ଟି ପ୍ରମୁଖ କାରଣ ଯୋଗୁଁ ମାମଲା ବିଳମ୍ବ ହେଉଛି। ଅଭିଯୁକ୍ତ ଫେରାର ଥିବା କାରଣରୁ ୧୨୬୭୨ଟି ମାମଲା ଅଟକି ରହିଛି। ସେହିପରି ଦଲିଲ ଅପେକ୍ଷାରେ ୭ହଜାର ୪୦ଟି ମାମଲା ବିଳମ୍ବ ହୋଇଥିବା ବେଳେ ସାକ୍ଷୀ ଅନୁପସ୍ଥିତି ୭ହଜାର ୫୬ଟି



ମାମଲାକୁ ପ୍ରଭାବିତ କରୁଛି। ସେହିପରି ଆଇନଜୀବୀ ଉପସ୍ଥିତ ନ ଥିବା କାରଣରୁ ୩ହଜାର ୮୨୩ଟି ମାମଲା ଅଟକିଛି। ବାରମ୍ବାର ଆବେଦନ ୧୧ଟି ମାମଲାରେ ବିଳମ୍ବ ଘଟିଛି। ଆଇନଗତ ପ୍ରତିନିଧି (ଏଲଆରଏସ) ରେକର୍ଡରେ ନ ଥିବା କାରଣରୁ ୧୩ଟି ମାମଲା ଅଟକିଛି। ବିବିଧ ଆବେଦନ ଅଟକିବା କାରଣରୁ ୨ଟି ମାମଲା ବିଳମ୍ବ ହେଉଛି। ଅଧିକ ସାକ୍ଷୀ ଆବଶ୍ୟକତା ୧୭୦ଟି ମାମଲାକୁ ପ୍ରଭାବିତ କରୁଛି। ପକ୍ଷକାରୀଙ୍କ ଅନାଗ୍ରହ ୧୬୫ଟି ମାମଲାରେ ବିଳମ୍ବ ଘଟାଉଛି। ରେକର୍ଡ ଅନୁପଲବ୍ଧ ହେବା କାରଣରୁ ୪ଟି ମାମଲା ଅଟକିଥିବା ବେଳେ ଜିଲ୍ଲା ନ୍ୟାୟାଳୟ ଦ୍ୱାରା ୨୩ଟି ଓ ଉଚ୍ଚ ନ୍ୟାୟାଳୟ ଦ୍ୱାରା ୧୧୩ଟି ମାମଲା ଅଟକାଯାଇଛି ଏବଂ ଅନ୍ୟ କାରଣରୁ ୬୮୨ଟି ମାମଲା ଅଟକାଯାଇଛି;

**ଘୁଞ୍ଚି ଚାଲିଛି ବିଚାର ତାରିଖ**

ଯାହା ପ୍ରକ୍ରିୟାଗତ ଜଟିଳତା ଓ ନ୍ୟାୟାଳୟ ମଧ୍ୟରେ ସମନ୍ୱୟ ଅଭାବକୁ ପ୍ରକାଶ କରୁଛି। ଏହି ସମସ୍ୟାଗୁଡ଼ିକ ଦୂର କରିବା ପାଇଁ ପୁଲିସ ସହାୟତା, ଇ-ଫାଇଲିଂ ଏବଂ ସାକ୍ଷୀ ପରିଚାଳନା ବ୍ୟବସ୍ଥାରେ ଉନ୍ନତି ଜରୁରୀ। ସେହିପରି ଜିଲ୍ଲାର ସିଭିଲ ଅଦାଲତରେ ୧୨ଟି କାରଣ ଯୋଗୁଁ ମାମଲା ବିଳମ୍ବ ହେଉଛି। ଦଲିଲ ଅପେକ୍ଷାରେ ୨, ୩୯୬ଟି ମାମଲା ଅଟକି ଥିବା ବେଳେ ଆଇନଜୀବୀ ଉପସ୍ଥିତ ନ ଥିବା କାରଣରୁ ୧ହଜାର ୯୯୧ଟି ମାମଲା ବିଳମ୍ବ ହେଉଛି। ଡିଗ୍ରି କାର୍ଯ୍ୟକାରୀ କରିବାରେ ୨ଟି ମାମଲା ଅଟକିଛି। ବାରମ୍ବାର ଆପିଲ ୧୮ଟି ମାମଲାରେ ବିଳମ୍ବ ଘଟାଉଛି। ଆଇନଗତ ପ୍ରତିନିଧି (ଏଲଆରଏସ) ରେକର୍ଡରେ ନ ଥିବା କାରଣରୁ ୭୩ଟି ମାମଲା ଅଟକିଛି। ବିବିଧ ଆବେଦନ ଅଟକିବା କାରଣରୁ ୨ଟି ମାମଲା ବିଳମ୍ବ ହେଉଛି। ଅଧିକ ସାକ୍ଷୀ ଆବଶ୍ୟକତା ୬୭ଟି ମାମଲାକୁ ପ୍ରଭାବିତ କରୁଥିବା ବେଳେ ପକ୍ଷକାରୀଙ୍କ ଅନାଗ୍ରହ ୨୬ଟି ମାମଲାରେ ବିଳମ୍ବ ଘଟାଉଛି। ସେହିପରି ରେକର୍ଡ ଅନୁପଲବ୍ଧ ହେବା କାରଣରୁ ୨ଟି ମାମଲା ଅଟକିଛି। ଜିଲ୍ଲା ନ୍ୟାୟାଳୟ ଦ୍ୱାରା ୫ଟି ଓ ଉଚ୍ଚ ନ୍ୟାୟାଳୟ ଦ୍ୱାରା ୪୫ଟି ମାମଲା ଅଟକାଯାଇଛି ଏବଂ ଅନ୍ୟ କାରଣରୁ ୩୮୩ଟି ମାମଲା ଅଟକାଯାଇଛି। ଯାହା ପ୍ରକ୍ରିୟାଗତ ଜଟିଳତା ଓ ନ୍ୟାୟାଳୟ ମଧ୍ୟରେ ସମନ୍ୱୟ ଅଭାବକୁ ପ୍ରକାଶ କରୁଛି। ଏହି ସମସ୍ୟା ସମାଧାନ ପାଇଁ ଡିଜିଟାଲ ପ୍ଲାଟଫର୍ମ, ଆଇନଗତ ସହାୟତା, ଓ ପ୍ରଶାସନିକ ସଂସ୍କାର ଜରୁରୀ ବୋଲି କୁହାଯାଇଛି।

## ବିପୁଳ ବିଦେଶୀ ମଦ ଜବତ; ଜଣେ ଗିରଫ

**କପ୍ତିପଦା, ୧୬।୬(ସମିସ):** କପ୍ତିପଦା ବ୍ଲକ ଅଧୀନ ନୁଦଡିହା ଅଞ୍ଚଳରୁ ବିପୁଳ ପରିମାଣର ବିଦେଶୀ ମଦ ଜବତ ହୋଇଛି। ପୁଲିସ ଜଣକୁ ଗିରଫ କରିଥିବାବେଳେ ଅନ୍ୟ ଦୁଇଜଣ ଫେରାର ହୋଇଯାଇଛନ୍ତି। ଖବର ପାଇ ରବିବାର ରାତିରେ କପ୍ତିପଦା ପୁଲିସ ନୁଦଡିହା ଗ୍ରାମରେ ଚଢ଼ଉ କରିଥିଲା। ଗିରଫ ମଦ ବେପାରୀ ହେଲେ ନୁଦଡିହା ଗ୍ରାମର ରମାକାନ୍ତ ମହାନ୍ତି। ଘଟଣାସ୍ଥଳରେ ଅନ୍ୟ ଦୁଇ ମଦ ବେପାରୀ ରହିଥିବା ବେଳେ ପୁଲିସ ହାତରୁ ଖସି ପଳାଇଛନ୍ତି। ଚଢଉ ସମୟରେ ପୁଲିସ ୪ ଶହରୁ ଅଧିକ ଲିଟର ବିଭିନ୍ନ ବ୍ରାଣ୍ଡର ବିଦେଶୀ ମଦ ଏବଂ ବିଅର ଜବତ କରିଛି।

## ପୁଣି ତାଲାବନ୍ଦ ଘରୁ ସୁନା ଅଳଙ୍କାର ଚୋରି

**ବାରିପଦା, ୧୬।୬(ସମିସ):** ବାରିପଦା ସହରରେ ଚୋରି ଓ ଛିନତାଇ ଗ୍ୟାଙ୍ଗ ସକ୍ରିୟ ଥିବା ବେଳେ ପୁଣି ତାଲାବନ୍ଦ ଘରୁ ଲୁଟ୍ ହୋଇଛି। ଆଜି ବାରିପଦା ଟାଉନ ଥାନା ଅନ୍ତର୍ଗତ ଛାଞ୍ଚ ଅଞ୍ଚଳରୁ ଜଣକ ଘର ବନ୍ଦ ଥିବାବେଳେ ତାଙ୍କ ଘରୁ ସୁନା ଅଳଙ୍କାର ଓ ଚୋରି ହୋଇଛି। ଏନେଇ ପ୍ରଦୀପ କୁମାର ଦାସ ଥାନାରେ ଅଭିଯୋଗ କରିଛନ୍ତି। ସେ ପରିବାର ଲୋକଙ୍କ ସହ ବାରିପଦା ବାହାରକୁ ଯାଇଥିବା ବେଳେ ଏହାର ସୁଯୋଗ ନେଇ ଦୁର୍ବୃତ୍ତମାନେ ଚୋରି କରିଛନ୍ତି। ଦୁର୍ବୃତ୍ତମାନେ ଆଲମାରୀ ଭାଙ୍ଗି ବିଭିନ୍ନ ସୁନା ଅଳଙ୍କାର ସମେତ ୮ ହଜାର ଟଙ୍କା ଚୋରି ନେଇଛନ୍ତି।

## ଅଜଣା ଗାଡ଼ି ଧକ୍କାରେ ଯୁବକ ମୃତ

ଦେବେନ୍ଦ୍ରପୁର ନିକଟରେ ଏକ ଅଜଣା ଗାଡି ଦୁର୍ଘଟଣାରେ ଜଣେ ଯୁବକଙ୍କ ମୃତ୍ୟୁ ଘଟିଛି। ମୃତକ ଜଣକ ହେଲେ ବାଲେଶ୍ୱର ଜିଲ୍ଲା ଚାନ୍ଦିପୁର ଥାନା ଅଞ୍ଚଳର ଚିନ୍ମୟ ପ୍ରଧାନ(୪୨)। ଦେବେନ୍ଦ୍ରପୁର ରାସ୍ତାର ଇଭିଏମ ଗୋଦାମ ନିକଟରେ ଏକ ଅଜଣା ଗାଡି ଧକ୍କାରେ ଭାରସାମ୍ୟ ହରାଇ ରାସ୍ତାରେ ପଡ଼ି ଯାଇଥିଲେ। ଫଳରେ ତାଙ୍କର ପ୍ରଚୁର ରକ୍ତସ୍ରାବ ହୋଇଥିଲା। ଗୁରୁତର ଅବସ୍ଥାରେ ପିଆରଏମ ହସ୍ପିଟାଲ ଭର୍ତ୍ତି କରାଯାଇଥିଲା। ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ।

### ୪୧,୬୬୬ ଆଦିବାସୀ ପରିବାରଙ୍କ ମୁହଁରେ ହସ ଫୁଟାଇଛି ସମନ୍ୱିତ ଆଦିବାସୀ ଉନ୍ନୟନ ସଂସ୍ଥା

# ଜୀବନ ଜୀବିକା ଓ ଆର୍ଥିକ ବିକାଶ ଉଦ୍ୟମ ଫଳପ୍ରଦ

**ବାରିପଦା, ୧୬।୬(ସମିସ)**

ସମନ୍ୱିତ ଆଦିବାସୀ ଉନ୍ନୟନ ସଂସ୍ଥା ଆନୁକୂଲ୍ୟରେ 'ମୁଖ୍ୟମନ୍ତ୍ରୀ ଜନଜାତି ଜୀବିକା ମିଶନ' ଜରିଆରେ ଆଦିବାସୀଙ୍କ ନିରନ୍ତର ଆର୍ଥିକ ଓ ସାମାଜିକ ବିକାଶ ହେଉଛି। ମୟୂରଭଞ୍ଜ ଜିଲ୍ଲା କପ୍ତିପଦା, କରଞ୍ଜିଆ, ରାଇରଙ୍ଗପୁର ଏବଂ ବାରିପଦାରେ ରହିଛି ସମନ୍ୱିତ ଆଦିବାସୀ ଉନ୍ନୟନ ସଂସ୍ଥା। ଏହି ସଂସ୍ଥା ମାଧ୍ୟମରେ ୨୬ଟି ବ୍ଲକରେ ୨୭୮ କ୍ଲଷ୍ଟର ଗଠନ କରାଯାଇଛି। ଏଥିରେ ୪୧, ୬୬୬ଟି ଆଦିବାସୀ ପରିବାରକୁ ଅନ୍ତର୍ଭୁକ୍ତ କରାଯାଇ ସେମାନଙ୍କ ଜୀବନ ଜୀବିକା ଓ ଆର୍ଥିକ ବିକାଶ ନିମନ୍ତେ ନିରନ୍ତର ଉଦ୍ୟମ ଜାରି ରହିଛି। ଏହି କାର୍ଯ୍ୟକ୍ରମ ଆନୁକୂଲ୍ୟରେ ୨୦୨୪-୨୫ରେ ଖରିଫ, ରବି ଏବଂ ଯାଏଦେ (ଗ୍ରୀଷ୍ମ) ଋତୁରେ ସମୁଦାୟ ୧୩୧୫୬.୫ ଏକର ଜମି ପାଇଁ ୩୨, ୩୧୧ ହିତାଧିକାରୀଙ୍କୁ ଉନ୍ନତମାନର ବିହନ, ଜୈବିକ ସାର, ଅଣୁସାର ଏବଂ କୀଟନାଶକ ଆଦି ସାମଗ୍ରୀ ଯୋଗାଇ ଦିଆଯାଇଛି। ସେହିପରି ଜଳସେଚନର ସୁବିଧା ନିମନ୍ତେ ୨୮୪ଟି ପାଣିପମ୍ପ ସେଟ ଏବଂ ଚାଷୀଙ୍କୁ ସିଞ୍ଚନ ଯନ୍ତ୍ର, ଧାନ ଅମଳ ଯନ୍ତ୍ର, ପ୍ଲାଷ୍ଟିକ କ୍ରେଟ ଓ ଘାସବଛା ଯନ୍ତ୍ର ମଧ୍ୟ ଯୋଗାଇ ଦିଆଯାଇଛି। ମହିଳା ସ୍ୱୟଂ ସହାୟକ ଗୋଷ୍ଠୀ ଏବଂ ଜନଜାତି ପରିବାରଙ୍କୁ ଛେଳି ଓ କୁକୁଡା ପାଳନ ନିମନ୍ତେ ସହାୟତା ଯୋଗାଇ ଦିଆଯାଇଛି। ଜନଜାତି ଯୁବ ଉଦ୍ୟୋଗୀଙ୍କର ଉଦ୍ୟୋଗର ବିକାଶ ନିମନ୍ତେ ୮୦୦ ଜଣଙ୍କୁ ଏକଲକ୍ଷ ଟଙ୍କାର



ଆର୍ଥିକ ସହାୟତା ପ୍ରଦାନ କରିବା ସହିତ ବ୍ୟବସାୟିକ ତାଲିମ ଦିଆଯାଇଛି। ଫଳରେ ସେମାନେ ନିଜେ ଆତ୍ମନିର୍ଭରଶୀଳ ହେବା ସହିତ ଅନ୍ୟଙ୍କୁ ରୋଜଗାର ଦେଇପାରୁଛନ୍ତି। ଆଗାମୀ ଦିନରେ ଅଧିକରୁ ଅଧିକ ଲୋକଙ୍କୁ ରୋଜଗାରକ୍ଷମ କରାଇବା ସହିତ ସ୍ୱାବଲମ୍ବୀ କରାଇବା ପାଇଁ ବିଭାଗ ପକ୍ଷରୁ ଉଦ୍ୟମ ଜାରି ରହିଛି। ଗତ ଆର୍ଥିକ ବର୍ଷରେ ଏହି ସଂସ୍ଥାର ପ୍ରକଳ୍ପ ପ୍ରଶାସକ ବାରିପଦା ପ୍ରଣୟ ରଞ୍ଜନ ବେହେରାଙ୍କ ଦ୍ୱାରା ଦୃଷ୍ଟାନ୍ତ ମୂଳକ ପଦକ୍ଷେପ ସ୍ୱରୂପ ଆଦିବାସୀ ବର୍ଗର ଛାତ୍ରଛାତ୍ରୀଙ୍କ ଲାଗି ବିନାଦେୟରେ ବୈଷୟିକ ପ୍ରତିଯୋଗିତା ମୂଳକ ପରୀକ୍ଷାର ପ୍ରସ୍ତୁତି ନିମନ୍ତେ ବାଙ୍ଗିରିପୋଷିର ବଣକାଟୀ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟରେ ନିଃଶୁଳ୍କ ପ୍ରଶିକ୍ଷଣର ବ୍ୟବସ୍ଥାରେ ୫ ଜଣ ବିଦ୍ୟାର୍ଥୀ କୃତିତ୍ୱ ଅର୍ଜନ କରିଛନ୍ତି। ଆଦିବାସୀ ବର୍ଗର ଛାତ୍ରଛାତ୍ରୀ ବିଭିନ୍ନ ପ୍ରତିଯୋଗିତା ମୂଳକ ପରୀକ୍ଷାର ପ୍ରସ୍ତୁତି ନିମନ୍ତେ ବାରିପଦାର ସଂସ୍କୃତି ଭବନ ପରିସରରେ ଏକ ଭବ୍ୟ ନିଃଶୁଳ୍କ ପାଠାଗାର ନିର୍ମାଣ କରାଯାଇଛି। ଯହିଁରେ ପ୍ରତ୍ୟେକ ଦିନ ୮୦ରୁ ୧୦୦ ଜଣ ପିଲା ପ୍ରତିଯୋଗିତା ମୂଳକ ପରୀକ୍ଷାଲାଗି ପ୍ରସ୍ତୁତ ହେଉଛନ୍ତି। ଏଥିସହିତ ବୈଷୟିକ ଜ୍ଞାନକୌଶଳର ବିକାଶ ନିମନ୍ତେ ବାଙ୍ଗିରିପୋଷି ଏକଲବ୍ୟ ବିଦ୍ୟାଳୟରେ ଏକ ଡ୍ରୋନ ଲାବରେଟୋରୀ ଓ ଜ୍ୟୋତିର୍ବିଜ୍ଞାନ ଅଧ୍ୟୟନ ଲେବ୍ରଟୋରି ସ୍ଥାପନ, ଆଦିବାସୀ ମହିଳାଙ୍କୁ ସ୍ୱାବଲମ୍ବୀ ପାଇଁ ଏକ ସିଲେଇ ପ୍ରଶିକ୍ଷଣ କେନ୍ଦ୍ର ବଣକାଟିଠାରେ ଖୋଲାଯାଇ ଏକାଥରକେ ୫୦ଜଣଙ୍କୁ ତାଲିମ ଦିଆଯାଉଛି। ଏହାଛଡା ୨୦୦ ଜଣ ଆଦିବାସୀ ଯୁବକ ଯୁବତୀଙ୍କୁ ଏକକାଳୀନ ୧ଲକ୍ଷ ଟଙ୍କା ଲେଖାଏଁ ଆର୍ଥିକ ସାହାଯ୍ୟ ଦେଇ ସ୍ୱାବଲମ୍ବୀ କରାଯାଇଛି। ଆଦିବାସୀ ବର୍ଗର ଛାତ୍ରଛାତ୍ରୀଙ୍କ ଲାଗି ଚଳିତବର୍ଷ ୨୦୦ ଜଣ ଅନ୍ତେବାସୀ ରହିବା ପାଇଁ ଗୋଟିଏ ହଷ୍ଟେଲ, ୧୨୦ ଜଣ ଅନ୍ତେବାସୀ ପାଇଁ ୧୦ଟି ନୂଆ ହଷ୍ଟେଲ ନିର୍ମାଣାଧୀନ ରହିଛି।ଧିନ ଅଛି। ଏହାଛଡା ୩୦୦ରୁ ଉର୍ଦ୍ଧ୍ୱ ପ୍ରାଥମିକ, ମାଧ୍ୟମିକ ଓ ହାଇସ୍କୁଲ ଗୁଡିକର ଆବଶ୍ୟକ ମରାମତି କାର୍ଯ୍ୟ ଏକକାଳୀନ ହେଉଛି। ଅନ୍ୟାନ୍ୟ ବର୍ଗରେ ୧୦୦ରୁ ଉର୍ଦ୍ଧ୍ୱ ନିର୍ମାଣକାର୍ଯ୍ୟ ଚାଲୁଛି। ଚଳିତବର୍ଷ ଶାମାଖୁଣ୍ଟା ବ୍ଲକର ତାରାଯୋଡିରେ ୨୧ଟି ଆଦିବାସୀ ପରିବାରଙ୍କ ୧୨ ଏକର ଜମିରେ ପରୀକ୍ଷା ମୂଳକ ଭାବରେ ଷ୍ଟ୍ରବ୍ରି ଚାଷକରି ଲାଭବାନ ହୋଇଛନ୍ତି। ଜଙ୍ଗଲ ଅଧିକାରୀ ଆଇନ ଅନୁଯାୟୀ ଚଳିତବର୍ଷ ବ୍ୟକ୍ତି ବିଶେଷଙ୍କ ନାମରେ ୯୩୭୩ ଓ ଗୋଷ୍ଠିଗତ ଶିରୋନାମା ଜରିଆରେ ୧୦୨ଟି ଜଙ୍ଗଲଜମି ପଟ୍ଟା ବଣ୍ଟନ କରାଯାଇଛି।

### ବରିଷ୍ଠ ନାଗରିକ ସମିତିର ସ୍ୱତନ୍ତ୍ର ବୈଠକ

## 'ଯୋଗ ଓ ବ୍ୟାୟାମ ସୁସ୍ଥ ରହିବାର ମୂଳମନ୍ତ୍ର'



**ବାରିପଦା, ୧୬।୬(ସମିସ):** ସୋମବାର ମଧୁବନ ମୟୂରଭଞ୍ଜ କେମିଷ୍ଟ ଓ ଡ୍ରାଗିଷ୍ଟ ଭବନରେ ବାରିପଦା ବରିଷ୍ଠ ନାଗରିକ ସମିତିର ଏକ ବିଶେଷ ଅଧିବେଶନ ସଭାପତି ଡ. ଯୋଗେନ୍ଦ୍ର ନାଥ ପଣ୍ଡାଙ୍କ ପୌରୋହିତ୍ୟରେ ଅନୁଷ୍ଠିତ ହୋଇଯାଇଛି। ବୈଠକରେ ବରିଷ୍ଠ ନାଗରିକଙ୍କ ମାନସିକ ସ୍ୱାସ୍ଥ୍ୟ ସଚେତନତା ପାଇଁ ଯୋଗ ଓ ଦୈନନ୍ଦିନ ଶାରିରୀକ ବ୍ୟାୟାମର ଆବଶ୍ୟକତା ଶୀର୍ଷକ ଉପରେ ଆଲୋଚନା ହୋଇଥିଲା। କନ୍ୟାକୁମାରୀ ବିବେକାନନ୍ଦ କେନ୍ଦ୍ରର ଜିଲ୍ଲା ପ୍ରମୁଖ ଅନିଲ କୁମାର କର, ଜିଲ୍ଲା କେନ୍ଦ୍ର ପରିଚାଳକ ଅବସରପ୍ରାପ୍ତ ଅଧ୍ୟକ୍ଷ ସନ୍ଦୀପ କୁମାର ଚାନ୍ଦ, ସହର ମୁଖ୍ୟ କେନ୍ଦ୍ର ପରିଚାଳକ ଶିବ ଶଙ୍କର ଗିରି ପ୍ରମୁଖ ଯୋଗଦେଇ ବିଷୟ ବସ୍ତୁ ଭିତ୍ତିକ ସାରଗର୍ଭକ ବକ୍ତବ୍ୟ ଉପସ୍ଥାପନ କରିଥିଲେ। ସମ୍ମାନିତ ଅତିଥି ସାମ୍ବାଦିକ ସଞ୍ଜୟ ଚୌଧୁରୀ ଯୋଗଦେଇ ଜିଲ୍ଲା ତଥା ଆଞ୍ଚଳିକ ଉନ୍ନତି ପାଇଁ ଅନୁଷ୍ଠାନର କାର୍ଯ୍ୟକ୍ରମକୁ ପ୍ରଶଂସା କରିଥିଲେ। ସମ୍ପାଦକ ବସନ୍ତ କୁମାର ଦାସ ଆଗାମୀ ଦିନରେ ଅନୁଷ୍ଠାନ ବହୁ ଗୁରୁତ୍ୱପୂର୍ଣ୍ଣ କାର୍ଯ୍ୟକ୍ରମ ହାତକୁ ନେବା ବିଷୟ ବକ୍ତବ୍ୟରେ ଉଲ୍ଲେଖ କରିଥିଲେ। ଉପଦେଷ୍ଟା ସର୍ବେଶ୍ୱର ଭୂୟାଁ, ରଞ୍ଜନ କୁମାର ପାତ୍ର, ଡ. କୁଞ୍ଜବନ ପୃଷ୍ଟି ଓ ପଣ୍ଡିତ ଭାଗବତ ପଣ୍ଡା ମଧ୍ୟ ବକ୍ତବ୍ୟ ରଖିଥିଲେ। କାର୍ଯ୍ୟକ୍ରମ ଆରମ୍ଭରେ ଅହମ୍ମଦାବାଦ ବିମାନ ଦୁର୍ଘଟଣାରେ ପ୍ରାଣ ହରାଇଥିବା ଯାତ୍ରୀଙ୍କ ଉଦ୍ଦେଶ୍ୟରେ ଏକ ମିନିଟ ନିରବ ପ୍ରାର୍ଥନା କରାଯାଇଥିଲା। ବୈଠକରେ ଶତାଧିକ ବରିଷ୍ଠ ନାଗରିକ ଯୋଗ ଦେଇଥିଲେ। ପ୍ରମୋଟର ବିକ୍ରମ କେଶରୀ ଜେନାଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ଆୟୋଜିତ କାର୍ଯ୍ୟକ୍ରମରେ ଅନୁଷ୍ଠାନର ସଦସ୍ୟ ଈଶ୍ୱର ଚନ୍ଦ୍ର ଦାସ, ସୁବୋଧ କୁମାର ପଲେଇ ଓ ନନୀଗୋପାଳ ମହାନ୍ତି ସହଯୋଗ କରିଥିଲେ। ଉପସଭାପତି ରଘୁନାଥ ପଣ୍ଡା ଅତିଥି ପରିଚୟ ଓ ଧନ୍ୟବାଦ ଦେଇଥିଲେ।

# ବିରାଟ ଲୀଳାକ୍ଷେତ୍ରରେ ଚତୁର୍ଦ୍ଧାମୂର୍ତ୍ତିଙ୍କ ଅଣସର ନୀତି



ପିଙ୍ଗୁ, ୧୬।୬(ସମିସ): ନୁଆଡ଼ିହା ପିଙ୍ଗୁସ୍ଥିତ ଶ୍ରୀଜଗନ୍ନାଥ ମନ୍ଦିରର ଅଣସର ଗୃହରେ ଚତୁର୍ଦ୍ଧାମୂର୍ତ୍ତିଙ୍କ ଉପଶମ ନିମନ୍ତେ ପୂଜାପଣ୍ଡା ବ୍ୟସ୍ତ। ଦୀର୍ଘ ୫ଦିନ ଧରି ଦଶ ପ୍ରକାରର ଚେରମୂଳ ପ୍ରସ୍ତୁତ ପାଞ୍ଚଣ ପାଣିଲାଗି କରାଯାଇଛି। ଆଜି ଷଷ୍ଠ ଦିନରେ ଆମ ଆଞ୍ଚଳିକ ବଡ଼ ଓଡ଼ିଆ ମଠ ମହନ୍ତ ଦିବାକର ନାୟକ ଓ ସାଥୀଙ୍କ ଦ୍ୱାରା ସଂକୀର୍ତ୍ତନ ମଣ୍ଡଳୀ ଓ ଭକ୍ତଙ୍କ ଗହଣରେ ସ୍ୱତନ୍ତ୍ର ଶୈଳୀରେ ପ୍ରସ୍ତୁତ ଫୁଲୁରୀ ତୈଳକୁ ପୂଜାପାଠ ପରେ ଶ୍ରୀବିଗ୍ରହଙ୍କ ସେବା ନିମନ୍ତେ ଶ୍ରୀଜଗନ୍ନାଥ ମନ୍ଦିରର ପୂଜାପଣ୍ଡାଙ୍କୁ ପ୍ରଦାନ କରିଥିଲେ। ଦୁନିଆରେ ପ୍ରତ୍ୟେକଙ୍କୁ ନିଜର କର୍ମର ଫଳଭୋଗ କରିବାକୁ ପଡ଼ିଥାଏ। ସେଦିନ ଗୋପାଙ୍ଗନାମାନେ ଯମୁନାରେ ସ୍ନାନ କରିବା ସମୟରେ ଶ୍ରୀକୃଷ୍ଣ ଲୁଚି ଛପି ଦେଖୁଥିଲେ। ଫଳରେ ଗୋପାଙ୍ଗନାମାନେ କ୍ରୋଧାନ୍ୱିତା ହୋଇ କୃଷ୍ଣଙ୍କୁ ଅଭିଶାପ ଦେଲେ। 'ତୋ ସ୍ନାନକୁ ଦିନେ ସମଗ୍ର ଜଗତ ଦେଖିବେ' ବୋଲି ଶ୍ରୀକୃଷ୍ଣ କହିଥିଲେ। 'ଏ ଯୁଗରେ ନୁହେଁ ମୁଁ ଯେବେ କଳିଯୁଗରେ ଜଗନ୍ନାଥ ରୂପରେ ପୂଜା ପାଇବି ଏ ଫଳ ଅବଶ୍ୟ ଭୋଗ କରିବି'। ଏଥିପାଇଁ ଶ୍ରୀଜଗନ୍ନାଥଙ୍କ ପ୍ରସିଦ୍ଧ ସ୍ନାନ ଯାତ୍ରା ଅନୁଷ୍ଠିତ ହୋଇଥାଏ। ଚତୁର୍ଦ୍ଧାମୂରତି ଧାଡ଼ି ପହଣ୍ଡିରେ ରତ୍ନସିଂହାସନରୁ ସ୍ନାନ ମଣ୍ଡପକୁ ଯାଆନ୍ତି। ରତ୍ନସିଂହାନରେ ସବୁଦିନ ଦର୍ପଣ ସ୍ନାନ କରୁଥିବା ଆମ ବିଗ୍ରହ ସ୍ନାନମଣ୍ଡପରେ ଶ୍ରୀଜଗନ୍ନାଥ ୩୫ ଗରା ଜଳରେ, ବଳଭଦ୍ର ୩୩ ଗରା ଜଳରେ, ସୁଭଦ୍ରା ୨୨ ଗରା ଜଳରେ ଓ ସୁଦର୍ଶନ ୧୮ ଗରା ଜଳରେ ସ୍ନାନ କରନ୍ତି। ଏହି ପବିତ୍ର ଦିବ୍ୟ ସ୍ନାନକୁ ଦର୍ଶନ କରିବା ପାଇଁ ମାନବ ସମେତ ଦେବତାମାନେ ମଧ୍ୟ ସ୍ନାନ ମଣ୍ଡପରେ ସମବେତ ହୋଇଥାନ୍ତି। ଏହି ସ୍ନାନ ପରେ ଶ୍ରୀବିଗ୍ରହ ପୀଡ଼ିତ ହୋଇ ଅଣସର ପିଣ୍ଡିରେ ପୂଜାପଣ୍ଡାଙ୍କ ଦ୍ୱାରା ଦୀର୍ଘ ପାଞ୍ଚଦିନ ହେଲା ଚିକିତ୍ସିତ ହୋଇ ଆସୁଛନ୍ତି। ଏଥିପାଇଁ ଦଶ ପ୍ରକାର ବୃକ୍ଷର ଚେରମୂଳରେ ପ୍ରସ୍ତୁତ ପାଞ୍ଚଣ ଲାଗି କରାଯାଇଛି। ଆଜି ଷଷ୍ଠଦିନରେ ଫୁଲୁରି ତୈଳ ମର୍ଦ୍ଦନ ମାଧ୍ୟମରେ ଉପଶମ ନୀତି ପାଳନ କରାଯିବ। ଦଶମୀତିଥିରେ ଦଶମୂଳାରିଷ୍ଟ ମୋଦକ ଦେଇ ପୂର୍ଣ୍ଣ ଆରୋଗ୍ୟ କରିବାର ବିଧି ପାଳିତ ହେବ। ବର୍ତ୍ତମାନ ଶ୍ରୀଜୀଉ ମୋଦକ ଦେଇ ପୂର୍ଣ୍ଣ ଆରୋଗ୍ୟ କରିବାର ବିଧି ପାଳିତ ହେବ। ବର୍ତ୍ତମାନ ଶ୍ରୀଜୀଉଙ୍କ ନିମନ୍ତେ ସ୍ୱତନ୍ତ୍ର ପଥ୍ୟ ବ୍ୟବସ୍ଥା ଚାଲୁରହିଛି। ରତ୍ନସିଂହାସନରେ ଚତୁର୍ଦ୍ଧା ମୂର୍ତ୍ତି ପରିବର୍ତ୍ତେ ପଟିଦିଅଁ ଦର୍ଶନ ବ୍ୟବସ୍ଥା କରାଯାଇଛି। ଏଥିସହିତ ଅଲରାନାଥରେ ଶଙ୍ଖ, ଚକ୍ର, ଗଦା, ପଦ୍ମଧାରୀ ନାରାୟଣଙ୍କୁ ଦର୍ଶନ କରିବାର ସୁଯୋଗ ଭକ୍ତ ପାଇଥାନ୍ତି। ବିରାଟ ଲୀଳା କ୍ଷେତ୍ରରେ ଅଣସର ଗ୍ରହରେ ଶ୍ରୀବିଗ୍ରହଙ୍କ ନୀତିକାନ୍ତି ପରିଚାଳନା ନିମନ୍ତେ ମୁଖ୍ୟ ଉପଦେଷ୍ଟା ସୁଧାଂଶୁ କୁମାର ଦାଶ, ସର୍ବେଶ୍ୱର ରାଉତ, ନକୁଳ ଜେନା, ଭୋଳାନାଥ ସାହୁ, ଭଗବାନ ବେହେରା, ବୃନ୍ଦାବନ ବେହେରା ପ୍ରମୁଖ ସହଯୋଗ କରୁଛନ୍ତି।

**କପ୍ତିପଦାରେ ୧୦୮ ଆମ୍ବୁଲାନ୍ସ ସେବା ଦିଗହରା**

# ଗଡୁଛି ଗାଡ଼ି; ଠିକା ସଂସ୍ଥା ମାଲାମାଲ

କପ୍ତିପଦା, ୧୬।୬(ସମିସ): ଲୋକଙ୍କୁ ସେବା ଯୋଗାଇବାରେ ଆମ୍ବୁଲାନ୍ସର ଗୁରୁତ୍ୱପୂର୍ଣ୍ଣ ଭୂମିକା ରହିଛି। ସମସ୍ତଙ୍କ ଜୀବନ ମୂଲ୍ୟବାନ।ଏହାକୁ ଉପଲବ୍ଧି କରି ଗତ ୨୦୧୩ ମସିହାରେ ତତ୍କାଳୀନ ନବୀନ ସରକାର ରାଜ୍ୟବାସୀଙ୍କ ପାଇଁ ଆରମ୍ଭ କରିଥିଲେ ୧୦୮ ଆମ୍ବୁଲାନ୍ସ ସେବା; ହେଲେ ଆଜି ୧୦୮ ଆମ୍ବୁଲାନ୍ସ ସେବା ବିପର୍ଯ୍ୟସ୍ତ ହେବାରେ ଲାଗିଛି। କେଉଁଠି ଗାଡ଼ିର ଟାୟାର୍ ଫାଟି ପଡ଼ିଛି ତ ଅନ୍ୟ କେଉଁଠି ରୋଗୀ ନେଇ ଆସୁଥିବା ବେଳେ ଗାଡ଼ିର ତେଲ ସରିଯାଉଛି। କେଉଁ ଗାଡ଼ିରେ ଅକ୍ସିଜେନ ନାହିଁ ତ ଅନ୍ୟ କେଉଁଠି ଗାଡ଼ିର ଆବଶ୍ୟକ ଉପକରଣ କିମ୍ବା ଔଷଧ ନାହିଁ। ସେହିପରି କେଉଁଠି ଡ୍ରାଇଭର ନିଶା ଖାଇ ଦୁର୍ଘଟଣା ଘଟାଇଲାଣି ତ କେଉଁ ଗାଡ଼ିରେ ସେବକ/ସେବିକା ବିନା ରୋଗୀଙ୍କୁ କେବଳ ଘରୁ ନେଇ ଆସି ଡାକ୍ତରଖାନାରେ ଯେନତେନ ପ୍ରକାର ପହଞ୍ଚାଇ ଦେଲେ କାମ ଶେଷ। ଫଳରେ ରୋଗୀ ଠିକ୍ ସମୟରେ ଆମ୍ବୁଲାନ୍ସ ସେବା ପାଇପାରୁ ନାହାନ୍ତି। ଅଧିକାଂଶ ସମୟରେ ରାସ୍ତା କଡରେ ଆମ୍ବୁଲାନ୍ସ ଠିଆ ହୋଇରହୁଥିବା ମଧ୍ୟ ଲକ୍ଷ୍ୟ କରାଯାଇଛି। ଜରୁରୀ ଆବଶ୍ୟକ ବେଳେ ଆମ୍ବୁଲାନ୍ସ ନାହିଁ ବିଳମ୍ବରେ ଆସିବ କିମ୍ବା ଅନ୍ୟ ଡାକ୍ତରଖାନାରୁ ଯିବ କୁହାଯାଉଛି। ଫଳରେ ଅନେକ ସମୟରେ ରୋଗୀଟି ଠିକ ସମୟରେ ଡାକ୍ତରଖାନାରେ ପହଞ୍ଚିବା ବିଳମ୍ବ କାରଣରୁ



ଜୀବନ ଚାଲିଯାଉଛି। ତେବେ ପୂର୍ବ ସରକାର ସମୟରେ ପ୍ରଶାସନ ଆମ୍ବୁଲାନ୍ସ କର୍ମଚାରୀଙ୍କ ପାଇଁ ବିଭିନ୍ନ ପ୍ରକାର ସୁବିଧା ସୁଯୋଗ ଯୋଗାଇ ଦେଉଥିବା ଲୋକେ କହୁଥିବା ବେଳେ ଏବେ ଏଏମଆରଆଇ ଗ୍ରୀନ ନାମକ ଠିକା ସଂସ୍ଥା ଆମ୍ବୁଲାନ୍ସ ସେବାକୁ ଠିକ୍ ଭାବରେ ଚଳାଇ ପାରୁନଥିବା ଅନୁମାନ କରାଯାଉଛି। ଗାଡ଼ି ଗଡୁଛି; କିନ୍ତୁ ରୋଗୀ ସେବା ପାଉନାହାନ୍ତି। କିଲୋମିଟର ହିସାବରେ ଗାଡ଼ି ଗଡ଼ାଇ ଠିକା ସଂସ୍ଥା ମାଲାମାଲ୍ ହେଉଥିବା ବେଳେ ଗାଡିରେ ଆବଶ୍ୟକ ସାମଗ୍ରୀ, ମରାମତି, ଅଭିଜ୍ଞ ଚାଳକ ଯୋଗୁଁ ରୋଗୀ ସେବା ପାଉନାହାନ୍ତି। ପ୍ରଶାସନ ତରଫରୁ ବିଧିବଦ୍ଧ ତଦନ୍ତ ହେଉନଥିବାରୁ ଏଭଳି ପରିସ୍ଥିତି ସୃଷ୍ଟି ହୋଇଛି। କପ୍ତିପଦା ବ୍ଲକରେ ୩ଟି ଆମ୍ବୁଲାନ୍ସ ଉପଲବ୍ଧ; କିନ୍ତୁ ବ୍ଲକରୁ ପଚାଶ ୬୦ କିମି ଦୂରତ୍ୱ ପର୍ଯ୍ୟନ୍ତ ଗାଁ ରହିଛି। ଉପରୋକ୍ତ ସମସ୍ୟା ପ୍ରତି ସରକାର ଦୃଷ୍ଟି ଦେବାକୁ ସାଧାରଣରେ ଦାବି ହେଉଛି।

## ଗାଁ ଅମରଦାରେ ରଜ ମଉଜ ଉଦ୍‌ଯାପିତ




ମୋରଡା/ରାସଗୋବିନ୍ଦପୁର, ୧୬।୬(ସମିସ): ରାସଗୋବିନ୍ଦପୁର ବ୍ଲକ ଅଧୀନ ଗାଁଅମର୍ଦା ପଞ୍ଚାୟତ ଅମରପଦା ଗ୍ରାମରେ ତିନି ଦିନ ଧରି ଚାଲିଥିବା 'ରଜ ମଉଜ-୨୦୨୫' ରବିବାର ଉଦଯାପିତ ହୋଇଯାଇଛି। ଏହି ଅବସରରେ ଗତ ୧୨ରୁ ୧୫ ତାରିଖ ଯାଏଁ କ୍ରିକେଟ ଟୁର୍ଣ୍ଣାମେଣ୍ଟ ଏବଂ ଶିଶୁ ଓ ଯୁବକ ଯୁବତୀଙ୍କ ନିମନ୍ତେ ମଧ୍ୟରେ ୪୦ ପ୍ରକାର ଖେଳକୁଦ ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା। କ୍ରିକେଟ ଟୁର୍ଣ୍ଣାମେଣ୍ଟରେ ସରିଷା ଏକାଦଶ ଚାମ୍ପିଅନ ହୋଇଥିବା ବେଳେ ଶୁଭେନ୍ଦୁ ୱାରିୟର୍ସ ରନର୍ସଅପ ହୋଇଥିଲା। ରବିବାର ସନ୍ଧ୍ୟାରେ ଅନୁଷ୍ଠିତ ପୁରସ୍କାର ବିତରଣ ଉତ୍ସବେର ମୁଖ୍ୟ ଅତିଥିଭାବେ ଅବସରପ୍ରାପ୍ତ ଶିକ୍ଷକ ନବକିଶୋର ଦାସ, ମୁଖ୍ୟବକ୍ତା ଭାବେ ସମାଜସେବୀ ଶଶାଙ୍କ ଜେନା, ସମ୍ମାନିତ ଅତିଥିଭାବେ ଭଜହରି ହାଁସଦା, ନଟବର ପଲେଇ ଯୋଗ ଦେଇ କୃତୀ ପ୍ରତିଯୋଗୀଙ୍କୁ ପୁରସ୍କୃତ କରିଥିଲେ। ମଳୟ ନାୟକ ମଞ୍ଚ ପରିଚାଳନା କରିଥିବା ବେଳେ କମିଟି ସଭାପତି ସଞ୍ଜୀବ ଦାସ, ସମ୍ପାଦକ ଅସିତ ଜେନା ସହଯୋଗ କରିଥିଲେ।

## ପ୍ରେସ କ୍ଲବ୍ ପକ୍ଷରୁ କୃତୀ ଛାତ୍ରଛାତ୍ରୀଙ୍କୁ ସମ୍ବର୍ଦ୍ଧନା

କୁଆମରା, ୧୬।୬(ସମିସ): ଗୋପବନ୍ଧୁ ନଗର ପ୍ରେସ କ୍ଲବ ପକ୍ଷରୁ ଆଜି ପୁରୁଣା ବାରିପଦା ପଞ୍ଚାୟତ ଚତୁରେଶ୍ୱର ଉଚ୍ଚ ବିଦ୍ୟାଳୟ ପରିସରରେ ଚଳିତବର୍ଷ ମାଟ୍ରିକ ପରୀକ୍ଷାରେ ସର୍ବାଧିକ ନମ୍ବର ରଖିଥିବା ୧୦ ଜଣ ଏବଂ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟର ବିଜ୍ଞାନ ଓ କଳା ବିଭାଗର ୬ ଜଣ କୃତୀ ବିଦ୍ୟାର୍ଥୀଙ୍କୁ ସମ୍ବର୍ଦ୍ଧିତ କରାଯାଇଛି। ପ୍ରେସ କ୍ଲବ ସଭାପତି ନିମାଇଁ ପ୍ରସାଦ ଦାଶଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ସଭାରେ ମୁଖ୍ୟ ଅତିଥି ରୂପେ ବଡସାହି ତହସିଲଦାର କରୁଣାକର ମତବ୍ୟକ୍ତ କରିଥିଲେ। ଏହି ଅବସରରେ ଦଶମ ଶ୍ରେଣୀର ଦିପସିତା ମିଶ୍ର, ଦୀପଙ୍କର ବେହେରା, ଅମିୟ କୁମାର ବେହେରା, କୌଶିକ କୁମାର ପରିଡ଼ା, ତାପସି ପଣ୍ଡା, ଶୃତିକା ମିଶ୍ର, କ୍ରୀଷ୍ଟାରାଜ ପୁଥାଳ, ଆଦ୍ୟାଶା ପଣ୍ଡା, ଅକ୍ଷୟ କୁମାର ରୂପ, ବିଶ୍ୱଜିତ ରାଜ, ଉଚ୍ଚ ମାଧ୍ୟମିକ ବିଦ୍ୟାଳୟରୁ ମଧୁସ୍ମିତା ବିଶ୍ୱାଳ, କ୍ରୀଷ୍ଟା ପଣ୍ଡା, ସଞ୍ଜୀବନୀ ଲେଙ୍କା, ଭାଗ୍ୟଲକ୍ଷ୍ମୀ ବେହେରା, ଋତୁପର୍ଣ୍ଣ ଦାସ ଓ ରଶ୍ମିତା ସାହୁଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ପ୍ରେସ କ୍ଲବର ସଦସ୍ୟ ହିରେନ ରାୟ, ଶାନ୍ତନୁ



ଧିନ୍ଦା, ମୁଖ୍ୟବକ୍ତା ସହକାରୀ ଯନ୍ତ୍ରୀ ବିନୟଜ୍ୟୋତି ଲେଙ୍କା, ସମ୍ମାନିତ ଅତିଥି ବିଆରସିସି କୁଳମଣି ନାଏକ, ପ୍ରଧାନ ଶିକ୍ଷକ ଅନିରୁଦ୍ଧ ମହଲା ଓ ପ୍ରେସ କ୍ଲବର ଉପସଭାପତି ଚିତ୍ତରଞ୍ଜନ ଦଳେଇ ଯୋଗଦେଇ ସଫଳତା ପାଇଁ ଛୋଟ ରାସ୍ତା ନ ଥାଏ। ନିରନ୍ତର ଉଦ୍ୟମ ଓ ପରିଶ୍ରମ ଦ୍ୱାରା ଏହା ହାସଲ କରାଯାଇପାରେ ବୋଲି କୁମାର ମଡୁଆଳ, ବିଶ୍ୱଜିତ ଦାଶ, ରଞ୍ଜନ କୁମାର ମଡୁଆଳ, ଦୀପକ ଚୌଧୁରୀ, ଜୟନ୍ତ କୁମାର ସ, ସମ୍ବିତ ରାଉତ ପ୍ରମୁଖ ସହଯୋଗ କରିଥିଲେ। ପ୍ରେସ କ୍ଲବ ପକ୍ଷରୁ କୁଆମରାର ନୂତନ ଫାଣ୍ଡି ଅଧିକାରୀ ରସାନନ୍ଦ ମହାନ୍ତିଙ୍କୁ ମଧ୍ୟ ଉପଢୌକନ ଓ ପୁଷ୍ପଗୁଚ୍ଛ ଦେଇ ସମ୍ମାନିତ କରାଯାଇଥିଲା।

## ଅମ୍ବିକା ସାହି 'ରଜ ମଉଜ' ଉଦ୍‌ଯାପିତ



ବାରିପଦା, ୧୬।୬(ସମିସ): ବାରିପଦା ଅମ୍ବିକା ସାହି ସ୍ଥିତ ଶିଶୁ ଉଦ୍ୟାନ ପରିସରରେ ଆୟୋଜିତ ୧୩ ତମ 'ରଜ ମଉଜ' ଉତ୍ସବ ଉଦଯାପିତ ହୋଇଯାଇଛି। ଗତ ୩ ଦିନ ଧରି ଅନୁଷ୍ଠିତ ହେଉଥିବା ଉକ୍ତ ଉତ୍ସବରେ ଶତାଧିକ ପ୍ରତିଯୋଗୀ ଅଂଶଗ୍ରହଣ କରିଥିଲେ। ଚଳିତ ବର୍ଷ ଅଲିଭା ତ୍ରିପାଠୀ ରଜ କୁଇନଭାବେ ବିବେଚିତ ହୋଇଥିବା ବେଳେ ମୋନାଲିସା ନାଏକ ଦ୍ୱିତୀୟ ଓ ସାଇ ଶ୍ରଦ୍ଧା ତୃତୀୟ ସ୍ଥାନ ଅଧିକାର କରିଛନ୍ତି। ଶେଷ ଦିନରେ କୌତୁକ ପୋଷାକ, ଛୁଞ୍ଚି ସୂତା ଓ ଝୋଟି ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା। ଗୁରୁକୁଳ ଡ୍ୟାନ୍ସ ଏଣ୍ଡ ଭିଜୁଆଲ ଏକାଡେମୀ ଆନୁକୂଲ୍ୟରେ ଆୟୋଜିତ ଉଦଯାପନୀ ଉତ୍ସବରେ ମୁଖ୍ୟ ଅତିଥି ଭାବେ ପୂର୍ବତନ ମନ୍ତ୍ରୀ ତଥା ବିଜେଡି ଜିଲ୍ଲା ସଭାପତି ସୁଦାମ ମାର୍ଣ୍ଡି ଯୋଗଦେଇ କୃତୀ ପ୍ରତିଯୋଗୀଙ୍କୁ ପୁରସ୍କୃତ କରିଥିଲେ। ପୂର୍ବତନ ଉପ ନଗରପାଳ ଜିତେନ୍ଦ୍ର ମହାନ୍ତିଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଉତ୍ସବରେ ସମ୍ମାନିତ ଅତିଥି ଭାବେ ପୂର୍ବତନ ମନ୍ତ୍ରୀ ସରୋଜିନୀ ହେମ୍ବ୍ରମ, ପୂର୍ବତନ ସ୍ୱତନ୍ତ୍ର ଉନ୍ନୟନ ପରିଷଦ ଅଧ୍ୟକ୍ଷ ଡା ଦେବାଶିଷ ମାର୍ଣ୍ଡି, ଏମସିସି ବ୍ୟାଙ୍କ ସଭାପତି ସୁବ୍ରମଣ୍ୟମ ମହାନ୍ତି ଓ ପୂର୍ବତନ କୃଷି ନିଗମ ଅଧ୍ୟକ୍ଷ ଦେବାଶିଷ ମହାନ୍ତି ପ୍ରମୁଖ ଉପସ୍ଥିତ ଥିଲେ। ଅନ୍ୟମାନଙ୍କ ମଧ୍ୟରେ ବରିଷ୍ଠ ସଦସ୍ୟ ପ୍ରେମଜିତ ଦାସ, ଡଃ କିଶୋର ପାତ୍ର ଓ ମୁଖ୍ୟ ଆୟୋଜକ ତଥା ନିର୍ଦ୍ଦେଶକ ଲିଟନ ପଟ୍ଟନାୟକ ଉପସ୍ଥିତ ଥିଲେ। ଅଙ୍କୁର ଖୁରାନା ଓ ସୁଦେଶା ମହାନ୍ତ ମଞ୍ଚ ପରିଚାଳନା ଓ ବାଙ୍ଗିରିପୋଷି ମହାବିଦ୍ୟାଳୟର ଅବସରପ୍ରାପ୍ତ ଅଧ୍ୟକ୍ଷା ଡଃ ପୁଷ୍ପା ପାତ୍ର, ଫକୀର ମୋହନ ବିଶ୍ୱବିଦ୍ୟାଳୟର କୁଳସଚିବ କୁକୁମିନା ଦାସ ଓ ସ୍ମିତା ରୂପ ବିଚାରକ ଭାବେ ଯୋଗ ଦେଇଥିଲେ। ସୁଦର୍ଶନ ସାହୁ, ଦୀପକ ଦାସ, ତାପସୀ ବାରିକ, ଅଭିଜିତ କଳିଆ, ମୟୂର ମଲ୍ଲିକ, ମୁନୁ ଦେହୁରୀ, ସୁରଜ କୁମାର ପ୍ରମୁଖ ପରିଚାଳନାରେ ସହଯୋଗ କରିଥିଲେ।

## କଂଗ୍ରେସର ସମ୍ବର୍ଦ୍ଧନା ସଭା



ବାରିପଦା, ୧୬।୬(ସମିସ): ପ୍ରଦେଶ କଂଗ୍ରେସ କମିଟିର ସଭାପତି ଭକ୍ତଚରଣ ଦାସଙ୍କ ଅନୁମୋଦନ କ୍ରମେ ପ୍ରଦେଶ କଂଗ୍ରେସର ରାଜ୍ୟ ବାଣିଜ୍ୟ ଓ ବ୍ୟାପାର କମିଟିର ଅଧ୍ୟକ୍ଷ ଭାବେ ଯୋଗେଶ କୁମାର ଅଗ୍ରୱାଲ ନିଯୁକ୍ତି ପାଇଛନ୍ତି। ଏହି ଅବସରରେ ମହିଳା ଓ ଛାତ୍ର କଂଗ୍ରେସ ତରଫରୁ ସମ୍ବର୍ଦ୍ଧନା ସଭା ଅନୁଷ୍ଠିତ ହୋଇଥିଲା। ଏଥିରେ ମହିଳା କଂଗ୍ରେସ ସଭାନେତ୍ରୀ ସୁସ୍ମିତା ଘୋଷାଲ ସଭାପତିତ୍ୱ କରିଥିବା ବେଳେ ପୂର୍ବତନ ଏମପି ସୁଶୀଳା ତିରିଆ ଯୋଗଦେଇ ଉଦବୋଧନ ଦେଇଥିଲେ। ନବନିଯୁକ୍ତ ଅଧ୍ୟକ୍ଷ ଶ୍ରୀ ଅଗ୍ରୱାଲ ସର୍ବ ଭାରତୀୟ କଂଗ୍ରେସ କମିଟି ଅଧ୍ୟକ୍ଷ ମଲ୍ଲିକାର୍ଜୁନ ଖଡ଼ଗେ, ରାହୁଲ ଗାନ୍ଧୀ, ଓଡ଼ିଶା ପ୍ରଭାରୀ ଅଜୟ କୁମାର ଲଲ୍ଲୁ, ତଥା ପିସିସି ସଭାପତି ଶ୍ରୀ ଦାସଙ୍କୁ ଧନ୍ୟବାଦ ଦେଇଥିଲେ। ମୟୂରଭଞ୍ଜ (ପୂର୍ବ)ର ପର୍ଯ୍ୟବେକ୍ଷକ ତଥା ପୂର୍ବତନ ବିଧାୟକ ପଞ୍ଚାନନ ମଣ୍ଡଳ ଓ ମୟୂରଭଞ୍ଜ (ପଶ୍ଚିମ) ପର୍ଯ୍ୟବେକ୍ଷକ ଯୁବନେତା ନଳିନୀ ମହାନ୍ତି ଯୋଗଦେଇଥିଲେ। ଜିଲ୍ଲା ପଞ୍ଚାୟତ ପରିଷଦ ଅଧ୍ୟକ୍ଷ ଶିବାନନ୍ଦ ଦାସ ଧନ୍ୟବାଦ ଅର୍ପଣ କରିଥିଲେ। କାର୍ଯ୍ୟକ୍ରମରେ ପୂର୍ବତନ ମନ୍ତ୍ରୀ ସରସ୍ୱତୀ ହେମ୍ବ୍ରମ, ହେମନ୍ତ ଦାସ, ଅଜୟ ମହାପାତ୍ର, ଜ୍ୟୋତିପ୍ରକାଶ ରଥ, ପୂର୍ଣ୍ଣଚନ୍ଦ୍ର ବିଶ୍ୱାଳ, ଭୁବନ ବିହାରୀ ସାହୁ, ଅରବିନ୍ଦ ଦାସ, ଅଶୋକ ଅଧିକାରୀ, ମୋତି ପ୍ରକାଶ ଦାଶ, ମୁନକେତନ ବେହେରା, ପ୍ରଫୁଲ୍ଲ ନାୟକ, ଅମରେନ୍ଦ୍ର ଗିରି, ପ୍ରଦୀପ ଦାସ, ତୁଷାର ବେହେର ପ୍ରମୁଖ ଉପସ୍ଥିତ ଥିଲେ।

## ଦେଉଳିଆ ପ୍ରିମିୟର ଲିଗ୍; ଜଗନ୍ନାଥ ୱାରିୟର୍ସ ଚାମ୍ପିଅନ

ବଡସାହି, ୧୬।୬(ସମିସ): ବଡସାହି ବ୍ଲକ ଦେଉଳିଆ ଗ୍ରାମରେ ଗତ ୩ ଦିନ ଧରି ଚାଲିଥିବା ଦେଉଳିଆ ପ୍ରିମିୟର ଲିଗ୍ କ୍ରିକେଟ ଟୁର୍ଣ୍ଣାମେଣ୍ଟ ଉଦଯାପିତ ହୋଇଯାଇଛି। ଦେଉଳିଆ କ୍ରିକେଟ୍ ଆସୋସିଏସନ ଆନୁକୂଲ୍ୟରେ ଅନୁଷ୍ଠିତ ଏହି ୧୩ତମ ଟୁର୍ଣ୍ଣାମେଣ୍ଟରେ ଜଗନ୍ନାଥ ୱାରିୟର୍ସ, ଟିମ୍ ପାନ୍ଥର ଓ ଜିତ୍ ଇଲେଭେନ୍ ଭାଗ ନେଇଥିଲେ। ଲିଗ୍ ପର୍ଯ୍ୟାୟରେ ଏହି ଖେଳ ଅନୁଷ୍ଠିତ ହୋଇଥିବାବେଳେ ଉନ୍ନତ ଖେଳ ପ୍ରଦର୍ଶନ କରି ଜଗନ୍ନାଥ ୱାରିୟର୍ସ ଓ ଟିମ୍ ପାନ୍ଥର ଫାଇନାଲକୁ ଉନ୍ନୀତ ହୋଇଛନ୍ତି। ଏହି ଖେଳରେ ଟିମ୍ ପାନ୍ଥର ଟସ ଜିଣି ପ୍ରଥମେ ବ୍ୟାଟିଂ କରିବାର ନିଷ୍ପତ୍ତି ନେଇ ନିର୍ଦ୍ଧାରିତ ୧୨ ଓଭରରେ ସମସ୍ତ ଉଇକେଟ ହରାଇ ୫୯ ରନ ସଂଗ୍ରହ କରିଛି। ଜବାବରେ ଜଗନ୍ନାଥ ୱାରିୟର୍ସ ନିର୍ଦ୍ଧାରିତ ଓଭରରେ ୨ ଉଇକେଟ ହରାଇ ୬୦ରନ ସଂଗ୍ରହ କରି ଚଳିତ ବର୍ଷ ଚାମ୍ପିଅନ ହୋଇଛି। ଏହି ଅବସରରେ ଅନୁଷ୍ଠିତ ପୁରସ୍କାର ବିତରଣୀ ଉତ୍ସବରେ ସଦସ୍ୟ ଶୁଭମ କୁମାର ଜେନା ମଞ୍ଚ ପରିଚାଳନା କରିଥିଲେ। ଅତିଥି ଭାବେ ସମିତିସଭ୍ୟ ନିହାର ରଞ୍ଜନ ମହାପାତ୍ର, ପୂର୍ବତନ ସମିତିସଭ୍ୟ ପ୍ରଭାତ ଜେନା, ପୂର୍ବତନ ସରପଞ୍ଚ ଅଜୟ କୁମାର ମଲିକ, ଆଡଭୋକେଟ ଅଭୟ ମହାପାତ୍ର ଓ ଶିକ୍ଷାବିତ ସନ୍ତୋଷ କୁମାର ବେହେରା ଓ ଶିକ୍ଷକ ରାଜେଶ ମଲିକ ପ୍ରମୁଖ ଯୋଗଦେଇ ଚାମ୍ପିଅନ ଓ ରନର୍ସଅପ୍ ଦଳକୁ ପୁରସ୍କୃତ କରିଥିଲେ। ଫାଇନାଲ ଖେଳକୁ ଦେଉଳିଆ ଡାକ୍ତରଖାନାର ଡାକ୍ତର ଆହୂତି ଦାଶ ଓ ଡାକ୍ତର ସମ୍ବିତ କୁମାର ଦାସ ଉଦଘାଟନ କରିଥିଲେ। ମ୍ୟାନ ଅଫ୍ ଦି ମ୍ୟାଚ ଭାବେ ଶ୍ରୀକାନ୍ତ ସଦୁଆଳ, ମ୍ୟାନ ଅଫ୍ ଦି ସିରିଜ ଭାବେ



ଅଭିଜିତ ମହାନ୍ତି, ବେଷ୍ଟ ଫିଲଡର ଭାବେ ଭକ୍ତବଲ୍ଲଭ ମହାପାତ୍ର, ବେଷ୍ଟ ବ୍ୟାଟସମ୍ୟାନ ଭାବେ ଦାଶରଥି ସିଂ ଓ ବେଷ୍ଟ ବୋଲର ଭାବେ ଗୁଣ୍ଡୁ ଦେହୁରୀଙ୍କୁ ପୁରସ୍କୃତ କରାଯାଇଥିଲା। ଅମ୍ପାୟାର ଭାବେ କୀର୍ତ୍ତି ପାତ୍ର ଓ ରାଜୁ ଜେନା ପରିଚାଳନା କରିଥିଲେ।

## ପାର୍ବତୀପୁରରେ ରଜ ମହୋତ୍ସବ

ଶୁକ୍ରୁଲି, ୧୬।୬ (ସମିସ): ଖିଚିଂ ଗ୍ରାମ ପଞ୍ଚାୟତ ପାର୍ବତୀପୁର ଗ୍ରାମରେ ଧୁମଧାମରେ ରଜ ମହୋତ୍ସବ ପାଳିତ ହୋଇଛି। ଏହି ମହୋତ୍ସବ ୨ ଦିନ ଧରି ଚାଲିଥିଲା। ଗ୍ରାମର ମହିଳାମାନେ ଏକତ୍ର ହୋଇ ରଜ ଦୋଳି, ରଜପାନର ମଜା ଉଠାଇଥିଲେ। ସନ୍ଧ୍ୟାରେ ସାଂସ୍କୃତିକ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ଗ୍ରାମର ବହୁ ନୃତ୍ୟଶିଳ୍ପୀ ନୃତ୍ୟ ପରିବେଷଣ



କରି ଆକର୍ଷଣୀୟ ପୁରସ୍କାର ପାଇଥିଲେ। ସରପଞ୍ଚ ଅଙ୍କିତା ବେହେରା, ସମାଜସେବୀ ଗୋଲକ ନାୟକ, ଜିଲ୍ଲାପରିଷଦ ବିକାଶ ରଞ୍ଜନ ସି ଅତିଥି ଭାବରେ ଯୋଗ ଦେଇଥିଲେ।

**ମହିଷାସୁରୀ-ପଦ୍ମପୋଖରୀ ରାସ୍ତା ମରଣଯନ୍ତା**

# ଅବଧି ଶେଷ ପରେ ବି ସରୁନି ନିର୍ମାଣ



ଶରତ, ୧୬।୬(ସମିସ): ମୟୂରଭଞ୍ଜ ଜିଲ୍ଲା କପ୍ତିପଦା ବ୍ଲକ ଅନ୍ତର୍ଗତ ମହିଷାସୁରୀଠାରୁ ପଦ୍ମପୋଖରୀ ଗ୍ରାମ ରାସ୍ତା ମରାମତି ଅଭାବରୁ ଏବେ ବିପର୍ଯ୍ୟସ୍ତ ଅବସ୍ଥାରେ ରହିଛି। ଗତ ୨୧.୪.୨୦୨୧ ମସିହାରୁ ଏହି ୧୯ କିମି ରାସ୍ତା କାମ ଆରମ୍ଭ ହୋଇଛି ଏବଂ ୨୦.୪.୨୦୨୬ରେ ଶେଷ ହେବା ନିମନ୍ତେ ଫଳକରେ ଉଲ୍ଲେଖ ରହିଛି। ରାସ୍ତା କାମଟି ପ୍ରଧାନମନ୍ତ୍ରୀ ଗ୍ରାମ୍ୟ ସଡକ ଯୋଜନାରେ କାର୍ଯ୍ୟକାରୀ ହେଉଛି। ଏହି ରାସ୍ତା ପାଇଁ କୋଟି କୋଟି ଟଙ୍କା ବ୍ୟୟ ହେଉଥିଲେ ମଧ୍ୟ ପ୍ରକୃତରେ ସୁଫଳ ମିଳୁନାହିଁ। ଉଦଳା ସ୍ଥାନୀୟ ବିଧାୟକ ଭାସ୍କର ମଢେଇ ଏବଂ କପ୍ତିପଦା ଉପଖଣ୍ଡର ପ୍ରଶାସନିକ ଅଧିକାରୀଙ୍କ ମଧ୍ୟରେ ମଧୁଚନ୍ଦ୍ରିକା ଚାଲିଥିବାରୁ ରାସ୍ତା ନିର୍ମାଣରେ ଅନିୟମିତତା ହେଉଥିବାନେଇ ସାଧାରଣରେ ଲୋକେ ଅଭିଯୋଗ କରୁଛନ୍ତି। ରାସ୍ତା ନିର୍ମାଣ ନ ସମ୍ପୂର୍ଣ୍ଣ ହେବା ପୂର୍ବରୁ ପିଚୁ ଉଠିଗଲାଣି। ଏବେ ରାସ୍ତାସାରା ଖାଲଖମାରେ ଭର୍ତ୍ତି ହୋଇଛି। ଅସରାଏ ବର୍ଷା ହେଲେ ଖାଲଖମାରେ ପାଣି ଭର୍ତ୍ତି ହୋଇ ଭ୍ରମ ସୃଷ୍ଟି କରୁଥିବାରୁ ଦୈନିକ ଛୋଟବଡ ଦୁର୍ଘଟଣା ମଧ୍ୟ ଘଟୁଛି। ବାରିପଦାର କିରଣ କୁମାର ଦାଶ ଏହି ରାସ୍ତା ନିର୍ମାଣ ପାଇଁ କାର୍ଯ୍ୟାଦେଶ ପାଇଛନ୍ତି। ଏହି ରାସ୍ତା ଉପରେ ଶାଳକୁଆ, ଗେଣ୍ଡାଗଡ଼ିଆ, ମଝିଗୋଡ଼ିଆ, ଟୋଲଗୋଡିଆ, ମାଙ୍କଡପଡ଼ା, କଳମଗଡ଼ିଆ, ସରଡିହା ଏବଂ ଶରତ ପଞ୍ଚାୟତବାସୀ ନିର୍ଭର କରନ୍ତି। ଏହି ରାସ୍ତାରେ ସମସ୍ତ ନିର୍ବାଚିତ ଜନପ୍ରତିନିଧି ଯାତାୟାତ କରୁଥିଲେ ମଧ୍ୟ କାହାର ଦୃଷ୍ଟି ପଡୁନାହିଁ। ଏହି ରାସ୍ତାରେ ବାଲେଶ୍ୱର ଜିଲ୍ଲାର ଔପଦା ବ୍ଲକ ଦେଇ କଟକ ଓ ଭୁବନେଶ୍ୱର ବସ ଚାଲୁଛି। ଲୋକଙ୍କ ବୃହତ୍ତର ସ୍ୱାର୍ଥଜନିତ ପ୍ରସଙ୍ଗ ଉପରେ ମଧ୍ୟ ଡବଲ ଇଞ୍ଜିନ ସରକାର ଏଠି ରାସ୍ତା ପ୍ରକଳ୍ପରେ ଲୋକଙ୍କ ଧନ ଜୀବନ ଖେଳୁଛନ୍ତି ବୋଲି 'ଶରତ ବିକାଶ ମଞ୍ଚ' ସଭାପତି ଗାମାଏ ରୀମିଲ ସିଂ ଅଭିଯୋଗ କରିଛନ୍ତି।

# ରାଜାରାଜୁଡ଼ା ସମୟର ଡାକବଙ୍ଗଳା ଜରାଜୀର୍ଣ୍ଣ

ବେତନଟୀ, ୧୬।୬(ସମିସ): ମୟୂରଭଞ୍ଜ (ଷ୍ଟେଟ) ଗଡ଼ଜାତ ରାଜ୍ୟ ରାଜା ମହାରାଜାଙ୍କ ଦ୍ୱାରା ଶାସନାଧୀନ ରହି ଆସିଥିବାବେଳେ ୧୯୦୫ ମସିହାରେ ନ୍ୟାରୋଗେଜ ରେଳପଥ ବାଙ୍ଗିରିପୋଷିରୁ ରୁପ୍ସା ରେଳ ଷ୍ଟେସନକୁ ସଂଯୋଗ ରାଜା କରିଥିଲେ। ଏହା ବ୍ରିଟିଶ ନାଗପୁର (ବିଏନଆର) ରେଳ କମ୍ପାନୀ ଅଧୀନରେ ଥିଲା। ଏଣୁ ରାଜା କୌଣସି ସ୍ଥାନକୁ ରେଳ ଯୋଗେ ଯାତ୍ରା କରିବା ସମୟରେ ବାରିପଦାରୁ ଲଙ୍ଗଳକଟା, ଲଙ୍ଗଳକଟାରୁ ବେତନଟୀ, ବେତନଟୀରୁ ଜରକା ବଙ୍ଗଳା (ଯୁଗପୁରା) ରୁ ରୁପ୍ସା ଏହି ଚାରିଟି ସ୍ଥାନରେ ଡାକବଙ୍ଗଳା ପ୍ରତିଷ୍ଠା କରିଥିଲେ। ଆବଶ୍ୟକ ହେଲେ ଘୋଡା ଓ ସଇସଙ୍କୁ ଏହି ସବୁ ସ୍ଥାନରେ ନିଯୁକ୍ତି ଦିଆଯାଇଥିଲା। କାଳକ୍ରମେ ଗଡ଼ଜାତ ୧୯୪୯ ମସିହାରେ ଓଡ଼ିଶା ଷ୍ଟେଟ ସହିତ ମିଶ୍ରଣ ହେବାପରେ ମୟୂରଭଞ୍ଜ ଜିଲ୍ଲାର ମାନ୍ୟତା ପାଇବା ସହିତ ଓଡ଼ିଶା ସରକାରଙ୍କ ଶାସନାଧୀନ ହେଲା। ରାଜାଙ୍କର ଉଆସଠାରୁ ସମସ୍ତ କାର୍ଯ୍ୟାଳୟ, ବିଚାରାଳୟ, କୋର୍ଟ କଚେରୀ, ବ୍ୟାଙ୍କ, ଟ୍ରେଜେରୀ, ଜେଲଖାନା, ବିଦ୍ୟୁତ୍ ସେବା, ପ୍ରିଣ୍ଟିଂ ପ୍ରେସ, ବାରିପଦା ସହରର ପୌର ପରିଷଦ ସ୍କୁଲ ପରବର୍ତ୍ତି ସମୟରେ କଲେ। ଡାକ୍ତରଖାନାରୁ ଜିଲ୍ଲାର ବିଭିନ୍ନ ସ୍ଥାନରେ ଥିବା ରାଜାଙ୍କ କୋଠାବାଡ଼ି ପର୍ଯ୍ୟନ୍ତ ମୟୂରଭଞ୍ଜ ଜିଲ୍ଲା ପ୍ରଶାସନ ଅଧିନକୁ ଆସିବା ସହିତ ଏହି ୪ଟି ରାଜାଙ୍କ ଦ୍ୱାରା ପ୍ରତିଷ୍ଠିତ ଡାକବଙ୍ଗଳା ମଧ୍ୟ ସରକାରଙ୍କ ଅଧୀନ ହେଲା। ଗତ ୭୩ ବର୍ଷ ତଳେ ବେତନଟୀ ଡାକବଙ୍ଗଳା ନିର୍ମାଣ ହୋଇଥିବାବେଳେ ଇତିମଧ୍ୟରେ ବହୁ ସରକାର, କେତେ ଜିଲ୍ଲାପାଳ ଏବଂ ମନ୍ତ୍ରୀ ସାଂସଦ ମଧ୍ୟ ଗଲେଣି। ବେତନଟୀର ଏହି ଡାକବଙ୍ଗଳାଟି ୫ ନମ୍ବର ଜାତୀୟ ରାଜପଥ ବାରିପଦା ସ୍ଥିତ କାର୍ଯ୍ୟନିର୍ବାହୀ ଯନ୍ତ୍ରୀଙ୍କ ଅଧୀନରେ ରହିଛି। ଏଠାରେ ଜଣେ ଚୌକିଦାର ରକ୍ଷଣାବେକ୍ଷଣ ଦାୟିତ୍ୱରେ ରହିଛନ୍ତି। ଏହି ରାସ୍ତାରେ ଗଲାବେଳେ



ମନ୍ତ୍ରୀ, ଅଧିକାରୀମାନେ ଏହି ଡାକବଙ୍ଗଳାରେ ବିଶ୍ରାମ ମଧ୍ୟ ନେଇଥାନ୍ତି। ଏହା ସବୁଠାରୁ ପୁରୁଣା ଡାକବଙ୍ଗଳା ଏବଂ ବହୁ ସ୍ମୃତି ମଧ୍ୟ ରହିଛି। ହେଲେ ଏବେ ଏହି ଡାକବଙ୍ଗଳା ଜରାଜୀର୍ଣ୍ଣ ଅବସ୍ଥାରେ ରହିଛି। ଦୁଇଟି ଯାକ ପ୍ରକୋଷ୍ଠରେ ଏସି ସହିତ ଅନ୍ୟାନ୍ୟ ସୁବିଧା ନ ଥିବା ହେତୁ ପୂର୍ବରୁ ଯେଉଁଭଳି ରିଜର୍ଭେସନ ହେଉଥିଲା, ଏବେ ଆଉ ଏହା କେହି ନେଉନାହାନ୍ତି। ସ୍ଥାନୀୟ ବିଧାୟକ କି ମନ୍ତ୍ରୀ କେହି ବି ଦୃଷ୍ଟିଦେଉନାହାନ୍ତି। ବ୍ୟବସ୍ଥାର ଅନେକ ପରିବର୍ତ୍ତନ ଓ ବିଭିନ୍ନ ଯୋଜନା ପାଇଁ କୋଟି କୋଟିର ଅନୁଦାନ ଆସୁଥିଲେ ସୁଦ୍ଧା ଏହି ଡାକ ବଙ୍ଗଳାର ଭାଗ୍ୟ ଅନ୍ଧକାର ଭିତରେ ବୁଡି ରହିଛି।

# ସମ୍ପାଦକୀୟ



ମାନବ ବିକାଶ ଲକ୍ଷ୍ୟରେ ସାମର୍ଥ୍ୟ ନିବେଶ ବିନା ଅର୍ଥନୈତିକ ଅଭିବୃଦ୍ଧି ଦୀର୍ଘସ୍ଥାୟୀ ଓ ନୀତିଗତ ହୋଇପାରେନାହିଁ।
ଅମର୍ତ୍ତ୍ୟ ସେନ୍

## ବନ୍ଧା ପଡ଼ିଛି ଓଡ଼ିଆ ଅସ୍ମିତା

ରାଜ୍ୟରେ ସରକାର ଗଠନର ଏ ବର୍ଷ ପୂର୍ତ୍ତି ପାଳନ କରୁଛି ବିଜେପି ସରକାର। ଏହି ଅବସରରେ ନିଜର ସଫଳତା ବଖାଣିବା ପାଇଁ ଅନେକ ବଡ଼ ବଡ଼ କାର୍ଯ୍ୟକ୍ରମର ଆୟୋଜନ କରିବାକୁ ଯୋଜନା କରୁଛି। ଏହି ଗୋଟିଏ ବର୍ଷ ଭିତରେ ସରକାର ଅନେକ ଉଲ୍ଲେଖନୀୟ କାମ କରିଛନ୍ତି ବୋଲି ବିଜେପି ଦାବି କରିବା ସ୍ୱାଭାବିକ। କିନ୍ତୁ ଯେଉଁ ପ୍ରତିଶ୍ରୁତି ଦେଇ ଦଳ କ୍ଷମତାକୁ ଆସିଥିଲା ତାହାକୁ ପାଳନ କରିବାରେ କେତେ ସଫଳ, ତାହାର ଆକଳନ କରିବା ଲାଗି ଏହା ହେଉଛି ଉପଯୁକ୍ତ ସମୟ। କ୍ଷମତାକୁ ଆସିବା ଲାଗି ବିଜେପି ଯାହାକୁ ମୁଖ୍ୟ ପ୍ରସଙ୍ଗ କରିଥିଲା, ତାହା ଥିଲା ଓଡ଼ିଆ ଅସ୍ମିତା। ଏହି ଅସ୍ମିତାକୁ ବିଜେପି ସରକାର ରକ୍ଷା କରିପାରିଛନ୍ତି କି ନାହିଁ, ତାହା ଉପରେ ସମୀକ୍ଷା କରିବାର ସମୟ ଆସିଛି।

ପୋଲାଭରମ ବିବାଦଠାରୁ ଆରମ୍ଭ କରି ଛତିଶଗଡ଼ ସହ ମହାନଦୀ ବିବାଦ, ଓଡ଼ିଆ ଅଧିକାରୀଙ୍କୁ ରାଜ୍ୟପାଳଙ୍କ ପୁଅର ମାଡ଼, ଶ୍ରୀମନ୍ଦିର ରତ୍ନଭଣ୍ଡାର, ବିଜୁ ସ୍ୱାସ୍ଥ୍ୟ କଲ୍ୟାଣ ଯୋଜନା ପର୍ଯ୍ୟନ୍ତ ଏଭଳି ଅନେକ ପ୍ରସଙ୍ଗ ରହିଛି, ଯାହା ସହିତ ଓଡ଼ିଆ ଅସ୍ମିତା ଯୋଡ଼ି ହୋଇରହିଛି। କିନ୍ତୁ ବିଜେପି ସରକାର ଏହାର ସୁରକ୍ଷା ପାଇଁ କ'ଣ କ'ଣ କରିଛନ୍ତି, ତାହା ଜଳ ଜଳ ହୋଇ ଦେଖାଯାଉଛି। ପୋଲାଭରମ ପ୍ରକଳ୍ପ ଯୋଗୁଁ ମାଲକାନଗିରି ଜିଲ୍ଲାରେ ଶତାଧିକ ଗାଁ ବୁଡ଼ିଯିବ ଏବଂ ଏଥିରେ ଓଡ଼ିଶାର ବ୍ୟାପକ କ୍ଷତି ହେବ। ଏହାସତ୍ତ୍ୱେ କେନ୍ଦ୍ର ସରକାର ଏହାକୁ ଅଗ୍ରାଧିକାର ଭିତ୍ତିରେ ସାରିବା ଲାଗି ଆନ୍ଧ୍ର ଉପରେ ଅଜସ୍ର ପାଣ୍ଠିର ବର୍ଷା କରିଛନ୍ତି। ଏହାକୁ ବିରୋଧ କରିବା ତ ଦୂରର କଥା, ଏ ସମ୍ପର୍କରେ ମୁହଁ ବି ଫିଟାଉ ନାହାନ୍ତି ରାଜ୍ୟ ବିଜେପି ସରକାର। ସେହିଭଳି ଅନ୍ୟତମ ପଡ଼ୋଶୀ ରାଜ୍ୟ ଛତିଶଗଡ଼ ମହାନଦୀ ଉପରମୁଣ୍ଡରେ ବନ୍ଧ ନିର୍ମାଣ କରି ଜଳ ପ୍ରବାହକୁ ନିୟନ୍ତ୍ରଣ କରୁଛି। ବନ୍ୟା ବେଳେ ପାଣି ଛାଡ଼ୁଛି ଏବଂ ଅଣବର୍ଷା ଋତୁରେ ଜଳ ପ୍ରବାହକୁ ହ୍ରାସ କରୁଛି। ଏହାଯୋଗୁଁ ଓଡ଼ିଶାର କ୍ଷତି ହିଁ କ୍ଷତି ହେଉଛି। ଏହାର ସମାଧାନ ପାଇଁ ଟ୍ରିବ୍ୟୁନାଲ ଗଠନ ହୋଇଛି। କିନ୍ତୁ ସମାଧାନ ଆଡ଼କୁ କଥା ଆଗଉନି। ସବୁଠାରୁ ଉଲ୍ଲଖନୀୟ କଥା ହେଲା ଯେ ଛତିଶଗଡ଼ରେ ବିଜେପି ସରକାର ରହିଛି ଏବଂ କେନ୍ଦ୍ରରେ ବି ବିଜେପି ସରକାର। ଟ୍ରିପଲ ଇଞ୍ଜିନ ସରକାର ଥିଲେ ମଧ୍ୟ ଓଡ଼ିଶାରେ ବିଜେପି ସରକାର ନିରବ ରହି ଓଡ଼ିଶାବାସୀଙ୍କୁ ସେମାନଙ୍କ ଭାଗ୍ୟ ସହିତ ଛାଡ଼ିଦେଇଛନ୍ତି।

ଗତ ନିର୍ବାଚନ ପ୍ରଚାର ସମୟରେ ରାଜ୍ୟ ପ୍ରଶାସନରେ ଅଣଓଡ଼ିଆ ଅଧିକାରୀଙ୍କ ଭୂମିକାକୁ ନେଇ ଅବାସ୍ତବ ପ୍ରସଙ୍ଗ କରିଥିଲା ବିଜେପି। ଭାରତର ସାମ୍ବିଧାନିକ ଓ ସଂଘୀୟ ବ୍ୟବସ୍ଥାରେ ସର୍ବଭାରତୀୟ ସେବାରେ ଗୋଟିଏ ରାଜ୍ୟର ବ୍ୟକ୍ତି ଅନ୍ୟ ରାଜ୍ୟରେ ଅଧିକାରୀ ହୋଇପାରିବେ। ଏହା ହେଉଛି ମଧ୍ୟ। ଓଡ଼ିଶାର କେତେକ ଆଇଏଏସ୍ ଓ ଆଇପିଏସ୍ ଅଧିକାରୀ ଅନ୍ୟ ରାଜ୍ୟରେ ମୁଖ୍ୟ ସଚିବ ଓ ପୁଲିସ ଡିଜି ହେବାର ମଧ୍ୟ ଉଦାହରଣ ରହିଛି। ସେହିଭଳି ଅନ୍ୟ ରାଜ୍ୟର ଅଧିକାରୀ ଓଡ଼ିଶାରେ ଦାୟିତ୍ୱ ଗ୍ରହଣ କଲେ ଅସୁବିଧା କେଉଁଠି ରହିଲା? ବର୍ତ୍ତମାନ ପ୍ରଶ୍ନ ଉଠୁଛି କ୍ଷମତାକୁ ଆସିଲା ପରେ ସେହି ବ୍ୟବସ୍ଥାରୁ ଓଡ଼ିଶା ପ୍ରଶାସନକୁ ମୁକ୍ତ କରିପାରିଛି କି ବିଜେପି? ଏହା ସମ୍ଭବ ନୁହେଁ। ତା'ହେଲେ ନିର୍ବାଚନ ପ୍ରଚାର ବେଳେ ଅସ୍ମିତା ନାମରେ ଏଭଳି ବିଭ୍ରାନ୍ତି କାହିଁକି ପ୍ରଚାର କରୁଥିଲା ବିଜେପି?

ଗତବର୍ଷ ରଥଯାତ୍ରା ବେଳେ ଓଡ଼ିଶାରେ ଜଣେ ଓଡ଼ିଆ ଅଧିକାରୀ ବୈକୁଣ୍ଠ ପ୍ରଧାନଙ୍କୁ ମାଡ଼ ମାରିଲେ ତତ୍କାଳୀନ ରାଜ୍ୟପାଳ ତଥା ଝାଡ଼ଖଣ୍ଡ ବିଜେପି ନେତା ରଘୁବର ଦାସଙ୍କ ପୁଅ ଲଳିତ ଦାସ। ନ୍ୟାୟ ପାଇଁ ଅଧିକାରୀ ଓ ତାଙ୍କ ପରିବାର ଦୌଡ଼ି ଦୌଡ଼ି ଥକିଗଲେଣି। ବିଜେପି ନେତାଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ତ ଦୂରର କଥା, ପୁଲିସ ଏଫ୍ଆଇଆରକୁ ନେଇ ମଧ୍ୟ ଖେଳୁଛି। ରାଜ୍ୟ ସୀମାରେ ଏବଂ ରାଜ୍ୟ ଭିତରେ ଅଣଓଡ଼ିଆଙ୍କ ଉତ୍ପାତ ବଢ଼ି ଚାଲିଥିବା ବେଳେ ସରକାର ନିରବ ରହିବା କେଉଁପ୍ରକାର ଅସ୍ମିତା? କେବଳ ନାଁ ଓ ରଙ୍ଗ ବଦଳାଇବାରେ ବ୍ୟସ୍ତ ରାଜ୍ୟ ବିଜେପି ସରକାର ରାଜ୍ୟର ଅସ୍ମିତାକୁ ଡବଲ ଇଞ୍ଜିନ ଆଗରେ ବନ୍ଧା ପକାଇଦେଇଛନ୍ତି।

ରାଜ୍ୟରେ ଗରିବ ଲୋକମାନଙ୍କର ସାହା ଭରସା ପାଲଟିଥିବା ବିଜୁ ସ୍ୱାସ୍ଥ୍ୟ କଲ୍ୟାଣ ଯୋଜନା (ବିଏସ୍‌କେୱାଇ)କୁ ବନ୍ଦ କରି ଦେଇ ନବଗଠିତ ସରକାର ରାଜ୍ୟବାସୀଙ୍କୁ ତଳିତଳାନ୍ତ କରିଛନ୍ତି। ବିଏସ୍‌କେୱାଇ ସହିତ କେନ୍ଦ୍ର ପ୍ରାୟୋଜିତ ଆୟୁଷ୍ମାନ ଯୋଜନାକୁ ଯୋଡ଼ାଯାଇଛି ବୋଲି କୁହାଯାଉଥିବା ବେଳେ ବାସ୍ତବରେ ଯୋଜନାର ମିଶ୍ରଣ ପରେ ଲୋକମାନଙ୍କୁ ଆଗଭଳି ଚିକିତ୍ସା ସୁବିଧା ଆଉ ମିଳୁନାହିଁ। ଏହାକୁ ନେଇ ରୋଗୀମାନଙ୍କ ମଧ୍ୟରେ ତୀବ୍ର ପ୍ରତିକ୍ରିୟା ପ୍ରକାଶ ପାଇବାରେ ଲାଗିଛି। ସେହିଭଳି ନିର୍ବାଚନ ପ୍ରଚାର ବେଳେ ଶ୍ରୀମନ୍ଦିର ରତ୍ନଭଣ୍ଡାର ନେଇ ଦୁନିଆ ତମ୍ବିତୋଫାନ କଲେ। ସବୁ ସଭାମଞ୍ଚରେ ଏହି ପ୍ରସଙ୍ଗ ଉଠାଇଥିଲେ ବିଜେପି ନେତା। ବିଭିନ୍ନ ପ୍ରକାର ବିଭ୍ରାନ୍ତିକର ତଥ୍ୟ ଦେଇ ଭୋଟରମାନଙ୍କୁ ପ୍ରଭାବିତ କଲେ। ନିର୍ବାଚନରେ ବିଜୟୀ ହେଲେ ଚାବି ଖୋଜି ଆଣି ରତ୍ନଭଣ୍ଡାର ଖୋଲିବେ ବୋଲି କହିଲେ। କିନ୍ତୁ କ୍ଷମତାକୁ ଆସିବା ପରେ ବଦଳିଗଲା ସରକାରଙ୍କ ସ୍ୱର। ଚାବି ଖୋଜିବା ପାଇଁ ଗଠିତ କମିସନ ଯେଉଁ ରିପୋର୍ଟ ଦେଇଛନ୍ତି, ତାହାକୁ ସାର୍ବଜନୀନ କରିବାକୁ ମନା କରିଦେଲେ ସରକାର। ହାଇକୋର୍ଟରେ ଏ ସମ୍ପର୍କରେ ଆଗତ ପିଟିସନକୁ ମଧ୍ୟ ସରକାର ବିରୋଧ କଲେ। ଶେଷରେ ରତ୍ନଭଣ୍ଡାର ଖୋଲା ହେଲା। କିନ୍ତୁ କେତେ ଅଳଙ୍କାର ରହିଛି ତାହାର ଏପର୍ଯ୍ୟନ୍ତ ଗଣତି ମଣତି ହୋଇପାରିଲା ନାହିଁ। ମହାପ୍ରଭୁ ଜଗନ୍ନାଥ ହେଉଛନ୍ତି ଓଡ଼ିଆ ଅସ୍ମୀତାର ପ୍ରତୀକ। ତାଙ୍କୁ ନେଇ ଏଭଳି ରାଜନୀତି କାହିଁକି? ଏ ସମ୍ପର୍କରେ ସରକାରଙ୍କୁ ଜବାବ ଦେବାକୁ ପଡ଼ିବ।

## ଆଖି ଦେଖା ମିଛ

ମାନସ ମଙ୍ଗରାଜ

ଥରେ ସମ୍ରାଟ ଆକବର ରାଜସଭାରେ କୌଣସି ପ୍ରସଙ୍ଗକୁ ନେଇ ନିଜ ପାରିଷଦମାନଙ୍କୁ ପଚାରିଲେ- 'ଆଖି ଦେଖା କଥା କ'ଣ ମିଛ ହୋଇପାରେ?' ସମ୍ରାଟଙ୍କ ପ୍ରଶ୍ନ ଶୁଣି ସମସ୍ତେ ସ୍ତବ୍ଧ। ଆଖିରେ ଦେଖିଥିବା କଥା କ'ଣ ସତ ନୁହେଁ? କେହି କିଛି ଉତ୍ତର ଦେବା ପୂର୍ବରୁ 'ଆକବରନାମା'ର ଲେଖକ ପଣ୍ଡିତ ଅବୁଲ ଫଜଲ କହିଲେ- 'ଜାହାଁପନା, ଆଖି ଦେଖିଥିବା କଥା କେବେ ଅସତ୍ୟ ହୋଇ ପାରିବ ନାହିଁ।' ଅନ୍ୟ ମନ୍ତ୍ରୀ ଓ ପାରିଷଦମାନେ ମଧ୍ୟ ଅବୁଲ ଫଜଲଙ୍କ କଥା ସହ ସହମତି ପ୍ରକାଶ କଲେ। ସେଠାରେ ଉପସ୍ଥିତ ଥିଲେ ବୀରବଲ। ନିଜର ଉପସ୍ଥିତ ବୁଦ୍ଧି ଓ ପାଣ୍ଡିତ୍ୟ ପାଇଁ ପ୍ରସିଦ୍ଧ ବୀରବଲ କହିଲେ- 'ଆଖି ଦେଖା କଥା ସବୁବେଳେ ସତ୍ୟ ନୁହେଁ। ସ୍ୱଚକ୍ଷୁରେ ଦେଖିଥିବା ଅନେକ କଥା ଅନେକ ସମୟରେ ଅସତ୍ୟ ହୋଇପାରେ।' ବୀରବଲଙ୍କ କଥା ସମସ୍ତଙ୍କୁ ଆଶ୍ଚର୍ଯ୍ୟ କଲା। ସେମାନେ ଏହାର ପ୍ରମାଣ ଦେବା ନିମନ୍ତେ ବୀରବଲଙ୍କୁ ଆହ୍ୱାନ ଦେଲେ। ଆକବର ମଧ୍ୟ ବୀରବଲଙ୍କୁ ଏହା ପ୍ରମାଣ କରିବାକୁ ନିର୍ଦ୍ଦେଶ ଦେଲେ। ୨୪ ଘଣ୍ଟା ମଧ୍ୟରେ ଏହା ପ୍ରମାଣ କରିଦେବେ ବୋଲି କହି ବୀରବଲ ରାଜସଭାରୁ ବିଦାୟ ନେଲେ।

ଦରବାର ତ୍ୟାଗ କରି ବୀରବଲ ନିଜ ଘର ପରିବର୍ତ୍ତେ ସମ୍ରାଟ ଆକବରଙ୍କ ବାସଭବନକୁ ଗଲେ। ସେଠାରେ କାର୍ଯ୍ୟ କରୁଥିବା ଜଣେ ପରିଚାରିକାକୁ ପାଖକୁ ଡାକି ରାତିରେ ଆକବରଙ୍କ ଶଯ୍ୟାରେ ଶୟନ କରିବାକୁ ନିର୍ଦ୍ଦେଶ ଦେଲେ। ଏଥିପାଇଁ ତାକୁ ୧୦ ସ୍ୱର୍ଣ୍ଣମୁଦ୍ରା ଦେବାକୁ ପ୍ରଲୋଭନ ବି ଦେଖାଇଲେ। ଏପରି ଧୃଷ୍ଟତା ନିମନ୍ତେ ତା'ର ଜୀବନ ଯିବାର ଭୟ ଥିବାରୁ ପରିଚାରିକା ପ୍ରଥମେ ବୀରବଲଙ୍କ ପ୍ରସ୍ତାବରେ ସମ୍ମତ ହେଲା ନାହିଁ। ମାତ୍ର ବୀରବଲ ତାକୁ ଅଭୟ ଆଶ୍ୱାସନା ଦେବା ପରେ ସେ ସମ୍ରାଟଙ୍କ ଶୟନକକ୍ଷରେ ତାଙ୍କ ବିଛଣାରେ ଶୋଇବା ନିମନ୍ତେ ରାଜି ହେଲା। ଆକବର ଶୟନକକ୍ଷକୁ ଆସିବା ବେଳକୁ ପରିଚାରିକା ଜଣକ ଘୋଡ଼ି ହୋଇ ତାଙ୍କ ଶେଯ ଉପରେ ଶୋଇଥିଲା; ମାତ୍ର ଏ କଥା ଆକବର ଜାଣିବେ କିପରି? ସେ ଭାବିଲେ ବେଗମ୍ ହୁଏତ କ୍ଳାନ୍ତ ହୋଇ ନିଦ୍ରା ଯାଇଛନ୍ତି। ତେଣୁ ସେ ନିଦ୍ରିତା ରମଣୀଙ୍କ ସହ କୌଣସି ବାକ୍ୟବ୍ୟୟ ନ କରି ନିଜ ବିଛଣାରେ ବିଶ୍ରାମ ନେଲେ। କିଛିସମୟ ପରେ କାହାର ଚିତ୍କାରରେ ଆକବରଙ୍କ ନିଦ ଭାଙ୍ଗିଗଲା। ସେ ଦେଖିବା ବେଳକୁ କକ୍ଷ ମଧ୍ୟରେ ବେଗମ୍ ଠିଆ ହୋଇ କ୍ରୋଧରେ ଚିତ୍କାର କରୁଛନ୍ତି ଏବଂ ତାଙ୍କ ଶଯ୍ୟାରେ ପରିଚାରିକା ଶୋଇଛନ୍ତି। ସମ୍ରାଟ ଆକବର ହଠାତ୍ କିଛି ବୁଝି ପାରିଲେ ନାହିଁ।

ଜଣେ ପରିଚାରିକାକୁ ଶଯ୍ୟାସଙ୍ଗିନୀ କରିଥିବା ଯୋଗୁଁ ବେଗମ୍ କ୍ରୋଧାନ୍ୱିତ ହୋଇ ସମ୍ରାଟ ଆକବରଙ୍କୁ ଭର୍ତ୍ସନା କରି ଚାଲିଥା'ନ୍ତି। ଆକବର ଯେତେ ବୁଝାଇବାକୁ ଚେଷ୍ଟା କଲେ ବି ବେଗମ୍ କିଛି ବୁଝୁ ନ ଥା'ନ୍ତି। ସେ ଆଖିରେ ଦେଖିଥିବା କଥା କେବେ ମିଛ ହୋଇ ନ ପାରେ ବୋଲି କହୁଥା'ନ୍ତି। ଏହି ସମୟରେ ବୀରବଲଙ୍କର ଆବିର୍ଭାବ ଘଟେ। ଉଭୟ ବେଗମ୍ ଓ ଆକବରଙ୍କୁ ସେ ସବୁ ଘଟଣା ବୁଝାଇ ଦିଅନ୍ତି। ସମ୍ରାଟଙ୍କ ସହ ପରିଚାରିକାର କୌଣସି ସମ୍ପର୍କ ନାହିଁ। ଆକବର ଯେପରି ପରିଚାରିକାକୁ ବେଗମ୍ ମନେକରି ତାଙ୍କ ସହ ବିଶ୍ରାମ ନେଇଥିଲେ, ସେହିପରି ସମ୍ପୂର୍ଣ୍ଣ ଘଟଣା ନ ଜାଣି କେବଳ ଆଖିରେ ଦେଖିଥିବା କଥାକୁ ବେଗମ ସତ୍ୟ ମନେ କରିବା ଅସତ୍ୟ ବୋଲି ବୀରବଲ ପ୍ରମାଣ କରିଦିଅନ୍ତି। ଅର୍ଥାତ୍ ଅନେକ ସମୟରେ ପ୍ରାୟୋଜିତ ମିଛ ବି ସତ୍ୟ ପରି ମନେ ହୁଏ। ଆକବର-ବୀରବଲଙ୍କ କଥା କେବଳ ଗୋଟିଏ ଉଦାହରଣ। ମାତ୍ର ପ୍ରତିଦିନ ପ୍ରତି ମୁହୂର୍ତ୍ତରେ ଆମ ସାମ୍ନାରେ ଏମିତି ଅନେକ ଘଟଣା ଘଟେ, ଯାହା ମିଛ ହୋଇଥିଲେ ବି ସତ ପରି ଲାଗେ। ସିଧା ଭାଷାରେ କହିଲେ -'ଆଖି ଦେଖା ମିଛ'। ମହାଭାରତର 'ନରେ ବା ଗୁଞ୍ଜରେ ଅଶ୍ୱତ୍ଥାମା ହତଃ'ଠାରୁ ବଡ଼ ଉଦାହରଣ ବୋଧହୁଏ ଆଉ କିଛି ନାହିଁ। ବିଡ଼ମ୍ବନା ହେଉଛି ସତ୍ୟ ସାବ୍ୟସ୍ତ କରିବାକୁ ପ୍ରମାଣ ଲୋଡ଼ାପଡ଼େ, ମାତ୍ର ମିଥ୍ୟା ପାଇଁ କେବେ ପ୍ରମାଣର ଆବଶ୍ୟକତା ପଡ଼େ ନାହିଁ।

### ଅନୁଭବ-ଅନୁଭୂତି

ସାମ୍ବାଦିକତା କେବେ ଯେ ସମ୍ପୂର୍ଣ୍ଣ ନିରପେକ୍ଷ ଥିଲା, ଏ ଉଲ୍ଲେଖ କରିବା ଧୃଷ୍ଟତା ହେବ। ପକ୍ଷପାତ ଓ ନିରପେକ୍ଷତା ମଧ୍ୟରେ ସୂକ୍ଷ୍ମ ପାର୍ଥକ୍ୟ ସାମ୍ବାଦିକତାକୁ ସବୁବେଳେ ବିବଦମାନ ଓ ସାମ୍ବାଦିକ ପ୍ରତି ଅଙ୍ଗୁଳି ନିର୍ଦ୍ଦେଶ କରି ଆସିଛି। ଯେଉଁ ଖବରରେ ଯାହାର ସ୍ୱାର୍ଥହାନି ହୁଏ, ସେ ସର୍ବଦା ସାମ୍ବାଦିକ ଓ ଗଣମାଧ୍ୟମ ପ୍ରତି ସ୍ୱାଭାବିକ ଅଙ୍ଗୁଳି ଉଠାଇଥାଏ। ମାତ୍ର ନିଜକୁ ଚର୍ଚ୍ଚିତ ଓ ପ୍ରସିଦ୍ଧ କରିବା ପାଇଁ ସାମ୍ବାଦିକଟି କେବେ ନିଜ ବୃତ୍ତିର ଅସମ୍ମାନ କରିବା ପୂର୍ବରୁ ଦେଖିବାକୁ ମିଳୁ ନ ଥିଲା। ଅନେକ ନୀତିନିଷ୍ଠ ଗଣମାଧ୍ୟମ କର୍ତ୍ତୃପକ୍ଷ ଏପରି ଆଚରଣକୁ ସହ୍ୟ କରୁ ନ ଥିଲେ। ରାଜନୀତିରେ ପ୍ରବେଶ ପୂର୍ବରୁ ପାଖାପାଖି ଦୁଇ ଦଶନ୍ଧି ଧରି ସାମ୍ବାଦିକତା କରିଛି। ବୃତ୍ତି ଦାୟରେ ରାଜ୍ୟର ବିଭିନ୍ନ ସ୍ଥାନରେ କାର୍ଯ୍ୟ କରିଛି। ମୋର ସମସାମୟିକ ଅନେକ ସାମ୍ବାଦିକ ବନ୍ଧୁ ଏବେ ବି ଅନେକ ଗଣମାଧ୍ୟମରେ ସକ୍ରିୟ। ଅନେକ ବନ୍ଧୁ ତ ବିଭିନ୍ନ ଗଣମାଧ୍ୟମରେ ବେଶ୍ ଉଚ୍ଚପଦରେ ଅବସ୍ଥାପିତ। ପରବର୍ତ୍ତୀ ସମୟରେ ତତ୍କାଳୀନ ରାଜ୍ୟ ସରକାରଙ୍କ ଗଣମାଧ୍ୟମ ପରାମର୍ଶଦାତା ଭାବରେ ଗଣମାଧ୍ୟମ ସହ ଜଡ଼ିତ ଅନେକ ବନ୍ଧୁମାନଙ୍କ ସହ ମୋର ସମ୍ପର୍କ ରହିଛି। ତିନି ଦଶନ୍ଧି ତଳର ସାମ୍ବାଦିକତା ସହ ବର୍ତ୍ତମାନ ସମୟର ସାମ୍ବାଦିକତାକୁ ତୁଳନା କଲେ ଅନେକ ସମୟରେ କଷ୍ଟ ଲାଗେ, ନିରାଶ ହେବାକୁ ପଡ଼େ; ମାତ୍ର ଏଥିରେ ସମ୍ପୃକ୍ତ ସାମ୍ବାଦିକଟିକୁ ବି କିପରି ଦୋଷ ଦିଆଯିବ? ନିଜ ପରିବାର ପ୍ରତିପୋଷଣ ପାଇଁ ତା'କୁ ମାଲିକର ନିର୍ଦ୍ଦେଶକୁ ଅନୁପାଳନ କରିବାକୁ ତ ପଡ଼ିବ। ଚାବି ଦିଆ କଣ୍ଢେଇ ପରି ସେ ନିଜ ମାଲିକର ନିର୍ଦ୍ଦେଶ ଅନୁସାରେ ନାଚିବାକୁ ବାଧ୍ୟ। ମାଲିକ ଚାହୁଁଥିବା ଅନୁସାରେ ଖବର ପ୍ରସ୍ତୁତ କରିବାକୁ ପଡ଼ିବ, ସେଠାରେ ବିବେକର ସ୍ଥାନ କାହିଁ? ସେହିପରି କିଛି ସାମ୍ବାଦିକ ନିଜ ବର୍ହିଃ ପ୍ରାୟୋଜକଙ୍କ ତୁଷ୍ଟୀକରଣ ଓ ସ୍ୱାର୍ଥ ସାଧନ ନିମନ୍ତେ ନିଜ ସଂସ୍ଥା ଓ କର୍ତ୍ତୃପକ୍ଷଙ୍କୁ ବ୍ୟବହାର କରିବାକୁ ସକ୍ଷମ ହୋଇଥା'ନ୍ତି, ମାତ୍ର ଏପରି ଉଦାହରଣ ଅତ୍ୟନ୍ତ ନଗଣ୍ୟ।

ମନ ସତ୍ୟ ବା ମିଥ୍ୟା ସୃଷ୍ଟି କରେ ନାହିଁ। ସେଥିପାଇଁ ନିଜ ସ୍ୱାର୍ଥ ପାଇଁ ଚତୁର ବ୍ୟକ୍ତି ମିଛକୁ ସତ ଓ ସତକୁ ମିଛ ରୂପେ ପ୍ରମାଣିତ କରିବାକୁ ସମର୍ଥ ହୁଅନ୍ତି। ଦୁର୍ବଳମନା ମଣିଷର ମସ୍ତିଷ୍କରେ ଏହାକୁ ଭର୍ତ୍ତି କରିବାକୁ ଏହି ଚତୁର ବ୍ୟକ୍ତିମାନଙ୍କୁ ଆଦୌ କଷ୍ଟ କରିବାକୁ ପଡ଼େ ନାହିଁ। ମନ କେବଳ ବିଶ୍ୱାସ ସୃଷ୍ଟି କରେ ଓ ଚତୁର ଲୋକମାନେ ତାହାର ସୁଯୋଗ ନେଇ ସତ୍ୟକୁ ମିଥ୍ୟା ଓ ମିଥ୍ୟାକୁ ସତ୍ୟ ବୋଲି ପ୍ରମାଣ କରିବାକୁ ସକ୍ଷମ ହୋଇଥା'ନ୍ତି। ଯେମିତି ମ୍ୟାଜିସିଆନ ଓ ମାଇଣ୍ଡରିଡରମାନେ ଆଜିକାଲି ଲୋକର ମନ ଓ ମସ୍ତିଷ୍କକୁ ପ୍ରଭାବିତ କରିପାରୁଛନ୍ତି, ସେମିତି ମିଛକୁ ସତ୍ୟରେ ପରିଣତ କରିବାକୁ ଚତୁର ଲୋକମାନେ ଅନୁରୂପ ଡାଞ୍ଚା ପ୍ରୟୋଗ କରିଥା'ନ୍ତି। ଏହି ବ୍ୟକ୍ତି ବା ବ୍ୟକ୍ତିସମୂହ ଦୁଷ୍ପ୍ରଚାର ବା ପ୍ରୋପାଗଣ୍ଡାକୁ ଏବେ ନିଜର ନୀତିରେ ପରିଣତ କରିଛନ୍ତି। ଏପରିକି ବ୍ୟକ୍ତିଗତ ସ୍ୱାର୍ଥସାଧନ ପାଇଁ ଏପ୍ରକାର ଦୁଷ୍ପ୍ରଚାରକୁ ପ୍ରୋତ୍ସାହିତ କରାଯାଉଛି। ଭୁଲ ସୂଚନା, ଭୁଲ ତଥ୍ୟ, ମିଛ ଖବର ଜରିଆରେ ଲୋକମାନଙ୍କୁ ବିଭ୍ରାନ୍ତ କରିବାକୁ ଉଦ୍ୟମ କରାଯାଉଛି। ଦୁଷ୍ପ୍ରଚାର ବା ପ୍ରୋପାଗଣ୍ଡା ପାଇଁ ସ୍ୱତନ୍ତ୍ର ଟିମ୍ ଗଠନ କରାଯାଉଛି। ଭୁଲ ନ୍ୟାରେଟିଭ ପ୍ରସ୍ତୁତ ହେଉଛି। ଘଟୁଥିବା ଘଟଣାର ଭୁଲ ତର୍ଜମା କରିବା ଓ ବାସ୍ତବତାକୁ ଗୋପନ ରଖି ମିଛ ପ୍ରଚାର କରିବାକୁ କୁହାଯାଉଛି। ସେଠାରେ ନୀତି ନୈତିକତା ନାହିଁ, ତଥ୍ୟ ଓ ତର୍କର ସ୍ଥାନ ନାହିଁ। ଗତ ନିର୍ବାଚନ ସମୟରେ ଏପରି କିଛି ଘଟଣାରେ ମିଛର ରଙ୍ଗ ମାଖି ଏଥିରୁ ଫାଇଦା ଉଠାଇବାକୁ ନିର୍ଦ୍ଦିଷ୍ଟ କିଛି ଗଣମାଧ୍ୟମ ମାଲିକ ଦୁଷ୍ପ୍ରଚାର ଜରିଆରେ ନିଜ ଫାଇଦା ବି ଉଠାଇଛନ୍ତି। ପରିଣତିସ୍ୱରୂପ ବୌଦ୍ଧିକତା ଉପହସିତ ହେଉଛି, ଖବର ଗୁରୁତ୍ୱ ହରାଉଛି ଓ ଗଣମାଧ୍ୟମ ନିଜର ସମ୍ମାନ। ଗଣମାଧ୍ୟମ ପ୍ରତିନିଧି ବା ସାମ୍ବାଦିକଙ୍କୁ ଏବେ ଲୋକମାନେ ସନ୍ଦେହ ଦୃଷ୍ଟିରେ ଦେଖୁଛନ୍ତି। ମିଛ ଏଜେଣ୍ଡା, ପ୍ରୋପାଗଣ୍ଡା ଖବର ପରିବେଷଣ ଯୋଗୁଁ ପାରମ୍ପରିକ ଗଣମାଧ୍ୟମ ସାମାଜିକ ଗଣମାଧ୍ୟମଠାରୁ ପଛରେ ପଡ଼ି ଯାଇଛି। ଦୃଶ୍ୟ ଗଣମାଧ୍ୟମଗୁଡ଼ିକ କ୍ରମାଗତ ଭାବରେ ଦର୍ଶକଙ୍କ ଦ୍ୱାରା ଅଗ୍ରହଣୀୟ ହେବାରେ ଲାଗିଛି। ମୁଦ୍ରିତ ଗଣମାଧ୍ୟମ ବି ପାଠକଙ୍କ ଆଦର ହରାଉଛି। ପରିଣାମ ସ୍ୱରୂପ ଖବର ଶିଳ୍ପ ଏବେ ନିମ୍ନଗାମୀ ହେବାରେ ଲାଗିଛି। ତଥାକଥିତ ଟିଆରପିରେ ଓଡ଼ିଶାରେ ଏକଦା ଶୀର୍ଷ ସ୍ଥାନ ଅଧିକାର କରିଥିବା ବୈଦ୍ୟୁତିକ ଗଣମାଧ୍ୟମର ସ୍ଥିତି ଆଜି କେଉଁ ସ୍ଥାନରେ ଅଛି, ତାହା କାହାକୁ ଅଜଣା ନାହିଁ। ଏହି କଥିତ ବଡ଼ ବୈଦ୍ୟୁତିକ ଗଣମାଧ୍ୟମର ଟିଆରପି କେଇମାସ ମଧ୍ୟରେ ଦୁଇ-ତୃତୀୟାଂଶ ଖସି ୩୦ରୁ ୪୦ ମଧ୍ୟରେ ଅଟକି ଯାଇଛି। ସେହିପରି ନିଜକୁ ବଡ଼ ତଥା ଅଗ୍ରଣୀ ଗଣମାଧ୍ୟମ ଦାବି କରୁଥିବା ଖବରକାଗଜର ବାସ୍ତବ ପ୍ରସାର ସଂଖ୍ୟା ନିଜ ଦାବିର କେଉଁଠି ଅଧେ ତ କେଉଁଠି ଚଉଠେ। କେଉଁଠି କେଉଁଠି ଏହି ସଂଖ୍ୟା ଏକ-ଦଶମାଂଶ, କେଉଁଠି ପୁଣି ୨୫ ଭାଗରୁ ଭାଗେ।

ବାସ୍ତବତା, ବାସ୍ତବଧର୍ମୀ ଖବର ପରିବର୍ତ୍ତେ ନିଜ ସ୍ୱାର୍ଥ ସାଧନ ପାଇଁ ଖବରକୁ ମୋଡ଼ି ମକଚି ପରଷିବାର ପରିଣାମ ଏବେ ଉଭୟ ସମ୍ବାଦପତ୍ର ଓ ବୈଦ୍ୟୁତିକ ଗଣମାଧ୍ୟମକୁ ଭୟଙ୍କର ପ୍ରଭାବିତ କରିଛି। ଅଧିକାଂଶ ସାଧାରଣ ଲୋକଙ୍କ ଘରେ ଏବେ ଟିଭିରେ ଖବର ଚ୍ୟାନେଲ ଦେଖାଯାଉ ନାହିଁ। ଏପରିକି ଅନେକ ବ୍ୟକ୍ତିଙ୍କ ଘରେ ଟେଲିଭିଜନ କେବଳ ସୋ ପିସ୍ ଭାବରେ ରଖାଯାଇଥିବା ଦେଖାଯାଉଛି। ଅନେକ ସଚେତନ ପାଠକ ଖବରକାଗଜରୁ ମୁହଁ ମୋଡ଼ିଛନ୍ତି, ଆର୍ଥିକ ସାମର୍ଥ୍ୟ ସତ୍ତ୍ୱେ ଖବରକାଗଜ କିଣିବାକୁ ଆଗ୍ରହ ପ୍ରକାଶ କରୁନାହାନ୍ତି। ବିଡ଼ମ୍ବନା ହେଉଛି ଏଥିରୁ ଖବରକାଗଜ ଓ ଟିଭିର ମାଲିକମାନେ କିଛି ଶିକ୍ଷାଲାଭ କରୁନାହାନ୍ତି। ଏହା କେବଳ ଓଡ଼ିଶାର କଥା ନୁହେଁ, ସାରା ଦେଶରେ ସ୍ଥିତି ଏକା ପରି। ଯେଉଁଥିପାଇଁ ଏବେ ଖବର ଶିଳ୍ପ ଡିଜିଟାଲମୁହାଁ ହୋଇଛି। ଅନେକ ବୈଦ୍ୟୁତିକ ଗଣମାଧ୍ୟମ ସଙ୍କଟଜନକ ସ୍ଥିତି ଦେଇ ଗତି କରୁଛି। ଆଉ ଏ ଦଶନ୍ଧି ଶେଷ ବେଳକୁ ସମ୍ବାଦପତ୍ର ଶିଳ୍ପ କେଉଁଠି ପହଞ୍ଚି ଥିବ, ତାହା ଚିନ୍ତା କରିବା ବେଳକୁ ଭୟ ଲାଗୁଛି।

କ୍ଷତିକାରକ ଗଣମାଧ୍ୟମ ବିଷୟବସ୍ତୁଗୁଡ଼ିକ ଏକ ଷଡ଼ଯନ୍ତ୍ରକାରୀ ମାନସିକତାକୁ ଇନ୍ଧନ ଯୋଗାଏ, ଯାହା ସମାଜର ବିପୁଳ କ୍ଷତିସାଧନ କରିଥାଏ। ସାମଗ୍ରିକ ଓ ସାମାଜିକ ସ୍ୱାର୍ଥ ଅପେକ୍ଷା ବ୍ୟକ୍ତିଗତ ସ୍ୱାର୍ଥକୁ ପୃଷ୍ଠପୋଷକତା ଯୋଗାଇଥାଏ। ମାତ୍ର ଅଧୋପତନ ବ୍ୟତୀତ ଏଥିରୁ କାହାକୁ ଅଧିକ କିଛି ମିଳେ ନାହିଁ। ପ୍ରସିଦ୍ଧ ମାର୍କିନ ଚିନ୍ତାନାୟକ ଓ ଦାର୍ଶନିକ ଫ୍ରେଡ଼ରିକ୍ ଜେମସନ ଯଥାର୍ଥରେ କହିଥିଲେ- ଦୁଷ୍ପ୍ରଚାର ବା ଷଡ଼ଯନ୍ତ୍ର ତତ୍ତ୍ୱ ହେଉଛି ଉତ୍ତର ଆଧୁନିକ ଯୁଗରେ ବୌଦ୍ଧିକ ଦରିଦ୍ର ବ୍ୟକ୍ତିଙ୍କ ଜ୍ଞାନାତ୍ମକ ମାନଚିତ୍ର। ଏହା ସେମାନଙ୍କର ଶେଷ ପୁଞ୍ଜି ଓ ସାମଗ୍ରିକ ଯୁକ୍ତିର ଅବନତ ଚିତ୍ର। ପରବର୍ତ୍ତୀ ବ୍ୟବସ୍ଥା ଓ ସମୟକୁ ପ୍ରତିନିଧିତ୍ୱ କରିବାର ଏକ ହତାଶାଜନକ ପ୍ରୟାସ। ଗଣମାଧ୍ୟମର ମାଲିକ ବା କର୍ତ୍ତୃପକ୍ଷମାନେ ଏହାକୁ ବୁଝିବା ଓ ଆତ୍ମସମୀକ୍ଷା କରିବା ଦରକାର। (କ୍ରମଶଃ...)

(ସାଂସଦ, ରାଜ୍ୟସଭା)

## ଜନଜାତିଙ୍କ ହସ୍ତକଳା

କମଳଲୋଚନ ପଣ୍ଡା

ଓଡ଼ିଶାରେ ୬୪ ପ୍ରକାର ଜନଜାତି ବାସ କରନ୍ତି, ଯାହାଙ୍କ ସଂଖ୍ୟା ୨୦୧୧ ଜନଗଣନା ଅନୁଯାୟୀ ୯୫ ଲକ୍ଷରୁ ଅଧିକ ଏବଂ ରାଜ୍ୟର ମୋଟ ଜନସଂଖ୍ୟାର ପ୍ରାୟ ୨୨.୮ ପ୍ରତିଶତ। ଦେଶରେ ଥିବା ମୋଟ ଜନଜାତି ୧୦.୪୩ କୋଟିର ୯.୨% ଓଡ଼ିଶାରେ ବାସକରନ୍ତି। ରାଜ୍ୟର ମୁଖ୍ୟ ଜନଜାତିଗୁଡ଼ିକ ହେଉଛି କନ୍ଧ, ସାନ୍ତାଳ, ଗଣ୍ଡ, ମୁଣ୍ଡା, ହୋ, ପରଜା, ସଉରା ଭୂୟାଁ, ଭୂମିଜ ଇତ୍ୟାଦି। ଜଙ୍ଗଲ ସହିତ ଆଦିବାସୀଙ୍କ ଐତିହ୍ୟ, ସଂସ୍କୃତି, ପ୍ରଥା ଓ ପରମ୍ପରା ଜଡ଼ିତ। ପ୍ରକୃତିର ମୁକୁଳା ସୌନ୍ଦର୍ଯ୍ୟ ମଧ୍ୟରେ ମୁକ୍ତ ଜୀବନଯାପନ କରି ନିଜର ଗୁଜୁରାଣ ମେଣ୍ଟାଇବାକୁ ସେମାନେ ସର୍ବଦା ଆଗ୍ରହୀ। ବନଜାତ ସାମଗ୍ରୀକୁ ନେଇ ସେମାନେ ସୁନ୍ଦର ହସ୍ତକଳା ପ୍ରଦର୍ଶନ କରି ଆସୁଛନ୍ତି। ଏହି ପୁରାତନ କଳାର ନବୀକରଣ ପରେ ସବୁଠି ବଢ଼ିଛି ଏହାର ଆଦୃତି ଓ ମହକ।

ବାଲେଶ୍ୱର ଜିଲ୍ଲା ନୀଳଗିରି ଏବଂ ମହିଷାପଟା ପଞ୍ଚାୟତ ଶାଳବଣି ଗ୍ରାମର ଭୂମିଜ ଜନଜାତିମାନେ ଶିଆଳି, ଖଜୁରି ଓ ଅନ୍ୟ ବନଜାତ ଦ୍ରବ୍ୟରୁ ଆକର୍ଷଣୀୟ ସାମଗ୍ରୀ ପ୍ରସ୍ତୁତ କରି ଏବେ ଦେଶବିଦେଶରେ ସ୍ୱତନ୍ତ୍ର ପରିଚୟ ଲାଭ କରିଛନ୍ତି। ସେହିଭଳି କୋରାପୁଟ ଜିଲ୍ଲାରେ ବସବାସ କରୁଥିବା ଗାଦବା ଜନଜାତି ସମ୍ପ୍ରଦାୟ ଗଛରୁ ସୁତା ଓ ରଂଗ ତିଆରି ଏବଂ ପ୍ରକ୍ରିୟାକରଣ କରି ରଙ୍ଗୀନ ବସ୍ତ୍ର ପ୍ରସ୍ତୁତ କରୁଛନ୍ତି। ସେମାନେ କେରଙ୍ଗ ଗଛର ତନ୍ତୁରୁ ଧଳା ସୁତା ବାହାର କରିବା ପରେ ସେଗୁଡ଼ିକୁ ରଙ୍ଗୀନ କରିବା ପାଇଁ ଜାଫରା, ସିନ୍ଦୂର ଗଛରୁ ଲାଲ ରଙ୍ଗ, ସିଉନା ଓ ହରିଡ଼ା ଗଛରୁ ନୀଳ ରଙ୍ଗ ବ୍ୟବହାର କରନ୍ତି। ଏତଦ୍‌ବ୍ୟତୀତ କଦଳୀ ଗଛର ମଞ୍ଜାକୁ ସିଝାଇ ସେହି ପାଣିରୁ ମଧ୍ୟ ରଙ୍ଗ ପ୍ରସ୍ତୁତ କରନ୍ତି। ଏସବୁର ପ୍ରକ୍ରିୟାକରଣ କରି ସୂତାରେ ରଙ୍ଗ ଦେଇ ତନ୍ତରେ ବୁଣି ୩ଟି ରଙ୍ଗ ଥିବା ସ୍ୱତନ୍ତ୍ର ବସ୍ତ୍ର ପ୍ରସ୍ତୁତ କରନ୍ତି। ଏହି କେରଙ୍ଗ ବସ୍ତ୍ରକୁ ଯେତେ ଧୋଇଲେ ମଧ୍ୟ ରଙ୍ଗ ଛାଡ଼େ ନାହିଁ। ବିବାହ, ବ୍ରତ, ପୂଜା ପାର୍ବଣରେ ଏହି ବସ୍ତ୍ରକୁ ଗାଦବା ସମ୍ପ୍ରଦାୟର ମହିଳାମାନେ ବ୍ୟବହାର କରିଥା'ନ୍ତି।

ଇଡିତାଲ ଓଡ଼ିଶାର ଆଦିବାସୀ ସମାଜରେ ବହୁଳ ପ୍ରଚଳିତ ଚିତ୍ରକଳା। ଏହା ମୁଖ୍ୟତଃ ଜନଜାତିର ଝୋଟିଚିତ୍ର ଭାବେ ଜଣାଶୁଣା। ଏହି ଝୋଟିଚିତ୍ରକୁ ସେମାନେ ଘରର କାନ୍ଥରେ ବିଭିନ୍ନ ପର୍ବପର୍ବାଣି ପାଳନ ଅବସରରେ ଆଙ୍କିଥା'ନ୍ତି, ଯାହାର ମୂଳଲକ୍ଷ୍ୟ ବିଭିନ୍ନ ଆଦ୍ୟାଶ୍ରୀ ଦେବୀଙ୍କୁ ଆବାହନ କରି ସନ୍ତୁଷ୍ଟ କରିବା। ଏହି ନିଆରା କାନ୍ଥଚିତ୍ରକୁ ଲାଞ୍ଜିଆ ସଉରାମାନେ 'ଇଡିତାଲ' ବୋଲି କୁହନ୍ତି। ସଉରା ଭାଷାରେ 'ଇଡି'ର ଅର୍ଥ ଚିତ୍ର ଓ 'ତାଲ'ର ଅର୍ଥ କାନ୍ଥ। କାନ୍ଥ ଉପରେ ଚିତ୍ର ହୋଇଥିବାରୁ ଏହାର ନାମ 'ଇଡିତାଲ' ରହିଛି। 'ଇଡିତାଲ'କୁ ଭୌଗୋଳିକ ସଂକେତ ବା ଜିଆଇ ଟ୍ୟାଗ ମିଳିବା ପରେ ଦେଶବିଦେଶରେ ଆଦୃତ ହୋଇଛି। ଏପରିକି ବଡ଼ବଡ଼ ମହାନଗରୀର ପଞ୍ଚତାରକା ହୋଟେଲ୍ ଓ କର୍ପୋରେଟ୍ କାର୍ଯ୍ୟାଳୟମାନଙ୍କରେ ଶୋଭା ପାଉଛି।

ବଣ୍ଡା ଜନଜାତିର ମହିଳାମାନେ ସେମାନଙ୍କ ଅନନ୍ୟ ସାଜସଜ୍ଜା ପାଇଁ ବେଶ୍ ଜଣାଶୁଣା। ଏକ ଛୋଟ ବହୁରଙ୍ଗ ଥିବା ସ୍କାର୍ଟ ବଣ୍ଡା ମହିଳାମାନେ ପରିଧାନ କରନ୍ତି, ଯାହାକୁ 'ରିଙ୍ଗା' କୁହାଯାଏ। ଏହା ପାରମ୍ପରିକ ଭାବେ କେରଙ୍ଗ ତନ୍ତୁ ବ୍ୟବହାର କରାଯାଇ ବୁଣାଯାଏ। ସେମାନଙ୍କ ଲୁଗାବୁଣା ତନ୍ତ କାଠରେ ତିଆରି ହୋଇଥାଏ। ଏହା ଏକ ସରଳ ଯନ୍ତ୍ର ହୋଇଥିବାରୁ ତାହାକୁ ଗୋଟିଏ ସ୍ଥାନରୁ ଅନ୍ୟତ୍ର ସହଜରେ ନିଆଯାଇପାରେ। ପୂର୍ବରୁ ବଣ୍ଡା ମହିଳାମାନେ ଜଙ୍ଗଲରୁ କେରଙ୍ଗ ଶାଖା ସଂଗ୍ରହ କରୁଥିଲେ। ଏହାକୁ ପ୍ରକ୍ରିୟାକରଣ କରି ତନ୍ତୁ ପ୍ରସ୍ତୁତ କରୁଥିଲେ। ତନ୍ତୁ ବା ସୂତାକୁ ଜୈବିକ ରଙ୍ଗରେ ରଙ୍ଗୀନ କରୁଥିଲେ। ସଂପ୍ରତି ଏହି ପାରମ୍ପରିକ ବସ୍ତ୍ର ନିମନ୍ତେ ରଙ୍ଗୀନ ସୂତା ବ୍ୟବହାର କରାଯାଉଛି।

ଓଡ଼ିଶାର ନବରଙ୍ଗପୁର, ବଲାଙ୍ଗୀର, ନୂଆପଡ଼ା ଓ କଳାହାଣ୍ଡି ଜିଲ୍ଲାରେ ମୁଖ୍ୟତଃ ଗୋଣ୍ଡ ଜନଜାତି ମାନେ ବାସ କରିଥାନ୍ତି। ସେମାନଙ୍କ ଭାଷା ଗୋଣ୍ଡି ଓ ଓଡ଼ିଆ ଅଟେ। କୃଷି ଓ ଶ୍ରମଜୀବୀ ଏମାନଙ୍କ ମୁଖ୍ୟ ପେସା। ଗୋଣ୍ଡ ଜନଜାତିମାନଙ୍କର ଘରର ତିନି ପାର୍ଶ୍ୱରେ ବାରଣ୍ଡା ଥାଏ ଏବଂ କାନ୍ଥଗୁଡ଼ିକ ସୁନ୍ଦର ପାରମ୍ପରିକ ଗୋଣ୍ଡ ଚିତ୍ରକଳାରେ ଚିତ୍ରିତ ହୋଇଥାଏ। ଅନାଦିକାଳରୁ କାନ୍ଥ ଓ ଚଟାଣରେ ଚିତ୍ର କରିବା ଗୋଣ୍ଡମାନଙ୍କର ଏକ ପରମ୍ପରା। ସମ୍ପ୍ରତି ଏହି ଚିତ୍ରକଳା ସେମାନଙ୍କୁ ଅର୍ଥ ଉପାର୍ଜନର ସୁଯୋଗ ଆଣିଦେଇଛି।

ଆଧୁନିକତାର ଛାପରେ ଧୀରେ ଧୀରେ ଜନଜାତିଙ୍କ କଳା, ସଂସ୍କୃତି, ସମୃଦ୍ଧି ଓ ପରମ୍ପରା ବିଲୁପ୍ତ ହେବାରେ ଲାଗିଛି। ଯଦି ସରକାରୀ ଓ ବେସରକାରୀ ସଂସ୍ଥାମାନେ ସହଯୋଗର ହାତ ବଢ଼ାନ୍ତି, ତେବେ ଏହି କଳାକୁ ବିଜ୍ଞାନ ଓ କାରିଗରୀ ଜ୍ଞାନକୌଶଳ ତଥା ନମୁନା ବିକାଶ କାର୍ଯ୍ୟକ୍ରମ ଦ୍ୱାରା ଆହୁରି ଅଧିକ ବିକଶିତ କରି ଅର୍ଥକରୀ କରିପାରନ୍ତା। ଏହାଫଳରେ ଏହି ମୌଳିକ କଳାର ସଂରକ୍ଷଣ ସହ ଜନଜାତିଙ୍କୁ ଆୟବୃଦ୍ଧିରେ ସହାୟକ ହୁଅନ୍ତା।

ବାଲେଶ୍ୱର, ମୋ: ୭୩୨୭୦୨୮୯୭୮

## ପ୍ରକୃତ 'ବିଜୁଳି କନ୍ୟା'

ଶ୍ରୀନନ

କଂସ କାରାଗାରରେ ଯଶୋଦାଙ୍କଠାରୁ ନବଜାତ ଶିଶୁକନ୍ୟାଟିକୁ ଛଡ଼ାଇ ନେଇ ଶିଳାଖଣ୍ଡରେ ପିଟି ହତ୍ୟା କରିବାକୁ ପ୍ରୟାସ କଲାବେଳେ ସେ ତା' ହାତରୁ ଆସିଯାଇ ଆକାଶରେ 'ବିଜୁଳି କନ୍ୟା' ରୂପରେ ଆତ୍ମପ୍ରକାଶ କରିବା କଥା ଆମେ ଜାଣୁ। ତେବେ ପ୍ରକୃତରେ ଏପରି ଏକ ଜୀବାଣୁ ଏବେ ଆବିଷ୍କାର ହୋଇଛି, ଯାହାଙ୍କ ନିଃଶ୍ୱାସରୁ ବିଦ୍ୟୁତ୍ ନିର୍ଗତ ହେଉଛି।

ଧରାପୃଷ୍ଠରେ ବାସ କରୁଥିବା ଅଧିକାଂଶ ଜୀବ ଶ୍ୱାସକ୍ରିୟାରେ ଅମ୍ଳଜାନ ଗ୍ରହଣ କରି ଅଙ୍ଗାରକାମ୍ଳ ତ୍ୟାଗ କରନ୍ତି। ତେବେ କେତେକ ଜୀବାଣୁଙ୍କଠାରେ ଏହାର ବ୍ୟତିକ୍ରମ ଲକ୍ଷ୍ୟ କରିଛନ୍ତି ରାଇସ୍ ବିଶ୍ୱବିଦ୍ୟାଳୟର ବୈଜ୍ଞାନିକ କ୍ୟାରୋଲିନ୍ ଆଜୋ-ଫ୍ରାଙ୍କ୍ଲିନ୍ ଏବଂ ତାଙ୍କ ସହଯୋଗୀମାନେ। ଗବେଷଣା ପତ୍ରିକା 'ସେଲ୍‌'ର ମେ ୨୦୨୫ ସଂଖ୍ୟାରେ ଏ ସମ୍ପର୍କରେ ଏକ ନିବନ୍ଧ ପ୍ରକାଶ ପାଇଛି। ସେହି ଜୀବାଣୁମାନେ ଅମ୍ଳଜାନ ବିନା ବଞ୍ଚିପାରନ୍ତି ଏବଂ ଶ୍ୱାସକ୍ରିୟାରେ ପରିତ୍ୟାଗ କରନ୍ତି ବିଦ୍ୟୁତ୍ ପ୍ରବାହ। ନାପ୍‌ଥୋକୁଇନନସ୍ ନାମକ ଏକ ପ୍ରାକୃତିକ ଅଣୁ ଏଥିରେ ସେମାନଙ୍କୁ ସାହାଯ୍ୟ କରନ୍ତି। ଫଳରେ ଉତ୍ପନ୍ନ ହୁଏ ବିଦ୍ୟୁତ୍ ପ୍ରବାହ। ଏ ପ୍ରକ୍ରିୟାକୁ 'ବାହ୍ୟ ଜୀବକୋଷୀୟ ଶ୍ୱାସକ୍ରିୟା' ବୋଲି କୁହାଯାଏ। ତାଙ୍କୁ ଏହା ସୁଗଭୀର ସମୁଦ୍ରତଳର ଫାଟ ଏବଂ ମଣିଷର ଅନ୍ତନାଳୀର ଅମ୍ଳଜାନବିମୁକ୍ତ ପରିବେଶ ମଧ୍ୟରେ ବଞ୍ଚିବାକୁ ସମର୍ଥ କରେ। ଏହି ଜୀବାଣୁମାନଙ୍କ ମଧ୍ୟରେ ଅଛନ୍ତି ଶେୱାନେଲ୍ଲା ଓ ଜିଓବ୍ୟାକ୍ଟର। ବ୍ୟାଟେରୀରେ ଗଚ୍ଛିତ ଶକ୍ତି ନିର୍ଗତ ହେଲା ଭଳି ଏହା ଘଟେ। ଏହି ସରଳ କିନ୍ତୁ ପ୍ରଭାବଶାଳୀ ପ୍ରକ୍ରିୟା ଅମ୍ଳଜାନର ବିନା ବ୍ୟବହାରରେ ଖାଦ୍ୟକୁ ବିଶ୍ଳେଷିତ ତଥା ତହିଁରୁ ଶକ୍ତି ଉତ୍ପନ୍ନ ହେବାରେ ସହାୟତା କରେ ଏବଂ 'ନାପ୍ଥୋକୁଇନନସ୍'ଗୁଡ଼ିକ ଜୀବନ୍ତ ବ୍ୟାଟେରୀ ରୂପେ କାର୍ଯ୍ୟ କରନ୍ତି।

### ବିଜ୍ଞାନ ବାର୍ତ୍ତା

ଉପରୋକ୍ତ ପ୍ରକ୍ରିୟାକୁ ଅଧିକ ନିଶ୍ଚିତ କରିବା ଲାଗି ରାଇସ୍ ବିଶ୍ୱବିଦ୍ୟାଳୟର ବୈଜ୍ଞାନିକମାନେ କାଲିଫର୍ଣ୍ଣିଆ ବିଶ୍ୱବିଦ୍ୟାଳୟର ଗବେଷକମାନଙ୍କ ସହଯୋଗ ଲୋଡ଼ିଥିଲେ। ସେମାନେ ମିଳିତଭାବେ ଅମ୍ଳଜାନ ମୁକ୍ତ ପରିବେଶ ମଧ୍ୟରେ ଜୀବାଣୁମାନଙ୍କ ଜୀବନ ପ୍ରକ୍ରିୟାକୁ ଅଧିକ କ୍ରିୟାଶୀଳ କରିବା ଲାଗି କଂପ୍ୟୁଟର ମଡେଲମାନ ପ୍ରସ୍ତୁତ କଲେ। ଜୀବାଣୁଗୁଡ଼ିକୁ ଏକ ସୁପରିବାହୀ ପୃଷ୍ଠଭୂମି ଉପରେ ରଖି ବଢ଼ିବାକୁ ଦେଲେ ଏବଂ ବିଦ୍ୟୁତ୍ ଉତ୍ପାଦନରେ ନିୟୋଜିତ କଲେ। ଫଳରେ ବିଜ୍ଞାନାଗାରର ନିୟନ୍ତ୍ରିତ ଅବସ୍ଥା ମଧ୍ୟରେ ଜୀବାଣୁଗୁଡିକ ବଞ୍ଚି ରହି ବିଦ୍ୟୁତ୍ ଉତ୍ପାଦନ କରିବାକୁ ଲାଗିଲେ।

ଏହି ଆବିଷ୍କାର ବହୁ ସହନୀୟ ପ୍ରଯୁକ୍ତିବିଦ୍ୟା କ୍ଷେତ୍ରରେ ବଡ଼ ଧରଣର ଅଗ୍ରଗତି ଘଟାଇବାର ସମ୍ଭାବନା ରହିଛି। ଆବର୍ଜନା ଜଳ ବିଶୋଧନ ଏବଂ ବିବିଧ ଜୈବିକ ଶିଳ୍ପ କ୍ଷେତ୍ରରେ ଦକ୍ଷତା ବୃଦ୍ଧି ଲାଗି ଇଲୋକ୍ଟ୍ରୋନ୍‌ମାନଙ୍କ ସନ୍ତୁଳନ ରକ୍ଷା ଅତ୍ୟନ୍ତ ଆବଶ୍ୟକ। ଏହି ବିଦ୍ୟୁତ୍ ଉତ୍ପାଦନକାରୀ ଜୀବାଣୁମାନେ ଅଧିକ ଦକ୍ଷତାର ସହିତ ଇଲେକ୍ଟ୍ରୋନ୍ ପ୍ରବାହର ସୁପରିବାହୀ ମାଧ୍ୟମରେ ଏହା ସମ୍ଭବ କରାଇ ପାରିବେ। ପୁନଶ୍ଚ ଗଛମାନେ ସୂର୍ଯ୍ୟାଲୋକ ବ୍ୟବହାର କରି ଆଲୋକ ସଂଶ୍ଳେଷଣ କଲା ଭଳି ସେଗୁଡ଼ିକ ପୁନଃନବୀକରଣକ୍ଷମ ବିଦ୍ୟୁତ ଉତ୍ପାଦନ ଏବଂ ବ୍ୟବହାର କରି ଅଙ୍ଗାରକାମ୍ଳକୁ ଧରି ରଖିବା ଏବଂ ଅନ୍ୟ ପଦାର୍ଥରେ ପରିଣତ କରିବାକୁ ସକ୍ଷମ ହେବେ। ଏହାବ୍ୟତୀତ ଏହି ଜୀବାଣୁମାନେ ଅମ୍ଳଜାନରହିତ ପରିବେଶ ମଧ୍ୟରେ କାର୍ଯ୍ୟ କରିପାରୁଥିବାରୁ ଏଗୁଡ଼ିକୁ ଜୈବ ବୈଦ୍ୟୁତିକ ସଂବେଦକମାନ ପ୍ରସ୍ତୁତି ଏବଂ ବିକାଶର ସମ୍ଭାବନା ସୃଷ୍ଟି କରିଛନ୍ତି।

ଏପ୍ରକାର ସଂବେଦକ ରୋଗ ନିରୂପଣ, ପ୍ରଦୂଷଣର ମାତ୍ରା ନିର୍ଦ୍ଧାରଣ ଏବଂ ଅମ୍ଳଜାନ ନଥିବା କିମ୍ବା ସ୍ୱଳ୍ପ ଥିବା ମହାକାଶକୁ ଯାଉଥିବା ମିଶନଗୁଡ଼ିକରେ ନାନାରୂପେ ବ୍ୟବହାର କରାଯାଇପାରିବ। ଏହି ଯୁଗାନ୍ତକାରୀ ଆବିଷ୍କାର ଜୀବନ କିପରି ଅତ୍ୟନ୍ତ ନିର୍ମମ ପରିବେଶ ମଧ୍ୟରେ ତିଷ୍ଠି ରହିପାରିବ ସେ ବିଷୟରେ ମଧ୍ୟ ଆମ ଧାରଣାକୁ ନୂତନ ରୂପ ଦେଇଛି ଏବଂ ତ' ଦ୍ୱାରା ଏକ୍ଷେତ୍ରରେ ବହୁ ବଡ଼ ବଡ଼ ଆହ୍ୱାନର ସମ୍ମୁଖୀନ ହେବା ଲାଗି ପଥ ଉନ୍ମୁକ୍ତ କରିଛି। ଆଶା କରାଯାଏ ଯେ ଏ କ୍ଷେତ୍ରରେ ଅଧିକ ଗବେଷଣା ଏ ଶ୍ରେଣୀର ବିଦ୍ୟୁତ୍ ଶ୍ୱାସକ୍ରିୟା ସମ୍ପାଦନକାରୀ ଜୀବାଣୁମାନଙ୍କୁ ଅଧିକରୁ ଅଧିକ ଉଚ୍ଚକୋଟୀର ପ୍ରଯୁକ୍ତିବିଦ୍ୟାରେ ନିୟୋଜିତ କରିବାର ବାଟ ଫିଟାଇବ।

ଯମପଡ଼ା(କେନ୍ଦ୍ରାପଡ଼ା), ମୋ: ୯୯୩୭୩୦୧୪୭୦

ଯୋଗାଯୋଗ ଠିକଣା
NEWS & INFO news@thesakala.com
CIRCULATION circulation@thesakala.com
ADVERTISEMENT advt@thesakala.com
THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342

ଲେଖା ଓ ଲୋକମତ ପାଇଁ: sakalaeditorial@gmail.com
ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

# ୫ ବିଭାଗରେ ନିଯୁକ୍ତି ପାଇଲେ ୯୬୪

## ନବ ନିଯୁକ୍ତ ଅଧିକାରୀମାନେ ଜନସେବା ପାଇଁ ଉତ୍ସର୍ଗୀକୃତ ହୁଅନ୍ତୁ: ମୁଖ୍ୟମନ୍ତ୍ରୀ



ଭୁବନେଶ୍ୱର,୧୬।୬(ସମିସ): ୫ଟି ବିଭାଗର ୯୬୪ ଜଣଙ୍କୁ ସୋମବାର ନିଯୁକ୍ତିପତ୍ର ବାଣ୍ଟିଛନ୍ତି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ। ତନ୍ମଧ୍ୟରେ ପୂର୍ତ୍ତ ବିଭାଗର ୫୬୩ ଜଣ ଥିବାବେଳେ ଜଳ ସମ୍ପଦ ବିଭାଗରେ ୬୨, ପଞ୍ଚାୟତିରାଜ ଓ ପାନୀୟ ଜଳ ବିଭାଗରେ ୧୧୭, ଗୃହ ନିର୍ମାଣ ଓ ନଗର ଉନ୍ନୟନ ବିଭାଗରେ ୨୦୪ ଏବଂ ଖାଦ୍ୟ ଯୋଗାଣ ଓ ଖାଉଟି କଲ୍ୟାଣ ବିଭାଗର ୧୮ ଜଣ ନିଯୁକ୍ତି ପାଇଛନ୍ତି। ମୁଖ୍ୟ ଅତିଥି ଭାବେ ମୁଖ୍ୟମନ୍ତ୍ରୀ ଶ୍ରୀ ମାଝୀ ଯୋଗଦେଇ କହିଛନ୍ତି ଯେ ନବ ନିଯୁକ୍ତ ଅଧିକାରୀମାନେ ସର୍ବଦା ଜନସେବା ପାଇଁ ଉତ୍ସର୍ଗୀକୃତ ହୁଅନ୍ତୁ। ନିଜକୁ ସେବକ ଭାବି ସାଧାରଣ ଲୋକଙ୍କ ଆଶା, ଆକାଂକ୍ଷା ପୂରଣ କରିବା ସହ ସମସ୍ୟାର ସମାଧାନ ଦିଗରେ ପ୍ରତିଶ୍ରୁତିବଦ୍ଧ ହୋଇ କାର୍ଯ୍ୟ କରନ୍ତୁ।

ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ପ୍ରଥମ ଦୁଇ ବର୍ଷରେ ୬୫ ହଜାର ପଦ ପୂରଣ ପାଇଁ ଲକ୍ଷ୍ୟ ଧାର୍ଯ୍ୟ ହୋଇଥିବାବେଳେ ଆଜି ସୁଦ୍ଧା ୨୮,୩୪୬ ପଦରେ ନିଯୁକ୍ତି ଦିଆଯାଇଛି। ସେହିପରି ବେସରକାରୀ ସ୍ତରରେ ମଧ୍ୟ ପ୍ରଥମ ବର୍ଷରେ ୪୫ ହଜାର ନିଯୁକ୍ତି ଦିଆଯାଇଛି। ଅର୍ଥାତ୍ ଉଭୟ ସରକାରୀ ଓ ବେସରକାରୀ କ୍ଷେତ୍ରରେ ୭୩,୩୪୬ ଜଣ ନିଯୁକ୍ତି ପାଇଥିବା ସେ କହିଛନ୍ତି। କାର୍ଯ୍ୟକ୍ରମରେ ଖାଦ୍ୟ ଯୋଗାଣ ଓ ଖାଉଟି କଲ୍ୟାଣ ମନ୍ତ୍ରୀ କୃଷ୍ଣଚନ୍ଦ୍ର ପାତ୍ର, ଗୃହ ନିର୍ମାଣ ଓ ନଗର ଉନ୍ନୟନ ମନ୍ତ୍ରୀ ଡ. କୃଷ୍ଣଚନ୍ଦ୍ର ମହାପାତ୍ର, ପଞ୍ଚାୟତି ରାଜ ଓ ପାନୀୟ ଜଳ ମନ୍ତ୍ରୀ ରବି ନାରାୟଣ ନାୟକ ଓ ପୂର୍ବ ମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ ପ୍ରମୁଖ ଯୋଗଦେଇ ନବନିଯୁକ୍ତ ପ୍ରାର୍ଥୀମାନେ ସରକାରଙ୍କ ପ୍ରତିଟି ଯୋଜନାକୁ ତ୍ୱରିତ ଓ ସଫଳତା ପୂର୍ବକ କାର୍ଯ୍ୟାନ୍ୱୟନ କରିବେ ବୋଲି ଆଶାବ୍ୟକ୍ତ କରିଛନ୍ତି। ଉନ୍ନୟନ କମିଶନର ଅନୁ ଗର୍ଗ ସ୍ୱାଗତ ଭାଷଣ ଦେଇଥିବାବେଳେ ପୂର୍ତ୍ତ ବିଭାଗ ପ୍ରମୁଖ ଶାସନ ସଚିବ ସଞ୍ଜୟ କୁମାର ସିଂହ ଧନ୍ୟବାଦ ଦେଇଥିଲେ।

# ୨୦ରୁ ସ୍କୁଲରେ ମଧ୍ୟାହ୍ନଭୋଜନ

ଭୁବନେଶ୍ୱର,୧୬।୬(ସମିସ): ୧୧ ଜୁନ୍ ୨୦୨୫। ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ ପକ୍ଷରୁ ପ୍ରକାଶ ପାଇଲା ବିଜ୍ଞପ୍ତି । ଏହି ବିଜ୍ଞପ୍ତି ଅନୁସାରେ ଜୁନ୍ ୧୮ ତାରିଖରେ ବିଦ୍ୟାଳୟ ଖୋଲିବ ଓ ପ୍ରଥମ ଦିନରୁ ଛାତ୍ରଛାତ୍ରୀଙ୍କୁ ମଧ୍ୟାହ୍ନ ଭୋଜନ ପ୍ରଦାନ କରାଯିବ। ପିଏମ୍ ପୋଷଣ ରାଜ୍ୟ ପ୍ରକଳ୍ପ ନିର୍ଦ୍ଦେଶକଙ୍କ ପକ୍ଷରୁ ସମସ୍ତ ଜିଲ୍ଲା ଶିକ୍ଷା ଅଧିକାରୀ (ଡିଇଓ)ଙ୍କୁ ଏହି ବିଜ୍ଞପ୍ତିରେ ନିର୍ଦ୍ଦେଶ ଦିଆଯାଇଥିଲା। ଏପରିକି ଖାଦ୍ୟର ମାନ ପରଖିବା ସହ ସଫାସୁତୁରା ଯାଞ୍ଚ କରିବା ପାଇଁ ସିଆର୍‌ସିସି ଓ ବ୍ଲକ୍ ଶିକ୍ଷା ଅଧିକାରୀ (ବିଇଓ)ମାନଙ୍କୁ ନିର୍ଦ୍ଦେଶ ଦିଆଗଲା। ୧୬ ଜୁନ୍ ୨୦୨୫। ମାତ୍ର ୫ଦିନରେ ପୂର୍ବ ଚିଠିକୁ ପରିବର୍ତ୍ତନ କରାଯାଇ ୧୮ ନୁହେଁ, ଆସନ୍ତା ୨୦ ତାରିଖରେ ବିଦ୍ୟାଳୟ ଖୋଲିବ ଏବଂ ସେହି ଦିନଠାରୁ ମଧ୍ୟାହ୍ନ ଭୋଜନ ଦିଆଯିବ ବୋଲି ନିର୍ଦ୍ଦେଶ ଜାରି କରାଯାଇଛି। ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ ଏବଂ ପିଏମ୍ ପୋଷଣ ରାଜ୍ୟ ପ୍ରକଳ୍ପ ପରିଚାଳନା ୟୁନିଟ୍ ମଧ୍ୟରେ ସମନ୍ୱୟ ନାହିଁ। ବିଦ୍ୟାଳୟ ଆସନ୍ତା ୨୦ ତାରିଖରେ ସ୍କୁଲ୍ ଖୋଲିବା ନେଇ ବହୁ ପୂର୍ବରୁ ଶୈକ୍ଷିକ କ୍ୟାଲେଣ୍ଡରରେ ଦର୍ଶାଯାଇଛି। ବିଭାଗ ପକ୍ଷରୁ ଆଗୁଆ ସ୍କୁଲ୍ ଖୋଲିବାକୁ କୌଣସି ନିର୍ଦ୍ଦେଶନାମା ହୋଇ ନ ଥିବାବେଳେ ପିଏମ୍ ପୋଷଣ ପରିଚାଳନା ରାଜ୍ୟ ୟୁନିଟ୍ ବିଭ୍ରାନ୍ତିକର ଚିଠି ଜାରି କରିଥିଲା। ଅର୍ଥାତ୍ ବିଭାଗ ଅଧୀନରେ ଥିବା ଏହି ୟୁନିଟ୍‌ର ଅଧିକାରୀଙ୍କୁ ବିଭାଗର ନିଷ୍ପତ୍ତି ସମ୍ପର୍କରେ କିପରି ଧାରଣା ନାହିଁ ବୋଲି ପ୍ରଶ୍ନବାଚୀ ସୃଷ୍ଟି ହୋଇଛି।

# ଜିଲ୍ଲା ଅତିଥି ଭବନ ପାଇଁ ୩୦୦୦ ଡେସିମିଲ୍ ଜମି ଚିହ୍ନଟ

ଭୁବନେଶ୍ୱର, ୧୬।୬(ସମିସ): ୟୁନିଟ୍-୨ ଏବଂ ଅଶୋକ ନଗର ଅଞ୍ଚଳରେ ରାଜ୍ୟ ଅତିଥି ଭବନ ନିର୍ମାଣର ଅନୁମତି ପ୍ରଦାନ କରାଯାଇଛି। ଏଥିପାଇଁ ୩୦୦୦ ଡେସିମିଲ୍ ଜମି ଚିହ୍ନଟ ହୋଇଛି ଓ ୨୬ଟି ପ୍ଲଟ୍‌ର ଏକ ତାଲିକା ଜାରି କରାଯାଇଛି। ଏହି ପ୍ଲଟ୍ ଗୁଡିକରେ ୨୪ପ୍ଲଟ୍ ଘରବାରୀ କିସମର ଥିଲା ବେଳେ ୨ଟି ପ୍ଲଟ୍ ସଡ଼କ କିସମର ରହିଛି। ସରକାରଙ୍କ ସାଧାରଣ ପ୍ରଶାସନ ବିଭାଗ ପକ୍ଷରୁ ଏଠାରେ ଅତିଥି ଭବନ ନିର୍ମାଣ ପାଇଁ ଅନୁମତି ପ୍ରଦାନ କରାଯାଇଛି। ଏହାସହିତ ସହରାଞ୍ଚଳ ପ୍ରଶାସନ ବିଡ଼ିଏ ଉପାଧ୍ୟକ୍ଷ, ବିଏମ୍‌ସି କମିସନରଙ୍କୁ ମଧ୍ୟ ଆବଶ୍ୟକ ପଦକ୍ଷେପ ଗ୍ରହଣ କରିବାକୁ ନିର୍ଦ୍ଦେଶ ଦିଆଯାଇଛି। ସେହିପରି ରେଣ୍ଟ ଅଫିସର ସାଧରଣ ପ୍ରଶାସନ ବିଭାଗ, ଅତିରିକ୍ତ ନିର୍ଦ୍ଦେଶକ ଇଷ୍ଟେଟ୍‌ଙ୍କୁ ମଧ୍ୟ ପତ୍ର ମାଧ୍ୟମରେ ଅବଗତ କରାଯାଇଛି। ଯେଉଁଠି ଆବଶ୍ୟକ ପଡ଼ିବ ସେଠାରୁ ସରକାରୀ କ୍ୱାଟର୍ସ ଖାଲି କରାଯିବ। ପ୍ରକଳ୍ପ କାର୍ଯ୍ୟ ଆଗକୁ ନେବାକୁ ହେଲେ ଯଦି ଆବଶ୍ୟକ ପଡେ ତେବେ ଏହାକୁ ଭାଙ୍ଗିବାକୁ ନିର୍ଦ୍ଦେଶ ଦିଆଯାଇଛି।

କିଛିଦିନ ତଳେ ରାଜସ୍ୱ ମନ୍ତ୍ରୀ ସୁରେଶ ପୂଜାରୀ ଏନେଇ ସୂଚନା ଦେଇଥିଲେ। ସେ କହିଥିଲେ ଅନେକ ଲୋକ ରାଜଧାନୀକୁ ସ୍ୱାସ୍ଥ୍ୟ ସେବା ପାଇଁ ଆସନ୍ତି। ଏହା ସହ ଶିକ୍ଷା ଲାଭ ତଥା ରାଜ୍ୟ ସରକାରଙ୍କର ଅନ୍ୟାନ୍ୟ ସୁବିଧା ପାଇବା ପାଇବା ପାଇଁ ମଧ୍ୟ ଏଠାକୁ ଆସନ୍ତି। ତେବେ ରହିବା ପାଇଁ ସେମାନେ ହୋଟେଲ୍ କିମ୍ବା ଅନ୍ୟା ଜାଗାରେ ଅନେକ ଖର୍ଚ୍ଚାନ୍ତ ହେଉଛନ୍ତି। ତେଣୁ ଲୋକଙ୍କ ସୁବିଧା ପାଇଁ ଗେଷ୍ଟ ହାଉସ ପ୍ରସ୍ତୁତ ହେବ। ପ୍ରତି ଜିଲ୍ଲା ପାଇଁ ୧୦୦ କୋଠାରୀ ବିଶିଷ୍ଟ ଗେଷ୍ଟ ହାଉସ୍ ହେବ। ପ୍ରତି ଜିଲ୍ଲା ନୂଆରେ ଏହାକୁ ନାମିତ କରାଯିବ।

# ଅବଶିଷ୍ଟାଂଶ

## ନୂଆ ୟୁପିଆଇ ପେମେଣ୍ଟ...

ଏହି ସଫ୍ଟୱେର୍ ସିଷ୍ଟମ୍ ପେମେଣ୍ଟକୁ ଗୋଟିଏ ବ୍ୟାଙ୍କରୁ ଅନ୍ୟ ଏକ ବ୍ୟାଙ୍କକୁ ସ୍ଥାନାନ୍ତର କରିଥାଏ। ନୂଆ ୟୁପିଆଇ ପେମେଣ୍ଟ ନିୟମ ଲାଗୁ ହେବା ପରେ କାହାକୁ ଟଙ୍କା ପଠାଇବା କିମ୍ବା ଦୋକାନରେ ଶପିଂ ସମୟରେ କ୍ୟୁଆର୍ କୋଡ୍ ସ୍କାନ କରି ପେମେଣ୍ଟ କରିବା ସବୁକିଛି ପୂର୍ବ ଅପେକ୍ଷା ଦ୍ରୁତ ହେବ। ଏଥିରେ ବିଶେଷ କଥା ହେଉଛି ଯେ, ଭୁଲ ଦେୟ ଯୋଗୁ କାରବାର ବାବଦ ଅର୍ଥ ରିଫଣ୍ଡ ପାଇବା ଏବଂ ଷ୍ଟାଟସ୍ ଯାଞ୍ଚ କରିବା ପାଇଁ ସମୟ ମଧ୍ୟ ୩୦ ସେକେଣ୍ଡରୁ ୧୦ ସେକେଣ୍ଡକୁ ହ୍ରାସ କରାଯାଇଛି। ତେଣୁ ଏବେ ପେମେଣ୍ଟ ହେଲା କି ନାହିଁ ତାହାକୁ ନେଇ କମ୍ ଚିନ୍ତା ରହିବ। ପୂର୍ବରୁ, ଏକ କାରବାର ସଫଳ ହୋଇଛି କି ନାହିଁ ଯାଞ୍ଚ କରିବା ପାଇଁ ୯୦ ସେକେଣ୍ଡ ଅପେକ୍ଷା କରିବାକୁ ପଡୁଥିଲା। ବର୍ତ୍ତମାନ, କାରବାର ଆରମ୍ଭ ହେବା ପରେ କେବଳ ୪୫ ରୁ ୬୦ ସେକେଣ୍ଡ ପରେ ଏହାକୁ ଯାଞ୍ଚ କରିପାରିବେ। ଏହା କାରବାର ବିଫଳତା କ୍ଷେତ୍ରରେ ଦ୍ୱନ୍ଦ୍ୱକୁ ହ୍ରାସ କରିବ। ଏଥିରେ ଜଣଙ୍କୁ କେବଳ ନିଜର ୟୁପିଆଇ ଆପ୍ ଅପଡେଟ୍ ରଖିବାକୁ ପଡିବ। ଯଦି ଆପଣଙ୍କର ଆପ୍ ପୁରୁଣା, ତେବେ କାରବାରରେ ସମସ୍ୟା ଦେଖାଦେଇପାରେ। ନୂଆ ବ୍ୟବସ୍ଥାରେ ପ୍ରତି ଆପ୍ ପାଇଁ ବାଲାନ୍ସ ଯାଞ୍ଚ କରିବାର ସୀମା ଦିନକୁ ୫୦ ଥର ହେବ ଏବଂ ଅଟୋ ପେ' କାରବାର କେବଳ ନନ୍-ପିକ୍ ଆୱାରରେ ହେବ।

## ଥମୁନି ଝାଡ଼ାବାନ୍ତି...

ଆଜି ସୁକିନ୍ଦା ବୈରୀମାଳ ଏବଂ ସାରଙ୍ଗପୁର ଗାଁରେ ଦୁଇ ଜଣଙ୍କର ମୃତ୍ୟୁ ହୋଇଛି। ଏହାକୁ ମିଶାଇ ଜିଲ୍ଲାରେ ମୋଟ ୧୬ଜଣଙ୍କର ମୃତ୍ୟୁ ହୋଇଥିବା କୁହାଯାଉଥିବା ବେଳେ ପ୍ରଶାସନ କିମ୍ବା ସରକାର ଏହାକୁ ମାନିବାକୁ ନାରାଜ। ପ୍ରଶାସନ ପକ୍ଷରୁ ଜିଲ୍ଲାର ବିଭିନ୍ନ ହୋଟେଲ ଓ ଢାବା ମାନଙ୍କରେ ଖାଦ୍ୟ ନିରାପତ୍ତା ବିଭାଗ ପକ୍ଷରୁ ଚଢ଼ଉ ଜାରି ରହିଛି। ସେହିପରି ବରୀ, ବିଞ୍ଝାରପୁର, ଧର୍ମଶାଳା ତହସିଲ ଅଞ୍ଚଳ ସମେତ ଜିଲ୍ଲାର ଅନ୍ୟ କେତେକ ଅଞ୍ଚଳରେ ସମସ୍ତ ଜଳଖିଆ ଦୋକାନ, ହୋଟେଲ, ଫାଷ୍ଟଫୁଡ୍, ଗୁପଚୁପ୍, ଦହିବରା, ଆଇସକ୍ରିମ୍ ଦୋକାନ ଆସନ୍ତା ଦୁଇ ସପ୍ତାହ ଧରି ବନ୍ଦ କରିବାକୁ ତହସିଲଦାର ନିର୍ଦ୍ଦେଶ ଜାରି କରିଛନ୍ତି। ସ୍ୱାସ୍ଥ୍ୟ ସଚିବ ଏସ୍ ଅଶ୍ୱଥି ଧର୍ମଶାଳା ଓ ଯାଜପୁର ମେଡିକାଲର ସ୍ଥିତି ଅନୁଧ୍ୟାନ କରିବା ପରେ ଜିଲ୍ଲାପାଳ ଓ ଜିଲ୍ଲା ମୁଖ୍ୟ ଚିକିତ୍ସାଧିକାରୀଙ୍କ ସହ ଆଲୋଚନା କରିଛନ୍ତି ଓ ସ୍ଥିତିର ସମୀକ୍ଷା କରିଛନ୍ତି। ଆଜି ଜିଲ୍ଲାରେ ମୋଟ ୧୫ଜଣ ନୂଆ ରୋଗୀ ଡାକ୍ତରଖାନାରେ ଭର୍ତ୍ତି ହୋଇଛନ୍ତି। ଆଜି ସୁଦ୍ଧା ମୋଟାମୋଟି ୧୭୮୭ଜଣ ଆକ୍ରାନ୍ତ ହୋଇ ଚିକିତ୍ସା ପାଇଁ ଭର୍ତ୍ତି ହୋଇଥିବା ବେଳେ ବର୍ତ୍ତମାନ ସୁଦ୍ଧା ସେଥିରୁ ୧୫୨୮ ଜଣ ସୁସ୍ଥ ହୋଇ ଘରକୁ ଫେରିଛନ୍ତି। ଏବେ ବି କଟକ, ଭୁବନେଶ୍ୱରରେ ୩୦ରୁ ଉର୍ଦ୍ଧ୍ୱ ଚିକିତ୍ସିତ ହେଉଛନ୍ତି।

## ପୁରୁଷ ବନ୍ଧୁକୁ...

ଦ୍ୱାରସ୍ଥ ହୋଇ ଘଟଣା ସମ୍ପର୍କରେ ପୁଲିସକୁ କହିଥିଲେ। ପୁଲିସ ତୁରନ୍ତ ପୁରୁଷ ବନ୍ଧୁଙ୍କୁ ସାଙ୍ଗରେ ନେଇ ବିଭିନ୍ନ ସନ୍ଦିଗ୍ଧ ସ୍ଥାନରେ ଖୋଜାଖୋଜି କରିଥିଲା। ଏହିକ୍ରମରେ ଡୁରା ଓଭରବ୍ରିଜ ନିକଟରେ ଥିବା ୪ଜଣ ପୁଲିସ ଗାଡ଼ିକୁ ଦେଖି ଦୌଡିବାକୁ ଚେଷ୍ଟା କରିଥିଲେ। ସେମାନଙ୍କ ମଧ୍ୟରୁ ଦୁଇ ଜଣଙ୍କୁ ଯୁବତୀଙ୍କ ପୁରୁଷ ବନ୍ଧୁ ଚିହ୍ନଟ କରିଥିଲେ। ସେଠାରୁ ୨ ଜଣଙ୍କୁ କାବୁ କରାଯାଇଥିଲେ ହେଁ ଅନ୍ୟ ଦୁଇଜଣ ଫେରାର ହେବାରେ ସକ୍ଷମ ହୋଇଥିଲେ। କାବୁ କରାଯାଇଥିବା ୨ ଜଣ ଯୁବକଙ୍କୁ ଥାନାରେ ଜେରା ପରେ ଅନ୍ୟ ୮ ଜଣ ହିଞ୍ଜିଳିକାଟୁ ତଥା ଆଖପାଖ ଅଞ୍ଚଳର ବୋଲି ପୁଲିସ ଜାଣିବାକୁ ପାଇଥିଲା।

ମିଳିଥିବା ତଥ୍ୟ ଆଧାରରେ ପୁଲିସର ଏକ ଟିମ୍ ସମ୍ପୃକ୍ତ ଅଞ୍ଚଳକୁ ଯାଇ ସେଠାରୁ ଘଟଣାରେ ସମ୍ପୃକ୍ତ ୫ ଜଣ ଯୁବକଙ୍କୁ ଆଣି ଥାନାରେ ଅଟକ ରଖିଛି। ଘଟଣା ପରେ ବ୍ରହ୍ମପୁର ଏସ୍‌ପି, ଅତିରିକ୍ତ ଏସ୍‌ପି, ଡିଏସ୍‌ପି ଓ ବ୍ରହ୍ମପୁର ଏସ୍‌ଡିପିଓ ପ୍ରମୁଖ ଗୋପାଳପୁର ଥାନାରେ ପହଞ୍ଚି ପୀଡିତାଙ୍କ ବୟାନ ରେକର୍ଡ କରିଛନ୍ତି। ପୀଡ଼ିତା ଛାତ୍ରୀଙ୍କ ଡାକ୍ତରୀମାଇନା କରାଯାଇଥିବା ବ୍ରହ୍ମପୁର ଏସ୍‌ପି ଡା. ସର୍ବଣା ବିବେକ ଏମ୍ ସୂଚନା ଦେଇଛନ୍ତି।

## ଜଳପ୍ରପାତ ସ୍ରୋତରେ...

ସ୍ରୋତରେ ଭାସି ଯାଇଥିଲେ। ସାଙ୍ଗମାନେ ବହୁ ଖୋଜାଖୋଜି କଲା ପରେ ହତାଶ ହୋଇ ପରେ କୋଟପାଡ଼ ଥାନାକୁ ଖବର ଦେଇଥିଲେ। କୋଟପାଡ଼ ପୁଲିସ ଓ ଅଗ୍ନିଶମ ବିଭାଗ କର୍ମଚାରୀ ତୁରନ୍ତ ଘଟଣାସ୍ଥଳରେ ପହଞ୍ଚି ଖୋଜାଖୋଜି କରିଥିଲେ ସୁଦ୍ଧା ସେମାନଙ୍କୁ ପାଇ ନ ଥିଲେ। ସନ୍ଧ୍ୟା ହୋଇ ଆସୁଥିବାରୁ ଉଦ୍ଧାର କାର୍ଯ୍ୟ ଗତକାଲି ବନ୍ଦ ରହିଥିଲା। ସୋମବାର ସକାଳେ ଜୟପୁର ଓଡ୍ରାଫ୍ ଟିମ୍ ପହଞ୍ଚି ଖୋଜାଖୋଜି ଆରମ୍ଭ କରିଥିବାବେଳେ ଆଲୋକଙ୍କ ମୃତଦେହ ମିଳିଛି। ନିଖୋଜ ଜଣକ ହେଲେ କିରଣ ମିର୍ଗାନ। ଘଟଣାସ୍ଥଳରେ ପୁଲିସ ପହଞ୍ଚି ଅଧିକ ତଦନ୍ତ କରୁଅଛି।

## ମଧ୍ୟପ୍ରାଚ୍ୟରେ ବଢୁଛି...

ଦେଖିବାକୁ ମିଳିଛି। ଇରାନର କ୍ଷେପଣାସ୍ତ୍ରକୁ ନିଷ୍କ୍ରିୟ କରିବା ଲାଗି ଇସ୍ରାଏଲ ଉତ୍‌କ୍ଷେପଣ କରିଥିବା କ୍ଷେପଣାସ୍ତ୍ର ମିସଫାୟର ହୋଇଛି। ଏହି କ୍ଷେପଣାସ୍ତ୍ର ବିପରୀତ ଦିଗକୁ ଫେରି ନିଜର ସାମରିକ ପ୍ରତିଷ୍ଠାନକୁ ଧ୍ୱଂସ କରିଦେଇଛି। ଏହାକୁ ଇସ୍ରାଏଲ ଡିଫେନ୍ସ ସିଷ୍ଟମର ସବୁଠାରୁ ବଡ଼ ବିଫଳତା ବୋଲି କୁହାଯାଉଛି। ଇସ୍ରାଏଲର ଡିଫେନ୍ସ ସିଷ୍ଟମକୁ ବିଭ୍ରାନ୍ତ ଓ ବିପର୍ଯ୍ୟସ୍ତ କରିବା ଲାଗି ଇରାନ ପକ୍ଷରୁ ନୂଆ ଇଲୋକଟ୍ରୋନିକ ୱରଫେୟାର ରଣନୀତି ଗ୍ରହଣ କରାଯାଇଥିବାରୁ ଏଭଳି ପରିସ୍ଥିତି ସୃଷ୍ଟି ହୋଇଥିବା କୁହାଯାଉଛି। ଇରାନର ବାଲିଷ୍ଟିକ କ୍ଷେପଣାସ୍ତ୍ର ମାଡ଼ରେ ଆ।।ମେରିକାର ଦୂତାବାସ ମଧ୍ୟ ଆଂଶିକ କ୍ଷତିଗ୍ରସ୍ତ ହୋଇଥିବା ଜଣାପଡ଼ିଛି। ଇରାନ ଦାବି କରିଛି ଯେ ଇସ୍ରାଏଲର ଆଇରନ୍ ଡୋମକୁ ମାତ୍ ଦେଇ ଏହାର କ୍ଷେପଣାସ୍ତ୍ର ବ୍ୟାପକ କ୍ଷତି ଘଟାଇଛନ୍ତି।

ଅନ୍ୟପକ୍ଷରେ ଇସ୍ରାଏଲ ମଧ୍ୟ ଇରାନ ଉପରେ ପ୍ରଚଣ୍ଡ ଆକ୍ରମଣ ଜାରି ରଖିଛି। ଆଜି ଇରାନ ରାଜଧାନୀ ତେହରାନ ଉପରେ ଘନ ଘନ କ୍ଷେପଣାସ୍ତ୍ର ଓ ବୋମା ମାଡ଼ କରିଛି। ଏଥିରେ ଆଜି ଆଉ ୪୫ ଜଣ ମହିଳା ଓ ଶିଶୁ ପ୍ରାଣ ହରାଇଛନ୍ତି। ଏହାକୁ ମିଶାଇ ଇସ୍ରାଏଲ ଆକ୍ରମଣରେ ଇରାନରେ ମୃତ୍ୟୁସଂଖ୍ୟା ୨୨୪କୁ ବୃଦ୍ଧି ପାଇଛି। ଇସ୍ରାଏଲ ଆକ୍ରମଣରେ ଇରାନର ପରମାଣୁ କେନ୍ଦ୍ର, ସାମରିକ ପ୍ରତିଷ୍ଠାନ, ସେନା ମୁଖ୍ୟାଳୟ ଓ ତୈଳ ବିଶୋଧନାଗାର ଧ୍ୱଂସ ହୋଇଯାଇଛି। ଇସ୍ରାଏଲ ଦାବି କରିଛି ଯେ ଇରାନର ଏୟାର ଡିଫେନ୍ସ ସିଷ୍ଟମ ପଙ୍ଗୁ ହୋଇଯାଇଛି। ଇସ୍ରାଏଲର ଲଢୁଆ ବିମାନ ଏବେ ଇରାନ ଆକାଶରେ ଉଡ଼ି ମନଇଚ୍ଛା ଆକ୍ରମଣ କରିପାରିବେ। ଇରାନର ଏକ ତୃତୀୟାଂଶ କ୍ଷେପଣାସ୍ତ୍ର ଲଞ୍ଚରଗୁଡ଼ିକୁ ମଧ୍ୟ ଧ୍ୱଂସ କରି ଦିଆଯାଇଥିବା ଇସ୍ରାଏଲ କହିଛି। ସୂଚନାଯୋଗ୍ୟ ଯେ ଇସ୍ରାଏଲ ଆକ୍ରମଣରେ ଇରାନ ସେନାର ଅନେକ ବରିଷ୍ଠ ଅଧିକାରୀ ଏବଂ ବୈଜ୍ଞାନିକ ପ୍ରାଣ ହରାଇଛନ୍ତି। ଇସ୍ରାଏଲ ପକ୍ଷରୁ କୁହାଯାଇଛି ଯେ ଇରାନର ସମସ୍ତ ପରମାଣୁ କେନ୍ଦ୍ର ଓ ସାମରିକ ପ୍ରତିଷ୍ଠାନକୁ ଧ୍ୱଂସ କରିବା ପର୍ଯ୍ୟନ୍ତ ଆକ୍ରମଣ ଜାରି ରହିବ। ଇସ୍ରାଏଲ ପ୍ରଧାନମନ୍ତ୍ରୀ ନେତନ୍ୟାହୁ ଅଭିଯୋଗ କରିଛନ୍ତି ଯେ ରାଷ୍ଟ୍ରପତି ଟ୍ରମ୍ପଙ୍କୁ ହତ୍ୟା କରିବା ପାଇଁ ଇରାନ ଯୋଜନା କରିଛି। ଅନ୍ୟପକ୍ଷରେ ଟ୍ରମ୍ପ କହିଛନ୍ତି ଯେ ଆୟୋତଲ୍ଲା ଖାମେନି ସମେତ ଇରାନର ଶୀର୍ଷ ନେତୃତ୍ୱକୁ ହତ୍ୟା କରିବା ଲାଗି ଇସ୍ରାଏଲ ଯୋଜନା କରିଥିବା ବେଳେ ସେ ଏହାର ବିରୋଧ କରିଛନ୍ତି। ଇତିମଧ୍ୟରେ ଇରାନ ପକ୍ଷରୁ କୁହାଯାଇଛି ଯେ ଏହା ପରମାଣୁ ନିରସ୍ତ୍ରୀକରଣ ଚୁକ୍ତିରୁ ଓହରିଯିବ ଏବଂ ପ୍ରତିରକ୍ଷା ପାଇଁ ପରମାଣୁ ଅସ୍ତ୍ର ତିଆରି କରିବ।

ଇତିମଧ୍ୟରେ ଇରାନରେ ଥିବା ଭାରତୀୟ ଛାତ୍ରମାନଙ୍କର ନିରାପତ୍ତା ନେଇ ଭାରତ ଚିନ୍ତା ପ୍ରକଟ କରିବା ସହିତ ଇରାନ ସରକାରର ସହାୟତା ଲୋଡ଼ିଛି। ଇରାନ ପକ୍ଷରୁ କୁହାଯାଇଛି ଯେ ଏହାର ସୀମା ଖୋଲା ରହିଛି ଏବଂ ଛାତ୍ରମାନେ ନିରାପଦ ସ୍ଥାନ ଦେଇ ବାହାରକୁ ଯାଇପାରିବେ। ଇରାନରେ ଏବେ ୧୫୦୦ରୁ ଅଧିକ ଭାରତୀୟ ଛାତ୍ରଛାତ୍ରୀ ଫସି ରହିଛନ୍ତି। ଆକାଶ ସୀମା ବନ୍ଦ ରହିଥିବାରୁ ଭାରତୀୟ ଛାତ୍ରଛାତ୍ରୀମାନଙ୍କ ସୁରକ୍ଷିତ ପ୍ରସ୍ଥାନ ପାଇଁ ଇରାନ ସବୁ ପ୍ରକାର ସହାୟତା କରିବ ବୋଲି ଜଣାଇଛି। ଭାରତୀୟ ଛାତ୍ରଛାତ୍ରୀ ଆର୍ମେନିଆ ଦେଇ ଫେରିପାରନ୍ତି। ଭାରତ ପକ୍ଷରୁ ମଧ୍ୟ ଏଥିଲାଗି ପ୍ରୟାସ ଜାରି ରହିଛି। ଅନେକ ଭାରତୀୟଙ୍କୁ ତେହରାନର ସୁରକ୍ଷିତ ସ୍ଥାନକୁ ସ୍ଥାନାନ୍ତର କରାଯାଇଛି। ସେମାନଙ୍କୁ ଉଦ୍ଧାର କରିବା ପାଇଁ ସବୁ ପ୍ରକାର ବିକଳ୍ପ ଉପ।।ରେ ବିଚାର କରାଯାଉଛି। ତେହରାନରେ ଥିବା ଭାରତୀୟ ଦୂତାବାସ ସୁରକ୍ଷା ସ୍ଥିତିର ସମୀକ୍ଷା କରୁଛି ଓ ଇରାନରେ ଥିବା ଭାରତୀୟଙ୍କ ସୁରକ୍ଷିତ ପ୍ରତ୍ୟାବର୍ତ୍ତନ ପାଇଁ ଉଦ୍ୟମ ଜାରି ରଖିଛି। ଇରାନରେ ଥିବା ଭାରତୀୟଙ୍କୁ ଦୂତାବାସ ପକ୍ଷରୁ ସତର୍କତା ଅବଲମ୍ବନ କରିବାକୁ କୁହାଯାଇଛି। କିନ୍ତୁ ଆତଙ୍କିତ ନ ହେବାକୁ ପରାମର୍ଶ ଦିଆଯାଇଛି।

## ଦୁଇ ପର୍ଯ୍ୟାୟରେ...

ଦେଶରେ କେଉଁ ଜାତିର ଲୋକଙ୍କ ସଂଖ୍ୟା କେତେ ତାହା ଜଣାପଡ଼ିବ। ଦ୍ୱିତୀୟଟି ହେଲା ଏହି ଜନଗଣନାକୁ ଭିତ୍ତି କରି ସଂସଦ ଓ ରାଜ୍ୟ ବିଧାନସଭା ନିର୍ବାଚନମଣ୍ଡଳୀମାନଙ୍କର ସୀମା ପୁନଃନିର୍ଦ୍ଧାରଣ କରାଯିବ। ୧୯୭୧ରୁ ସୀମା ପୁନଃନିର୍ଦ୍ଧାରଣ ଅଟକି ରହିଛି। ସଂସଦରେ ମହିଳାଙ୍କ ପାଇଁ ଆସନ ସଂରକ୍ଷଣ ଲାଗି ଏହି ଜନଗଣନା ପଥ ପରିଷ୍କାର କରିବ ବୋଲି କୁହାଯାଉଛି।

ସୂଚନାଯୋଗ୍ୟ ଯେ ଭାରତରେ ପ୍ରଥମ ଥର ଲାଗି ଜାତିଭିତ୍ତିକ ଜନଗଣନା ୧୮୮୧ ଏବଂ ୧୯୩୧ରେ ବ୍ରିଟିଶ ସରକାର ଅମଳରେ ହୋଇଥିଲା। ୨୦୧୧ରେ ୟୁପିଏ ସରକାର ଅମଳରେ ଜନଗଣନା ବେଳେ ସାମାଜିକ-ଅର୍ଥନୈତିକ ଓ ଜାତି ଭିତ୍ତିକ ତଥ୍ୟ ସଂଗ୍ରହ କରାଯାଇଥିଲା। କିନ୍ତୁ ଏହି ତଥ୍ୟ କେବେହେଲେ ପ୍ରକାଶ ପାଇ ପାରିଲାନାହିଁ।

## ଡହଡହ ଖରାରେ...

ପଡିଯାଇଥିଲେ ମଧ୍ୟ ପ୍ରଶାସନ ଖାମଖିଆଲି ମନୋଭାବ ଯୋଗୁଁ ସୋମବାର ମଧ୍ୟ ସମାନ ଅବସ୍ଥା ଦେଖାଦେଇଥିଲା। ସୋମବାର ସକାଳୁ ଭକ୍ତଙ୍କ ଲମ୍ବା ଧାଡ଼ି ଲାଗିଥିବା ବେଳେ ସୁରକ୍ଷା କର୍ମୀ ଓ ପ୍ରଶାସନିକ ଅଧିକାରୀ ନ ଥିବାରୁ ଭକ୍ତଙ୍କ ମଧ୍ୟରେ ଦୀର୍ଘ ୭ ଘଣ୍ଟା ଧରି ଠେଲାପେଲା ଲାଗି ରହିଥିଲା। ପ୍ରଶାସନ ସବୁ ଦେଖି ନ ଦେଖିଲା ପରି ଚୁପ୍ ରହିଥିଲା। ବିଶେଷକରି ପ୍ରଶାସନିକ ଅବ୍ୟବସ୍ଥା ଯୋଗୁ ଜଣେ ହେଲେ ସୁରକ୍ଷା କର୍ମୀ ରହିବା ତ ଦୂରର କଥା ବ୍ୟାରିକେଡ ବ୍ୟବସ୍ଥା ଥିଲେ ମଧ୍ୟ ନ ଥିଲା ପରି ଅବସ୍ଥା ଦେଖାଦେଇଥିଲା। ମନ୍ଦିର ମଧ୍ୟକୁ ମହିଳା ଓ ପୁରୁଷ ଭକ୍ତଙ୍କ ମଧ୍ୟରେ ଠେଲାପେଲା ଲାଗି ରହିବା ସହ ହାତ ଉଠାଉଠି ପର୍ଯ୍ୟନ୍ତ କଥା ଯାଇଥିଲା। ଫଳରେ ଦୀର୍ଘ ଘଣ୍ଟା ଧରି ଧାଡିରେ ଛୋଟଛୋଟ ପିଲା ଓ ମହିଳା ଭକ୍ତ ଅଣନିଃଶ୍ୱାସୀ ହୋଇ ଚିତ୍କାର କରୁଥିଲେ ମଧ୍ୟ କେହି ଶୁଣି ନ ଥିଲେ। ଅନ୍ୟପଟେ ମନ୍ଦିର ସମ୍ମୁଖର ଦର୍ଶନ ପଥରେ ଛାମୁଣ୍ଡିଆ ନ ଥିବାରୁ ଡହଡହ ଖରାକୁ ଅସହ୍ୟ ଗୁଳୁଗୁଳିରେ ସିଝିଥିଲେ ଭକ୍ତ।

ସେହିପରି ପୀଠରେ ଦୀର୍ଘ ୪ ଘଣ୍ଟା ଧରି ବିଜୁଳି କାଟ୍ ଯୋଗୁଁ ମନ୍ଦିର ଭିତର ପରିସର ଅନ୍ଧକାର ରହିବା ସହ ପାନୀୟଜଳର ଘୋର ସଂକଟ ଦେଖାଦେଇଥିଲା। ଫଳରେ ଭକ୍ତମାନେ ବାଧ୍ୟ ହୋଇ ଶିବଗଙ୍ଗା ପୁଷ୍କରିଣୀ ଜଳରେ ଶୋଷ ମେଣ୍ଟାଇଥିଲେ। ସେପଟେ ଆଖଣ୍ଡଳମଣି-ଭଦ୍ରକ ମୁଖ୍ୟରାସ୍ତାର ମଠଡିହଠାରୁ ପୀଠର ବାଇପାସ୍ ଯାଏଁ ଅଣଓସାରିଆ ରାସ୍ତା ହୋଇଥିବାରୁ ଦୀର୍ଘ ସମୟ ଧରି ଗାଡ଼ି ଚଳାଚଳ ବାଧାପ୍ରାପ୍ତ ହେବାରୁ ଡହଡହ ଖରାରେ ଦୀର୍ଘ ୪କିମି ଚାଲିଚାଲି ଆସିଥିଲେ ହଜାର ହଜାର ଭକ୍ତ। ବିଶେଷକରି ବାଇପାସ୍ ରାସ୍ତାର ବେନିୟମ ଭାବେ କିଛି ସ୍ଥାନୀୟ ଲୋକ ଜବରଦଖଲ କରିବା ସହ ନିଜର ଚାରିଚକିଆ ଯାନ ରଖିବାରୁ ଟ୍ରାଫିକ ସମସ୍ୟା ଅଣାୟତ୍ତ ହୋଇପଡିଥିଲା। ଉଭୟ ପାର୍ଶ୍ୱରେ ଶହଶହ ଗାଡ଼ି ଦୀର୍ଘ ୪ଘଣ୍ଟା ଧରି ଅଟକି ରହିବା ଫଳରେ ସ୍ଥିତି ନିୟନ୍ତ୍ରଣ ପାଇଁ ସ୍ଥାନୀୟ ଆରଡ଼ି ପୁଲିସକୁ ନାକେଦମ୍ ହେବାକୁ ପଡିଥିଲା। ଲକ୍ଷାଧିକ ଭକ୍ତଙ୍କ ପାଇଁ ମୁତୟନ ସୀମିତ ପୁଲିସ ଭିଡ଼ ନିୟନ୍ତ୍ରଣରେ ସକ୍ଷମ ହୋଇପାରି ନ ଥିଲେ। କିଛି ଭକ୍ତ ଏପରି ଅବ୍ୟବସ୍ଥାକୁ ନେଇ ମନ୍ଦିର ପ୍ରଶାସନ ନିକଟରେ ଅଭିଯୋଗ ଆଣିଥିଲେ ମଧ୍ୟ ସନ୍ତୋଷଜନକ ଉତ୍ତର ନ ପାଇ ନିରାଶ ହୋଇ ଦର୍ଶନରୁ ବଞ୍ଚିତ ହୋଇ ଫେରିଯାଇଥିଲେ।


**SALE**

Booking Open 2/3 BHK Flats Price Starts from 60 Lakhs BHPL KRISHNA BHARATPUR, BHPL RUDRA in front of CET College, Ghatikia, BHPL SB HOMES, Ghatikia, BHPL PNM, Satya Vihar, BHPL GRAND-4, Jagamara & Ready to move 3 BHK Flats BHPL ARYA, Ghatikia & R.J Palace, Samantarapur, Bhubaneswar.

Contact

GADHWAL GROUP

Mob.: 9437015112


**AFFIDAVIT**

I, Rashimi Rekha Maharana, aged about 42 years, W/o- Manoj Maharana, resident of At-Plot No. 310 (P), Maitri Nagar, PO- Nayabazar, PS-Chauliaganj, Dist- Cuttack, PIN- 753004, Odisha declared by this affidavit No. 1336, dated-14/06/2025, that now onwards I shall be known as **RASHMIREKHA MAHARANA** for all future purposes.

**Raghunath Samabaya Mahavidyalaya, Odagaon**

ରଘୁନାଥ ସମବାୟ ମହାବିଦ୍ୟାଳୟ, ଓଡଗାଁ

Banavihar, At/Po- Odagaon, Dist- Nayagarh, 752081, Odisha
Ph.No. 06753-296505
Email.: rsmodagaon@gmail.com, Website.: rsmodagaon.org.in

**QUOTATION CALL**

**No. RSM196/25** **Dt. 17/06/2023**

Sealed Quotations are invited from reputed and registered farms/authorised suppliers/dealers having valid and up-to-date GST registration/IT clearance, PAN, TIN and ISO, Dealers Certificate for the supply of the materials of IT infrastructure, i.e.:(1) Desktop (i3 and above). (2). UPS (Digital) (3). MFM Printers (4). LED Android Smart TV (65 inch) (5). Wireless Microphone & Camera For Virtual Meetings with LAN Connectivity.

The supplier should quote the unit price inclusive of all taxes, installation and transportation cost. The related quotation should reach the undersigned on or before **23/06/2025**, 5 p.m. by Regd./Speed post. For more details contact the office of the principal from **10:30 a.m. - 2:30 p.m.** on all working days and refer letter No: 202469785168/ Dt.05/03/2025 of DHE, Govt. of Odisha.

N.B: The undersigned reserves the rights to cancel fully or partially the quotation process without citing any reason thereof.

**Sd/- Principal**
**R.S. Mahavidyalaya, Odagaon**

**ODISHA HYDRO POWER CORPORATION LTD.**
(A Government of Odisha Undertaking)
OFFICE OF THE SENIOR GENERAL MANAGER (ELECTRICAL)
UPPER KOLAB HYDRO ELETRIC PROJECT
AT/PO: BARINIPUT, DIST: KORAPUT – 764006, ODISHA
PHONE: - (06854)242001 (O), FAX: - (06854) 242038
E-mail: sgmel.ukhep@gmail.com

OHPC

**TENDER CALL NOTICE NO UKHEP-11/25-26, DATED 11/06/25**

Sealed tenders are invited in sealed envelopes from the Authorized dealers/Reputed Suppliers for "Procurement of Anti-microbial 1000 ltr capacity triple layer white sintex water tanks, UKHEP, Bariniput".

| Description of work | Cost of tender paper in Rs (Non-Refundable) | EMD in Rs. (Refundable) |
|---|---|---|
| Procurement of Anti-microbial 1000 ltr capacity triple layer white sintex water tanks, UKHEP, Bariniput | 4720/- (Non- refundable) (Rs.4000/-+18% GST) | 9000/- |

The sale of Tender Paper will be from : 17/06/25 to 11.00 Hrs of 03/07/25
The last date & time of receipt of Tender : 12.00 Hrs of 03/07/2025
The date and time of opening of Tender : 12.30 Hrs of 03/07/2025
For details of tender documents, Terms & conditions, downloading, please visit our website www.ohpcltd.com.

C & P Head,
Upper Kolab H.E.Project,
Bariniput

CAD-788 OIPR - 04002/11/0095/2526

**NOTICE (for Minor)**

By virtue of an affidavit sworn before The Executive Magistrate, Baripada, Mayurbhanj, dated 12-06-2025 I, Basanti Mahapatra Address Village/PO.- Balidiha, PS.- Khunta, Dist Mayurbhanj, Odisha, PIN-757019 declare that I have changed the name of my daughter **Ipasita Mohapatra** to **Ipsita Mohapatra**. Henceforth, she shall be known as **Ipsita Mohapatra** for all purposes.

Basanti Mahapatra

**AFFIDAVIT**

By virtue of an affidavit before Executive Magistrate, Kujanga, No.1684 dtd.19.04.2025 I, **Sisir Mallik** S/o- Daitari Mallik, resident of Kothi, Po.- Jhimani, Ps.- Paradeep lock, Dist.- Jagatsinghpur, Pin-754141, Odisha state that, I have changed my minor daughter's name from **Soyang Sampurna** to **Swayam Sampurna**. Henceforth she shall be known as **Swayam Sampurna** for all purposes.

**AFFIDAVIT**

BY VIRTUE OF AN AFFIDAVIT SWORN BEFORE THE EXECUTIVE MAGISTRATE SOHELA, I SRI PITABASA SAHU S/O- GOPAL SAHU, RESIDENT OF VILL.- PADHANPALI, PO.- TABADA, PS- SOHELA, DIST-BARGARH, ODISHA, STATE THAT IN MY ADHAR CARD MY NAME HAS BEEN MENTIONED AS **PITABAS SAHU** WHERE AS IN MY RESIDENT CERTIFICATE MY NAME HAS BEEN REFLECTED AS **PITABASA SAHU**. MY ACTUAL NAME IS **PITABASA SAHU**.

**AFFIDAVIT**

BY VIRTUE OF an affidavit sworn before the Notary Public, Sunabeda dated 05/06/2025 I Sri Parsuram Pangi S/o- Biknu Pangi, Village - Panasput, Post- Anduruguda, PS- Padua, Dist- KORAPUT declare that I have changed my name from **Parasu Pangi** to **Parsuram Pangi**. Henceforth, I shall be known as **Parsuram Pangi** for all purposes.

Sd/- Parsuram Pangi

**AFFIDAVIT**

BY VIRTUE OF an affidavit sworn before the Notary Public, Sunabeda dated 05/06/2025 I Sri Ramachandra Aleibir, S/o- Late Samara Aleibir, Village - Balda, Post - Balda, PS- Padua, Dist - KORAPUT declare that I have changed my name from **Ramachandra Hantal** to **Ramachandra Aleibir**. Henceforth, I shall be known as **Ramachandra Aleibir** for all purposes.

**AFFIDAVIT**

BY VIRTUE OF an affidavit sworn before the Notary Public, Sunabeda dated 05/06/2025 I Smt Danumati Pangi, W/o- Krushna Pangi, Village - Jadaput, Post- Banamaliput , PS- Nandapur, Dist - KORAPUT declare that I have changed my name from **Danumati Pangi** to **Dhanamati Pangi**. Henceforth, I shall be known as **Dhanamati Pangi** for all purposes.

**AFFIDAVIT**

BY VIRTUE OF an affidavit sworn before the Notary Public, Sunabeda dated 09/06/2025 I Sri Sunil Kumar Hantal, S/o- Sashidhar Hantal, Village - Hatibari, Post- Hatibari, PS- Padua, Dist - KORAPUT declare that, I have changed my name from **Ishak Hantal** to **Sunil Kumar Hantal**. Henceforth, I shall be known as **Sunil Kumar Hantal** for all purposes.

**AFFIDAVIT**

By virtue of an affidavit before Executive Magistrate, Bhubaneswar, No.32 dtd.09/06/2025, I, **Krushna Chandra Das,** S/o- Kampa Das, resident of Vill.- Phasi, near Gramadebati, Kodala, Po.- Phasi, Dist.- Ganjam, Odisha, Pin- 761032 state that, I have changed my minor daughter's name from **PRAGNYA DAS** to **PRAGYANSMITA DAS**. Henceforth she will be known as **PRAGYANSMITA DAS** for all purposes.

**AFFIDAVIT**

By virtue of an affidavit before Executive Magistrate, Ambabhona, No.228 dtd.13/06/2025, I, **Surendra Singh Thakur,** S/o- Late Ananda Singh Thakur, resident of Vill.- Satidarha, Po.- Kapasira, Tah.- Ambabhona, Dist.- Bargarh, Odisha state that, my actual and correct name is **Surendra Singh Thakur** but in my Adhar Card my name has been mentioned as **Suren Singh Thakur**. Both the names **Surendra Singh Thakur** and **Suren Singh Thakur** belongs to one and same person.

**AFFIDAVIT**

By Virtue of an affidavit No.658 , Dated: 15.06.2025, before the Notary Public, Balimela, Dist: Malkangiri, I, Deba Padiami have changed my minor son's name from **Jaleswara Padiami** to **Jaleswar Padiami.** Henceforth he will be known as **Jaleswar Padiami** for all purposes.

**Sd/- Deba Padiami**

**AFFIDAVIT**

I, SK Qutubuddin, S/o. Sk Kamiruddin, resident of Sabalanga Kanipara, Kanipada, Mahakalapada, Dist.- Kendrapara, Odisha-754208 declare by this affidavit no. CF-45, dated-12.06.2025 that now onwards I shall be known as **Sk Kutubuddin** for all future purposes.

**AFFIDAVIT**

By the virtue of an affidavit in the court of executive magistrate, Jajpur no 5365 dtd 02/05/2025 that My son name have changed from **Sai Samartha Dikshit** to **Sai Pratik Dikshit**. Henceforth he shall be known as **Sai Pratik Dikshit** for all purposes.

**Sd/- Chintamani Dikshit**

**NOTICE (for Minor)**

By virtue of an affidavit sworn before Notary Public Udala, Mayurbhanj, dated 09-06-2025 I, Durga Hansdah Address Village/PO.- Bahubandh, PS.- Udala, Dist Mayurbhanj, Odisha, PIN-757041 declare that I have changed the name of my daughter **Sarma Hansdha** to **Salma Hansdah**. Henceforth, she shall be known as **Salma Hansdah** for all purposes.

**Durga Hansdah**

**AFFIDAVIT**

By Virtue of an affidavit No.659 , Dated: 15.06.2025, before the Notary Public, Balimela, Dist: Malkangiri, I, Muke Padiami have changed my minor son's surname and his father's name from Dipak Podiami, S/O- **Kasa Podiami** to **Dipak Padiami** S/O- **Kasha Padiami** respectively. Hence forth he will be known as **Dipak Padiami**, S/O- Kasha Padiami for all purposes.

**Sd/- Muke Padiami**

**AFFIDAVIT**

I, Mahamud Ali Lathia, aged about 41 years, S/o- Isha Lathia, resident of Gandhi Chowk, Umerkote, Po-Umerkote, Ps-Umerkote, Dist-Nabarangpur, Odisha, Pin- 764073 declare by this affidavit No-1191, dtd. 14/06/2025, that now onwards I shall be known as **MOHAMED ALI LATHIA** for all future purposes.

**AFFIDAVIT**

By virtue of an affidavit sworn before The Executive Magistrate, Jajpur on dated- 19/05/2025. I, **Sushanta Kumar Rout** (Applicant name), S/o Gokulananda Rout, permanent resident of Vill: Kuanrpur, PO: Aunri, PS: Alakund, Dist: Jajpur, PIN: 755013, Odisha declare that I have changed my minor son's name from **Sidhant Rout** (old name) To **Sidhanta Kumar Rout** (new name). Henceforth, he shall be known as **SIDHANTA KUMAR ROUT** for all future purposes.

**Sushanta Kumar Rout**

**LOST**

By this time one person namely **Sri Bisikeshan Lima,** aged about 46 years, S/o.: Sri Erana Lima, of Village: Jagannathpur, PO.: Kujasingh, P.S.: Serango, Dist.: Gajapati, At/Pre: Krishna Nagar, Near Ranipenta, PO.: Jeeba, P.S.: Paralakhemundi, Tahasil: Gumma, District: Gajapati, Aadhar No.: 7549 0979 2479 appeared at PS and presented a written report that, He own a piece of Land situated in the revenue Village/Mouza: Upalasing which is bearing new RoR vide Khata No.: 85/927, Plot No.: 359/903 for Ac.0041 Dec, Kissam: Gharabari, being purchased by me vide RSD No.: 10552002524 Dt.01.10.2020 from one Sri Korada Dandasi, that the above Sri Korada Dandasi purchased the said land from one Sri Sankar Prasad Boxi vide RSD No.: 10551602338 Dt.07.09.2016, which has been, given by Sri Korada Dandasi to him at the time of registration of his sale deed. But the said original link Sale Deed bearing RSD No.: 10551602338 Dt.07.09.2016 has been misplaced at our home at Krishna Nagar, Near Ranipenta i.e. on 04.05.2025 and in spite of their best efforts, the same could not be traced out. Hence, he reported at PS. Noted the fact in GD for future references.

# ଜଳ ପ୍ରକଳ୍ପ ନିର୍ମାଣରେ ବିଳମ୍ବ; ଠିକାସଂସ୍ଥାକୁ ଜରିମାନା



**ଆନନ୍ଦପୁର,୧୬।୬(ସମିସ):** କୋଟିକୋଟି ଟଙ୍କା ବ୍ୟୟରେ ଆରମ୍ଭ ହୋଇଥିବା ବୃହତ୍ ପାନୀୟଜଳ ପ୍ରକଳ୍ପ ନିର୍ମାଣରେ ବିଳମ୍ବ ଯୋଗୁଁ ଅଣଓଡ଼ିଆ ଠିକାସଂସ୍ଥାକୁ ଜୋରିମାନା ହୋଇଥିବା ଜଣାଯାଇଛି। ଠିକାସଂସ୍ଥାର ମନମାନି ଯୋଗୁଁ ନାଁ କାମ ଶେଷ ହେଉଛି ନାଁ ଲୋକେ ପାଣି ପାଉଛନ୍ତି। ଫଳରେ ଘରେଘରେ ପାଣି ପାଇବା ସ୍ୱପ୍ନ ହୋଇରହିଯାଇଛି। ଠିକାସଂସ୍ଥା ଏମ୍ଇଆଇଏଲ୍ ପ୍ରକଳ୍ପ କାମ ଶେଷ କରୁନଥିବାରୁ ଗ୍ରାମ୍ୟ ଜଳ ଯୋଗାଣ ବିଭାଗ ପକ୍ଷରୁ ଜରିମାନା କରାଯାଇଛି। ପ୍ରକଳ୍ପର ଚୁକ୍ତିନାମା ମୂଲ୍ୟ ଉପରେ ଦୈନିକ ୦.୦୫ ପ୍ରତିଶତ ଜରିମାନା ପଇଠ କରିବାକୁ ସଂସ୍ଥାକୁ ନୋଟିସ୍ ହୋଇଛି। କେନ୍ଦୁଝର ଜିଲ୍ଲାରେ ସମସ୍ତ ଘରକୁ ପାନୀୟଜଳ ଯୋଗାଇ ଦେବାକୁ ଘସିପୁରା, ଆନନ୍ଦପୁର ଓ ସାହାରପଡ଼ା ବ୍ଲକ୍‌ରେ ପାଞ୍ଚବର୍ଷ ତଳେ ଆରମ୍ଭ ହୋଇଥିଲା ପ୍ରକଳ୍ପ। ପ୍ରଶାସନ ପକ୍ଷରୁ ଅଣଓଡ଼ିଆ ଠିକାସଂସ୍ଥାଙ୍କୁ ଦିଆଯାଇଥିବା କାମ ପାଞ୍ଚବର୍ଷ ବିତିଥିଲେ ହେଁ ଆଜିଯାଏ ତାହା ଶେଷ ହୋଇନି। ବାରମ୍ବାର ସମୟ ଗଡ଼ାଇ ଚାଲିଛନ୍ତି ଠିକାଦାର। ଏପରିସ୍ଥଳେ, ଖୋଦ୍ ମୁଖ୍ୟମନ୍ତ୍ରୀଙ୍କ ଜିଲ୍ଲାରେ ଅଣଓଡ଼ିଆ ଠିକା ସଂସ୍ଥାର ମନମାନି ଆଉ ଚାଲିଲାନି। ଏବେ ଗ୍ରାମ୍ୟ ଜଳ ଯୋଗାଣ ବିଭାଗ ସମ୍ପୃକ୍ତ ଠିକାସଂସ୍ଥା ଉପରେ ଜରିମାନା ଧାର୍ଯ୍ୟ କରିଛି; ଯାହା ଚର୍ଚ୍ଚାର ବିଷୟ ହୋଇଛି। ଡିଏମ୍ଏଫ୍ ଅନୁଦାନରେ ପ୍ରକଳ୍ପ କାମ ଆରମ୍ଭ ହୋଇଥିଲା। ଆନନ୍ଦପୁର ବ୍ଲକ୍‌ରେ ୮୧ଟି ଗାଁର ୨୪, ୩୧୩ଜଣ ବାସିନ୍ଦାଙ୍କୁ ଜଳ ଯୋଗାଣ ନିମନ୍ତେ ଡିଏସ୍ଏଫ୍‌ରୁ ୧୩୫କୋଟି ୬୨ ଲକ୍ଷ ଟଙ୍କା। ଘସିପୁରା ବ୍ଲକ୍‌ର ୨୦୦ଟି ଗାଁର ୩୨,୫୧୧ଜଣ ବାସିନ୍ଦାଙ୍କୁ ପାନୀୟଜଳ ଯୋଗାଣ ନିମନ୍ତେ ବ୍ୟୟ ଅଟକଳ ହୋଇଛି ୧୫୫କୋଟି ୨୧ ଲକ୍ଷ ଟଙ୍କା। ରାଜ୍ୟ ବାହାରର ଠିକାସଂସ୍ଥା କାମ ଅଧପନ୍ତରିଆ ରଖିଥିଲେ ହେଁ ସଂସ୍ଥାକୁ ଅନୁକମ୍ପା ଦେଖାଇ ୮୯ ପ୍ରତିଶତ ଅନୁଦାନ ରାଶି ଦିଆଯାଇଥିଲା। ଏହା ସତ୍ତ୍ୱେ ଲୋକଙ୍କୁ ମୁନ୍ଦାଏ ବି ପାଣି ମିଳିନି। ଏପରିକି ମନମୁଖୀ କାର୍ଯ୍ୟ ଯୋଗୁଁ ଗାଁଗଣ୍ଡାର ରାସ୍ତାଘାଟ ମଧ୍ୟ ନଷ୍ଟ ହୋଇଛି। ୨୦୨୧ରେ ପ୍ରକଳ୍ପ କାର୍ଯ୍ୟର ଅବଧି ସରିଥିଲେ ହେଁ ଏବେ ସୁଦ୍ଧା କମେ ଅଧାପନ୍ତରିଆ ହୋଇରହିଛି। ଠିକାଦାର ନିର୍ମାଣ କାମଠାରୁ ଢେର ଅଧିକ ଟଙ୍କା ଉଠାଇ ନେଇଥିବା କୁହାଯାଉଛି। ବିଭାଗ ପକ୍ଷରୁ ବାରମ୍ବାର ନୋଟିସ୍ ପରେ ମଧ୍ୟ ଠିକାସଂସ୍ଥା କର୍ଣ୍ଣପାତ କରୁନଥିବା ଜଣାପଡ଼ିଛି। କାଁ ଭାଁ କେତୋଟି ଗାଁକୁ ପରୀକ୍ଷାମୂଳକ ଭାବେ ପାଣି ଛାଡ଼ିଥିଲେ ବି ଘର ପାଖକୁ ପାଣି ନଯାଇ ରାସ୍ତାରେ ଭାସୁଛି। ସଂସ୍ଥା ବିରୋଧରେ ଗତବର୍ଷ ଜରିମାନା କରାଯାଇଥିବା ବେଳେ ଚଳିତବର୍ଷ ମଧ୍ୟ ଅନୁରୂପ ପଦକ୍ଷେପ ନିଆଯାଇଥିବା କହିଛନ୍ତି ବିଭାଗୀୟ ଅଧୀକ୍ଷଣ ଯନ୍ତ୍ରୀ ମାନସ ରଞ୍ଜନ ପରିଡ଼ା। ଅନ୍ୟପକ୍ଷରେ ମୁଖ୍ୟମନ୍ତ୍ରୀ ଏଥିପ୍ରତି ଦୃଷ୍ଟି ଦେବାକୁ ଜିଲ୍ଲା ପରିଷଦ ଉପାଧ୍ୟକ୍ଷ ସୋମନାଥ ଦାସ ଦାବି କରିଛନ୍ତି।

## ଶୌଚାଳୟ ନଥିବାରୁ ଯାତ୍ରୀ ହିନସ୍ତା

**ହାଟଡ଼ିହୀ,୧୬।୬(ସମିସ):** କେନ୍ଦୁଝର ଜିଲ୍ଲା ହାଟଡ଼ିହୀ ବ୍ଲକ୍ ଅଧୀନ ଛେନାପଦି ଛକରେ ସ୍ୱଚ୍ଛ ଭାରତ ମିଶନ ଫେଲ୍ ମାରିଥିବା ଅଭିଯୋଗ ହୋଇଛି। ଛେନାପଦି ଛକଟି ହାଟଡ଼ିହୀ ବ୍ଲକର ମୁଖ୍ୟ ଜନସମାଗମ ଓ ବାଣିଜ୍ୟସ୍ଥଳ ଭାବେ ପରିଚିତ। ୫୩ନଂ ରାଜ୍ୟ ରାଜପଥ ଉପରେ ଅବସ୍ଥିତ ଛେନାପଦି ଛକରୁ କେନ୍ଦୁଝର, ରାଉରକେଲା, ସମ୍ବଲପୁର, ଭୁବନେଶ୍ୱର, କଟକ, ବାଲେଶ୍ୱର, ଭଦ୍ରକ, କରଞ୍ଜିଆ ସହିତ ବାହାର ରାଜ୍ୟକୁ ଯୋଗାଯୋଗର ପ୍ରମୁଖ ସ୍ଥାନ ଅଟେ। ସଂପ୍ରତି ଏଠାରେ ଶୌଚାଳୟ ନଥିବାରୁ ମହିଳା ଯାତ୍ରୀ, ସ୍କୁଲ କଲେଜ ଛାତ୍ରୀମାନଙ୍କୁ ନାହିଁ ନଥିବା ଅସୁବିଧାର ସମ୍ମୁଖୀନ ହେବାକୁ ପଡୁଥିବା ବେଳେ ସେମାନଙ୍କୁ ଅସୁରକ୍ଷିତ ଏବଂ ହିନସ୍ତା ହେବାକୁ ମଧ୍ୟ ପଡୁଛି। ଛକଟି ଦୈନିକ ବଜାର ହେତୁ ପ୍ରତିଦିନ ଅସମ୍ଭାଳ ଭିଡ଼ ପରିଲକ୍ଷିତ ହୋଇଥାଏ। ଛେନାପଦି ଛକରେ ନିହାତି ଭାବେ ଏକ ଶୌଚାଳୟ ଆବଶ୍ୟକ ରହିଛି। ପୂର୍ବରୁ ଏନେଇ ଅଞ୍ଚଳର ବିଭିନ୍ନ ସଂଘ, ବରିଷ୍ଠ ନାଗରିକ ମଞ୍ଚ ସହ ସାମ୍ବାଦିକ ସଂଘ ତରଫରୁ ଶୌଚାଳୟ ପାଇଁ ଆଲୋଚନା ଓ ଅଭିଯୋଗ କରିଥିଲେ ମଧ୍ୟ ଆଜି ପର୍ଯ୍ୟନ୍ତ ମୁଖ୍ୟ ସମସ୍ୟା ପ୍ରତି ଦୃଷ୍ଟି ନପଡ଼ିବା ଅତ୍ୟନ୍ତ ଦୁର୍ଭାଗ୍ୟ ଏବଂ ପରିତାପର ବିଷୟ ସାଜିଛି। ତେବେ ବ୍ଲକ ମଧ୍ୟରେ ଥିବା ଗ୍ରାମାଞ୍ଚଳ ଏବଂ ଅପହଞ୍ଚ ଇଲାକାରେ ସ୍ୱଚ୍ଛ ଭାରତ ମିଶନ କିପରି ବିକାଶ କରିଛି ତାହା ଏଥିରୁ ସ୍ପଷ୍ଟ ଭାବେ ବାରି ହୋଇପଡୁଛି। ଏଣୁ ଜିଲ୍ଲା ପ୍ରଶାସନ ଏଥିପ୍ରତି ଦୃଷ୍ଟିଦେଇ ତୁରନ୍ତ ଏକ ଶୌଚାଳୟ ନିର୍ମାଣ ପାଇଁ ଅଞ୍ଚଳବାସୀ ଦାବି କରିଛନ୍ତି।

**ନିର୍ମାଣ ପାଇଁ ଅଞ୍ଚଳବାସୀଙ୍କ ଦାବି**

## ଯୁବକଙ୍କ ଝୁଲନ୍ତା ମୃତଦେହ ଉଦ୍ଧାର

**ହତ୍ୟା ଅଭିଯୋଗ**

**ଆନନ୍ଦପୁର,୧୬।୬(ସମିସ):** ପୋଖରୀକୂଳ ନିକଟସ୍ଥ ଏକ ଗଛରୁ ଜଣେ ଯୁବକଙ୍କ ଝୁଲନ୍ତା ମୃତଦେହ ଉଦ୍ଧାର କରାଯାଇଛି। ମୃତକ ହେଲେ କେନ୍ଦୁଝର ଜିଲ୍ଲା ଘଷିପୁରା ଥାନା ଶୈଳଙ୍ଗ ଗାଁର ଧରଣୀ ରାଉତ। ସୋମବାର ସକାଳୁ ଗଛରେ ଧରଣୀଙ୍କ ମୃତଦେହ ଝୁଲୁଥିବା ଦେଖି ସ୍ଥାନୀୟ ଲୋକେ ପରିବାର ଲୋକଙ୍କୁ ଖବର ଦେଇଥିଲେ। ପରିବାର ଲୋକେ ପାରିପାର୍ଶ୍ୱିକ ସ୍ଥିତିକୁ ଦେଖି ଧରଣୀଙ୍କୁ କେହି ହତ୍ୟାକରି ଝୁଲାଇ ଦେଇଥିବା ଅଭିଯୋଗ କରିଛନ୍ତି। ଧରଣୀଙ୍କର କାହା ସହ ଶତ୍ରୁତା ନଥିଲା। ସ୍ଥାନୀୟ ଅଞ୍ଚଳରେ ଜୁଆଖେଳ ହେଉଥିବାରୁ ଏହି ଖେଳକୁ ନେଇ କେହି ହତ୍ୟା କରିଥାନ୍ତି ବୋଲି ପରିବାର ଲୋକେ କହିଛନ୍ତି। ଅନ୍ୟପକ୍ଷରେ ଘଷିପୁରା ପୁଲିସ ଘଟଣାସ୍ଥଳରେ ପହଞ୍ଚି ତଦନ୍ତ ଆରମ୍ଭ କରିଛି।

## ସ୍ୱାମୀ ବିବେକାନନ୍ଦ ଲୋକସଂସଦର ଆଭାସୀ ପାଠଚକ୍ର

**କେନ୍ଦୁଝର,୧୬।୬(ସମିସ):** କେନ୍ଦୁଝର ସ୍ୱାମୀ ବିବେକାନନ୍ଦ ଲୋକ ସଂସଦର ଆଭାସୀ ପାଠଚକ୍ର 'ଗୀତାର ଦଶମ ଅଧ୍ୟାୟ, ବିଭୂତି ଯୋଗର ଦ୍ୱିତୀୟ ଭାଗ' ଅନୁଷ୍ଠିତ ହୋଇଯାଇଛି। ଏଥିରେ କେନ୍ଦୁଝରର ଲୋକ ସଂସଦ ସଭାପତି ଡ. ବିମ୍ବାଧର ବେହେରା ଅଧ୍ୟକ୍ଷତା କରିଥିଲେ। ମୁଖ୍ୟ ଆଲୋଚକ ଭାବେ ଧନୁର୍ଜୟ ନାରାୟଣ ଉଚ୍ଚ ବିଦ୍ୟାଳୟର ଅବସରପ୍ରାପ୍ତ ସଂସ୍କୃତ ପଣ୍ଡିତ ମଧୁସୂଦନ ମିଶ୍ର ଯୋଗଦେଇ ବିଭୂତି ଯୋଗର ମହାତ୍ମ୍ୟ ବୁଝାଇଥିଲେ। ସଂଯୋଜକ ଭାବେ ଶିକ୍ଷକ ନାରାୟଣ ଚନ୍ଦ୍ର ବୋଇତାଇ ସୁଚାରୁରୂପେ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। ପ୍ରାରମ୍ଭରେ ସ୍ୱାମୀ ବିବେକାନନ୍ଦ ଲୋକ ସଂସଦର ରାଜ୍ୟ ସଭାପତି ତଥା ଅବସରପ୍ରାପ୍ତ ଭାରତୀୟ ପ୍ରଶାସନିକ ସେବା ଅଧିକାରୀ ରମାନାଥ ପଣ୍ଡାଙ୍କ ବିୟୋଗରେ ଶୋକପ୍ରକାଶ ସହ ୨ମିନିଟି ନୀରବ ପ୍ରାର୍ଥନା କରାଯାଇଥିଲା।ଆରମ୍ଭରେ ଓଁକାର ବେଦପାଠ ପଦ୍ମିନୀ ସାହୁଙ୍କ ଦ୍ୱାରା ସମ୍ପନ୍ନ ହୋଇଥିବା ବେଳେ ବିବେକବାଣୀ ଶୁଭଶ୍ରୀ ଓଝା ଉଚ୍ଚାରଣ କରିଥିଲେ। ସମାପ୍ତି ଟିପ୍ପଣୀ ପ୍ରସଙ୍ଗରେ ଡ. ବେହେରା ଗୀତା କେବଳ ଏକ ଧର୍ମଗ୍ରନ୍ଥ ନୁହେଁ ଜୀବନ ସଂହିତା, ମୁଖ୍ୟ ଆଲୋଚକଙ୍କ ମନ୍ତବ୍ୟକୁ ଆହୁରି ସରଳତର କରିଥିଲେ। କେନ୍ଦ୍ରୀୟ ସଂଗଠନ ସମ୍ପାଦକ ପ୍ରଫେସର ଡ. ଚିତ୍ତରଞ୍ଜନ ନାୟକଙ୍କ ସମେତ କେନ୍ଦୁଝରର ସମ୍ପାଦକ ପ୍ରାଧାପକ ବିଜୟ କୁମାର ସାହୁ, ଉପସଭାପତି ଜଗନ୍ନାଥ ପଣ୍ଡା, ସୋନପୁରର ଦେବେନ୍ଦ୍ର ବିଜୟ ସାହୁ, ଢେଙ୍କାନାଳର ଶଙ୍କର୍ଷଣ ଶତପଥିଙ୍କ ସମେତ ବହୁ ଶ୍ରୋତା ଅଂଶଗ୍ରହଣ କରିଥିଲେ। ଶାନ୍ତିପାଠ ସଞ୍ଜୟ କୁମାର ପାତ୍ର କରିଥିବା ବେଳେ ସୁରଜ କୁମାର ପଟ୍ଟନାୟକ ଧନ୍ୟବାଦ ଜଣାଇଥିଲେ।

**କେଟି ଗ୍ଲୋବାଲ ଚେସ୍ ପ୍ରତିଯୋଗିତା**

## ଅନ୍ୱେଷ ପ୍ରଥମ, ରୁଦ୍ରନାରାୟଣ ଦ୍ୱିତୀୟ ଓ ପ୍ରୀତିରାଜ ତୃତୀୟ



**କେନ୍ଦୁଝର,୧୬।୬(ସମିସ):** କେନ୍ଦୁଝର ଜିଲ୍ଲା ଚେସ୍ ଆସୋସିଏସନ୍ ଓ ଖୋର୍ଦ୍ଧା ବରୁଣେଇସ୍ଥିତ କେଟି. ଗ୍ଲୋବାଲ ସ୍କୁଲ ମିଳିତ ସହଯୋଗରେ କେନ୍ଦୁଝରର ପ୍ରଭାସ ମଞ୍ଜରୀ ଆଇନ ମହାବିଦ୍ୟାଳୟରେ ଚେସ୍ ପ୍ରତିଯୋଗିତା ଅନୁଷ୍ଠିତ ହୋଇଯାଇଛି। ଏଥିରେ ଜିଲ୍ଲାର ବିଭିନ୍ନ ସ୍କୁଲରୁ ୨୦ ଜଣ ପ୍ରତିଯୋଗୀ ଭାଗ ନେଇଥିଲେ। ଆରିନ ଅନ୍ୱେଷ ସ୍ୱାଇଁ ପ୍ରଥମ, ରୁଦ୍ରନାରାୟଣ ଜେନା ଦ୍ୱିତୀୟ ଓ ପ୍ରୀତିରାଜ ମହାନ୍ତି ତୃତୀୟ ସ୍ଥାନ ଅଧିକାର କରିଥିଲେ। ପ୍ରତିଯୋଗୀଙ୍କୁ ପ୍ରଭାସ ମଞ୍ଜରୀ ଆଇନ ମହାବିଦ୍ୟାଳୟର ଅଧ୍ୟକ୍ଷ ଡଃ ଧନେଶ୍ୱର ଦାସ ମୁଖ୍ୟଅତିଥି ଭାବେ ଯୋଗଦେଇ ପିଲାମାନଙ୍କୁ ଉତ୍ସାହିତ କରିବାସହ ଆର୍ଥିକ ସହାୟତା ରାଶି ଓ ଟ୍ରଫି ପ୍ରଦାନ କରିଥିଲେ। ଚେସ୍ ଖେଳ ଯୋଗୁଁ ପିଲାମାନଙ୍କର ବୁଦ୍ଧିମତା ବୃଦ୍ଧି ହୁଏ ଏବଂ ଏକାଗ୍ରତା ବଢ଼େ ବୋଲି ସେ କହିଥିଲେ। ଅଭିଷେକ ଆଚାର୍ଯ୍ୟ ପ୍ରତିଯୋଗିତାକୁ ପରିଚାଳନା କରିଥିଲେ। ସାନ୍ତ୍ୱନାମୂଳକ ଭାବରେ ୧୫ଜଣ ପିଲାଙ୍କୁ ଟ୍ରଫି ପ୍ରଦାନ କରାଯାଇଥିଲା। କେନ୍ଦୁଝର ଜିଲ୍ଲାରେ ଚେସ୍ ଖେଳର ପ୍ରସାର ନିମନ୍ତେ ଜିଲ୍ଲାର ସମସ୍ତ କମିଟି ସଦସ୍ୟ ତଥା ମୁଖ୍ୟ କାର୍ଯ୍ୟ ପରିଚାଳନା ଦାୟିତ୍ୱରେ ଥିବା ଅମର ମହାନ୍ତି ଓ ସହଯୋଗୀ ନିହାର ରଞ୍ଜନ ମିଶ୍ର ସମସ୍ତଙ୍କର ସହଯୋଗ କାମନା କରିଥିଲେ। ଆଗାମୀ ଦିନରେ ଅଗଷ୍ଟ ୧୫ ତାରିଖ, ବଡ଼ଦିନ ଓ ପୂଜା ଛୁଟିମାନଙ୍କରେ କେନ୍ଦୁଝର ଜିଲ୍ଲାର ପ୍ରତ୍ୟେକ ଉପଖଣ୍ଡରେ ଓ ବ୍ଲକସ୍ତରରେ ଚେସ୍ ପ୍ରତିଯୋଗିତା ଆୟୋଜନ କରାଯିବ ବୋଲି କେଟି. ଗ୍ଲୋବାଲ ସ୍କୁଲର ଇତି ପ୍ରଧାନ ଓ ଅନୁସ୍ମିତା କାରକ ପ୍ରକାଶ କରିଛନ୍ତି।

## ଅନ୍ତର୍ଜାତୀୟ ଯୋଗ ଦିବସ ପାଳନ



**ଯୋଡ଼ା,୧୬।୬(ସମିସ):** ଭାରତ ସରକାରଙ୍କ ଖଣି ମନ୍ତ୍ରାଳୟ ଏବଂ ଇଣ୍ଡିଆନ ବ୍ୟୁରୋ ଅଫ ମାଇନ୍ସଙ୍କ ନିର୍ଦ୍ଦେଶ କ୍ରମେ ରୁଙ୍ଗଟା କମ୍ପାନୀର ସାନଇନ୍ଦିପୁର ଓ ଓରାଘାଟ ଖଣିରେ ଅନ୍ତର୍ଜାତୀୟ ଯୋଗଦିବସ ପାଳନ କରାଯାଇଛି। ୧୪ ତାରିଖରୁ ୨୧ ତାରିଖ ୨୦୨୫ ପର୍ଯ୍ୟନ୍ତ ଯୋଗ ଦିବସ ପାଳନ କରାଯିବ। ପ୍ରଥମ ଦିବସରେ କମ୍ପାନୀର କର୍ମଚାରୀମାନେ ଯୋଗ ପାଇଁ ଶପଥ ନେବା ସହ ପ୍ରାଣାୟାମ, ଯୋଗାସନ, କ୍ରିୟା ପ୍ରାଣାୟାମ, ଧ୍ୟାନ ଓ ସଂକଳ୍ପ ଅଭ୍ୟାସ କରିଥିଲେ। ଅନ୍ତର୍ଜାତୀୟ ଯୋଗଦିବସର ମୁଖ୍ୟ ଉଦ୍ଦେଶ୍ୟ 'ୱାନ ଆର୍ଥ ୱାନ ହେଲଥ'। ସାନଇନ୍ଦିପୁର ଏବଂ ଓରାଘାଟ ଖଣିର ମାଇନ୍ସ ମ୍ୟାନେଜର ତାଙ୍କ ବକ୍ତବ୍ୟରେ କହିଥିଲେ ସ୍ୱାସ୍ଥ ପାଇଁ ଯୋଗ ନିତାନ୍ତ ଆବଶ୍ୟକୀୟ। ଯୋଗକଲେ ଅନେକ ରୋଗ ଭଲ ହୋଇଥାଏ। ପ୍ରାତଃକାଳରେ ଯୋଗକଲେ ଶରୀର ସୁସ୍ଥ ରହେ। ଶେଷରେ କମ୍ପାନୀର କର୍ମଚାରୀମାନେ ଶାନ୍ତି ମନ୍ତ୍ରପାଠ କରି ଯୋଗଭ୍ୟାସ ଶେଷ କରିଥିଲେ।

## ଥାନା ପରିସରରେ ଫୁଟିଲା ବ୍ରହ୍ମକମଳ



**ରାମଚନ୍ଦ୍ରପୁର,୧୬।୬(ସମିସ):** ରଜ ସଂକ୍ରାନ୍ତିରେ ରାମଚନ୍ଦ୍ରପୁର ଥାନା ପରିସରରେ ଥିବା ବଗିଚାରେ ବିରଳ ବ୍ରହ୍ମକମଳ ଫୁଲ ଫୁଟିଥିବା ଦେଖିବାକୁ ମିଳିଛି। ଏକା ସଙ୍ଗରେ ୫ଟି ବ୍ରହ୍ମକମଳ ଫୁଲ ଫୁଟିଥିଲା। ଏଏସଆଇ ହରପ୍ରିୟା ସାହୁ ଅତି ଶ୍ରଦ୍ଧାର ସହ ଏହି ଦୁର୍ଲଭ ଫୁଲଗଛର ଚାରାଆଣି ଥାନା ପରିସରରେ ରୋପଣ କରିଥିଲେ। ମାତ୍ର ବର୍ଷକ ମଧ୍ୟରେ ସେଥିରେ ଏକା ସଙ୍ଗରେ ୫ରୁ ଊର୍ଦ୍ଧ୍ୱ ଫୁଲ ଫୁଟିବା ଯୋଗୁଁ ଅନ୍ତେବାସୀଙ୍କ ମହଲରେ ଖୁସି ଖେଳିଯାଇଛି। ଅନ୍ତେବାସୀ ତଥା ସହକର୍ମୀଙ୍କ ସହଯୋଗ ଯୋଗୁଁ ଥାନା ପରିସରରେ ଫୁଲ ବଗିଚା ସମ୍ଭବ ହୋଇ ପାରିଛି ବୋଲି ଥାନା ଅଧିକାରୀ କହିଛନ୍ତି।

## ବାଲିଘାଟ ବନ୍ଦ ନେଇ ଜାରି ହେଲା ନିର୍ଦ୍ଦେଶନାମା

**ହାଟଡ଼ିହୀ,୧୬।୬(ସମିସ):** ହାଟଡ଼ିହୀ ଅଞ୍ଚଳର ସମସ୍ତ ବାଲିଘାଟ ସହ ଆନନ୍ଦପୁର ଉପଖଣ୍ଡ ଏବଂ ସମଗ୍ର ଜିଲ୍ଲାରେ ରହିଥିବା ପ୍ରାୟ ୩୦ରୁ ଊର୍ଦ୍ଧ୍ୱ ବାଲିଘାଟ ବନ୍ଦ କରାଯିବା ନେଇ ନିର୍ଦ୍ଦେଶନାମା ଜାରି କରାଯାଇଛି। ଇଣ୍ଡିଆନ ମେଟ୍ରୋଲୋଜିକାଲ ଡିପାର୍ଟମେଣ୍ଟ (ଆଇଏମଡ଼ି) ନାଗପୁରର ଚିଠି ସଂଖ୍ୟା ଆରଏମସି/ସିଏମ୍-୩୧୨ ଅନୁଯାୟୀ ମୌସୁମୀ ପାଇଁ ଜିଲ୍ଲାର ସମସ୍ତ ବାଲିଘାଟଗୁଡ଼ିକୁ ଜୁନ୍ ୫ତାରିଖରୁ ଅକ୍ଟୋବର ୧୫ତାରିଖ ପର୍ଯ୍ୟନ୍ତ ବନ୍ଦ କରାଯାଇଛି। ଏହି ସମୟରେ ବାଲି ଉତ୍ତୋଳନ ଏବଂ ପରିବହନ ବନ୍ଦ ରହିବ। ବର୍ଷାଦିନେ ନଦୀପଠା ଓ ଶଯ୍ୟାରେ ବାଲି ଖନନ କରାଗଲେ ନଦୀ ଗତିପଥ ପରିବର୍ତ୍ତନ ହେବା ସହ ବ୍ୟାପକ କ୍ଷୟକ୍ଷତି ହେବାର ସମ୍ଭାବନା ରହିଛି। ଜିଲ୍ଲାର ୩ଗୋଟି ଉପଖଣ୍ଡରେ ଥିବା ଲଘୁଖଣିଜ ଅଧିକାରୀମାନେ ଚିଠି କରି ସମସ୍ତ ଲିଜଧାରୀଙ୍କୁ ବାଲିଘାଟ ବନ୍ଦ କରିବାକୁ ନିର୍ଦ୍ଦେଶ ଦେଇଛନ୍ତି। ଏହି ସମୟରେ ଟ୍ରାନଜିଟ୍ ପାସ୍ ଜାରି କରାଯିବ ନାହିଁ। ୪ମାସ ପାଇଁ କେନ୍ଦୁଝର ଜିଲ୍ଲାର ୩୦ରୁ ଊର୍ଦ୍ଧ୍ୱ ବାଲିଘାଟ ବନ୍ଦ ରହିବ। ନିୟମ ଉଲଂଘନ କରି ବାଲି ଉତ୍ତୋଳନ ଏବଂ ପରିବହନ ହେଲେ ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି କେନ୍ଦୁଝର ଲଘୁଖଣିଜ ଅଧିକାରୀ ତାରିଣୀ ସିଂ କହିଛନ୍ତି।

**କେନ୍ଦୁଝର ଜିଲ୍ଲାରେ ରଜ ମଉଜ**

## ଆନନ୍ଦପୁରରେ ରଜ ମହୋତ୍ସବ ଉଦ୍‌ଯାପିତ



**ଆନନ୍ଦପୁର,୧୬।୬(ସମିସ):** ଆନନ୍ଦପୁର ବଡ଼ଦାଣ୍ଡରେ ଆୟୋଜିତ ରଜ ମହୋତ୍ସବ ଉଦ୍‌ଯାପିତ ହୋଇଯାଇଛି। ସୋମବାର ସନ୍ଧ୍ୟାରେ ଓଁ ଶ୍ରୀ ଡ୍ୟାନ୍ସ ଗ୍ରୁପ୍‌ର କଳାକାରମାନଙ୍କ ନୃତ୍ୟ ବେଶ୍ ଚିତାକର୍ଷକ ହୋଇଥିଲା। କମିଟିର ସଭାପତି ମହେଶ୍ୱର ସାହୁଙ୍କ ସଭାପତିତ୍ୱରେ ସମ୍ପାଦକ ନିରାକାର ଦଳେଇ ବିବରଣୀ ପାଠ କରିଥିଲେ। ଉପଦେଷ୍ଟା ରମାକାନ୍ତ ନାୟକଙ୍କ ସଞ୍ଚାଳନାରେ ମୁଖ୍ୟଅତିଥି ଭାବେ ଶିକ୍ଷାବିତ ଡ. ଦିଲ୍ଲୀପ କୁମାର ଦାଶ, ନୃସିଂହ ନାରାୟଣ ରାସ ପାର୍ଟିର ଉପଦେଷ୍ଟା ନାରାୟଣ ଶା, ପୂର୍ଣ୍ଣଚନ୍ଦ୍ର ସାହୁ, ଉପସଭାପତି ମୁରଲୀଧର ମିଶ୍ର, ଅଶୋକ ସାହୁ, ସଂଯୋଜକ ମଦନ ପାଣି ଯୋଗଦେଇ ଉତ୍କଳୀୟ ସଂସ୍କୃତିରେ ରଜ ଏକ ନିଆରା ପର୍ବ ବୋଲି ମତବ୍ୟକ୍ତ କରିଥିଲେ। ରଜ କମିଟିର ସମ୍ପାଦକ ନିରାକାର ଦଳେଇ ଧନ୍ୟବାଦ ଅର୍ପଣ କରିଥିଲେ। କାର୍ଯ୍ୟକ୍ରମରେ ଭାଗିରଥି ଦାଶ, ସାବିତ୍ରୀ ଦାସ, ପ୍ରଣୟନି ବ୍ରହ୍ମ, ମମତା ରାଣୀ ଜେନା, ସବିତା ଦାସ, ଉମାକାନ୍ତ ନାୟକ, ଅରବିନ୍ଦ ମିଶ୍ର, ଅଶୋକ ସାହୁ, ପଦ୍ମନାଭ ପାତ୍ର ପ୍ରମୁଖ ଉପସ୍ଥିତ କୃତୀ ପ୍ରତିଯୋଗୀ ବାଛିଥିବା ବେଳେ ରଜ କମିଟିର ସଦସ୍ୟ ଗୋପାଳ ପାଣି, ସୁଦାମ ଚରଣ ମଙ୍ଗଳ, ଗଣେଶ୍ୱର ମହାନ୍ତି, ସୋମନାଥ ମିଶ୍ର, ରୁଦ୍ର ନାରାୟଣ ରାଜ୍ ପ୍ରମୁଖ ଉପସ୍ଥିତ ରହି ସମସ୍ତ ସହଯୋଗ କରିଥିଲେ।

## ଖଣି ଅଞ୍ଚଳରେ ରଜ ପାଳିତ



**ବଡ଼ବିଲ,୧୬।୬(ସମିସ):** କେନ୍ଦୁଝର ଜିଲ୍ଲା ବଡ଼ବିଲ ସହରରେ ଥିବା ଅଗ୍ରଣୀ ସାଂସ୍କୃତିକ ଅନୁଷ୍ଠାନ 'ନୀଳାଦ୍ରି' ପକ୍ଷରୁ ଆନନ୍ଦ ଉଲ୍ଲାସର ସହ ରଜ ପାଳିତ ହୋଇଛି। ନୀଳାଦ୍ରି କାର୍ଯ୍ୟାଳୟ ପରିସରରେ ବିଭିନ୍ନ ସାଂସ୍କୃତିକ କାର୍ଯ୍ୟକ୍ରମର ଆୟୋଜନ କରାଯାଇଥିଲା। ପାରମ୍ପରିକ ରଜଦୋଳି ଗୀତ ସାଙ୍ଗକୁ ରଜ ପାନ, ପୋଡ଼ ପିଠା, ଦୋଳି ଖେଳ ଏକ ଚମତ୍କାର ପରିବେଶ ସୃଷ୍ଟି କରିଥିଲା। ଉତ୍ସବ ପ୍ରାରମ୍ଭରେ "ନୀଳାଦ୍ରି' ସଭାପତି ବଳରାମ ମହାନ୍ତି ସମସ୍ତଙ୍କୁ ରଜପର୍ବର ଅଭିନନ୍ଦନ ଜଣାଇଥିଲେ। ସମ୍ପାଦକ କପିଳ ମହାନ୍ତି, କୋଷାଧ୍ୟକ୍ଷ କବିନ୍ଦ୍ର କୁମାର ରଥ, ମୁଖ୍ୟ ଟ୍ରଷ୍ଟି ରାଜକିଶୋର ଦାଶ, ରମେସ ଚନ୍ଦ୍ର ମିଶ୍ର, ବିଶ୍ୱନାଥ ରଣା, ନିଜ ନିଜର ବକ୍ତବ୍ୟରେ ଓଡ଼ିଆ ସଂସ୍କୃତିରେ ରଜପର୍ବର ମହତ୍ତ୍ୱ ଉପରେ ଆଲୋକପାତ କରିଥିଲେ। ବିଭିନ୍ନ ପ୍ରକାରର ସାଂସ୍କୃତିକ କାର୍ଯ୍ୟକ୍ରମର ଆୟୋଜନ କରାଯାଇ କୃତୀ ପ୍ରତିଯୋଗୀମାନଙ୍କୁ ପୁରସ୍କାର ପ୍ରଦାନ କରାଯିବା ସହ ରଜ ସଂକ୍ରାନ୍ତି ପାଳନ କରାଯାଇଥିଲା। ସେହିପରି ସେରେଣ୍ଡା ପଞ୍ଚାୟତର ପୂର୍ବତନ ସରପଞ୍ଚଙ୍କ ତତ୍ତ୍ୱାବଧାନରେ ସେରେଣ୍ଡାସ୍ଥିତ ଚାତମ୍ବା ସାହିରେ ବହୁ ଜାକଜମକରେ ରଜ ଉତ୍ସବ ପାଳନ କରାଯାଇଛି।

## ଟୋଲଙ୍ଗପଡ଼ାରେ ରଜ ମହୋତ୍ସବ




**ବେଲବାହାଲି,୧୬।୬(ସମିସ):** ଆନନ୍ଦପୁର ବ୍ଲକ୍ ଅଧୀନ ଟୋଲଙ୍ଗପଡ଼ା ଗ୍ରାମରେ ମା' କୁରୁମେଇ ଯୁବକ ସଂଘ ପକ୍ଷରୁ ଆୟୋଜିତ ଚଳିତ ବର୍ଷ ରଜ ମହୋତ୍ସବ ଖୁବ ଧୁମଧାମରେ ପାଳନ କରାଯାଇଛି। ଗ୍ରାମରେ ଚାରିଦିନ ବ୍ୟାପି ଧୁମଧାମରେ ରଜ ପାଳନ କରାଯାଉଥିବା ବେଳେ ଏଥିପାଇଁ ଗ୍ରାମ ଉତ୍ସବ ମୁଖର ହୋଇଥିଲା। ବୀଣାପାଣି କଳାନିକେତନର ନୃତ୍ୟଗୁରୁ ଜିତୁ ଦାଶଙ୍କ ନିର୍ଦ୍ଦେଶନାରେ ଆମ ଗାଁ ରଜଦଳ ଗୀତ, ନୃତ୍ୟାଭିନୟ, ସମ୍ବଲପୁରୀ, ଝୁମର, ପୁରାତନ ଗୀତର ତାଳେ ତାଳେ ନୃତ୍ୟରେ ଦର୍ଶକମାନେ ବି ଝୁମିଥିଲେ। ଆଲବମ କୁଇନ ଦେବଙ୍ଗୀ ସେନାପତିଙ୍କ ନୃତ୍ୟରେ ଦର୍ଶକ ମତୁଆଲା ହୋଇଥିଲେ। ଶେଷରେ ଅନୁଷ୍ଠାନ ତରଫରୁ ନୃତ୍ୟ ଗୁରୁ ନୃତ୍ୟଶିଳ୍ପୀଙ୍କୁ ସମ୍ବର୍ଦ୍ଧିତ କରିଥିଲେ। ଚଳିତ ବର୍ଷ କମିଟି ପକ୍ଷରୁ ଡଙ୍ଗାଦୋଳି, ଖାଇଦୋଳି, ଚଉକିଦୋଳି, ରାମଦୋଳି, ବେଲୁନ ଦୋଳି, ପଟାଦୋଳି ରଜ ପଡ଼ିଆରେ ଦେଖିବାକୁ ମିଳିଥିଲା। ହଜାର ହଜାର ଦର୍ଶକମାନଙ୍କ ସମାଗମକୁ ଦେଖି କିଭଳି ଶାନ୍ତିଶୃଙ୍ଖଳାରେ ଦୋଳି ଖେଳିବେ ସେଥିପାଇଁ ରଜ କମିଟି ସମେତ ଘସିପୁରା ପୁଲିସ ପକ୍ଷରୁ ବ୍ୟାପକ ବ୍ୟବସ୍ଥା କରାଯାଇଛି। ରଜରେ ପୋଡ଼ପିଠା ଓ ପାନଖିଆ ସହିତ ଝିଅମାନଙ୍କ ରଜଦୋଳି ଓ ପୁଚିଖେଳ ସାଙ୍ଗକୁ ପୁଅମାନଙ୍କ ଲୁଡୁ, ତାସ, ବାଗୁଡ଼ି ଆଦି ଖେଳି ଉତ୍ସବ ପାଳନ କରିଥିଲେ। ଯୁବକ ସଂଘର ସଦସ୍ୟ ଲଲାଟେନ୍ଦୁ ସାହୁ, ମନୋଜ ବାରିକ, ପ୍ରମୋଦ ବାରିକ, ମାନସ ସାହୁ, ସୌମ୍ୟଦର୍ଶନ ସାହୁ, କିରଣ ବେଜ, ସମ୍ବିତ ସାହୁ, ସୁମନ୍ତ ସାହୁ, ଚିନ୍ମୟ ସାହୁ, ସନ୍ତୋଷ ପଣ୍ଡା, ବାପୁନ ସାହୁ, ଗୌରାଙ୍ଗ ମହାରଣା, ମାନସ ସା, ତପନ ଦାସ, ସଞ୍ଜୟ ବାରିକ, ପ୍ରଭାତ ସାହୁ, ବାବୁଲା ସା, ରୁଦ୍ର ସାହୁ, ରମାକାନ୍ତ ବେହେରା ଓ ରାଜେଶ ସେଠୀ ପ୍ରମୁଖ ଶତାଧିକ ଯୁବକ ସହଯୋଗ କରିଥିଲେ।

## ବର୍ଷାରେ ଭିଜିଲା ଶେଷ ରଜ

**ହାଟଡ଼ିହୀ,୧୬।୬(ସମିସ):** ଚଳିତବର୍ଷ ରଜ ପର୍ବର ଶେଷ ଦିନଟି ବର୍ଷା ଯୋଗୁଁ ଫିକା ପଡ଼ିଛି। ରଜ ମଉଜ ଉତ୍ସବଟି ଖୁବ ଧୂମଧାମରେ ପାଳନ କରିବା ନେଇ ହାଟଡ଼ିହୀ ଅଞ୍ଚଳର ବିଭିନ୍ନ ଗ୍ରାମର ଯୁବବର୍ଗମାନେ ଅକ୍ଳାନ୍ତ ପରିଶ୍ରମ କରି ସମ୍ପୂର୍ଣ୍ଣ ମାହୋଲଟିକୁ ବେଶ୍ ସରଶ ସୁନ୍ଦର ସହିତ ସରଗରମ କରିଥିଲା ବେଳେ ବର୍ଷା ଯୋଗୁଁ ସବୁ ମଜାମସ୍ତି ଫସରଫାଟିଛି। ଯୁବକ, ଯୁବତୀ, କୁନିକୁନି ଛୁଆମାନଙ୍କ ମନରେ ଥିବା ଅସରନ୍ତି ସ୍ପୃହା, ଖୁସି, ଉତ୍ସାହ, ଆନନ୍ଦ ପାଣି ଫୋଟକା ପରି ମିଳାଇ ଯାଇଛି। ରବିବାର ଅପରାହ୍ଣ ୨ଟାରୁ ବର୍ଷା ହେବାରୁ ଦୋଳି, ଦୋକାନ ବଜାର ବର୍ଷାରେ ଭିଜିଯାଇଛି। କୋଳାହଳ ନଥିବାରୁ ଦୋଳି ଖାଁ ଖାଁ ପଡ଼ିଯାଇଛି। ଯୁବପିଢ଼ି ଠାରୁ ଆରମ୍ଭ କରି କୁନିକୁନି ଛୁଆମାନେ ଆଧୁନିକତାକୁ ଆପଣେଇ ଲୁଡୁ, ତାସ, କ୍ୟାରମ୍ ଭଳି ଖେଳ ଛାଡ଼ି ମୋବାଇଲରେ ସମୟ ବିତାଇଥିବା ଦେଖାଯାଇଛି।

## ପଦ୍ମପୁରରେ ରଜ ମହୋତ୍ସବ ଉଦ୍‌ଘାଟିତ




**ଆନନ୍ଦପୁର,୧୬।୬(ସମିସ):** ମା', ମାଟିର ପର୍ବ ରଜ। ନାରୀ ଶୃଙ୍ଗାର ତଥା ମାଟି ଉପାସନାର ଅନ୍ୟତମ ବିଭବ ହେଉଛି ରଜ। ସମନ୍ୱୟ ତଥା ସଂହତି ରକ୍ଷା ପାଇଁ ପଦ୍ମପୁରରେ ରଜ ମହୋତ୍ସବର ସ୍ୱତନ୍ତ୍ରତା ରହିଛି ବୋଲି ଉଦ୍‌ଘାଟନୀ ଉତ୍ସବରେ ଅତିଥିମାନେ ମତବ୍ୟକ୍ତ କରିଥିଲେ। ରଜପର୍ବ ଉପଲକ୍ଷେ ବିଭିନ୍ନ ପ୍ରକାର ଦୋଳି ଏବଂ ମିନାବଜାର ଛୋଟଛୋଟ ପିଲାମାନଙ୍କ ପାଇଁ ମିକିମାଉସ ଜମ୍ପିଦୋଳି ଓ ଫୁଡ୍‌ବଜାର ଲାଗିଥିବାରୁ ସନ୍ଧ୍ୟାରୁ ପ୍ରବଳ ଜନସମାଗମ ହେଉଥିବା ପରିଲକ୍ଷିତ ହୋଇଛି।

## ତମ୍ବାହରା ଗ୍ରାମରେ ଜମିଲା ସାଂସ୍କୃତିକ କାର୍ଯ୍ୟକ୍ରମ




**କେନ୍ଦୁଝର,୧୬।୬(ସମିସ):** ରଜ ଉପଲକ୍ଷେ "ସ୍ୱରୂପ' ସ୍ୱେଚ୍ଛାସେବୀ ଅନୁଷ୍ଠାନ ତରଫରୁ ହରିଚନ୍ଦନପୁର ବ୍ଲକର ତମ୍ବାହରା ଗ୍ରାମରେ ସାଂସ୍କୃତିକ କାର୍ଯ୍ୟକ୍ରମ ମହାସମାରୋହରେ ଅନୁଷ୍ଠିତ ହୋଇଯାଇଛି। ମୁଖ୍ୟଅତିଥି ଭାବେ ସମାଜସେବୀ ରାମଚନ୍ଦ୍ର ମୁଣ୍ଡା ଯୋଗଦେଇ କହିଥିଲେ ଯେ ଏମଞ୍ଚ ଏକ ନିଆରା, ଯାହାକି ଗ୍ରାମାଞ୍ଚଳରେ ଲୁଚିଯାଉଥିବା ପ୍ରତିଭାର ପୁନଃଉଦ୍ଧାର କରି ଲୋକଲୋଚନକୁ ଆଣିବାର ପ୍ରୟାସକୁ ସେ ପ୍ରଶଂସା କରିବା ସହିତ ସାଧୁବାଦ୍ ଜଣାଇଥିଲେ। କଳାକାରମାନଙ୍କର ସାଂସ୍କୃତିକ କାର୍ଯ୍ୟକ୍ରମ ପରସ୍ପର ମଧ୍ୟରେ ଏକତା ଓ ଭାଇଚାରା ପ୍ରତିଷ୍ଠା କରିବାର ଏକ ବଳିଷ୍ଠ ମାଧ୍ୟମ ବୋଲି କହିଥିଲେ। ସାଂସ୍କୃତିକ କାର୍ଯ୍ୟକ୍ରମରେ ଭଜନ, ସମ୍ବଲପୁରୀ ନୃତ୍ୟ, ନାଗପୁରୀ, ସାନ୍ତାଳି ଏବଂ ଝୁମର ଇତ୍ୟାଦି ଲୋକନୃତ୍ୟ ପରିବେଷଣ କରାଯାଇଥିଲା। ସତ୍ୟବାନ ମହାନ୍ତ, କ୍ଷେତ୍ରବାସୀ ମହାନ୍ତ, ପ୍ରଜ୍ଞା ପ୍ରିୟଦର୍ଶନୀ ମହାନ୍ତ, ପିଣ୍ଟୁ ପାତ୍ର, ସୁରେଶ ମୁଣ୍ଡା, ଶିବ ମୁଣ୍ଡା, ବବୁଲୁ ମୁଣ୍ଡା ପ୍ରମୁଖ କାର୍ଯ୍ୟକ୍ରମ ଆୟୋଜନ ଓ ପରିଚାଳନାରେ ସହଯୋଗ କରିଥିଲେ। ଏତଦ୍‌ବ୍ୟତୀତ ସୁବାସିନୀ ମୁଣ୍ଡା ଓ ସୁରେଶ ନୃତ୍ୟ ନିର୍ଦ୍ଦେଶନା ଦେଇଥିଲେ। ଏଥିରେ ବିକାଶ ଓ ତାଙ୍କ ସାଥୀ, ଲିଲି ଓ ତାଙ୍କ ସାଥୀ, ଲତାସା ଓ ତାଙ୍କ ସାଥୀ, କାମିନୀ ଓ ତାଙ୍କ ସାଥୀ, ଚୁଟ୍‌କୀ ଓ ତାଙ୍କ ସାଥୀ ଏବଂ ରାଜା ଓ ରଶ୍ମିତାଙ୍କ ସାଥୀ ପ୍ରମୁଖ ନୃତ୍ୟ ପରିବେଷଣ କରିଥିବା ବେଳେ ବିଜୟ କୁମାର ପାତ୍ର ଭଜନ ଏବଂ ଆଧୁନିକ ଗୀତ ପରିବେଷଣ କରିଥିଲେ।

## ଉନ୍ନୟନମୂଳକ କାର୍ଯ୍ୟରେ ବିଧାୟକଙ୍କ ହସ୍ତକ୍ଷେପକୁ ବିରୋଧ

# ତିରିଂ ବ୍ଲକ୍ ନିର୍ବାଚିତ ପ୍ରତିନିଧିଙ୍କ ଧର୍ମଘଟ

ବହଳଦା/ତିରିଂ, ୧୬।୬(ସମିସ):

ମୟୂରଭଞ୍ଜ ଜିଲ୍ଲା ତିରିଂ ବ୍ଲକର ନିର୍ବାଚିତ ପ୍ରତିନିଧିମାନେ ରାଇରଙ୍ଗପୁର ବିଧାୟକଙ୍କ ଦ୍ୱାରା ପଞ୍ଚାୟତସ୍ତରର ଉନ୍ନୟନ ମୂଳକ କାର୍ଯ୍ୟରେ ହସ୍ତକ୍ଷେପ ପ୍ରତିବାଦରେ ସୋମବାରଠାରୁ ଅନିର୍ଦ୍ଦିଷ୍ଟ କାଳ ପାଇଁ ଧାରଣା ଆରମ୍ଭ ହୋଇଛି। ପଞ୍ଚାୟତିରାଜ ଆଇନ୍ ବ୍ୟବସ୍ଥା ଅନୁସାରେ ନିର୍ବାଚିତ ପ୍ରତିନିଧି ସରପଞ୍ଚ, ନାଏବ ସରପଞ୍ଚ, ସମିତି ସଭ୍ୟ, ୱାର୍ଡ ମେମ୍ବର ତଥା ଜିଲ୍ଲା ପରିଷଦ ସଭ୍ୟଙ୍କ ଜରିଆରେ ଗ୍ରାମସଭା, ପଲ୍ଲୀସଭାରେ ଅନୁମୋଦିତ ପ୍ରସ୍ତାବଗୁଡିକ ଜରିଆରେ ଗ୍ରାମାଞ୍ଚଳ ସମସ୍ୟାର ସମାଧାନ



କରାଯିବା ସହିତ ଉନ୍ନୟନ ମୂଳକ କାର୍ଯ୍ୟ ସମ୍ପାଦନ କରାଯିବାର ବ୍ୟବସ୍ଥା ରହିଛି। ଏ ନେଇ ପଞ୍ଚାୟତ ସମିତି ଜିରିଆରେ ଗ୍ରାମପଞ୍ଚାୟତଗୁଡିକୁ ସ୍ୱତନ୍ତ୍ର ପାଣ୍ଠି ମଧ ଯୋଗାଇ ଦିଆଯାଇଥାଏ। ହେଲେ ଏହି ବ୍ୟବସ୍ଥା ମଧରେ ରାଇରଙ୍ଗପୁର ବିଧାୟକ ଜଲେନ ନାଏକ ଅନୈତିକ ଭାବେ ପଶିବା ସହ ୪୦ ପ୍ରତିଶତ ହିସାବରେ ନିଜ ହାତକୁ ଉନ୍ନୟନ ମୂଳକ କାର୍ଯ୍ୟ ନେଇଯାଉଛନ୍ତି ତିରିଂ ବ୍ଲକରେ ସମସ୍ତ ଉନ୍ନୟନ ମୂଳକ କାର୍ଯ୍ୟକୁ ନିଜ ଅକ୍ତିଆରକୁ ନେଉଥିବା ଅଭିଯୋଗ କରିଛନ୍ତି ତିରିଂ ବ୍ଲକର ନିର୍ବାଚିତ ପ୍ରତିନିଧି। ଫଳରେ ତିରିଂ ବ୍ଲକ ଅଞ୍ଚଳର ବିକାଶ କାର୍ଯ୍ୟରେ ବାଧା ସୃଷ୍ଟି ହୋଇଥିବାବେଳେ ଏହା ବିରୋଧରେ ସୋମବାର ତିରିଂ ବ୍ଲକର ନିର୍ବାଚିତ ପ୍ରତିନିଧି ସ୍ୱର ଉତ୍ତୋଳନ କରିଛନ୍ତି। ପୂର୍ବରୁ ନିର୍ବାଚିତ ପ୍ରତିନିଧିଙ୍କ ପକ୍ଷରୁ ମୟୂରଭଞ୍ଜ ଜିଲ୍ଲାପାଳ ଓ ରାଇରଙ୍ଗପୁର ଉପଜିଲ୍ଲାପାଳଙ୍କୁ ଏକ ଦାବିପତ୍ର ପ୍ରଦାନ କରାଯାଇଥିଲା; କିନ୍ତୁ କୌଣସି ପଦକ୍ଷେପ ଗ୍ରହଣ କରାନଯିବାରୁ ଅନିର୍ଦ୍ଦିଷ୍ଟ କାଳ ପାଇଁ ଧାରଣାରେ ବସିବାକୁ ବାଧ ହୋଇଛନ୍ତି ନିର୍ବାଚିତ ପ୍ରତିନିଧି।

## ଯୁଗ୍ମ ଜନଶୁଣାଣି ଶିବିର



କରଞ୍ଜିଆ, ୧୬।୬(ସମିସ): ସୋମବାର ଉପଜିଲ୍ଲାପାଳଙ୍କ ସମ୍ମିଳନୀ କକ୍ଷରେ ଯୁଗ୍ମ ଜନଶୁଣାଣି ଶିବିର ଅନୁଷ୍ଠିତ ହୋଇଯାଇଛି। ଏଡିଏମ୍ ଈଶ୍ୱର ନାୟକ ଏବଂ ଏସ.ପି. ବରୁଣ ଗୁଣ୍ଟୁପଲ୍ଲି ଶିବିରରେ ଉପସ୍ଥିତ ରହି ୮୨ଟି ଅଭିଯୋଗର ଶୁଣାଣି କରିଥିଲେ। ସେଥିରୁ ୧୨ଟି ଗୋଷ୍ଠୀଗତ ଅଭିଯୋଗ ରହିଥିଲା। ଉପଜିଲ୍ଲାପାଳ ପ୍ରକାଶ କୁମାର ଦାସ, ପିଏ ଆଇଟିଡିଏ ଚିତ୍ତରଞ୍ଜନ ମହାନ୍ତ, ଏସ.ଡି.ପି.ଓ. ନବକୃଷ୍ଣ ନାୟକ, ଏସଡିଏମ୍ଓ ଡା. ଅନିତା ସିଂ, ସହକାରୀ ଜିଲ୍ଲାପାଳ ନିହାର ରଞ୍ଜନ ସେଠୀ ପ୍ରମୁଖ ଶିବିର ପରିଚାଳନା କରିଥିଲେ। ଉପଖଣ୍ଡର ସମସ୍ତ ବିଡିଓ, ତହସିଲଦାର, ସି.ଡି.ପି.ଓ., କୃଷି, ଶିକ୍ଷା, ପୁଲିସ, ଅବକାରୀ, ବନ ବିଭାଗ ଉଦ୍ୟାନ, ଜଳସେଚନ ଆଦି ବିଭାଗର ଅଧିକାରୀ ଉପସ୍ଥିତ ରହି ଶୁଣାଣିରେ ସହଯୋଗ କରିଥିଲେ। ଜନସାଧାରଣ ପକ୍ଷରୁ ସହରର ଟ୍ରାଫିକ ସମସ୍ୟା, ଦେଖାଦେଇଥିବା ଝାଡାବାନ୍ତି ରୋଗର ପ୍ରତିଷେଧ ମୂଳକ ଆଗୁଆ ସଚେତନ ଓ କରଞ୍ଜିଆ ଉପଜିଲ୍ଲାପାଳଙ୍କ କାର୍ଯ୍ୟାଳୟରେ ଜମିଜମା ସଂକ୍ରାନ୍ତୀୟ ନଥିପତ୍ର ପାଇବା ପାଇଁ ରେକର୍ଡ ରୁମ ଖୋଲିବା ନିମନ୍ତେ ଦିବ୍ୟପ୍ରସାଦ ସାହୁ, ଜଗମୋହନ ମହାନ୍ତ, ଉମାଶଙ୍କର ଦାସ, ଦିପୁ ମିଶ୍ର, କବିତା ମହାନ୍ତ ପ୍ରମୁଖ ଦାବି ଜଣାଇଥିଲେ।

## ଡାହାଣୀ ସନ୍ଦେହରେ ବୃଦ୍ଧାଙ୍କୁ କଟୁରୀରେ ଆକ୍ରମଣ

ବେତନଟୀ,୧୬।୬(ସମିସ): ଡାହାଣୀ ସନ୍ଦେହରେ ରାତିରେ ଶୋଇଥିବା ବେଳେ ଜନୈକା ବୃଦ୍ଧାଙ୍କୁ ଅତ୍ୟନ୍ତ ନିର୍ମମ ଭାବରେ ଧାରୁଆ କଟୁରୀରେ ହାଣିଚାଲିଥିବା ବେଳେ ତାଙ୍କ ଚିତ୍କାର ଶୁଣି ଉଦ୍ଧାର କରିବାକୁ ଯାଇଥିବା ପୁଅଝିଅ ମଧ ଆକ୍ରମଣର ଶିକାର ହୋଇଛନ୍ତି। ଏତଲାକାରୀ ବେତନଟୀ ଥାନା କୃଷ୍ଣଚନ୍ଦ୍ରପୁର ଫାଣ୍ଡି ଅଧୀନ ଚାକୁଣ୍ଡାପଦା ଗ୍ରାମର ସ୍ୱର୍ଗତ ସୁରାଇ ହାଁସଦାଙ୍କ ପୁଅ ମୋହନ ହାଁସଦା(୩୦)ଙ୍କ ଅଭିଯୋଗ ମୁତାବକ ୧୪ତାରିଖ ରାତିରେ ସମସ୍ତେ କାଇପିଇ ଶୋଇଥିବା ବେଳେ ପଡୋଶୀ ଶ୍ୟାମସୁନ୍ଦର ହାଁସଦାର ପୁଅ ରବି ହାଁସଦା ହଠାତ୍ ଏକ ଧାରୁଆ କଟୁରୀ ଧରି ଆସି ମୋହନଙ୍କ ବୃଦ୍ଧା ମା' ସାଧୁ ହାଁସଦାଙ୍କ ଉପରେ ଆକ୍ରମଣ କରିଚାଲିଥିଲା। ଅଭିଯୁକ୍ତ ରବି ହାଁସଦାର ଧାରୁଆ କଟୁରୀ ଚୋଟରେ ସାଧୁଙ୍କ ମୁହଁ, କାନ୍ଧ, ହାତ ସମେତ ବିଭିନ୍ନ ସ୍ଥାନରେ ଗଭୀର ଆଘାତଲାଗି ପ୍ରବଳ ରକ୍ତସ୍ରାବ ହୋଇଥିଲା। ସାଧୁଙ୍କ ଚିତ୍କାର ଶୁଣି ବଞ୍ଚାଇବାକୁ ଆସିଥିବା ସାଧୁଙ୍କ ଝିଅ ରନ ହାଁସଦା ଏବଂ ମୋହନ ମଧ ଆକ୍ରମଣର ଶିକାର ହୋଇଥିଲେ। ପରେ ବୃଦ୍ଧାଙ୍କୁ ବାରିପଦା ଜିଲ୍ଲାମୁଖ୍ୟ ଡାକ୍ତରଖାନାକୁ ସ୍ଥାନାନ୍ତର କରାଯାଇଥିଲା। ତେବେ ପୂର୍ବରୁ ଅଭିଯୁକ୍ତ ରବି ବାରମ୍ବାର ସାଧୁଙ୍କୁ ଡାହାଣୀ ବୋଲି ଆକ୍ଷେପକରି ଗାଳିଗୁଲଜ ସାଙ୍ଗକୁ ହତ୍ୟାଧମକ ଦେଇଆସୁଥିବା ନେଇ ମୋହନ ଏତଲାରେ ଦର୍ଶାଇଛନ୍ତି। ଘଟଣାପରେ ଆକ୍ରମଣକାରୀ ରବି ଫେରାର ହୋଇଯାଇଥିବା ବେଳେ ପୁଅ ମୋହନ ସୋମବାର ବେତନଟୀ ଥାନାର ଦ୍ୱାରସ୍ଥ ହୋଇଥିଲେ। ଏନେଇ ବେତନଟୀ ପୁଲିସ ବିଭିନ୍ନ ଦଫାରେ ୧୯୩ ନମ୍ବରରେ ମାମଲା ରୁଜୁକରି ତଦନ୍ତ ଆରମ୍ଭ କରିଛି।

## ସଂସାରେ ୬୧ତମ ଅଷ୍ଟ ପ୍ରହରୀ

ବେତନଟୀ, ୧୬।୬(ସମିସ): ପୁରିନ୍ଦା ପଞ୍ଚାୟତ ଅନ୍ତର୍ଗତ ସଂସା ଗ୍ରାମରେ ୬୧ତମ ଅଷ୍ଟ ପ୍ରହରୀ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଉକ୍ତ କାର୍ଯ୍ୟକ୍ରମରେ ଅନୁସୂଚିତ ଜନଜାତି କଲ୍ୟାଣ ସମିତିର ରାଜ୍ୟ ସାଧାରଣ ସମ୍ପାଦକ ତଥା ସମାଜସେବୀ କରମଚାନ୍ଦ କାଳନ୍ଦୀ ଅତିଥି ଭାବେ ଯୋଗଦେଇଥିଲେ। ଅନ୍ୟମାନଙ୍କ ମଧ୍ୟରେ ସଭାପତି ଟିକାରାମ ମହାନ୍ତ, ସମ୍ପାଦକ ଦୁର୍ଯ୍ୟୋଧନ ମହାନ୍ତ, ବିଭୀଷଣ ମହାନ୍ତ, ରାଜେନ୍ଦ୍ର ମହାନ୍ତ ଭାଗିରଥି ମହାନ୍ତ, ଦିଲ୍ଲୀପ ମହାନ୍ତ, ତ୍ରିଲୋଚନ ମହାନ୍ତ ପ୍ରମୁଖ ଯୋଗ ଦେଇଥିଲେ। ଦୀର୍ଘ ବର୍ଷ ଉକ୍ତ ଅନୁଷ୍ଠାନ ପକ୍ଷରୁ ସୁଖ ଶାନ୍ତି ନିମନ୍ତେ ପ୍ରାର୍ଥନା କରାଯାଇଛି। ଉକ୍ତ ଅଷ୍ଟମ ପ୍ରହରୀ କାର୍ଯ୍ୟକ୍ରମରେ ସ୍ଥାନୀୟ ଓ ଆଖପାଖ ଅଞ୍ଚଳର ପ୍ରାୟ ୧୦ ହଜାରରୁ ଉର୍ଦ୍ଧ୍ୱ ଶ୍ରଦ୍ଧାଳୁ ଯୋଗ ଦେଇଥିଲେ। ଶେଷରେ ଭକ୍ତଙ୍କ ନିମନ୍ତେ ପ୍ରସାଦ ସେବନର ବ୍ୟବସ୍ଥା କରାଯାଇଥିଲା।

## ଉଦ୍ଯାପନୀ ଉତ୍ସବରେ ରଜ ପ୍ରତିଯୋଗୀ ପୁରସ୍କୃତ



କପ୍ତିପଦା,୧୬।୬(ସମିସ): ହଜିଯାଉଛି ପରମ୍ପରା। ହଜି ଯାଉଛି ଐତିହ୍ୟ। ପାଶ୍ଚାତ୍ୟ ସଭ୍ୟତାରେ ଆକୃଷ୍ଟ ହୋଇ ଗୋଟିଏ ପରେ ଗୋଟିଏ ପାରମ୍ପରିକ ଉତ୍ସବ ହଜିବାରେ ଲାଗିଛି। ପୁରୁଣା ପରମ୍ପରାକୁ ଜାବୁଡି ଧରିବା ପାଇଁ ଭିନ୍ନ ଏକ ପ୍ରୟାସ ଜାରି ରଖିଛି ଶରତ ସର୍ବଂସହା ନାରୀଶକ୍ତି କ୍ଲବ। ଆଜକୁ ୯ବର୍ଷ ଧରି ରଜ ପର୍ବ କୁ ଜୀବନ୍ତ ରଖିବାକୁ ଜାରି ରଖିଛନ୍ତି ପ୍ରୟାସ। ଚଳିତବର୍ଷ କ୍ଲବର ୯ମ ବାର୍ଷିକ ରଜ ଉତ୍ସବକୁ ଉଦଘାଟନ କରିଥିଲେ ରାଜ୍ୟ ପ୍ରଦେଶ କମିଟିର ସଭାପତି ଲକ୍ଷ୍ମୀଧର ତିୟୁ। ପରେ ମହିଳାମାନେ ପୁରୁଣା ରଜଗୀତ ଗାଇ ଦୋଳି ଝୁଲିଥିଲେ। ପରେ ପୋଡପିଠା ଓ ମିଠା ପାନର ମଜା ନେବା ସହ ବିଭିନ୍ନ ପ୍ରକାରର ଖେଳକୁଦ କରିଥିଲେ। ଦ୍ୱିତୀୟ ଦିନରେ କରଞ୍ଜିଆ ବିଧାୟକ ପଦ୍ମଚରଣ ହାଇବୁରୁ ମୁଖ୍ୟ ଅତିଥି ଭାବେ ଯୋଗଦେଇଥିଲେ। ସମାଜସେବୀ କ୍ଷିରୋଦ ଚନ୍ଦ୍ର ପାତ୍ର ସଭାପତିତ୍ୱ କରିଥିଲେ। ଶିକ୍ଷାବିତ ନନ୍ଦଲାଲ ସେଠୀ ସ୍ୱାଗତ ଭାଷଣ ଓ ଅତିଥି ପରିଚୟ ଦେଇଥିଲେ। ସୋମବାର ତୃତୀୟ ସନ୍ଧ୍ୟାରେ ପ୍ରବଳ ଭିଡ଼ ସାଙ୍ଗକୁ ପିଠା, ମିଠା, ରଜ ପାନର ମଜା ଉଠାଇଥିଲେ। ତିନିଦିନ ବ୍ୟାପୀ ମହିଳା, ପୁରୁଷ ଓ ଯୁବକଯୁବତୀଙ୍କ ଦ୍ୱାରା ଆୟୋଜିତ ବିଭିନ୍ନ ପ୍ରତିଯୋଗିତାରେ କୃତୀ ପ୍ରତିଯୋଗୀଙ୍କୁ ପୁରସ୍କୃତ କରାଯାଇଥିଲା। ଉଦଯାପନୀ ଉତ୍ସବରେ କ୍ଲବର ସଭାନେତ୍ରୀ ସାରଥୀ ଆରୁଖ ଓ ସଂପାଦିକା ରଶ୍ମିତା ପରିଡ଼ାଙ୍କ ପରିଚାଳନାରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଲକ୍ଷ୍ମୀଧର ତିୟୁ ମୁଖ୍ୟବକ୍ତା ଶିକ୍ଷାବିତ ନନ୍ଦଦୁଲାଲ ସେଠୀ ଓ ସଭାପତି ସମାଜସେବୀ କ୍ଷିରୋଦ ଚନ୍ଦ୍ର ପାତ୍ର ପ୍ରତିଯୋଗୀଙ୍କୁ ପୁରସ୍କୃତ କରିଥିଲେ।

### ● ଚମ୍ପୁଆ ମହିଳା ଉଚ୍ଚ ମାଧ୍ୟମିକ ବିଦ୍ୟାଳୟ

## ଯୁକ୍ତଦୁଇ ବିଜ୍ଞାନ ପାଇଁ ନାମଲେଖା ଆରମ୍ଭ

ଚମ୍ପୁଆ,୧୬।୬(ସମିସ): ଉପାନ୍ତ ଆଦିବାସୀ ବହୁଳ ଚମ୍ପୁଆ ଅଞ୍ଚଳରେ ମହିଳାଙ୍କ ଶିକ୍ଷା ବୃଦ୍ଧିକୁ ନେଇ ଏନଏସି ଅଧୀନ ରାମଲାଠାରେ ସ୍ଥାନୀୟ ଲୋକଙ୍କ ପ୍ରଚେଷ୍ଟାରେ ଯୁକ୍ତଦୁଇ ମହିଳା କଲେଜ ଖୋଲାଯାଇଥିଲା। ଏହି କଲେଜରେ କେବଳ କଳା ବିଭାଗ ଖୋଲାଯାଇ ମହିଳାଙ୍କୁ ଶିକ୍ଷା ପ୍ରଦାନ କରାହୋଇଆସୁଥିଲା। ଯୁକ୍ତ ୨ ବିଜ୍ଞାନ ଶିକ୍ଷା ପାଇଁ ଦିନକୁ ଦିନ ହୋଇଆସୁଥିବା ଦାବି ଶେଷରେ ପୂରଣ ହୋଇଛି। ଦୀର୍ଘ ୨୭ ବର୍ଷ ପରେ ଚଳିତ ବର୍ଷଠାରୁ ଏହି କଲେଜରେ ୨୦୨୫/୨୬ ବିଜ୍ଞାନ ଶ୍ରେଣୀ ପାଇଁ ଆଡମିଶନ ଆରମ୍ଭ କରାଯାଇଛି। ରାଜ୍ୟ ଉଚ୍ଚ ମାଧ୍ୟମିକ ଶିକ୍ଷା ନିର୍ଦ୍ଦେଶକ ଦ୍ୱାରା ସ୍ୱିକୃତି ମିଳିବା ପରେ



ଚଳିତ ବର୍ଷଠାରୁ ନାମଲେଖା ଆରମ୍ଭ କରାଯାଇଥିବା ବେଳେ ଛାତ୍ରୀମାନେ ରସାୟନ ଶାସ୍ତ୍ର, ଜୀବ ବିଜ୍ଞାନ, ଗଣିତ, ପଦାର୍ଥ ବିଜ୍ଞାନ, ଭୂତତ୍ତ୍ୱ ବିଜ୍ଞାନ ଏବଂ ଇନଫରମେସନ ଟେକନୋଲୋଜି (ଆଇ.ଟି) ବିଭାଗ ନେଇ ଶିକ୍ଷା ଗ୍ରହଣ କରିପାରିବେ ବୋଲି ଅଧ୍ୟାପକ ଭକ୍ତବନ୍ଧୁ ପ୍ରଧାନ ସୂଚନା ଦେଇଛନ୍ତି। ଏହି ବିଜ୍ଞାନ ଶ୍ରେଣୀ ଖୋଲିବା ନେଇ ସଭାପତି ତଥା ଉପଜିଲ୍ଲାପାଳ ଉମାକାନ୍ତ ପରିଡ଼ା, ପୂର୍ବତନ ସଭାପତି ଧନୁର୍ଜୟ ନାରାୟଣ ସିଂ ଲାଗୁରୀ, ସମ୍ପାଦକ ଯୋଶବନ୍ତ ନାରାୟଣ ସିଂ ଲାଗୁରୀ ସମେତ ବିଦ୍ୟାଳୟର ଅଧ୍ୟାପକ, ଅଧ୍ୟାପିକା ଓ ଜନସାଧାରଣ ସରକାରଙ୍କୁ ସାଧୁବାଦ ଜଣାଇଛନ୍ତି।

## ଗଡ଼ିଲା ନିଶା ବିରୋଧୀ ସଚେତନତା ଅଭିଯାନ ରଥ



ବିଶୋଇ,୧୬।୬ (ସମିସ): ନିଶାର କୁପରିଣାମ ଓ ସମାଜରେ ଏହାର ଭୟାବହତାକୁ ଦୃଷ୍ଟିରେ ରଖି ସରକାରଙ୍କ ପକ୍ଷରୁ ଆରମ୍ଭ କରାଯାଇଥିବା ନିଶାଦ୍ରବ୍ୟ ତଥା ଅପମିଶ୍ରିତ ଓ ବିଷାକ୍ତ ମାଦକ ଦ୍ରବ୍ୟ, ଚୋରା ମଦ କାରବାର ବିରୋଧରେ ଅଭିଯାନ ପରିପ୍ରେକ୍ଷୀରେ ଜିଲ୍ଲା ଅବକାରୀ ବିଭାଗ ଆନୁକୂଲ୍ୟରେ "ନିଶା ନୁହେଁ ଜୀବନ' ଉପରେ ଆଧାରିତ ଏକ ସଚେତନତା ରଥ ଶୁଭାରମ୍ଭ ହୋଇଛି। ଏହି ରଥକୁ ବିଶୋଇ ଗୋଷ୍ଠୀ ଉନ୍ନୟନ ଅଧିକାରୀ ସାଗର ଚନ୍ଦ୍ର ମୁର୍ମୁ ପତାକା ଦେଖାଇ ଉଦଘାଟନ କରିଥିଲେ। ଏହି ରଥଟି ଚାରିଦିନ ଧରି ବିଶୋଇ ବ୍ଲକର ୧୩ଟି ପଞ୍ଚାୟତର ପ୍ରତ୍ୟେକ ଗାଁକୁ ଗାଁ ବୁଲି ନିଶା ନିବାରଣ ସଚେତନତା ବାର୍ତ୍ତା ବାଣ୍ଟିବ। ଅଭିଯାନରେ ରାଇରଙ୍ଗପୁର ଅବକାରୀ ଉପଅଧୀକ୍ଷକ ସୌମ୍ୟରଞ୍ଜନ ବେହେରା, ଅବକାରୀ ନିରୀକ୍ଷକ ବିନୟପ୍ରକାଶ ତୀର୍କୀ, ବିଶୋଇ ଅବକାରୀ ଥାନା ଭାରପ୍ରାପ୍ତ ଅଧିକାରୀ ପିଙ୍କି ମାରାଣ୍ଡି, ରାଇରଙ୍ଗପୁର ଅବକାରୀ ଥାନା ଭାରପ୍ରାପ୍ତ ଅଧିକାରୀ ପ୍ରହଲ୍ଲାଦ ସାମଲ, ବହଳଦା ଅବକାରୀ ଥାନା ଭାରପ୍ରାପ୍ତଅଧିକାରୀ ରଣଜିତ ସବର, ବିଶୋଇ ଥାନା ଷ୍ଟାଫ୍, କନେଷ୍ଟବଳ ଦିଲ୍ଲୀପ ଜେନା, ଅରୁଣ କୁମାର ମୁଦୁଲି, ବୁଦ୍ଧଦେବ ମହନ୍ତ ପ୍ରମୁଖ ସାମିଲ ହୋଇଥିଲେ।

## ବର୍ଷପୂର୍ତ୍ତି ପାଳନ ପାଇଁ ଜିଲ୍ଲାସ୍ତରୀୟ ଉତ୍ସବ ଉଦଘାଟିତ; ୧୮ରେ ମୁଖ୍ୟମନ୍ତ୍ରୀଙ୍କ ଗସ୍ତ

ବାରିପଦା, ୧୬।୬(ସମିସ): ରାଜ୍ୟ ସରକାରଙ୍କ ଏକ ବର୍ଷ ପୂର୍ତ୍ତି ପାଳନ ଅବସରରେ ସ୍ଥାନୀୟ ଛଉ ପଡିଆ ଠାରେ ଜିଲ୍ଲା ସ୍ତରୀୟ ଉତ୍ସବ ଉଦଘାଟିତ ହୋଇଛି। ଜିଲ୍ଲାପାଳ ହେମକାନ୍ତ ସଏଙ୍କ ସଭାପତିତ୍ୱରେ ଆୟୋଜିତ ଉତ୍ସବରେ ରାଜ୍ୟସଭା ସାଂସଦ ମମତା ମହାନ୍ତ ମୁଖ୍ୟଅତିଥି ଓ ସମ୍ମାନିତ ଅତିଥି ଭାବେ ମୟୂରଭଞ୍ଜ ଲୋକସଭା ସାଂସଦ ନବଚରଣ ମାଝୀ, ଉଦଳା ବିଧାୟକ ଭାସ୍କର ମଢେଇ, ବାରିପଦା ବିଧାୟକ ପ୍ରକାଶ ସୋରେନ, ବଡସାହି ବିଧାୟକ ସନାତନ ବିଜୁଳି ଓ ସାରସକଣା ବିଧାୟକ ଭାଦବ ହାଁସଦା ପ୍ରମୁଖ ଯୋଗ ଦେଇଥିଲେ। ଜିଲ୍ଲାପାଳ ସ୍ୱାଗତ ଭାଷଣ ଦେଇ କାର୍ଯ୍ୟକ୍ରମର ଉଦ୍ଦେଶ୍ୟ ଓ ଆଭିମୁଖ୍ୟ ସମ୍ପର୍କରେ ଉଲ୍ଲେଖ କରିଥିଲେ। ବିକଶିତ ଓଡିଶା ୨୦୩୬ ଓ ବିକଶିତ ଭାରତ ୨୦୪୭ର ଯେଉଁ ପରିକଳ୍ପନା କରାଯାଇଛି ତାହାକୁ ସାକାର କରିବା ପାଇଁ ଉଦ୍ୟମ ଜାରି ରଖିବା ପାଇଁ ସମସ୍ତ ଅତିଥିଙ୍କୁ ଆହ୍ୱାନ କରିବା ସହିତ ସମସ୍ତଙ୍କ ସହଯୋଗ କାମନା କରିଥିଲେ। ବିଭିନ୍ନ ବିଭାଗର ଜିଲ୍ଲା ଅଧିକାରୀ ନିଜନିଜ ବିଭାଗର ବାର୍ଷିକ ସଫଳତା ଉପସ୍ଥାପନ କରିଥିଲେ। ଏହି ଅବସରରେ ସରକାରଙ୍କ ବିଭିନ୍ନ ବିଭାଗ ଅନ୍ତର୍ଗତ ଯୋଜନାରେ ସହାୟତା ପାଇ ସଫଳ ଉଦ୍ୟୋଗୀ ଓ ଚାଷୀ ସେମାନଙ୍କର ସଫଳତାର ଅନୁଭୂତି ବାଣ୍ଟିଥିଲେ। ଏହି ଅବସରରେ ସାଂସ୍କୃତିକ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା।



କାର୍ଯ୍ୟକ୍ରମକୁ ବାରିପଦା ଉପଜିଲ୍ଲାପାଳ ଡ.ଦୟାସିନ୍ଧୁ ପରିଡା ପରିଚାଳନା କରିଥିଲେ। ଅତିରିକ୍ତ ଜିଲ୍ଲାପାଳ ନେତ୍ରାନନ୍ଦ ମଲ୍ଲିକ ଧନ୍ୟବାଦ ଅର୍ପଣ କରିଥିଲେ। ସୂଚନାଯୋଗ୍ୟ ଯେ, ଆସନ୍ତା ୧୮ ତାରିଖରେ ଉତ୍ସବ ଉଦ୍ଯାପିତ ହେବ। ଉଦ୍ଯାପନ ଉତ୍ସବରେ ମୁଖ୍ୟମନ୍ତ୍ରୀ ମୋହନଚରଣ ମାଝୀ ଯୋଗଦେବାର କାର୍ଯ୍ୟକ୍ରମ ରହିଛି।

## ହାତୀଝୁରୀ ପଞ୍ଚାୟତର ୮ ୱାର୍ଡସଭ୍ୟଙ୍କ ସମୂହ ଇସ୍ତଫା

ବେତନଟୀ,୧୬।୬(ସମିସ): ବେତନଟୀ ବ୍ଲକ ଅଧୀନ ହାତୀଝୁରି ପଞ୍ଚାୟତର ସରପଞ୍ଚଙ୍କ ମନମୁଖୀ କାର୍ଯ୍ୟକଳାପ ସାଙ୍ଗକୁ ବ୍ୟାପ ସରକାରୀ ଅର୍ଥ ହରିଲୁଟ ଏବଂ ହେରଫେର ବାବଦରେ ବାରମ୍ବାର ଅଭିଯୋଗ ସତ୍ତ୍ୱେ କୌଣସି ପଦକ୍ଷେପ ଗ୍ରହଣ କରାଯାଉ ନ ଥିବାରୁ ଶେଷରେ ପଞ୍ଚାୟତର ୧୧ଜଣ ୱାର୍ଡମେମ୍ବରଙ୍କ ମଧ୍ୟରୁ ୮ଜଣ ସୋମବାର ବିଡିଓଙ୍କୁ ସାକ୍ଷାତକରି ସମୂହ ଇସ୍ତଫାପତ୍ର ଦେଇଛନ୍ତି।



ପଞ୍ଚାୟତରେ ମୋ ବଗିଚା, ପ୍ରଧାନମନ୍ତ୍ରୀ ଆବାସ ଘର, ସେପ୍ଟି ଟ୍ୟାଙ୍କ ନିର୍ମାଣରେ ବ୍ୟାପକ ଅର୍ଥ ହରିଲୁଟ ସାଙ୍ଗକୁ ଜଙ୍ଗଲ କିସମ ଜମିରେ ବେଆଇନ ଭାବରେ ସରକାରୀ ଅର୍ଥ ବିନିଯୋଗ କରି ନିର୍ମାଣ କରାଯାଉଥିବା ନେଇ ଅଭିଯୋଗ କରିଛନ୍ତି ୱାର୍ଡସଭ୍ୟ। ଏନେଇ ପୂର୍ବରୁ ୱାର୍ଡମେମ୍ବରମାନେ ସମ୍ପୃକ୍ତ ପଞ୍ଚାୟତ ନିର୍ବାହୀ ଅଧିକାରୀ ଏବଂ ଯନ୍ତ୍ରୀଙ୍କୁ ବାରମ୍ବାର ଅଭିଯେଅଗ କରିଆସୁଥିଲେ ସୁଦ୍ଧା ପଞ୍ଚାୟତର ଦୁଇ ଅଧିକାରୀ ଏନେଇ ଉତ୍ତରଦାୟୀ ହେବା ପରିବର୍ତ୍ତେ ସରପଞ୍ଚଙ୍କ ସହିତ କଥାହୁଅ କହି ସବୁବେଳେ ଏଡାଇ ଦେଇଥାନ୍ତି। ଶେଷରେ ୱାର୍ଡମେମ୍ବର ଝୁନୁ ଦେହୁରୀ, ବୁଦ୍ଧିଆ ସିଂ, ଧୂମା ହେମ୍ବ୍ରମ, ରୁମୁକି ପାତ୍ର, ପୂର୍ଣ୍ଣଚନ୍ଦ୍ର ରଣା, ବାସୁଦେବ ମାର୍ଣ୍ଡି, ୧ନମ୍ବର ୱାର୍ଡମେମ୍ବର ଓ ୱାର୍ଡମେମ୍ବର ଦେବେନ୍ଦ୍ର ଦେହୁରୀ ବିଡିଓ ସୁଶାନ୍ତ କୁମାର ସୂତାରଙ୍କୁ ଇସ୍ତଫା ପତ୍ର ଦେଇଛନ୍ତି।

## ପ୍ରଦୀପ ପଣ୍ଡା ମୟୂରଭଞ୍ଜର ନୂଆ ସିସିଏସଓ

ବାରିପଦା, ୧୬।୬(ସମିସ): ମୟୂରଭଞ୍ଜ ଜିଲ୍ଲାର ମୁଖ୍ୟ ଯୋଗାଣ ଅଧିକାରୀ (ସିସିଏସଓ) କୃଷ୍ଣଚନ୍ଦ୍ର ସେଠୀଙ୍କ ଦକ୍ଷିଣ ଡିଭିଜନ ଆରଡିସିର ଯୁଗ୍ମ ସଚିବ ଭାବେ ପଦୋନ୍ନତି ହୋଇଛି। ତାଙ୍କ ସ୍ଥାନରେ କୋରାପୁଟର ସିସିଏସଓ ପ୍ରଦୀପ କୁମାର ପଣ୍ଡାଙ୍କର ମୟୂରଭଞ୍ଜକୁ ବଦଳି ହୋଇଛି। ଖାଦ୍ୟ ଯୋଗାଣ ଓ ଉପଭୋକ୍ତା କଲ୍ୟାଣ ବିଭାଗ ଆଦେଶନାମା ଅନୁସାରେ ଏହି ଆଦେଶ ସୋମବାର ପ୍ରକାଶ ପାଇଛି।

## ବାଇକ ଧକ୍କାରେ ଗୁରୁତର ବୃଦ୍ଧଙ୍କ ମୃତ୍ୟୁ

ଠାକୁରମୁଣ୍ଡା, ୧୬।୬(ସମିସ): ଶୁକ୍ରବାର ଠାକୁରମୁଣ୍ଡା-ଉଦଳା ରାସ୍ତାର ବେଣ୍ଟକାରପଡ଼ା ନିକଟରେ ଏକ ବାଇକ ଧକ୍କାରେ ଗୁରୁତର ହୋଇଥିବା ଜଣେ ବୃଦ୍ଧଙ୍କ ଚିକିତ୍ସାଧୀନ ଅବସ୍ଥାରେ କଟକ ବଡ଼ ଡ଼ାକ୍ତରଖାନାରେ ମୃତ୍ୟୁ ଘଟିଛି। ମୃତକ ଜଣକ ହେଉଛନ୍ତି ବେଣ୍ଟକାରପଡା ଗ୍ରାମର ଶଙ୍ଖାଳି ଦେହୁରୀ (୮୧)। ଗତ ୧୩ ତାରିଖରେ ସେ ଛେଳି ପାଇଁ ନିକଟସ୍ଥ ଜଙ୍ଗଲରୁ ଡାଳ ନେଇ ଘରକୁ ଫେରୁଥିଲେ। ଏହି ସମୟରେ ସେ ରାସ୍ତା ପାର ହେଉଥିବାବେଳେ ଏକ ବାଇକ୍ ତାଙ୍କ ଧକ୍କା ଦେଇଥିଲା। ଫଳରେ ଗୁରୁତର ହୋଇଥିଲେ। ତାଙ୍କୁ ପ୍ରଥମେ ଠାକୁରମୁଣ୍ଡା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ଏବଂ ପରେ କେନ୍ଦୁଝରର ସଦର ହସ୍ପିଟାଲକୁ ସ୍ଥାନାନ୍ତର କରାଯାଇଥିଲା; ହେଲେ ଅବସ୍ଥା ସଂକଟାପନ୍ନ ହେବାରୁ ତାଙ୍କୁ କଟକ ବଡମେଡିକାଲକୁ ସ୍ଥାନାନ୍ତର କରାଯାଇଥିଲା। ସେଠାରେ ଆଜି ତାଙ୍କର ମୃତ୍ୟୁ ଘଟିଛି। ଏ ନେଇ ପରିବାର ଲୋକେ ଠାକୁରମୁଣ୍ଡା ଥାନାରେ ଅଭିଯୋଗ କରିବା ପରେ ପୁଲିସ ଏକ ମାମଲା ରୁଜୁକରିଛି।

## ଜଳାଶୟରୁ ଦାଦନ ଶ୍ରମିକଙ୍କ ଶବ ଉଦ୍ଧାର

ବେତନଟୀ,୧୬।୬(ସମିସ): ରୋଜଗାର ପାଇଁ ଗୁଜୁରାଟକୁ ଦାଦନ ଖଟିବାକୁ ଯାଇଥିବା ଜଣେ ଶ୍ରମିକଙ୍କ ଶବ ଜଳାଶୟରୁ ଉଦ୍ଧାର କରିଛି ପୁଲିସ। ମୃତକ ହେଲେ ମୟୂରଭଞ୍ଜ ଜିଲ୍ଲା ବେତନଟୀ ଥାନା ଦାନ୍ତିଆମୁହାଁ ଉପକଣ୍ଠ କରଞ୍ଜିଆ ଗାଁର ସୁରେନ୍ଦ୍ର ବେହେରା(୩୨)। ଜଳାଶୟରୁ ଗୁଜୁରାଟ ପୁଲିସ ଶବ ଉଦ୍ଧାରକରି ବ୍ୟବଚ୍ଛେଦ ପୂର୍ବକ ତଦନ୍ତ ଆରମ୍ଭ କରିଛି। ଜଗନ୍ନାଥଙ୍କର ସ୍ତ୍ରୀ ଏବଂ ୩ଟି ସନ୍ତାନ ଥିବାବେଳେ ରୋଜଗାର ପାଇଁ ସେ ଗୁଜୁରାଟର ଏକ ମାର୍ବଲ ଫ୍ୟାକ୍ଟ୍ରିରେ କାମ କରୁଥିଲେ। ସେଠାରେ ସେ କେଉଁ ଜିଲ୍ଲା ଏବଂ ଥାନା ଇଲାକାରେ କାମ କରୁଥିଲେ ସେ ବାବଦରେ ପରିବାରବର୍ଗ ସମ୍ପୂର୍ଣ୍ଣ ଅଜ୍ଞ। ଦଲାଲ ମାଧ୍ୟମରେ ଅଧିକ ଟଙ୍କାର ଲୋଭରେ ବଶବର୍ତ୍ତି ହୋଇ ଜଗନ୍ନାଥ କିଛିମାସ ପୂର୍ବରୁ ସରସ୍ୱତୀ ପୂଜା ବେଳେ ଗୁଜୁରାଟ ଯାଇଥିବା ନେଇ ଗ୍ରାମବାସୀ ସୂଚନା ଦେଇଛନ୍ତି। ରବିବାର ସକାଳେ ଏକ ଜଳାଶୟରେ ଜଗନ୍ନାଥଙ୍କ ମୃତଦେହ ଭାସୁଥିବାର ଦେଖି ଲୋକେ ପୁଲିସକୁ ଖବର ଦେଇଥିଲେ। ମାର୍ବଲ ଫ୍ୟାକ୍ଟ୍ରିରେ କାମ କରୁଥିବା ଜଗନ୍ନାଥଙ୍କ ସହକର୍ମୀମାନେ ଖବର ଦେବାସହିତ ଘରଲୋକଙ୍କ ନିକଟକୁ ଫଟୋ ପଠାଇଥିଲେ। ସୁଦୂର ଗୁଜୁରାଟରୁ ମୃତଦେହ ଆଣିବାକୁ କିଛିଲୋକ ଖଡ଼ିଶୋଳ ସରପଞ୍ଚଙ୍କ ନିକଟରୁ ଲେଖାନେଇ ରବିବାର ଅପରାହ୍ଣରେ ଗୁଜୁରାଟ ଅଭିମୁଖେ ବାହାରିଥିବା ଜଣାଯାଇଛି।

### ■ ରଜପର୍ବ ଉପଲକ୍ଷେ ଲାଗଣେ ଏନେଜ ପ୍ରତିଯୋଗିତା

## ନୃତ୍ୟ ପ୍ରତିଯୋଗିତାରେ ଭାଗ ନେଇଥିଲେ ୬ଟି ଦଳ

ବହଳଦା,୧୬।୬(ସମିସ):

ବହଳଦା ବ୍ଲକ ଅନ୍ତର୍ଗତ ଭିତରାମଦା ଗ୍ରାମପଞ୍ଚାୟତ ରୁତୁଘୁଟୁ ଗ୍ରାମର ଝୁଳ ଉମୁଲ ଜଜବୁଟା ସମିତି ଆନୁକୂଲ୍ୟରେ ୧୬ତମ ବାର୍ଷିକ ଲାଗଣେ ଏନେଜ ନୃତ୍ୟ ପ୍ରତିଯୋଗିତା ଶେଷ ହୋଇଯାଇଛି। ଅନୁଷ୍ଠାନର ସଭାପତି ଗୋରାଚାନ୍ଦ ମୁର୍ମୁଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ନୃତ୍ୟ ପ୍ରତିଯୋଗିତାରେ ବିଭିନ୍ନ ଅଞ୍ଚଳର ୬ଟି ଦଳ ଅଂଶ ଗ୍ରହଣ କରିଥିଲେ। ବିଭିନ୍ନ ଅଞ୍ଚଳରୁ ଭାଗ ନେଇଥିବା ବାଦ୍ୟ ଦଳଙ୍କ ତାଳରେ ମହିଳା ଓ ଯୁବତୀମାନେ ନୃତ୍ୟରେ ଭାଗ ନେଇଥିଲେ। ରାତିତମାମ ଚାଲିଥିବା ଏହି ପ୍ରତିଯୋଗିତା ଦେଖିବାକୁ ଦର୍ଶକଙ୍କ ଭିଡ ଜମିଥିଲା। ନୃତ୍ୟଗୀତ ପ୍ରତିଯୋଗିତାରେ ବାଦକ ଦଳ ମଧ୍ୟରେ ସେରାଲଡିହି ଝାରଖଣ୍ଡ ଦଳ ପ୍ରଥମ, କାହୁତୁକା ଦଳ ଦ୍ୱିତୀୟ, ସାତପୁରୀ ଝାରଖଣ୍ଡ ଦଳ ତୃତୀୟ, ମୁରଗାଘୁଟୁ ଦଳ ଚତୁର୍ଥ, ଶିଜୁକଳା ଦଳକୁ ପଞ୍ଚମ ପୁରସ୍କାର ପ୍ରଦାନ କରାଯାଇଥିଲା। ଏନେଜ ଆୟୁର



(ଆଗ ଧାଡିରେ ନୃତ୍ୟ)ରେ ସୁଗନ୍ଧା ହାଁସଦା ଏବଂ ସାଲିନୀ ମାର୍ଣ୍ଡିଙ୍କୁ ଡ୍ରେସିଂ ଟେବୁଲ ଓ ଚରଖ ଏନେଜ (ଉତ୍ତମ ନୃତ୍ୟ)ରେ ପିହୁ ମାର୍ଣ୍ଡିଙ୍କୁ ଡ୍ରେସିଂ ଟେବୁଲ ଦିଆଯାଇ ପୁରସ୍କୃତ କରାଯାଇଥିଲା। ମିସ୍ ରୁତୁଘୁଟୁ ପ୍ରତିଯୋଗିତାରେ ତିରିଂ ବ୍ଲକ ବଡଭୁଣ୍ଡୁ ଗ୍ରାମ ରଶ୍ମିତା ଟୁଡୁଙ୍କୁ ମଥା ମୁକୁଟ ପିନ୍ଧାଇବା ସହ ପୁରସ୍କାର ପ୍ରଦାନ କରାଯାଇଥିଲା। ସେରେଙ୍ଗ ଡେଲା (ଗୀତ ଗାଇବା) ପ୍ରତାଯୋଗିତାରେ ବାରୁଘୁଟୁର ସୁମି ମାର୍ଣ୍ଡି ଏବଂ ନିଶ୍ଚିନ୍ତପୁରର ବୁଦୁଜ୍ ମୁର୍ମୁଙ୍କୁ କଳସ ଦେଇ ପୁରସ୍କୃତ କରାଯାଇଥିଲା। ଉଦଯାପନୀ ଉତ୍ସବରେ ଅତିଥି ଭାବେ ରୁତୁଘୁଟୁ ଗ୍ରାମର ମାଝୀବାବା ସାଲଖୁ ମୁର୍ମୁ, ନାଏକେ ବାବା ରାଜମାଲ ମୁର୍ମୁ, ପାରାନିକ ବାବା କାରୁ ହେମ୍ବ୍ରମ, ବରିଷ୍ଠ ସଦସ୍ୟ ପ୍ରତାପ ଚନ୍ଦ୍ର ମାର୍ଣ୍ଡି, ଜେନାରାମ ମାର୍ଣ୍ଡି, ସୁଜନ ସୋରେନ୍, ସଂଯୋଜକ ଭରତ ଚନ୍ଦ୍ର ଟୁଡୁ, ଶ୍ୟାମ ମାର୍ଣ୍ଡି, ସଂପାଦକ ରାମସାୟ ମାର୍ଣ୍ଡି ପ୍ରମୁଖ ଯୋଗଦେଇ ପ୍ରତିଯୋଗୀଙ୍କୁ ପୁରସ୍କୃତ କରିଥିଲେ। ବ୍ରଜକିଶୋର ମାର୍ଣ୍ଡି ସ୍ୱାଗତ ଭାଷଣ ଓ ଶିରିପ ମୁର୍ମୁ ଧନ୍ୟବାଦ ଅର୍ପଣ କରିଥିଲେ।

## ନିଟ୍ ପରୀକ୍ଷାରେ ଜୟନ୍ତଙ୍କ ସଫଳତା



ଚମ୍ପୁଆ, ୧୬।୬(ସମିସ): ସର୍ବଭାରତୀୟ ନିଟ ପରିକ୍ଷା ଫଳ ପ୍ରକାଶ ପାଇଥିବା ବେଳେ ଚମ୍ପୁଆ ଅଞ୍ଚଳର ଛାତ୍ର ଜୟନ୍ତ ପ୍ରଧାନ ୧୬୩୭୦ ରାଙ୍କ ରଖି କୃତକାର୍ଯ୍ୟ ହୋଇଛନ୍ତି। ଜଣେ ମେଧାବୀ ଛାତ୍ର ଭାବେ ସ୍ଥାନୀୟ ଅଞ୍ଚଳରେ ଜଣାସୁଣା ଜୟନ୍ତ ଡାକ୍ତର ହେବା ପାଇଁ ଚେଷ୍ଟା ଜାରି ରଖିଥିଲେ। ୨ ବର୍ଷ ଭୁବନେଶ୍ୱରରେ କୋଚିଂ ପରେ ଚଳିତ ବର୍ଷ ସେ ସଫଳ ହୋଇଛନ୍ତି। ମୋଟ ୭୨୦ ମାର୍କରୁ ୫୪୨ ନମ୍ବର ରଖି କୃତକାର୍ଯ୍ୟ ହୋଇଛନ୍ତି। ସଫଳତାର ଶ୍ରେୟ ନିଜ ପିତା ରୂପଚାନ୍ଦ ପ୍ରଧାନ ଓ ମାତା ସୁବାଶିନି ପ୍ରଧାନଙ୍କୁ ପ୍ରଦାନ କରିବା ସହ ଭବିଷ୍ୟତରେ ଡାକ୍ତର ଭାବରେ ସେବା କରିବେ ବୋଲି ସୂଚନା ଦେଇଛନ୍ତି।

### ● ଶହେବର୍ଷ ଅତିକ୍ରମ କଲା ଆଗ୍ରିଆର ଉଡାପର୍ବ

## ଉଡାଖୁଣ୍ଟରେ ଝୁଲିଲେ ମାନସିକଧାରୀ

ବୈଶିଙ୍ଗା,୧୬।୬(ସମିସ): ବେତନଟୀ ବ୍ଲକ ଅଧୀନ ଆଗ୍ରିଆସ୍ଥିତ ବାସନ୍ତୀ ମନ୍ଦିର ପଡିଆରେ ସୋମବାର ଅପରାହ୍ଣରେ ପ୍ରସିଦ୍ଧ ଉଡାପର୍ବ ପାଳିତ ହୋଇଯାଇଛି। ଇତିମଧ୍ୟରେ ଆଗ୍ରିଆ ଉଡାପର୍ବକୁ ଶହେ ବର୍ଷ ଅତିକ୍ରମ କରିଥିବା ବେଳେ ଏହାର ଅନେକ ସ୍ୱାତ୍ୟନ୍ତ୍ର ରହିଛି। ପବିତ୍ର ରଜସଂକ୍ରାନ୍ତି ଅବସରରେ ଉଡାପର୍ବର ଆୟୋଜନ ହୋଇଥିବାରୁ ଏକହଜାରରୁ ଉର୍ଦ୍ଧ୍ୱ ଶ୍ରଦ୍ଧାଳୁଙ୍କ ସମାଗମ ହୋଇଥିଲା। ମାନସିକଧାରୀମାନେ ନିଷ୍ଠାର ସହିତ ଉପବାସ ପୂର୍ବକ ବ୍ରତଧାରଣ କରିଥିବା ବେଳେ ଆୟୋଜକ କମିଟି ପକ୍ଷରୁ ସମସ୍ତ ପ୍ରକାର ବ୍ୟବସ୍ଥା କରାଯାଇଥିଲା। ଗାଁ ମନ୍ଦିରରୁ ଉଡାଖୁଣ୍ଟ ପର୍ଯ୍ୟନ୍ତ ମାନସିକଧାରୀ ପାରମ୍ପରିକ ନୃତ୍ୟବାଦ୍ୟର ତାଳେତାଳେ ଆସି ପହଞ୍ଚିଥିଲେ। ପରେ ଉଡାଖୁଣ୍ଟ ପରିକ୍ରମା କରିବା ସହିତ ଉଡାଖୁଣ୍ଟ ନିକଟରେ ପୂଜାର୍ଚ୍ଚନା କରିଥିଲେ। ଉଡାଖୁଣ୍ଟରୁ ଶ୍ରଦ୍ଧାଳୁ ଏବଂ ଦର୍ଶକଙ୍କ ଉଦ୍ଦେଶ୍ୟରେ ଲଡୁ ଫିଙ୍ଗା ଯାଇଥିଲା। ଲଡୁ ଧରିବାକୁ ଦର୍ଶକଙ୍କ ମଧ୍ୟରେ ପ୍ରତିଯୋଗିତା ହୋଇଥିଲା।





ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କୁ ସାଇପ୍ରସ ରାଷ୍ଟ୍ରପତି ନିକୋଶ କ୍ରିଷ୍ଟୋଡୋଲିଡେସ ଦେଶର ସର୍ବୋଚ୍ଚ ସମ୍ମାନ 'ଗ୍ରାଣ୍ଡ କ୍ରସ ଅଫ୍ ଦ ଅର୍ଡର ଅଫ ମକାରିୟୋସ ୩' ପ୍ରଦାନ କରୁଛନ୍ତି।

## ଗାଜାରେ ପୁଣି ଇସ୍ରାଏଲ ଆକ୍ରମଣ; ୩୮ ମୃତ



ତେଲ ଆଭିଭ, ୧୬।୬ (ଏଜେନ୍ସି): ଇରାନ ସହ ସଂଘର୍ଷ ମଧ୍ୟରେ ଇସ୍ରାଏଲ ପୁଣି ଗାଜାରେ ଆକ୍ରମଣ କରିଛି। ଖାଦ୍ୟ ବଣ୍ଟନ କେନ୍ଦ୍ରକୁ ନିଶାଣ କରି ଇସ୍ରାଏଲ ସେନା ସୋମବାର ଅତର୍କିତ ଗୁଳିମାଡ଼ କରିଛି। ଏଥିରେ ଅତିକମରେ ୩୮ ଜଣଙ୍କ ମୃତ୍ୟୁ ହୋଇଛି ବୋଲି ଗାଜା ସ୍ୱାସ୍ଥ୍ୟ ମନ୍ତ୍ରାଳୟ ପକ୍ଷରୁ କୁହାଯାଇଛି। ମାନବିକ ସହାୟତା କେନ୍ଦ୍ରକୁ ନିଶାଣ କରି ହୋଇଥିବା ଏହା ସବୁଠୁ ଭୟଙ୍କର ଆକ୍ରମଣ ଥିଲା। ବଣ୍ଟନ ବ୍ୟବସ୍ଥାକୁ ପ୍ରଭାବିତ କରିବା ପାଇଁ ଇସ୍ରାଏଲ ଏଭଳି ହୀନ କାର୍ଯ୍ୟ କରିଥିଲା। ସଂଘର୍ଷ ଯୋଗୁଁ ଘର ହରାଇଥିବା ହଜାର ହଜାର ପାଲେଷ୍ଟିନୀୟ ଆଶ୍ରୟ ସ୍ଥଳରେ ରହୁଛନ୍ତି। ଏମାନେ ଗୁରୁତର ଖାଦ୍ୟ ସଙ୍କଟର ସମ୍ମୁଖୀନ ହେଉଛନ୍ତି। ତେଣୁ ଖାଦ୍ୟ ଆଣିବା ଲାଗି ଇସ୍ରାଏଲ ନିୟନ୍ତ୍ରଣାଧୀନ ରିଲିଫ କେନ୍ଦ୍ରକୁ ଯାଉଥିଲେ। ଏହି ସମୟରେ ଲୋକଙ୍କୁ ଘଉଡାଇବା ପାଇଁ ଇସ୍ରାଏଲ ସେନା ଗୁଳିମାଡ଼ କରିଥିଲା।

## ଭାଇ ପାଇଁ ଅଲଗା ହେଲେ ଲରେନ୍ସ ବିଷ୍ଣୋଇ ଓ ଗୋଲ୍ଡି ବ୍ରାର

ନୂଆଦିଲ୍ଲୀ, ୧୬।୬ (ଏଜେନ୍ସି):ଗ୍ୟାଙ୍ଗଷ୍ଟର ଲରେନ୍ସ ବିଷ୍ଣୋଇ ଓ ଗୋଲ୍ଡି ବ୍ରାର ମଧ୍ୟରେ ଫାଟ ସୃଷ୍ଟି ହୋଇଛି। ଲରେନ୍ସର ଭାଇ ଅନମୋଲ ବିଷ୍ଣୋଇ ପାଇଁ ଦୁଇ ବନ୍ଧୁ ଏବେ ବଇରୀ ପାଲଟି ଯାଇଛନ୍ତି। କିଛି ଦିନ ହେଲା ଉଭୟଙ୍କ ମଧ୍ୟରେ ତିକ୍ତତା ବୃଦ୍ଧି ପାଇଛି। ଲରେନ୍ସ ବିଷ୍ଣୋଇ ଓ ବ୍ରାରର କିଛି ସହଯୋଗୀଙ୍କୁ ଜେରା କରିବା ପରେ ପୁଲିସକୁ ଏହି ବିବାଦ ସମ୍ପର୍କରେ ସୂଚନା ମିଳିଛି। ଲରେନ୍ସ ବିଷ୍ଣୋଇ ଏବେ ଅହମଦାବାଦ ସାବରମତି ଜେଲ୍‌ରେ ଥିବାବେଳେ ବ୍ରାର ପୁଲିସ୍‌ର ମୋଷ୍ଟୱାଣ୍ଟେଡ ତାଲିକାରେ ରହିଛି। ସେ ଆମେରିକାରେ ଲୁଚି ଅପରାଧିକ କାର୍ଯ୍ୟକଳାପରେ ସାମିଲ ରହିଛି। ଲରେନ୍ସ ମଧ୍ୟ ଜେଲ୍‌ରୁ ଅପରାଧ ଘଟାଉଛି। ସୂଚନା ଅନୁଯାୟୀ ଲରେନ୍ସ ବିଷ୍ଣୋଇ ଠାରୁ ଅଲଗା ହେବା ପରେ ବ୍ରାର ଅଜରବୈଜାନ ଗ୍ୟାଙ୍ଗଷ୍ଟର ରୋହିତ ଗୋଦାରା ସହ ହାତ ମିଳାଇଛି। ସେହିପରି ଲରେନ୍ସ କାନାଡାରୁ ରହି ଅପରାଧ ଘଟାଉଥିବା ନୋନି ରାଣା ଓରଫ ସୂର୍ଯ୍ୟ ପ୍ରତାପ ସହ ଚୁକ୍ତି କରିଛି। ଏହାକୁ ନେଇ ନିକଟରେ ପଞ୍ଜାବ, ରାଜସ୍ଥାନ, ହରିୟାଣା ଓ ଦିଲ୍ଲୀ ପୁଲିସ୍‌ର ବରିଷ୍ଠ ଅଧିକାରୀମାନେ ଜାତୀୟ ତଦନ୍ତକାରୀ ଏଜେନ୍ସି ସହ ବୈଠକ କରିଥିଲେ। ଗତବର୍ଷ ନଭେମ୍ବରରେ କାଲିଫର୍ଣ୍ଣିଆରେ ଅନମୋଲକୁ ଗିରଫ କରାଯିବା ପରେ ଦୁଇ ଗ୍ୟାଙ୍ଗଷ୍ଟରଙ୍କ ମଧ୍ୟରେ ତିକ୍ତତା ସୃଷ୍ଟି ହୋଇଥିଲା। ଅନମୋଲ ବେଆଇନ ଭାବେ ଆମେରିକାରେ ପ୍ରବେଶ କରୁଥିବାବେଳେ ଧରା ପଡ଼ିଥିଲା।

ଅନମୋଲ ନାଁରେ ଅନେକ ହତ୍ୟା ମାମଲା ରହିଛି। ମହାରାଷ୍ଟ୍ରର ପୂର୍ବତନ ମନ୍ତ୍ରୀ ତଥା ଏନସିପି ନେତା ବାବା ସିଦ୍ଦିକୀଙ୍କ ହତ୍ୟା କାଣ୍ଡରେ ମଧ୍ୟ ସେ ସାମିଲ ଥିଲା।

# ପୁଣି ବିମାନ ଅଘଟଣ; ବର୍ତ୍ତିଲା ୨୫୦ ଯାତ୍ରୀଙ୍କ ଜୀବନ

## ଅବତରଣ ସମୟରେ ବାହାରିଲା ନିଆଁ




ଲକ୍ଷ୍ନୌ, ୧୬।୬ (ଏଜେନ୍ସି): ଲକ୍ଷ୍ନୌର ଚୌଧୁରୀ ଚରଣ ସିଂହ ବିମାନବନ୍ଦରରେ ବଡ଼ ଅଘଟଣ ଅଳ୍ପକେ ଟଳି ଯାଇଛି। ୨୫୦ ହଜ୍ ଯାତ୍ରୀଙ୍କ ଜୀବନ ବର୍ତ୍ତି ଯାଇଛି। ଅବତରଣ ସମୟରେ ସାଉଦି ଆରବିୟା ଏୟାରଲାଇନ୍ସର ବିମାନ ଏସ୍‌ଭି-୩୧୧୨ର ଚକରୁ ନିଆଁ ଏବଂ ଧୂଆଁ ବାହାରିଛି। ଏହା ଜାଣିବା ପରେ ପାଇଲଟ ବିମାନକୁ ତୁରନ୍ତ ଅଟକାଇ ଦେଇଛନ୍ତି। ଏୟାର ଟ୍ରାଫିକ କଣ୍ଟ୍ରୋଲର (ଏଟିସି)କୁ ସୂଚନା ଦେଇଛନ୍ତି। ପରେ ଦମକଳ ଟିମ୍ ପହଞ୍ଚି ଫୋମ୍ ଏବଂ ପାଣି ପକାଇ ଥିଲା। ପ୍ରାୟ ୨୦ ମିନିଟ ପରେ ସ୍ଥିତି ସମ୍ପୂର୍ଣ୍ଣ ନିୟନ୍ତ୍ରଣାଧୀନ ହୋଇଥିଲା। ରବିବାର ସକାଳ ୬ଟା୩୦ରେ ଏହି ଘଟଣା ଘଟିଥିଲା। ମାତ୍ର ଏହାର ଭିଡିଓ ଆଜି ସାମ୍ନାକୁ ଆସିଛି। ଏହି ବିମାନରେ ୨୪୨ ହଜ୍ ଯାତ୍ରୀ ବସିଥିଲେ। ବିମାନଟି ଶନିବାର ରାତି ୧୧ଟା୩୦ରେ ଜେଦା ବିମାନବନ୍ଦରରୁ ହଜ୍ ଯାତ୍ରୀଙ୍କୁ ଧରି ଭାରତ ଅଭିମୁଖେ ଉଡ଼ାଣ ଆରମ୍ଭ କରିଥଇଲା। ଏହା ରବିବାର ସକାଳେ ଲକ୍ଷ୍ନୌରେ ପହଞ୍ଚି ଥିଲା। ରନ୍‌ୱେରେ ଅବତରଣ କରି ବିମାନ ଟ୍ୟାକ୍ସି-ୱେକୁ ଆସୁଥିବାବେଳେ ଏହି ଘଟଣା ଘଟିଥିଲା। ଏହି ସମୟରେ ସବୁ ଯାତ୍ରୀ ବିମାନ ଭିତରେ ଥିଲେ। ପରେ ବିମାନକୁ ଟ୍ୟାକ୍ସି-ୱେକୁ ନିଆଯାଇଥିଲା। ସବୁ ଯାତ୍ରୀଙ୍କୁ ସୁରକ୍ଷିତ ଭାବେ ବାହାର କରାଯାଇଥିଲା। ଇଞ୍ଜିନିୟରିଂ ଟିମ୍ ବିମାନର ତ୍ରୁଟି ସୁଧାରିବାକୁ ଯାଞ୍ଚ କରୁଛନ୍ତି, କିନ୍ତୁ ସୋମବାର ଦ୍ୱିପହର ସୁଦ୍ଧା ଏହାକୁ ଠିକ୍ କରାଯାଇପାରି ନାହିଁ। କାରଣ ବିମାନର ବାମ ଚକ ସମ୍ପୂର୍ଣ୍ଣ ଖରାପ ହୋଇଯାଇଛି।

## ଏୟାର ଇଣ୍ଡିଆର ପିଛା ଛାଡୁନି ଯାନ୍ତ୍ରିକ ତ୍ରୁଟି

■ ହଂକଂ ଫେରିଲା ବିମାନ

■ ରବିବାର ଫେରିଥିଲା ଦୁଇଟି ବିମାନ; ସବୁ ବୋଇଂର

ନୂଆଦିଲ୍ଲୀ, ୧୬।୬ (ଏଜେନ୍ସି): ସମସ୍ୟା ଏୟାର ଇଣ୍ଡିଆର ପିଛା ଛାଡୁ ନାହିଁ। ହଂକଂରୁ ଦିଲ୍ଲୀ ଆସୁଥିବା ଏୟାର ଇଣ୍ଡିଆ ବିମାନ (ଏଆଇ-୩୧୫) ସୋମବାର ଅଧାବାଟରୁ ଫେରି ଯାଇଛି। ବିମାନରେ ଯାନ୍ତ୍ରିକ ତ୍ରୁଟି ଥିବା ଜଣାପଡିଛି। ଏହି ବିମାନଟି ମଧ୍ୟ ବୋଇଂ ୭୮୭-୮ ଡ୍ରିମଲାଇନର ଥିଲା। ଏହା ପୂର୍ବରୁ ରବିବାର ମଧ୍ୟ ସମାନ ଘଟଣା ଘଟିଥିଲା। ବୋଇଂର ଦୁଇଟି ଡ୍ରିମଲାଇନର ବିମାନ ଅଧାରାସ୍ତାରୁ ଫେରି ଯାଇଥିଲା। ଏହା ମଧ୍ୟରୁ ଗୋଟିଏ ଲଣ୍ଡନରୁ ଚେନ୍ନଇ ଏବଂ ଅନ୍ୟଟି ଜର୍ମାନୀର ଫ୍ରାଙ୍କଫ୍ରଟରୁ ହାଇଦରାବାଦ ଆସୁଥିଲା। ଉଭୟେ ସୋମବାର ଅବତରଣ କରିଥାନ୍ତେ।




ଚେନ୍ନାଇ ଆସୁଥିବା ବ୍ରିଟିଶ ଏୟାରୱେଜର ବୋଇଂ ୭୮୭-୮ ଡ୍ରିମଲାଇନରକୁ ଯାନ୍ତ୍ରିକ ତ୍ରୁଟି ଯୋଗୁଁ ଫେରିବାକୁ ପଡିଥିଲା। ଲୁଫ୍ଥହଂସା ଏୟାରଲାଇନ୍ସ (ଜର୍ମାନୀ)ର ବୋଇଂ ୭୮୭-୯ ଡ୍ରିମଲାଇନରକୁ ବୋମା ଧମକ ମିଳିଥିଲା। ଏହି କାରଣରୁ ବିମାନକୁ ଅବତରଣ କରିବାକୁ ଅନୁମତି ଦିଆଯାଇ ନ ଥିଲା ଏବଂ ଫେରିବାକୁ ପଡିଲା। ଗତ ୧୨ ତାରିଖରେ ଅହମଦାବାଦରୁ ଉଡ଼ାଣ କରିବାର ଦୁଇ ମିନିଟ୍ ମଧ୍ୟରେ ଏକ ବୋଇଂ ୭୮୭-୮ ଡ୍ରିମଲାଇନର ବିମାନ ଦୁର୍ଘଟଣାଗ୍ରସ୍ତ ହୋଇଥିଲା। ଏହି ଦୁର୍ଘଟଣାରେ ବିମାନରେ ଯାତ୍ରା କରୁଥିବା ୨୪୧ ଜଣଙ୍କ ମୃତ୍ୟୁ ହୋଇଥିଲା। କେବଳ ଜଣେ ବର୍ତ୍ତି ଯାଇଥିଲେ। ସୂଚନା ଅନୁଯାୟୀ ଲଣ୍ଡନରୁ ଚେନ୍ନାଇ ଆସୁଥିବା ବ୍ରିଟିଶ ଏୟାରୱେଜ୍ ବିମାନ ବିଏ-୩୫ ଡ୍ରିମଲାଇନର୍ ୭୮୭-୮ ଯାନ୍ତ୍ରିକ ତ୍ରୁଟି (ଫ୍ଲାପ୍ ବିଫଳତା) ଯୋଗୁଁ ଡୋଭର ଚାରିପାଖରେ ବୁଲି ପରେ ହିଥ୍ରୋକୁ ଫେରି ଯାଇଥିଲା। ତେବେ ଏହାର ଉଡ଼ାଣ ସମୟ,କେତେ ଯାତ୍ରୀ ଏବଂ କର୍ମଚାରୀଙ୍କ ଥିଲେ, କେତେ ସମୟ ପର୍ଯ୍ୟନ୍ତ ବିମାନ ଆକାଶରେ ଘୂରି ବୁଲିଥିଲା ତାହା କମ୍ପାନୀ ପକ୍ଷରୁ କୁହାଯାଇ ନାହିଁ। ଲାଇଭ୍ ଫ୍ଲାଇଟ୍ ଟ୍ରାକିଂ ୱେବସାଇଟ୍ ଅନୁଯାୟୀ ଏହି ବିମାନ ରବିବାର ୧୨ଟା୪୦ ରେ ଉଡ଼ାଣ କରି ସୋମବାର ଭୋର ୩ଟା୩୦ ରେ ଚେନ୍ନାଇରେ ପହଞ୍ଚିବାର ଥିଲା। ବିମାନଟି ଅପରାହ୍ନ ୧ଟା ୧୬ରେ ଉଡ଼ାଣ ଆରମ୍ଭ କରିଥିଲା। ବିମାନବନ୍ଦରକୁ ଫେରିବା ପୂର୍ବରୁ ପ୍ରାୟ ଦୁଇ ଘଣ୍ଟା ପର୍ଯ୍ୟନ୍ତ ଘୂରି ବୁଲିଥିଲା।

## ପହଲଗାମ ଆକ୍ରମଣକୁ ନେଇ ପ୍ରଶ୍ନ ଉଠାଇଲା ଏଫ୍‌ଏଟିଏଫ

■ ଏଭଳି ଆକ୍ରମଣ ବନ୍ଧୁକ-ବାରୁଦରେ ହୁଏ ନାହିଁ

■ ଏହା ପଛରେ ଆର୍ଥିକ ନେଟୱର୍କ ସାମିଲ ରହିଛି

ନୂଆଦିଲ୍ଲୀ, ୧୬।୬ (ଏଜେନ୍ସି): ଆତଙ୍କବାଦୀଙ୍କୁ ପାଣ୍ଠି ଯୋଗାଣ ଉପରେ ନଜର ରଖୁଥିବା ସଂସ୍ଥା ଫାଇନାନ୍‌ସିଆଲ ଆକ୍ସନ ଟାସ୍କ ଫୋର୍ସ (ଏଫଏଟିଏଫ) ପହଲଗାମ ଆକ୍ରମଣକୁ ନେଇ ବଡ଼ ଟିପ୍ପଣୀ ଦେଇଛି। ଏପ୍ରିଲ ୨୨ରେ ହୋଇଥିବା ଏହି ଆକ୍ରମଣକୁ ଦୃଢ଼ ନିନ୍ଦା କରାଯାଇଛି। ଆତଙ୍କବାଦକୁ ଦମନ କରିବା ପାଇଁ ଦେଶଗୁଡ଼ିକ କି ପଦକ୍ଷେପ ନେଉଛନ୍ତି ତାହାର ଯାଞ୍ଚକୁ ଆହୁରି ଜୋରଦାର କରାଯିବ ବୋଲି ଏଫ୍‌ଏଟିଏଫ୍ ଘୋଷଣା କରିଛି। ଆତଙ୍କ ସୃଷ୍ଟି କରୁଥିବା ଆତଙ୍କବାଦୀଙ୍କୁ ସମର୍ଥନ ବିନା ପହଲଗାମ ଭଳି ଆକ୍ରମଣ କରାଯାଇପାରିବ ନାହିଁ ବୋଲି କୁହାଯାଇଛି। ପହଲଗାମ ଆକ୍ରମଣ ପାଇଁ ପାଣ୍ଠି ଯୋଗାଣ ମଧ୍ୟ କରାଯାଇଛି। ଆତଙ୍କବାଦୀ ଲୋକଙ୍କୁ ମାରୁଛନ୍ତି ଏବଂ ଆହତ କରୁଛନ୍ତି। ଏହା ମାଧ୍ୟମରେ ସାରା ବିଶ୍ୱରେ ଭୟ ସୃଷ୍ଟି କରୁଛନ୍ତି। ପହଲଗାମ ଏବଂ ଅନ୍ୟ ଆତଙ୍କବାଦୀ ଆକ୍ରମଣ ପାଣ୍ଠି ଯୋଗାଣ ବିନା ହୋଇପାରିବ ନାହିଁ। ଏଭଳି ଆକ୍ରମଣ ବନ୍ଧୁକ ଏବଂ ବାରୁଦରେ ହୁଏ ନାହିଁ। ଏହା ପଛରେ ଆର୍ଥିକ ନେଟୱର୍କ ସାମିଲ ରହିଛି। ଆତଙ୍କବାଦୀଙ୍କ ସହାୟକମାନେ ଏଥିପାଇଁ ପାଣ୍ଠି ଦେଇଛନ୍ତି। ପହଲଗାମ ଆକ୍ରମଣର ୫୫ ଦିନ ପରେ ଏଫଏଟିଏଫ୍ ପକ୍ଷରୁ ଏହି ବିବୃତ୍ତି ଦିଆଯାଇଛି। ପାକିସ୍ତାନ ଆତଙ୍କବାଦୀଙ୍କୁ ସହାୟତା ଦେଉଛି ଏବଂ ବାହାରୁ ପାଣ୍ଠି ଆଣି ସେହି ଅର୍ଥରେ ଅସ୍ତ୍ରଶସ୍ତ୍ର କିଣି ଆତଙ୍କବାଦୀଙ୍କୁ ଯୋଗାଉ ଥିବା ନେଇ ଭାରତ ଅଭିଯୋଗ କରିବା ସମୟରେ ଏଫଏଟିଏଫ ପକ୍ଷରୁ ବଡ଼ ଟିପ୍ପଣୀ ଦିଆଯାଇଛି।

ଆତଙ୍କବାଦୀ କାର୍ଯ୍ୟକଳାପ ପାଇଁ ପାକିସ୍ତାନକୁ ପୁଣିଥରେ ଏଫଏଟିଏଫର ଧୂସର ତାଲିକାରେ ସାମିଲ କରାଯାଇପାରେ। ପହଲଗାମ ଆକ୍ରମଣରେ ଜଣେ ନେପାଳୀଙ୍କ ସମେତ ୨୬ ପର୍ଯ୍ୟଟକଙ୍କ ମୃତ୍ୟୁ ହୋଇଥିଲା। ସୂଚନା ଅନୁଯାୟୀ ଏଫଏଟିଏଫର ଏସିଆ-ପାସିଫିକ୍ ଗ୍ରୁପ୍ (ଏପିଜି) ବୈଠକ ଅଗଷ୍ଟ ୨୫ ତାରିଖରେ ହେବାକୁ ଯାଉଛି। ଏହା ପରେ ଅକ୍ଟୋବର ୨୦ରେ କାର୍ଯ୍ୟ ଗୋଷ୍ଠୀ ବୈଠକ ଅନୁଷ୍ଠିତ ହେବ। ଏହି ବୈଠକ ପୂର୍ବରୁ ଭାରତ ପାକିସ୍ତାନ ବିରୋଧରେ ଏକ ଡୋଜିଅର୍ ପ୍ରସ୍ତୁତ କରୁଛି। ଏଥିରେ ପାକିସ୍ତାନ କିପରି ଆତଙ୍କବାଦୀ କାର୍ଯ୍ୟକଳାପକୁ ପ୍ରୋତ୍ସାହନ ଦେଉଛି ଏବଂ ମନି ଲଣ୍ଡରିଂ କରି ଏଫଏଟିଏଫ ନିୟମ ଉଲ୍ଲଙ୍ଘନ କରୁଛି ତାହାର ପ୍ରମାଣ ଦିଆଯିବ। ୨୦୧୮ରେ ପାକିସ୍ତାନକୁ ଏଫଏଟିଏଫର ଧୂସର ତାଲିକାରେ ରଖାଯାଇଥିଲା। ଏହା ପରେ ପାକିସ୍ତାନ ମନି ଲଣ୍ଡରିଂ ଏବଂ ଆତଙ୍କବାଦ ପାଣ୍ଠି ଯୋଗାଣ ରୋକିବା ପାଇଁ ଏକ କାର୍ଯ୍ୟ ଯୋଜନା ଦେଇଥିଲା। ୨୦୨୨ ମସିହାରେ ପାକିସ୍ତାନକୁ ଏହି ତାଲିକାରୁ ବାହାର କରି ଦିଆଯାଇଥିଲା। ସୂତ୍ର ଅନୁସାରେ ମନି ଲଣ୍ଡରିଂ ଏବଂ ଆତଙ୍କବାଦକୁ ପାଣ୍ଠି ଯୋଗାଣ ନିୟମ ପାଳନ ବିଫଳ ହୋଇଥିବା ପାକିସ୍ତାନକୁ ପୁଣିଥରେ ଧୂସର ତାଲିକାରେ ସାମିଲ କରିବା ପାଇଁ ଭାରତ ଦାବି ଉପସ୍ଥାପନ କରିବ।

## ମଡେଲଙ୍କୁ ତଣ୍ଟିକାଟି ହତ୍ୟା; ପ୍ରେମିକ ଗିରଫ



ଚଣ୍ଡିଗଡ଼, ୧୬।୬ (ଏଜେନ୍ସି): ହରିୟାଣା ସୋନିପଥର ଖରଖୌଦା ଅନ୍ତର୍ଗତ ରିଲାଏନ୍ସ କେନାଲରୁ ସୋମବାର ଜଣେ ମଡେଲଙ୍କ ମୃତଦେହ ଉଦ୍ଧାର କରାଯାଇଛି। ତାଙ୍କ ତଣ୍ଟି କଟା ଯାଇ କେନାଲକୁ ଫୋପାଡ଼ି ଦିଆଯାଇଛି। ଏହାକୁ ନେଇ ରାଜ୍ୟରେ ଚାଞ୍ଚଲ୍ୟ ଖେଳି ଯାଇଛି। ହାତ ଏବଂ ଛାତିରେ ଥିବା ଟାଟୁରୁ ତାଙ୍କୁ ଚିହ୍ନଟ କରାଯାଇଛି। ସେ ଲୋକପ୍ରିୟ ମଡେଲ ଶୀତଲ ଓରଫ ସିମି ଚୌଧୁରୀ ବୋଲି ଜଣାପଡ଼ିଛି। ସେ ଦୁଇ ଦିନ ତଳେ ପାନିପଥ ସ୍ଥିତ ଘରୁ ଆଲ୍‌ବମ୍ ସୁଟିଂ ପାଇଁ ଯାଇ ଆଉ ଫେରି ନ ଥିଲେ। ପୁଲିସ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଛି। ଏହି ମାମଲାରେ ତାଙ୍କ ପ୍ରେମିକ ସୁନୀଲକୁ ଗିରଫ କିରିଛି। ଆଉ କିଛି ରିପୋର୍ଟରେ ସୁନୀଲଙ୍କୁ ସିମି ବାହା ହୋଇ ସାରିଥିଲେ ବୋଲି କୁହାଯାଇଛି। ଶୀତଲଙ୍କ ଭଉଣୀ ନେହା କହିଛନ୍ତି ଯେ ସେ ଗତ ୧୪ ତାରିଖରେ ତାଙ୍କୁ ଭିଡିଓ କଲ୍ କରିଥିଲେ। ପ୍ରେମିକ ମାଡ଼ ମାରୁଥିବା କହିଥିଲେ। ସୁନୀଲ ତାଙ୍କୁ ଜୋର ଜବରଦସ୍ତି ନେଇଯିବାକୁ ପ୍ରୟାସ କରୁଛି। ଏହା ପରେ କଲ୍ କଟି ଯାଇଥିଲା। ଏବେ ତାଙ୍କ ମୃତଦେହ ମିଳିଛି। ଏହା ପୂର୍ବରୁ ପାନିପଥର ଦିଲ୍ଲୀ ପାରାଲାଲ କେନାଲ ନିକଟରେ ସୁନୀଲଙ୍କ କାର୍ ଥିବା ଦେଖିବାକୁ ମିଳିଥିଲା। ତେବେ ଶୀତଲ ସେହି କାର୍‌ରେ ନ ଥିଲେ। ଏକ ଘରୋଇ ହସ୍ପିଟାଲରେ ଚିକିତ୍ସାଧୀନ ଥିବାବେଳେ ପୁଲିସ ସୁନୀଲକୁ ଗିରଫ କରିଛି।

ପୁଲିସ୍ ପକ୍ଷରୁ କୁହାଯାଇଛି ଯେ ଶୀତଲ ତାଙ୍କ ଭଉଣୀ ନେହାଙ୍କ ସହ ପାନିପତରେ ରହୁଥିଲେ। ଗତ ୧୪ରେ ଆଲବମ୍ ସୁଟିଂ ପାଇଁ ନିଜ ଟିମ୍ ସହ ଅହର ଗାଁକୁ ଯାଇଥିଲେ। ଭିଡିଓ କଲ୍ କଟିଯିବା ପରେ ରାତି ସୁଦ୍ଧା ସେ ଘରକୁ ଫେରି ନ ଥିଲେ। ଏହା ପରେ ଆଉ ତାଙ୍କ ସହ କୌଣସି ପ୍ରକାରର ଯୋଗଯୋଗ ହୋଇ ପାରି ନ ପାରିବାରୁ ଭଉଣୀ ପୁରୁଣା ଶିଲ୍ପାଞ୍ଚଳ ପୁଲିସ୍ ଷ୍ଟେସନରେ ଅଭିଯୋଗ କରିଥିଲେ।ଏହା ପରେ ପୁଲିସ ତଦନ୍ତ ଆରମ୍ଭ କରିଥିଲା। କେନାଲରୁ ମୃତଦେହ ମିଳିଥିଲା। ବେକକୁ ଧାରୁଆ ଅସ୍ତ୍ରରେ ଆକ୍ରମଣ କରାଯାଇଥିବା ଜଣାପଡ଼ିଥିଲା।

## ପହଲଗାମ ଆକ୍ରମଣକୁ ନେଇ ସରକାରଙ୍କୁ ଟିଏମ୍‌ସିର ୫ ପ୍ରଶ୍ନ | ଆକ୍ରମଣ ପାଇଁ ଦାୟୀ କିଏ

କୋଲକାତା, ୧୬।୬ (ଏଜେନ୍ସି): ପହଲଗାମ ଆକ୍ରମଣକୁ ନେଇ କେନ୍ଦ୍ର ସରକାରଙ୍କୁ ଘେରିଛି ଟିଏମସି। ଏହି ଦଳର ସାଂସଦ ଅଭିଷେକ ବାନାର୍ଜୀ ଆକ୍ରମଣକୁ ନେଇ ସରକାରଙ୍କୁ ୫ ପ୍ରଶ୍ନ ପଚାରିଛନ୍ତି। ଆକ୍ରମଣକୁ ୫୫ ଦିନ ହୋଇଥିବାବେଳେ ସରକାର ସୀମା ସୁରକ୍ଷା, ଗୁଇନ୍ଦା, ବିଦେଶ ନୀତି, ଗଣମାଧ୍ୟମ ଏବଂ ନ୍ୟାୟପାଳିକାର ପ୍ରଶ୍ନର ଉତ୍ତର କାହିଁକି ଦେଉନାହାନ୍ତି ବୋଲି ପଚାରିଛନ୍ତି। ସେ କହିଛନ୍ତି ଯେ ବିରୋଧୀ ଦଳ, ଗଣମାଧ୍ୟମ ଏବଂ ନ୍ୟାୟପାଳିକା ମଧ୍ୟ ଏହି ପ୍ରଶ୍ନ ଉଠାଇ ନ ଥିଲେ। ଏହା ଗଣତନ୍ତ୍ର ପାଇଁ ଚିନ୍ତାଜନକ। ଜଣେ ଦାୟିତ୍ୱବାନ ନାଗରିକ ଏବଂ ଜନପ୍ରତିନିଧି ଭାବରେ ସେ ସରକାରଙ୍କୁ ଏହି ୫ ପ୍ରଶ୍ନ ପଚାରିଛନ୍ତି।



ସେ ପଚାରିଛନ୍ତି ଯେ ପହଲଗାମ ଆକ୍ରମଣ ଜାତୀୟ ସୁରକ୍ଷା ପାଇଁ ଏକ ବଡ଼ ଭୁଲ ଥିଲା। ଏଥିପାଇଁ କିଏ ଦାୟୀ ହେବ। ଯଦି ଗୁଇନ୍ଦା ବିଫଳତା ଥିଲା, ତେବେ ଗୁଇନ୍ଦା ମୁଖ୍ୟଙ୍କ କାର୍ଯ୍ୟକାଳକୁ ବର୍ଷେ ପାଇଁ କାହିଁକି ବୃଦ୍ଧି କରାଯାଇଥିଲା? ତାଙ୍କୁ କାହିଁକି ଦାୟୀ କରାଯିବ ନାହିଁ। ୪ ଜଣ ଆତଙ୍କବାଦୀ ଅସ୍ତ୍ରଶସ୍ତ୍ର ଧରି କିପରି ଭାରତୀୟ ସୀମାରେ ପ୍ରବେଶ କଲେ ଏବଂ କିପରି ୨୬ ଜଣ ସାଧାରଣ ନାଗରିକ ଜୀବନ ନେଲେ? ଏହା ଜାତୀୟ ସୁରକ୍ଷାରେ ଏକ ବଡ଼ ତ୍ରୁଟି ଥିଲା। ଏହି ବିଫଳତା ପାଇଁ କିଏ ଦାୟୀ ହେବ? ଯଦି ସରକାର ବିରୋଧୀ ନେତା, ସାମ୍ବାଦିକ ଏବଂ ବିଚାରପତିଙ୍କ ଉପରେ ଗୁପ୍ତଚର ଉପକରଣ ପେଗାସସ୍ ବ୍ୟବହାର କରିପାରୁଛନ୍ତି, ତେବେ ଆତଙ୍କବାଦୀଙ୍କ ଉପରେ କାହିଁକି ଏହାକୁ ବ୍ୟବହାର କରୁନାହାନ୍ତି? ପହଲଗାମ ଆକ୍ରମଣକାରୀ ଜୀବିତ ନା ମୃତ ସରକାର ସ୍ପଷ୍ଟ କରିବା ଉଚିତ। ଯଦି ସେମାନଙ୍କୁ ହତ୍ୟା କରାଯାଇଛି ତେବେ ସରକାର କାହିଁକି ସ୍ପଷ୍ଟ ବିବୃତ୍ତି ଦେଇ ନ ଥିଲେ? ଯଦି ଆତଙ୍କବାଦୀଙ୍କୁ ହତ୍ୟା କରାଯାଇ ନାହିଁ ତେବେ ସରକାର ନୀରବ କାହିଁକି? ଯଦି ଭାରତ ବିଶ୍ୱ ଗୁରୁ ଏବଂ ଚତୁର୍ଥ ବୃହତ ଅର୍ଥନୀତି ତେବେ ଆଇଏମଏଫ କାହିଁକି ପାକିସ୍ତାନକୁ ଏକ ବିଲିୟନ ଡଲାର ଏବଂ ବିଶ୍ୱ ବ୍ୟାଙ୍କ ୪୦ବିଲିୟନ ଡଲାର ଦେଇଥିଲା? ପାକିସ୍ତାନକୁ ଜାତିସଂଘର ଆତଙ୍କବାଦ ବିରୋଧୀ କମିଟିର ଉପାଧ୍ୟକ୍ଷ କାହିଁକି କରାଗଲା?

### ବିଦେଶ ନୀତିରେ ଖର୍ଚ୍ଚ ୨ ଲକ୍ଷ କୋଟି; କିନ୍ତୁ ଜବାବ ନାହିଁ: ମମତା

ପଶ୍ଚିମବଙ୍ଗ ମୁଖ୍ୟମନ୍ତ୍ରୀ ମମତା ବାନାର୍ଜୀ ବିଦେଶ ନୀତିକୁ ନେଇ କେନ୍ଦ୍ର ସରକାରଙ୍କୁ ନିଶାଣ କରିଛନ୍ତି। ଗତ ୧୦ ବର୍ଷ ମଧ୍ୟରେ ବିଦେଶୀ ମାମଲା ପାଇଁ ୨ ଲକ୍ଷ କୋଟି ଖର୍ଚ୍ଚ ହୋଇଛି। କିନ୍ତୁ ଏହାର ପ୍ରଭାବ ପଡୁନାହିଁ। ଦେଶର ଲୋକମାନେ ନୀରବତା ଏବଂ ବାହାନା ନୁହେଁ, ସ୍ୱଚ୍ଛତା, ଉତ୍ତରଦାୟିତ୍ୱ ଏବଂ ଫଳାଫଳ ଚାହାଁନ୍ତି। ସେ କହିଛନ୍ତି ଯେ ପହଲଗାମ ପରେ ଭାରତ ୩୩ ଟି ଦେଶ ସହିତ ଯୋଗାଯୋଗ କରିଥିଲା।



କିନ୍ତୁ କେତେ ଜଣ ଖୋଲାଖୋଲି ସମର୍ଥନ କରିଥିଲେ। ଏହା ସହିତ, ଯଦି ଆମେରିକାର ରାଷ୍ଟ୍ରପତି ବାଣିଜ୍ୟ ପ୍ରତିଶ୍ରୁତି ବଦଳରେ ଭାରତକୁ ଯୁଦ୍ଧବିରତି ପାଇଁ ମନାଇ ନେଲେ ତେବେ ସରକାର ଏହାର ଜବାବ କାହିଁକି ଦେଲେ ନାହିଁ।

## ନେପାଳ ପଳାଇବାକୁ ଯୋଜନା କରିଥିଲେ ସୋନମ

■ ମିଳିଲା ହତ୍ୟାରେ ବ୍ୟବହୃତ ଅସ୍ତ୍ର

ସିଲଂ, ୧୬।୬ (ଏଜେନ୍ସି): ମେଘାଳୟରେ ହନିମୁନ୍ ମନାଇବାକୁ ଯାଇ ହତ୍ୟାର ଶିକାର ହୋଇଥିବା ଇନ୍ଦୋର ବ୍ୟବସାୟୀ ରାଜା ରଘୁବଂଶୀଙ୍କ ମାମଲାରେ ନୂଆ ପ୍ରମାଣ ମିଳିଛି। ପତ୍ନୀ ସୋନମ ଏବଂ ତାଙ୍କର ଶେଷ ଭିଡିଓ ସାମ୍ନାକୁ ଆସିଥିବାବେଳେ ହତ୍ୟାରେ ବ୍ୟବହୃତ ଅସ୍ତ୍ର ଉଦ୍ଧାର କରାଯାଇଛି। ପୁଲିସ ଏହାର ଫଟୋ ଜାରି କରିଛି। ୫ ଜଣ ଅଭିଯୁକ୍ତ ଷଡ଼ଯନ୍ତ୍ର କରି ରାଜାଙ୍କୁ ହତ୍ୟା କରିଥିଲେ। ବିଶାଲ ଚୌହାନ ପ୍ରଥମେ ରାଜାଙ୍କ ଉପରେ ପ୍ରହାର କରିଥିଲା। କାତିରେ ବାରମ୍ବାର ଆକ୍ରମଣ କରାଯାଇଥିଲା। ଏହି ସମୟରେ ରାଜା ନିଜକୁ ବଞ୍ଚାଇବା ପାଇଁ ମଧ୍ୟ ପ୍ରୟାସ କରିଥିଲେ। ଏହି କାତିକୁ ଅଭିଯୁକ୍ତ ଗୌହାଟୀ ରେଳ ଷ୍ଟେସନରୁ କିଣିଥିଲେ ବୋଲି ପୁଲିସ ପକ୍ଷରୁ କୁହାଯାଇଛି।



ଅନ୍ୟପକ୍ଷରେ ହତ୍ୟା ପରେ ପତ୍ନୀ ସୋନମ ନେପାଳ ପଳାଇବା ପାଇଁ ଯୋଜନା କରିସାରିଥିଲେ। ଟ୍ରେନ କିମ୍ବା ବସ୍‌ରେ ଯିବାକୁ ଚାହୁଁଥିଲେ। ଟ୍ରେନ୍ ନ ମିଳିବାରୁ ସେ ବସ୍‌ରେ ଉତ୍ତର ପ୍ରଦେଶ ପହଞ୍ଚି ଥିଲେ। ଏଠାରୁ ଗୋରଖପୁର ସୋନୌଲି ଦେଇ ନେପାଳ ଯାଇଥାନ୍ତେ। ଏଥିପାଇଁ ସେ ଗତ ୮ ତାରିଖ ରାତିରେ ବାରାଣସୀରୁ ଗୋରଖପୁର ଯିବାକୁ ଚାହୁଁଥିଲେ। ସୋନମଙ୍କ ସହ ବସ୍‌ରେ ଯାତ୍ରା କରିଥିବା ଗାଜିପୁରର ଉଜାଲା ଯାଦବ କହିଛନ୍ତି ଯେ ସେ ଟ୍ରେନରେ ନ ମିଳିବାରୁ ବସ୍‌ରେ ଚଢ଼ିଥିଲେ। ସୋନମ ବହୁତ ଚିନ୍ତିତ ଥିଲେ। ବାରମ୍ବାର ପ୍ରଶ୍ନ କରି ଚାଲିଥିଲେ। ଗୋରଖପୁର କେତେ ଦୂର? ବସ୍ କେତେ ଘଣ୍ଟା ଅଟକିବ? କେତେ ଘଣ୍ଟା ଲାଗିବ ବୋଲି ପଚାରି ଚାଲିଥିଲେ। ସୋନମ ମଧ୍ୟ ତାଙ୍କୁ ମୋବାଇଲ ମାଗିଥିଲେ। ଗୋଟିଏ ନମ୍ବର ଡାଏଲ କରି ପୁଣି ଡିଲିଟ କରିଦେଇଥିଲେ। ସୀମା ପାର କରିବାରେ ସାହାଯ୍ୟ କରୁଥିବା ଏଜେଣ୍ଟଙ୍କର ଏହି ନମ୍ବର ହୋଇପାରେ ବୋଲି ଆଶଙ୍କା କରାଯାଉଛି।

ଏହା ମଧ୍ୟରେ ଆଜି ରାଜାଙ୍କ ତେର କାର୍ଯ୍ୟକ୍ରମ ଚାଲିଛି। ଏଥିରେ କେବଳ ପରିବାର ଲୋକ ଏବଂ ସମ୍ପର୍କୀୟ ସାମିଲ ହୋଇଛନ୍ତି। ସୋନମଙ୍କ ଭାଇ ଗୋବିନ୍ଦା ମଧ୍ୟ ସାମିଲ ହୋଇଛି। ଜେରା ପାଇଁ ତାଙ୍କୁ ସିଲଂ ପୁଲିସ ଡାକିଛି ବୋଲି କହିଛନ୍ତି। ଅନ୍ୟପଟେ ଦେବ ସିଂହ ନାମକ ଫଟୋଗ୍ରାଫର ସାମାଜିକ ଗଣମାଧ୍ୟମରେ ଏକ ଭିଡିଓ ସେୟାର କରିଛନ୍ତି। ଏଥିରେ ରାଜା ଏବଂ ସୋନମଙ୍କୁ ଦେଖିବାକୁ ମିଳୁଛି।

ଅହମଦାବାଦ ବିମାନ ଦୁର୍ଘଟଣା

## ରାଷ୍ଟ୍ରୀୟ ମର୍ଯ୍ୟାଦା ସହ ବିଜୟ ରୂପାଣୀଙ୍କ ଅନ୍ତିମ ସଂସ୍କାର

■ ଶ୍ରଦ୍ଧାଞ୍ଜଳି ଜଣାଇଲେ ଶାହାଙ୍କ ସମେତ ଅନେକ ନେତା

ଅହମଦାବାଦ, ୧୬।୬ (ଏଜେନ୍ସି): ଅହମଦାବାଦ ବିମାନ ଦୁର୍ଘଟଣାରେ ପ୍ରାଣ ହରାଇଥିବା ଗୁଜରାଟର ପୂର୍ବତନ ମୁଖ୍ୟମନ୍ତ୍ରୀ ବିଜୟ ରୂପାଣୀଙ୍କ ସୋମବାର ଅନ୍ତିମ ସଂସ୍କାର କରାଯାଇଛି। ରାଷ୍ଟ୍ରୀୟ ମର୍ଯ୍ୟାଦାରେ ଶେଷକୃତ୍ୟ ସମ୍ପନ୍ନ ହୋଇଛି। ଆଜି ସକାଳେ ତାଙ୍କ ମୃତଦେହ ପରିବାର ସଦସ୍ୟଙ୍କୁ ହସ୍ତାନ୍ତର କରାଯାଇଥିଲା। ଚାଟାର୍ଡ ବିମାନରେ ମରଶରୀରକୁ ରାଜକୋଟ ଅଣାଯାଇଥିଲା। ପୁଲିସ ସୁରକ୍ଷା ମଧ୍ୟରେ ରୁପାଣୀଙ୍କ ପାର୍ଥିବ ଶରୀରକୁ ରାଜକୋଟ ସ୍ଥିତ ଘର ପ୍ରକାଶ ସୋସାଇଟିକୁ ନିଆଯାଇଥିଲା। ଏଠାରେ ଅନ୍ତିମ ଦର୍ଶନ ପାଇଁ ମୃତଦେହକୁ ରଖାଯାଇଥିଲା। ସ୍ୱରାଷ୍ଟ୍ରମନ୍ତ୍ରୀ ଅମିତ ଶାହା, ଗୁଜରାଟ ରାଜ୍ୟପାଳ ଦେବବ୍ରତ ଆଚାର୍ଯ୍ୟ, ମୁଖ୍ୟମନ୍ତ୍ରୀ ଭୂପେନ୍ଦ୍ର ପଟେଲ, କେନ୍ଦ୍ରମନ୍ତ୍ରୀ ସିଆର ପଟେଲ ସମେତ ଅନେକ ନେତା ଘରେ ପହଞ୍ଚି ଶ୍ରଦ୍ଧାଞ୍ଜଳୀ ଅର୍ପଣ କରିଥିଲେ। ପରେ ରାମନାଥ ପରା ଶ୍ମଶାନ ଘାଟକୁ ନିଆଯାଇଥିଲା। ଏହି ଶେଷ ଯାତ୍ରା ହଜାର ହଜାର ଲୋକ ସାମିଲ ହୋଇଥିଲେ।



ଅନ୍ୟପକ୍ଷରେ ବିମାନ ଦୁର୍ଘଟଣାକୁ ଚାରି ଦିନ ବିତି ଯାଇଥିବାବେଳେ ୨୫୦ ମୃତଦେହର ଡିଏନଏ ସଂଗ୍ରହ କରାଯାଇଛି। ଏ ପର୍ଯ୍ୟନ୍ତ ୧୧୯ ଡିଏନଏ ମେଳ ହେଲାଣି। ୭୪ ମୃତଦେହ ପରିବାର ସଦସ୍ୟଙ୍କୁ ହସ୍ତାନ୍ତର କରାଗଲାଣି। ଏହା ଦୁର୍ଘଟଣାର ତଦନ୍ତ କରୁଥିବା ଟିମ୍ ବିମାନର ଦ୍ୱିତୀୟ ବ୍ଲାକ ବକ୍ସ ଉଦ୍ଧାର କରିଛି। କକପିଟ୍ ଭଏସ ରେକର୍ଡର ବ୍ଲାକ ବକ୍ସ ମିଳିଥିବା ସୂଚନା ମିଳିଛି। ଏଥିରୁ ଦୁର୍ଘଟଣାର ପ୍ରକୃତ କାରଣ ଜଣାପଡିବ ବୋଲି କୁହାଯାଉଛି। ବ୍ଲାକବକ୍ସ ଜବତ ହୋଇଥିବା ନେଇ ରୀ ପ୍ରଧାନମନ୍ତ୍ରୀଙ୍କ ପ୍ରମୁଖ ସଚିବ ପିକେ ମିଶ୍ରଙ୍କୁ ତଦନ୍ତ ଅଧିକାରୀ ସୂଚନା ଦେଇଛନ୍ତି। ପୂର୍ବରୁ ବିମାନ ଡାଟା ରେକର୍ଡର ଉଦ୍ଧାର କରା ଯାଇଥିଲା। ଉଭୟ ବ୍ଲାକ ବକ୍ସ ଯଥା ଏଫଡିଆର ଏବଂ ସିଭିଆରକୁ ଠାବ କରିବା ସହ ସୁରକ୍ଷିତ ରଖାଯାଇଛି। ସେହିପରି ବିମାନ ଦୁର୍ଘଟଣାର ତଦନ୍ତରକାରୀ ଟିମ୍ ଏବଂ ଆମେରିକା ନ୍ୟାସନାଲ ଟ୍ରାନ୍ସପୋର୍ଟେସନ ସେଫ୍ଟି ବୋର୍ଡ ମଧ୍ୟ ତଦନ୍ତ ଚଳାଇଛି। ଦୁର୍ଘଟଣାର ପ୍ରକୃତ କାରଣ ଜାଣିବା ଲାଗି ପ୍ରୟାସ ଜାରି ରହିଛି। ଏହା ମଧ୍ୟରେ ବିମାନ ଦୁର୍ଘଟଣା ସମୟର ନୂଆ ଭିଡିଓ ସାମ୍ନାକୁ ଆସିଛି। ଏଥିରେ ବଞ୍ଚି ଯାଇଥିବା ଜଣେ ମାତ୍ର ଯାତ୍ରୀ ବାହାରି ଆସୁଥିବା ଦେଖାଯାଉଛି।

## ଆଜିର ରାଶିଫଳ

**ମେଷ:** ଗୁରୁତ୍ୱପୂର୍ଣ୍ଣ କାର୍ଯ୍ୟ ସମ୍ଭାଳି ପାରନ୍ତି। ଦୃଢ଼ ସଂକଳ୍ପ ସହ ଲକ୍ଷ୍ୟ ହାସଲ କରିବାକୁ ଯୋଜନା କରିବେ। ଅଯଥା ଖର୍ଚ୍ଚରୁ ଦୂରେଇ ରୁହନ୍ତୁ। କ୍ଷମତା ଉପରେ ଭରସା ରଖନ୍ତୁ।

**ବୃଷ:** ଘନିଷ୍ଠ ଲୋକଙ୍କ ସହଯୋଗ ରହିବ। ଆର୍ଥିକ ଅବସ୍ଥା ସ୍ୱଚ୍ଛଳ ରହିବ। ପୁରୁଣା ବନ୍ଧୁଙ୍କ ସହ ସାକ୍ଷାତ ହେବ। ନିଜକୁ କମଜୋର ଭାବନ୍ତୁ ନାହିଁ। ଛାତ୍ରଛାତ୍ରୀ କୃତକାର୍ଯ୍ୟ ହେବେ।

**ମିଥୁନ:** ଦୂରଯାତ୍ରାରୁ ଥକ୍କାପଣ ଅନୁଭବ କରିବେ। ଅନ୍ୟର ଥଟ୍ଟା ପରିହାସକୁ ଅଣଦେଖା କରନ୍ତୁ। ଦୀର୍ଘ ଦିନରୁ ପଡ଼ିରହିଥିବା କାର୍ଯ୍ୟ ପୂରଣ ହେବ। କୋର୍ଟ କଚେରୀ ମାମଲାର ଶୁଣାଣି ହେବ।

**କର୍କଟ:** ନିଜ ପରିଶ୍ରମକୁ ଗୁରୁତ୍ୱ ଦିଅନ୍ତୁ। ମନୋରଞ୍ଜନ ପାଇଁ ଅଧିକ ଖର୍ଚ୍ଚାନ୍ତ ହୋଇପାରନ୍ତି। ଜୀବନସାଥିଙ୍କ ସହଯୋଗ ଲୋଡ଼ିବେ। ରାଜନେତାଙ୍କ ପାଇଁ ଭଲ ସମୟ।

**ସିଂହ:** କୌଣସି କାର୍ଯ୍ୟ କରିବା ପୂର୍ବରୁ ହଜାର ଥର ଚିନ୍ତା କରନ୍ତୁ। ପିଲାମାନଙ୍କ ଉନ୍ନତିରେ ଖୁସି ଅନୁଭବ କରିବେ। କିଣା-ବିକାରେ ସମୟ ବିତିବ। ଚକ୍ଷୁ ସମସ୍ୟା ଭୋଗିପାରନ୍ତି।

**କନ୍ୟା:** ଦିନଟି ବ୍ୟସ୍ତରେ ବିତିବ। ଜମି କିଣାବିକା ପାଇଁ ଭଲ ସମୟ। ଆୟ ଅନୁସାରେ ବ୍ୟୟ କମ୍ ହେବ। ପ୍ରିୟଜନଙ୍କ ସହ ଦୂରଯାତ୍ରା କରିପାରନ୍ତି। ପ୍ରେମୀଯୁଗଳଙ୍କ ପାଇଁ ଦିନଟି ଆଦୌ ଭଲ ନୁହେଁ।

**ତୁଳା:** ପୁରୁଣା ରୋଗରୁ ଆରାମ ମିଳିପାରେ। ଅକସ୍ମାତ ଖୁସି ଖବର ପାଇବେ। ଜୀବନସାଥିଙ୍କ ସହ ଖୁସିର ମୁହୂର୍ତ୍ତ ବିତାଇବେ। ବ୍ୟବସାୟରୁ ଲାଭ ପାଇବେ। ଯୋଜନା ମୁତାବକ କାମ ହେବ।

**ବିଛା:** ପାରିବାରିକ ସମସ୍ୟା ଲାଗି ରହିବ। କର୍ମକ୍ଷେତ୍ରରେ ପ୍ରଶଂସା ପାଇବେ। ସାମାଜିକ ଏବଂ ଧାର୍ମିକ ସମାରୋହ ପାଇଁ ଦିନଟି ଭଲ। ଜୀବନସାଥିଙ୍କ ସହ ଭ୍ରମଣ ଯୋଗ ରହିଛି।

**ଧନୁ:** ବନ୍ଧୁ ମିଳନ ଯୋଗ ରହିଛି। ଅଧିକ ଚିନ୍ତା କରନ୍ତୁନି। ନୂତନ ବ୍ୟବସାୟ ଆରମ୍ଭ କରିପାରିବେ। ପତି-ପତ୍ନୀଙ୍କ ମଧ୍ୟରେ ଉତ୍ତମ ବୁଝାମଣା ରହିବ। ମହିଳାମାନେ ଧର୍ମପରାୟଣା ହେବେ।

**ମକର:** ଉଧାର ଦେଉଥିଲେ ସାବଧାନ ହୋଇଯାଆନ୍ତୁ। ପରିବାର ସହିତ କିଛି ସମୟ ବିତାନ୍ତୁ। ବୟସ୍କ ବ୍ୟକ୍ତିଙ୍କ ସ୍ୱାସ୍ଥ୍ୟ ପ୍ରତି ଧ୍ୟାନ ଦିଅନ୍ତୁ। ଯାନବାହନ ଚଳାଚଳ ସମୟରେ ସତର୍କ ରୁହନ୍ତୁ।

**କୁମ୍ଭ:** ଅତିଥିଙ୍କ ସ୍ୱାସ୍ଥ୍ୟସମସ୍ୟାକୁ ନେଇ ଚିନ୍ତାପ୍ରକଟ କରିବେ। ପିଲାମାନଙ୍କ କାର୍ଯ୍ୟ କଳାପରେ ଦିନଟି ଭଲରେ ବିତିବ। ଜୀବନସାଥିଙ୍କ ପାଇଁ କୌଣସି କାର୍ଯ୍ୟ ଗଡ଼ବଡ଼ ହୋଇପାରେ।

**ମୀନ:** ଆଖି ବୁଜି ଅନ୍ୟମାନଙ୍କ ଉପରେ ଭରସା କରନ୍ତୁନି। ନିଜ କଥା ଉପରେ ନିୟନ୍ତ୍ରଣ ରଖନ୍ତୁ। ବୈବାହିକ ଜୀବନ ମଧୁମୟ ହେବ। ପିଲାମାନେ ପଢ଼ାପଢ଼ିରେ ଅଧିକ ଧ୍ୟାନ ଦେବେ।

## ଆଜିର ଐତିହ୍ୟ

- ୧୭୯୯ - ନେପୋଲିଅନ୍ ବୋନାପାର୍ଟ ଇଟାଲୀକୁ ନିଜ ସାମ୍ରାଜ୍ୟରେ ସାମିଲ୍ କଲେ।
- ୧୮୫୫- ଷ୍ଟାଚ୍ୟୁ ଅଫ୍ ଲିବର୍ଟି ନ୍ୟୁୟର୍କରେ ପହଞ୍ଚିଲା।
- ୧୯୩୮ - ଜାପାନ ଚୀନ୍ ବିରୋଧରେ ଯୁଦ୍ଧ ଘୋଷଣା କଲା।
- ୧୯୯୪- ସିକୋଗୋରେ ଫିଫା ବିଶ୍ୱକପ୍ ଫୁଟବଲ୍‌ର ଆରମ୍ଭ।

## ଇନ୍‌ଷ୍ଟାଗ୍ରାମ୍ ଅନୁଗାମୀଙ୍କ ସଂଖ୍ୟା କମିବାରୁ...

ଏବେ ସାମାଜିକ ଗଣମାଧ୍ୟମରେ ସମସ୍ତେ ସକ୍ରିୟ। ଆଜିକାଲି ଛୋଟ ପିଲା, ଯୁବପିଢ଼ି, ବୟସ୍କ, ପୁରୁଷ, ମହିଳା ସମସ୍ତେ ରିଲ୍‌ସ କରୁଛନ୍ତି। ତେବେ ଏ ରିଲ୍‌ସ କେବଳ ଲୋକଙ୍କୁ ଚର୍ଚ୍ଚିତ କରୁ ନାହିଁ, ବରଂ ସମ୍ପର୍କରେ ଫାଟ ସୃଷ୍ଟି କରୁଥିବା ଦେଖାଯାଇଛି। ଉତ୍ତର ପ୍ରଦେଶ ହାପୁରରେ ରିଲ୍‌ସକୁ ନେଇ ଏକ ଅଜବ ମାମଲା ସାମ୍ନାକୁ ଆସିଛି। ଏଠାରେ ରିଲ୍‌ସ ପାଇଁ ସମ୍ପୃକ୍ତ ମହିଳା ନିଜ ସ୍ୱାମୀଙ୍କ ନାଁରେ ଥାନାରେ ଅଭିଯୋଗ କରିଛନ୍ତି। ତେବେ ସମ୍ପୃକ୍ତ ମହିଳାଙ୍କ ଇନଷ୍ଟାଗ୍ରାମ୍‌ରେ ଅନୁଗାମୀଙ୍କ ସଂଖ୍ୟା କମିବାରୁ ସେ ଥାନାରେ ପହଞ୍ଚିଛନ୍ତି। ଘରେ ବାସନ ମାଜିବାରୁ ତାଙ୍କର ଦୁଇ ଜଣ ଅନୁଗାମୀ କମିଯାଇଥିବା ସେ କହିଛନ୍ତି। ଏହି ଘଟଣାରେ ରାଗିକି ମହିଳା ଜଣକ ଥାନାର ଦ୍ୱାରସ୍ଥ ହୋଇଥିବା ଜଣାପଡ଼ିଛି। ମହିଳାଙ୍କର ଇନଷ୍ଟାଗ୍ରାମ୍‌ରେ ୬୩୫ଜଣ ଅନୁଗାମୀ ଅଛନ୍ତି। ସେ ବହୁତ ପରିଶ୍ରମ କରି ରିଲ୍‌ସଗୁଡ଼ିକ ତିଆରି କରୁଥିବା




କହିଛନ୍ତି। ହେଲେ ଘରେ ବାସନ ମାଜି ମାଜି ତାଙ୍କର ଦୁଇ ଜଣ ଅନୁଗାମୀ କମି ଯାଇଥିବା କଥା ସେ କହିଛନ୍ତି। ଯାହାକି ତାଙ୍କୁ ଭଲ ଲାଗିଲା ନାହିଁ। ସେହିପରି ମହିଳାଙ୍କ ସ୍ୱାମୀ କହିଛନ୍ତି, ଯେମିତି ତାଙ୍କ ଫଲୋର୍ସଙ୍କ ସଂଖ୍ୟା କମ୍ ହୁଏ, ସେ ଖାଇବାକୁ ଦେଇ ନ ଥାନ୍ତି। କେବଳ ସେତିକି ନୁହେଁ, ନୀଳ ଡ୍ରମରେ ଭୂତ ଭିଡିଓ କରି ଭୟଭୀତ କରାନ୍ତି। ମହିଳା ଜଣକ ପୂର୍ବରୁ ଯୌତୁକ ନିର୍ଯାତନା ଦିଆଯାଉଥିବା ନେଇ ମିଥ୍ୟା ଅଭିଯୋଗ ଆଣିଥିବା ତାଙ୍କ ସ୍ୱାମୀ କହିଛନ୍ତି। ଅନ୍ୟପଟେ ଏହି ମାମଲାକୁ ନେଇ ଥାନାଧିକାରୀ ଦୁଇଜଣଙ୍କୁ ୪ ଘଣ୍ଟା ପର୍ଯ୍ୟନ୍ତ କାଉନସିଲିଂ କରିଥିଲେ। ଏହା ପରେ ଦୁଇଜଣଙ୍କ ମଧ୍ୟରେ ବୁଝାମଣା ହୋଇଥିଲା। ତେବେ ମହିଳା ଜଣଙ୍କର ରିଲ୍‌ସ କରି ଫଲୋର୍ସ ବୃଦ୍ଧି କରିବା ହେଉଛି ଏକ ନିଶା। ସେହିପରି ବୁଝାମଣା ସମୟରେ ସେ ଦିନକୁ ଦୁଇଟି ରିଲ୍‌ସ କରିବା କଥା କହିଥିଲେ। ଏହି କଥାରେ ସ୍ୱାମୀ ସହମତି ପ୍ରକାଶ କରିବାରୁ ଆପୋଷ ବୁଝାମଣା ହୋଇଥିଲା।

## ଦୀପିକାଙ୍କ ପରେ ଅଲ୍ଲୁ



ବଲିଉଡ୍ ଅଭିନେତ୍ରୀ ଦୀପିକା ପାଦୁ୍ୟକୋନ୍, ସନ୍ଦୀପ ରେଡ୍ଡି ଭାଙ୍ଗାଙ୍କ ନିର୍ଦ୍ଦେଶିତ 'ସ୍ପିରିଟ୍'ରୁ ବାଦ୍ ପଡ଼ିବା ପରେ ଏହାକୁ ନେଇ ଚର୍ଚ୍ଚା ଜୋର୍ ଧରିଥିଲା। ଏବେ ସନ୍ଦୀପ ତାଙ୍କର ଅନ୍ୟ ଏକ ଚଳଚ୍ଚିତ୍ରରୁ ତେଲୁଗୁ ସୁପରଷ୍ଟାର୍ ଅଲ୍ଲୁ ଅର୍ଜୁନ୍‌ଙ୍କୁ ବାଦ୍ ଦେଇଥିବା ଜଣାପଡ଼ିଛି। ଏବେ ଅଲ୍ଲୁଙ୍କ ସ୍ଥାନ ନେବେ ଜୁନିୟର ଏନ୍‌ଟିଆର୍। ତେବେ ଏନେଇ ଅଲ୍ଲୁ କି ସନ୍ଦୀପ ବିଧିବଦ୍ଧ ଭାବେ କିଛି ନାହାନ୍ତି। କିଛି ଦିନ ପୂର୍ବରୁ ସନ୍ଦୀପ ପ୍ରଭାସଙ୍କ ମେଗା ବଜେଟ୍ ଫିଲ୍ମ 'ସ୍ପିରିଟ୍'ରୁ ଦୀପିକାଙ୍କୁ ବାଦ୍ ଦେଇଥିଲେ। ତେବେ ଦୀପିକା ସେଟ୍‌ରେ ଆଠ ଘଣ୍ଟା କାମ କରିବା ସହ ଅଧିକ ପାରିଶ୍ରମିକ ଓ ଫିଲ୍ମର ଲାଭରୁ ସେୟାର୍ ମାଗିବାରୁ ତାଙ୍କୁ ସନ୍ଦୀପ ବାଦ୍ ଦେଇଥିବା ଚର୍ଚ୍ଚା ହେଉଛି। ଅପରପକ୍ଷରେ ସନ୍ଦୀପ ଦୀପିକାଙ୍କ ନାମ ନ ନେଇ ତାଙ୍କ କାହାଣୀ ଲିକ୍ କରି ଦେଇଥିବା ଟ୍ୱିଟର୍‌ରେ ଅଭିଯୋଗ ଆଣିଥିଲେ। ତେବେ ଏହି ବିବାଦ ସମୟରେ ଅଲ୍ଲୁ ଓ ଦୀପିକାଙ୍କ ଆଗାମୀ ଫିଲ୍ମର ଟିଜର୍ ଆସିଥିଲା। ଏଟ୍‌ଲିଙ୍କ ଫିଲ୍ମ 'AA22xA6' ଏହି ଦୁଇ ତାରକାଙ୍କୁ ଦେଖିବାକୁ ମିଳିବ। ଏହାର ସୁଟିଂ ଚଳିତବର୍ଷ ହେବ। ତେବେ ସନ୍ଦୀପ ତାଙ୍କ ଫିଲ୍ମରୁ ଅଲ୍ଲୁଙ୍କୁ କାହିଁକି ବାଦ୍ ଦେଲେ ସେସମ୍ପର୍କରେ ସ୍ପଷ୍ଟ କିଛି ଜଣାପଡ଼ିନାହିଁ।

## ଗାଁ'ର ଘରେ ଘରେ ଇଞ୍ଜିନିୟର



ପାଠପଢ଼ା ପରେ ଜୀବନରେ ସମସ୍ତେ କିଛି ନା କିଛି କରିବାକୁ ଲକ୍ଷ୍ୟ ରଖିଥାନ୍ତି। କିଏ ଡାକ୍ତର ତ ଆଉ କିଏ ଇଞ୍ଜିନିୟର ହେବାକୁ ପ୍ରସ୍ତୁତି କରିଥାନ୍ତି। ଏହି କ୍ରମରେ ଭାରତରେ ଏମିତି ଏକ ଗାଁ ରହିଛି ଯେଉଁଠି ଘରେ ଘରେ ଇଞ୍ଜିନିୟର। ଏଥିପାଇଁ ଏହି ଗାଁ'ଟି 'ଇଞ୍ଜିନିୟରଙ୍କ ଗାଁ' ଭାବେ ଜଣାଯାଏ। ତାମିଲନାଡୁର ପୋଟ୍ଟାକୁଡି ଗାଁ'ଟି ଏକ ସ୍ୱତନ୍ତ୍ର ପେସା ପାଇଁ ଚର୍ଚ୍ଚାରେ ରହିଛି। ଗାଁ' ରେ ୮୦୦ ବାସିନ୍ଦା ଅଛନ୍ତି। ତନ୍ମଧ୍ୟରୁ ୨୦୦ରୁ ଅଧିକ ଜଣ ଇଞ୍ଜିନିୟର ଅଛନ୍ତି। ଗାଁ'ର ଏହି ଯାତ୍ରା ଆରମ୍ଭ ହୋଇଥିଲା ଅଶୀ ଦଶକରେ। ସେତେବେଳେ ଜଣେ ସ୍କୁଲ ଶିକ୍ଷକ ଏହି ଗାଁ'ର ପିଲାମାନେ କିପରି ଉଚ୍ଚ ଶିକ୍ଷା ଗ୍ରହଣ କରି ସହରରେ ଚାକିରି କରିବେ, ଅଫିସର ହେବେ ସେ ନେଇ ସ୍ୱପ୍ନ ଦେଖିଥିଲେ। ଶିକ୍ଷକଙ୍କ ସ୍ୱପ୍ନ ପୂରା କରିବାକୁ ଗାଁ'ଯାକ ଲୋକେ ଚାଷକାମରେ ନିୟୋଜିତ ରହିଥିଲେ। ଚାଷକାର୍ଯ୍ୟରୁ ଯାହା ରୋଜଗାର ହୋଇଥିଲା ସେଥିରେ ସେ ପିଲାମାନଙ୍କୁ ପାଠ ପଢ଼ାଇଥିଲେ। ପିଲାମାନେ ମଧ୍ୟ ସାଇକଲ ଜରିଆରେ ବହୁ ଦୂର ଦୂରାନ୍ତକୁ ଯାଇ ସ୍କୁଲ କଲେଜରେ ପାଠ ପଢ଼ିଥିଲେ। ଧୀରେ ଧୀରେ ଗାଁ'ର ପିଲାମାନେ ଇଞ୍ଜିନିୟର ହେବାକୁ ଲାଗିଲେ। ବଡ଼ ହୋଇ ଇଞ୍ଜିନିୟର ହେବା ଏହି ଗାଁର ପିଲାମାନଙ୍କ ପାଇଁ ସତେ ଯେମିତି ଏକ ପରମ୍ପରା ପାଲଟିଗଲା। ତେଣୁ ପରବର୍ତ୍ତୀ ସମୟରେ ଏହି ଗାଁ'ର ପିଲାମାନଙ୍କୁ ସିଧାସଳଖ ସେ କେଉଁ ବ୍ରାଞ୍ଚ ନେଇ ଇଞ୍ଜିନିୟରିଂ ପଢ଼ିବେ ବୋଲି ପଚରାଗଲା। ଏହି ଗାଁ'ର କେବଳ ପୁରୁଷମାନେ ଯେ ଇଞ୍ଜିନିୟର ହୋଇଛନ୍ତି ତାହା ନୁହେଁ, ବରଂ ଝିଅମାନେ ମଧ୍ୟ ଇଲେକ୍ଟ୍ରୋନିକ୍ସ, କମ୍ପ୍ୟୁଟର ସାଇନ୍ସ କିମ୍ବା ସିଭିଲ ଇଞ୍ଜିନିୟରିଂରେ ବେଶ୍ ନାଁ କମାଇଛନ୍ତି। ବିଶେଷ କଥା ହେଉଛି, ଏହି ଗାଁ'ର ଏକ ନିଜସ୍ୱ କୋଚିଂ ସେଣ୍ଟର, ଇଣ୍ଟରନେଟ୍ ଲ୍ୟାବ୍ ଆଦି ରହିଛି। ଏଠାରେ ପିଲାମାନେ ଭବିଷ୍ୟତରେ ଇଞ୍ଜିନିୟର ହେବାର ସ୍ୱପ୍ନ ଦେଖନ୍ତି।




## ଧାଡ଼ିରେ ବିହନ ବୁଣିବ ଡ୍ରମ୍ ସିଡର୍



ଅଧିକାଂଶ ଚାଷୀ ଧାନ ଚାଷକୁ ମୁଖ୍ୟ ଫସଲ ଭାବେ ଚାଷ କରନ୍ତି। ତେବେ ପାରମ୍ପରିକ ପ୍ରଣାଳୀରେ ଧାନ ଚାଷ କରାଯାଉଥିବାରୁ ନର୍ସରୀ ପ୍ରସ୍ତୁତ କରିବାଠୁ ନେଇ ତଳି ରୁଆ ଆଦି କାମରେ ଅଧିକ ଶ୍ରମ ଓ ସମୟ ଲାଗିଥାଏ। ଏଥିପାଇଁ ଚାଷୀ ଅଧିକ ଖର୍ଚ୍ଚାନ୍ତ ହୁଅନ୍ତି। ତେଣୁ ବର୍ତ୍ତମାନ ଚାଷୀମାନେ ଆଧୁନିକ କୃଷି ଯନ୍ତ୍ରପାତି ଉପଯୋଗ କରି ଏହି ସମସ୍ୟାକୁ ଦୂର କରିପାରୁଛନ୍ତି। ଏମିତି ଏକ କୃଷି ଉପକରଣ ହେଉଛି ଡ୍ରମ୍ ସିଡର୍। ଚାଷୀଙ୍କ କାମକୁ ସହଜ କରିପାରୁଥିବା ଏହି ଯନ୍ତ୍ରପାତିଟି ଆୟ ବୃଦ୍ଧିରେ ସହାୟକ ହୋଇଥାଏ। ଧାନ ବିହନକୁ ସିଧା ବୁଣିବା ପାଇଁ ଏହି ଯନ୍ତ୍ରଟି ଅଧିକ ଲାଭପ୍ରଦ। ଡ୍ରମ୍ ସିଡର୍ ମନୁଷ୍ୟ ଚାଳିତ ଏକ ଯନ୍ତ୍ରପାତି। ଏହା ମାଧ୍ୟମରେ ଗଜା ଧାନକୁ ସିଧା ବୁଣାଯାଇଥାଏ। ତେଣୁ ଯେଉଁ ଅଞ୍ଚଳରେ ବର୍ଷା ହେଉଛି, ସେହି ସ୍ଥାନରେ ଚାଷୀମାନେ ଡ୍ରମ୍ ସିଡର ସାହାଯ୍ୟରେ ସହଜରେ ଧାନ ବୁଣାବୁଣି କାମ କରିପାରିବେ। ଏହି ଯନ୍ତ୍ରରେ ବୁଣାବୁଣି କାମ ସାରିବା ଦ୍ୱାରା ରୁଆରେ ହେଉଥିବା ଅତିରିକ୍ତ ଖର୍ଚ୍ଚରୁ ଆଶ୍ୱସ୍ତି ମିଳିଥାଏ। ଡ୍ରମ୍ ସିଡର୍ ୬ଟି ଶକ୍ତ ପ୍ଲାଷ୍ଟିକ୍ ଡବାରୁ ନିର୍ମିତ ଏକ ଉପଯୋଗୀ କୃଷି ଯନ୍ତ୍ର। ଏହାର ଲମ୍ବ ୨୫ ସେମି ଏବଂ ଚଉଡ଼ା ୧୮ ସେମି। ପ୍ରତ୍ୟେକ ଡବାରେ ପାଖାପାଖି ଦେଢ଼ରୁ ଦୁଇ କିଲୋ ଧାନ ବିହନ ଭରା ଯାଇପାରିବ। ଏହି ଯନ୍ତ୍ରର ମୋଟ୍ ଓଜନ ହେଉଛି ଛଅ କିଲୋ। ଏଥିରେ ଏକାଥରକରେ ୬ରୁ ୧୨ ଧାଡ଼ିରେ ଧାନ ବୁଣାଯାଇପାରିବ। ଏହି ଯନ୍ତ୍ର ସହାୟତାରେ ଦିନରେ ପାଖାପାଖି ୨.୫ ଏକର ବୁଣା କାମ ହୋଇଥାଏ। ଏଥିପାଇଁ ପ୍ରଥମେ ଧାନ ବିହନକୁ ୧୨ ଘଣ୍ଟା ପାଇଁ ପାଣିରେ ଭିଜାଇ ପରେ ଏହାକୁ ଝୋଟ ଅଖାରେ ୨୪ ଘଣ୍ଟା ଢାଙ୍କି ରଖାଯାଏ। ଏହା ଦ୍ୱାରା ଭଲ ଗଜା ହୋଇଥାଏ। ମେସିନ୍‌ରେ ବିହନ ପକାଇବା ପୂର୍ବରୁ ଏହାକୁ ଅଧଘଣ୍ଟା ଶୁଖାଇବା ଆବଶ୍ୟକ। ବଜାରରେ ବିଭିନ୍ନ କମ୍ପାନୀର ଡ୍ରମ୍ ସିଡର୍ ଉପଲବ୍ଧ ରହିଛି। ଏହି ମେସିନ୍ ଉପରେ ସରକାରଙ୍କ ତରଫରୁ ୫୦ ପ୍ରତିଶତ ରିହାତି ଦିଆଯାଉଛି।

## ଧାନ ବିହନ ଚୟନ ଓ ବିଶୋଧନ


ବର୍ତ୍ତମାନ ରାଜ୍ୟରେ ମୌସୁମୀ ବର୍ଷା ଆରମ୍ଭ ହୋଇଯାଇଛି। ବର୍ଷା ଜଳକୁ ବିନିଯୋଗ କରି ଚାଷୀମାନେ ଖରିଫ ଚାଷ ପାଇଁ ପ୍ରସ୍ତୁତି ଆରମ୍ଭ କରୁଛନ୍ତି। ତେଣୁ ଧାନରେ ଖରୁଡ଼ି ବୁଣାକାର୍ଯ୍ୟ ଶେଷ କରିବାକୁ ଏହା ଉପଯୁକ୍ତ ସମୟ। ଏଥିପାଇଁ ଚାଷୀମାନେ ଜମିର କିସମ ଅନୁସାରେ ଧାନ ବିହନ କିସମ ଚୟନ କରିବା ଉଚିତ। ଅଧିକ ଅମଳକ୍ଷମ/ସଙ୍କର କିସମ ଧାନ ବିହନ ନିର୍ଭରଯୋଗ୍ୟ ସଂସ୍ଥାଠାରୁ ସଂଗ୍ରହ କରିବା ଜରୁରି। ସେହିପରି ଧାନ ବିହନ ୧୦୦ଟି ଗଣି ଗଜା କରି ଚାଷ କରିବା ଆବଶ୍ୟକ। ଏଥିପାଇଁ ଚାଷୀମାନେ ୫ମ, ଷଷ୍ଠ ଓ ୭ମ ଦିନ ଗଜାଧାନ ଗଣି ୮୫%ରୁ ଅଧିକ ଅଙ୍କୁରୋଦଗମକ୍ଷମ ବିହନକୁ ଚୟନ କରନ୍ତୁ। ଧାନ ଖରୁଡ଼ି ବୁଣା/ ବତୁରୁ ବୁଣା/ଧାନ ତଳି ପାଇଁ ଧାନକୁ ବିଶୋଧନ କରିବା ଦ୍ୱାରା ପ୍ରାଥମିକ ଅବସ୍ଥାରେ ରୋଗପୋକରୁ ଫସଲକୁ ସୁରକ୍ଷା ମିଳିଥାଏ। ତେଣୁ ବିହନକୁ ଖରାରେ ଶୁଖାଇ ଭୌତିକ ଭାବରେ ବିହନ ବିଶୋଧନ କରିପାରିବେ। ବିହନ ବିଶୋଧନ ଜୈବିକ ବା ରାସାୟନିକ ଉପାୟରେ କରାଯାଇଥାଏ। ପ୍ରାକୃତିକ କୃଷି କରୁଥିଲେ ବିହନକୁ ବୀଜାମୃତ, ଜୈବିକ ଉପାୟରେ ଜୈବ ଫିମ୍ପିନାଶକ ଟ୍ରାଇକୋଗାମାଭିରିଡି ୫ଗ୍ରାମ/ପ୍ରତି କିଗ୍ରା ବିହନରେ ମିଶାଇ ବିଶୋଧନ କରାଯାଇଥାଏ। ରାସାୟନିକ ଉପାୟରେ କ୍ୟାପଟାନ ବା ଥିରମ, କାର୍ବେଣ୍ଡାଜିମ୍ ଆଦି ଅନୁମୋଦିତ ପରିମାଣରେ ପ୍ରୟୋଗ କରି ବିହନ ବିଶୋଧନ କରାଯାଇପାରେ।



## ସଫଳ ଚାଷୀ

## ଆପ୍‌ରୁ ଫସଲର ଦେଖାରଖା

**ସମ୍ପ୍ରତି ଜମି ପ୍ରସ୍ତୁତିଠୁ ନେଇ ବିହନ ବୁଣିବା, କୀଟନାଶକ ସିଞ୍ଚନ, ଫସଲ କଟା, ରୋଗପୋକ ଚିହ୍ନଟ ସହ ଔଷଧ ସିଞ୍ଚନ ଆଦି ସ୍ମାର୍ଟ ତରିକାରେ ହୋଇପାରୁଛି। ଏହା ଦ୍ୱାରା କେବଳ ଚାଷୀଙ୍କ ଖର୍ଚ୍ଚ ଓ ଶ୍ରମ ହ୍ରାସ ହେଉଛି ତାହା ନୁହେଁ, ଅଧିକ ଉତ୍ପାଦନ ହୋଇପାରୁଛି। ତେବେ ସ୍ମାର୍ଟ ତରିକା ଆପଣାଇ ଚାଷରୁ ଲାଭ ପାଉଥିବା ଜଣେ ଚାଷୀ ହେଉଛନ୍ତି ମହାରାଷ୍ଟ୍ର, ଅମରାବତୀ ଜିଲ୍ଲାର ଖରପୀ ଗାଁ'ର ଗୌରବ ବିଜୱେ।**



ଗୌରବ ୧,୨୦୦ରୁ ଉର୍ଦ୍ଧ୍ୱ କମଳା ଗଛକୁ ନେଇ ବଗିଚାଟେ କରିଛନ୍ତି। ଏହି ବଗିଚାକୁ ସ୍ମାର୍ଟ ଫାର୍ମର ପରିଣତ କରିବାକୁ ବିଜୟ ମହାଭିସ୍ତାରା-ଏଆଇ ଏବଂ ସୌରଚାଳିତ ସେନ୍ସର ଉପଯୋଗ କରିଛନ୍ତି। ଜମିରେ ଲଗାଇଥିବା ସୌରଚାଳିତ ସେନ୍‌ସର ମାଟିର ଆର୍ଦ୍ରତା, ତାପମାତ୍ରା, ପୋଷକତତ୍ତ୍ୱ ସୂଚନା ବିଷୟରେ ସାଟେଲାଇଟ୍ ଜରିଆରେ ସିଧା ମୋବାଇଲ୍ ଆପ୍‌କୁ ପଠାଇଥାଏ। ଯାହା ଫଳରେ ଗୌରବ ପ୍ରତିଦିନ ସକାଳୁ ମୋବାଇଲ୍ ସାହାଯ୍ୟରେ ତାଙ୍କ ବଗିଚାରେ ଥିବା କମଳା ଗଛକୁ ପାଣି, ଖତ କିମ୍ବା କୀଟନାଶକ ଆବଶ୍ୟକ କି ନାହିଁ ତାହାର ସୂଚନା



ପାଇପାରୁଛନ୍ତି। ସ୍ମାର୍ଟ ପ୍ରଣାଳୀ ପାଇଁ ସେ ପାଖାପାଖି ୬୦,୦୦୦ଟଙ୍କା ନିବେଶ କରିଛନ୍ତି। ଏହା ଯୋଗୁଁ ଜଳ ଅପଚୟ୫୦% ହ୍ରାସ ହୋଇଥିବାବେଳେ କୀଟନାଶକ ଖୁବ୍ କମ୍ ଉପଯୋଗ ହେଉଛି। ତେଣୁ ସ୍ମାର୍ଟ ତରିକାରେ ଚାଷ କରିବା ଦ୍ୱାରା ବର୍ତ୍ତମାନ ପ୍ରତି ଗଛରୁ ୧,୦୦୦ରୁ ୧,୫୦୦ କମଳା ଫଳ ଅମଳ ହେଉଛି। ମୋବାଇଲ୍ ଆପ୍ ସାହାଯ୍ୟରେ ଫସଲର ଦେଖାରଖା ସହଜ ହେଉଥିବାରୁ ସ୍ଥାନୀୟ ଅଞ୍ଚଳର ଚାଷୀମାନେ ଗୌରବଙ୍କ ପରି ସ୍ମାର୍ଟ ଚାଷ କରିବାକୁ ଆଗଭର ହୋଇଛନ୍ତି। କେବଳ ସେତିକି ନୁହେଁ, ସାମାଜିକ ଗଣମାଧ୍ୟମରେ ମଧ୍ୟ ଗୌରବଙ୍କ ଚାଷକୁ ନେଇ ବେଶ୍ ଚର୍ଚ୍ଚା ଲାଗିରହିଛି। ଅଧୁନା ଅଧିକାଂଶ ଯୁବକ ଚାକିରି ଅନ୍ୱେଷଣରେ ବିଦେଶକୁ ଯାଉଥିବାବେଳେ ଗୌରବ ଗାଁ'ରେ ରହି ଚାଷ କାର୍ଯ୍ୟରେ ଭାଗ୍ୟ ବଦଳାଇ ଅନ୍ୟମାନଙ୍କ ପାଇଁ ପ୍ରେରଣା ସାଜିଛନ୍ତି।

## କୃଷି ପାଣିପାଗ

### ଏ ସପ୍ତାହ ପାଇଁ କେତେକ ପରାମର୍ଶ


- ବର୍ଷା ହେବାର ସମ୍ଭାବନା ଥିବାରୁ ଚାଷୀଭାଇମାନଙ୍କୁ ଫସଲରେ କୀଟନାଶକ ଔଷଧ ସିଞ୍ଚନ ଓ ଜଳସେଚନ ବନ୍ଦ ରଖିବାକୁ ପରାମର୍ଶ ଦିଆଯାଇଛି।
- କାଳବୈଶାଖୀ ବର୍ଷା ହେତୁ ଲତା ଜାତୀୟ ପନିପରିବା ପ୍ରଭାବିତ ହେବାର ସମ୍ଭାବନା ଥିବାରୁ ଅମଳ ଉପଯୋଗୀ ପନିପରିବାକୁ ତୋଳି ଦିଅନ୍ତୁ ତଥା ରଞ୍ଜା ମଜବୁତ କରି ଦିଅନ୍ତୁ।
- ଅତ୍ୟଧିକ ପବନରୁ ରକ୍ଷା ପାଇବା ପାଇଁ କଖାରୁ ଜାତୀୟ ପନିପରିବା, କଦଳୀ ଓ ଅମୃତଭଣ୍ଡା ଗଛରେ ଢେରା ଦିଅନ୍ତୁ।
- ଭେଣ୍ଡି ଲଗାଇବା ସମୟରେ ଉନ୍ନତ କିସମ ପାଇଁ ମୂଳ ସାର ହିସାବରେ ଏକର ପ୍ରତି ୭୦ କିଗ୍ରା ଡିଏପି ୧୧ କିଗ୍ରା ମ୍ୟୁରେଟ୍ ଅଫ୍ ପଟାସ ସହିତ ୧୨ କିଗ୍ରା ୟୁରିଆ ସାର ପ୍ରୟୋଗ କରି ଧାଡ଼ିକୁ ଧାଡ଼ିକୁ ୪୫ ସେମି ଏବଂ ଗଛକୁ ୩୦ ସେମି ବ୍ୟବଧାନରେ ମଞ୍ଜି ବୁଣନ୍ତୁ।
- ଗାଈଗୋରୁମାନଙ୍କୁ ସଫା ଏବଂ ଉଚିତ ପରିମାଣର ପାଣି ଯୋଗାନ୍ତୁ। ଘାସ ଚରିବା ପାଇଁ ପଶୁମାନଙ୍କୁ ଶୁଖିଲା ପାଗରେ କେବଳ ସକାଳ ଏବଂ ସନ୍ଧ୍ୟା ସମୟରେ ଛାଡ଼ନ୍ତୁ।

## ଆଇସିସି ମହିଳା ଦିନିକିଆ ବିଶ୍ୱକପ୍ କାର୍ଯ୍ୟସୂଚୀ ଘୋଷିତ

# ଭାରତ-ପାକିସ୍ତାନ ମୁକାବିଲା ଅକ୍ଟୋବର ୫ରେ

ଦୁବାଇ,୧୬।୬ (ଏଜେନ୍ସି):

ଭାରତ ଓ ଶ୍ରୀଲଙ୍କା କଲମ୍ବୋଠାରେ ଖେଳାଯିବାକୁ ଥିବା ଆଇସିସି ମହିଳା ଦିନିକିଆ ବିଶ୍ୱକପ୍‌ରେ କିଏ କାହା ସହ ଖେଳିବ ସେ ସମ୍ପର୍କରେ କାର୍ଯ୍ୟସୂଚୀ ଆଜି ଘୋଷଣା କରାଯାଇଛି। ସେପ୍ଟେମ୍ବର ୩୦ରୁ ଆରମ୍ଭ ହୋଇ ନଭେମ୍ବର ୨ରେ ଶେଷ ହେବ। ଭାରତର ୨ଟି ହାଇଲେଭଲ ମୁକାବିଲା ମଧ୍ୟରୁ ପାକିସ୍ତାନ ସହ ମୁକାବିଲା ଶ୍ରୀଲଙ୍କାର କଲମ୍ବୋଠାରେ ଅକ୍ଟୋବର ୫ରେ ଓ ଡିଫେଣ୍ଡିଂ ଚାମ୍ପିଅନ ଅଷ୍ଟ୍ରେଲିଆ ସହ ଲଢ଼େଇ ଭାଇଜାଗ୍‌ରେ ଅକ୍ଟୋବର ୧୨ରେ ଖେଳାଯିବ। ବେଙ୍ଗାଲୁରୁରେ ସେପ୍ଟେମ୍ବର ୩୦ରେ ଉଦ୍‌ଘାଟନୀ ମୁକାବିଲା ଖେଳାଯିବ। ଏଥିରେ ଭାରତ ସହ ଶ୍ରୀଲଙ୍କା ଖେଳିବ। ଅକ୍ଟୋବର ୧ରେ ଡିଫେଣ୍ଡିଂ ଚାମ୍ପିଅନ ଅଷ୍ଟ୍ରେଲିଆ ଓ ଟି-୨୦ ଚାମ୍ପିଅନ ନ୍ୟୁଜିଲାଣ୍ଡ ମଧ୍ୟରେ ଦ୍ୱିତୀୟ ଲିଗ୍ ମ୍ୟାଚ୍ ଖେଳାଯିବ। ଏହି ଟୁର୍ଣ୍ଣାମେଣ୍ଟରେ ମୋଟ ୮ଟି ଟିମ୍ ଅଂଶଗ୍ରହଣ କରୁଛନ୍ତି। ଟୁର୍ଣ୍ଣାମେଣ୍ଟ ଫର୍ମାଟ ଅନୁଯାୟୀ ପ୍ରତ୍ୟେକ ଦଳ ଅନ୍ୟ ସହ ଥରେ ଲେଖାଏଁ ମ୍ୟାଚ୍ ଖେଳିବେ। ଏହା ପରେ ପଏଣ୍ଟ ତାଲିକାରେ ପ୍ରଥମ ୪ଟି ସ୍ଥାନ ଅଧିକାର କରିଥିବା ଦଳ ସେମିଫାଇନାଲ ଖେଳିବାକୁ ଯୋଗ୍ୟତା ଅର୍ଜନ କରିବେ। ସେମିଫାଇନାଲରେ ନଂ-୧ ଟିମ୍ ସହ ନଂ-୪ ଓ ନଂ-୨ ଟିମ୍ ସହ ନଂ-୩ ଟିମ୍ ଖେଳିବ। ଏହି ମ୍ୟାଚ୍ ଦୁଇଟି ଅକ୍ଟୋବର ୨୯ ଓ ୩୦ରେ ଖେଳାଯିବ। ପ୍ରଥମ ସେମିଫାଇନାଲ ଖେଳିବାକୁ ପାକିସ୍ତାନ ଯୋଗ୍ୟତା ଅର୍ଜନ କଲେ ସେହି ମ୍ୟାଚଟି ଶ୍ରୀଲଙ୍କାର କଲମ୍ବୋରେ ଏବଂ ପାକିସ୍ତାନ ଫାଇନାଲ ଖେଳିବାକୁ ଯୋଗ୍ୟତା ଅର୍ଜନ କଲେ ତାହା ମଧ୍ୟ କଲମ୍ବୋରେ ଖେଳାଯିବ।




### ବେଙ୍ଗାଲୁରୁରେ ଉଦ୍‌ଘାଟନୀ ମୁକାବିଲା

ବିଶ୍ୱକପ୍‌ର ଉଦ୍‌ଘାଟନୀ ମୁକାବିଲା ବେଙ୍ଗାଲୁରୁରେ ଖେଳାଯିବ। ସେପ୍ଟେମ୍ବର ୩୦ରେ ଖେଳାଯିବାକୁ ଥିବା ଏହି ମ୍ୟାଚ୍‌ରେ ଭାରତ ସହ ଶ୍ରୀଲଙ୍କାର ମୁକାବିଲା ହେବ। ପରେ ଭାରତର ପରବର୍ତ୍ତୀ ମ୍ୟାଚ୍ ପାକିସ୍ତାନ ସହ କଲମ୍ବୋରେ ଅକ୍ଟୋବର ୫ରେ ଖେଳାଯିବ। ଭାରତ ତାହାର ଅନ୍ୟ ମ୍ୟାଚ ଦକ୍ଷିଣ ଆଫ୍ରିକା ସହ ଅକ୍ଟୋବର ୯ରେ, ଅଷ୍ଟ୍ରେଲିଆ ସହ ଅକ୍ଟୋବର ୧୨ରେ, ଇଂଲଣ୍ଡ ସହ ଅକ୍ଟୋବର ୧୯ରେ, ନ୍ୟୁଜିଲାଣ୍ଡ ସହ ଅକ୍ଟୋବର ୨୩ରେ ଓ ବାଂଲାଦେଶ ସହ ଶେଷ ଲିଗ୍ ମ୍ୟାଚ୍ ଅକ୍ଟୋବର ୨୬ରେ ଖେଳିବ। ପାକିସ୍ତାନ ସହ ସେମିଫାଇନାଲ ଖେଳିବାକୁ ଯୋଗ୍ୟତା ଅର୍ଜନ କଲେ ଭାରତ ଏହି ମ୍ୟାଚ୍‌ଟି କଲମ୍ବୋରେ ଖେଳିବ।

### କଲମ୍ବୋରେ ଖେଳାଯିବ ୧୧ ମ୍ୟାଚ୍

ଏସୀୟ କ୍ରିକେଟ କାଉନ୍ସିଲ ଦ୍ୱାରା ବୁଝାମଣା ଅନୁଯାୟୀ ଭାରତ ଓ ପାକିସ୍ତାନ ଆୟୋଜନ କରୁଥିବା ଟୁର୍ଣ୍ଣାମେଣ୍ଟରେ ଗୋଟିଏ ଦେଶ ଅନ୍ୟ ଦେଶରେ ଖେଳିବ ନାହିଁ। ଏହା ଫଳରେ ଆଇସିସି ମହିଳା ବିଶ୍ୱକପ୍ ଭାରତ ଆୟୋଜନ କରୁଥିବାରୁ ପାକିସ୍ତାନ ଭାରତରେ କୌଣସି ମ୍ୟାଚ୍ ଖେଳିବ ନାହିଁ। ଏଣୁ ନିରପେକ୍ଷ ଭେନ୍ୟୁ ଭାବେ ଶ୍ରୀଲଙ୍କାର କଲମ୍ବୋକୁ ଚିହ୍ନଟ କରାଯାଇଛି। ଏଠାରେ ପାକିସ୍ତାନ ତାହାର ସମସ୍ତ ୭ଟି ଯାକ ଲିଗ୍ ମ୍ୟାଚ୍ ଖେଳିବ। ଏହା ଛଡ଼ା ଶ୍ରୀଲଙ୍କାର ୪ଟି ଲିଗ୍ ମ୍ୟାଚ୍ ମଧ୍ୟ ଏଠାରେ ଖେଳାଯିବ। ସମସ୍ତ ମ୍ୟାଚ୍ ଗୁଡ଼ିକ ଭାରତୀୟ ସମୟ ଅନୁସାରେ ଅପରାହ୍ଣ ୩ଟାରୁ ଆରମ୍ଭ ହେବ। ଶ୍ରୀଲଙ୍କା ଏଠାରେ ଅଷ୍ଟ୍ରେଲିଆ ସହ ଅକ୍ଟୋବର ୪, ନ୍ୟୁଜିଲାଣ୍ଡ ସହ ଅକ୍ଟୋବର ୧୪, ଦକ୍ଷିଣ ଆଫ୍ରିକା ସହ ଅକ୍ଟୋବର ୧୭ ଓ ବାଂଲାଦେଶ ସହ ଅକ୍ଟୋବର ୨୦ରେ ଖେଳିବ। ପାକିସ୍ତାନ ଯଦି ସେମିଫାଇନାଲ ଓ ଫାଇନାଲ ଖେଳିବାକୁ ଯୋଗ୍ୟତା ଅର୍ଜନ କରେ ତେବେ କଲମ୍ବୋରେ ଦଳ ଦୁଇଟିଯାକ ମ୍ୟାଚ୍ ଖେଳିବ। ନଚେତ ଏହା ବେଙ୍ଗାଲୁରୁରେ ଖେଳାଯିବ।

### ଦିନିକିଆ ମହିଳା ବିଶ୍ୱକପ୍ ଖେଳସୂଚୀ

| ତାରିଖ | ପ୍ରତିଦ୍ୱନ୍ଦ୍ୱୀ | ଭେନ୍ୟୁ |
|---|---|---|
| ୩୦।୯ | ଭାରତ-ଶ୍ରୀଲଙ୍କା | ବେଙ୍ଗାଲୁରୁ |
| ୧।୧୦ | ଅଷ୍ଟ୍ରେଲିଆ-ନ୍ୟୁଜିଲାଣ୍ଡ | ଇନ୍ଦୋର |
| ୨।୧୦ | ପାକିସ୍ତାନ-ବାଂଲାଦେଶ | କଲମ୍ବୋ |
| ୩।୧୦ | ଇଂଲଣ୍ଡ-ଦକ୍ଷିଣ ଆଫ୍ରିକା | ବେଙ୍ଗାଲୁରୁ |
| ୪।୧୦ | ଶ୍ରୀଲଙ୍କା-ଅଷ୍ଟ୍ରେଲିଆ | କଲମ୍ବୋ |
| ୫।୧୦ | ଭାରତ-ପାକିସ୍ତାନ | କଲମ୍ବୋ |
| ୬।୧୦ | ନ୍ୟୁଜିଲାଣ୍ଡ-ଦକ୍ଷିଣ ଆଫ୍ରିକା | ଇନ୍ଦୋର |
| ୭।୧୦ | ଇଂଲଣ୍ଡ-ବାଂଲାଦେଶ | ଗୌହାଟୀ |
| ୮।୧୦ | ପାକିସ୍ତାନ-ଅଷ୍ଟ୍ରେଲିଆ | କଲମ୍ବୋ |
| ୯।୧୦ | ଭାରତ-ଦକ୍ଷିଣ ଆଫ୍ରିକା | ଭାଇଜାଗ୍ |
| ୧୦।୧୦ | ନ୍ୟୁଜିଲାଣ୍ଡ-ବାଂଲାଦେଶ | ଭାଇଜାଗ୍ |
| ୧୧।୧୦ | ଇଂଲଣ୍ଡ-ଶ୍ରୀଲଙ୍କା | ଗୌହାଟୀ |
| ୧୨।୧୦ | ଭାରତ-ଅଷ୍ଟ୍ରେଲିଆ | ଭାଇଜାଗ୍ |
| ୧୩।୧୦ | ବାଂଲାଦେଶ-ଦକ୍ଷିଣ ଆଫ୍ରିକା | ଭାଇଜାଗ୍ |
| ୧୪।୧୦ | ଶ୍ରୀଲଙ୍କା-ନ୍ୟୁଜିଲାଣ୍ଡ | କଲମ୍ବୋ |
| ୧୫।୧୦ | ପାକିସ୍ତାନ-ଇଂଲଣ୍ଡ | କଲମ୍ବୋ |
| ୧୬।୧୦ | ଅଷ୍ଟ୍ରେଲିଆ-ବାଂଲାଦେଶ | ଭାଇଜାଗ୍ |
| ୧୭।୧୦ | ଶ୍ରୀଲଙ୍କା-ଦକ୍ଷିଣ ଆଫ୍ରିକା | କଲମ୍ବୋ |
| ୧୮।୧୦ | ପାକିସ୍ତାନ-ନ୍ୟୁଜିଲାଣ୍ଡ | କଲମ୍ବୋ |
| ୧୯।୧୦ | ଭାରତ-ଇଂଲଣ୍ଡ | ଇନ୍ଦୋର |
| ୨୦।୧୦ | ଶ୍ରୀଲଙ୍କା-ବାଂଲାଦେଶ | କଲମ୍ବୋ |
| ୨୧।୧୦ | ପାକିସ୍ତାନ-ଦକ୍ଷିଣ ଆଫ୍ରିକା | କଲମ୍ବୋ |
| ୨୨।୧୦ | ଅଷ୍ଟ୍ରେଲିଆ-ଇଂଲଣ୍ଡ | ଇନ୍ଦୋର |
| ୨୩।୧୦ | ଭାରତ-ନ୍ୟୁଜିଲାଣ୍ଡ | ଗୌହାଟୀ |
| ୨୪।୧୦ | ପାକିସ୍ତାନ-ଶ୍ରୀଲଙ୍କା | କଲମ୍ବୋ |
| ୨୫।୧୦ | ଅଷ୍ଟ୍ରେଲିଆ-ଶ୍ରୀଲଙ୍କା | ଇନ୍ଦୋର |
| ୨୬।୧୦ | ଇଂଲଣ୍ଡ-ନ୍ୟୁଜିଲାଣ୍ଡ | ଗୌହାଟୀ |
| ୨୬।୧୦ | ଭାରତ-ବାଂଲାଦେଶ | ବେଙ୍ଗାଲୁରୁ |
| ୨୯।୧୦ | ପ୍ରଥମ ସେମିଫାଇନାଲ | ଗୌହାଟୀ/କଲମ୍ବୋ |
| ୩୦।୧୦ | ଦ୍ୱିତୀୟ ସେମିଫାଇନାଲ | ବେଙ୍ଗାଲୁରୁ |
| ୨।୧୧ | ଫାଇନାଲ | କଲମ୍ବୋ/ବେଙ୍ଗାଲୁରୁ |

#### ଏଏଫ୍‌ସି ମହିଳା ଏସିଆ କପ୍ ଯୋଗ୍ୟତା ପର୍ଯ୍ୟାୟ

## ଭାରତୀୟ ଦଳରେ ପ୍ୟାରୀ, ମନୀଷା

ନୂଆଦିଲ୍ଲୀ, ୧୬।୬ (ଏଜେନ୍ସି): ଆଗାମୀ ଏଏଫ୍‌ସି ମହିଳା ଏସିଆନ୍ କପ୍ ଯୋଗ୍ୟତା ପର୍ଯ୍ୟାୟ ଲାଗି ସୋମବାର ୨୪ ଜଣିଆ ଭାରତୀୟ ଫୁଟ୍‌ବଲ ଦଳ ଘୋଷଣା କରାଯାଇଛି। ମୁଖ୍ୟ ପ୍ରଶିକ୍ଷକ କ୍ରିପସନ୍ ଛେତ୍ରୀ ଘୋଷଣା କରିଥିବା ଦଳରେ ଓଡ଼ିଶାର ଦୁଇଜଣ ମହିଳା ଫୁଟ୍‌ବଲ ଖେଳାଳି ରହିଛନ୍ତି। ସେମାନେ ହେଲେ ଦୁଇ ଅଭିଜ୍ଞ ଫରୱାର୍ଡ ପ୍ୟାରୀ ଖାଖା ଓ ମନୀଷା ନାୟକ। ମହିଳା ଏସିଆନ୍ କପ୍ ଯୋଗ୍ୟତା ପର୍ଯ୍ୟାୟରେ ଭାରତୀୟ ଦଳ ଗ୍ରୁପ୍-ବି'ରେ ସ୍ଥାନ ପାଇଛି। ଏହି ଗ୍ରୁପ୍‌ରେ ଭାରତ ବ୍ୟତୀତ ଆୟୋଜକ ଥାଇଲାଣ୍ଡ, ଇରାକ, ମଙ୍ଗୋଲିଆ ଓ ତିମୋର ଲିଷ୍ଟ ରହିଛି। ଭାରତ ଜୁନ ୨୩ରେ ମଙ୍ଗୋଲିଆ ବିପକ୍ଷରେ ଖେଳି ଅଭିଯାନ ଆରମ୍ଭ କରିବ। ଏହାପରେ ୨୯ରେ ତିମୋର ଲିଷ୍ଟ, ଜୁଲାଇ ୨ରେ ଇରାକ ଓ ଜୁଲାଇ ୫ରେ ଥାଇଲାଣ୍ଡକୁ ଭେଟିବାର କାର୍ଯ୍ୟସୂଚୀ ରହିଛି। ଏହି ଗ୍ରୁପ୍‌ର ବିଜେତା ୨୦୨୬ ମାର୍ଚ୍ଚରେ ଅଷ୍ଟ୍ରେଲିଆରେ ହେବାକୁ ଥିବା ଏସିଆନ୍ କପ୍‌ର ମୁଖ୍ୟ ଟୁର୍ଣ୍ଣାମେଣ୍ଟକୁ ଖେଳିବାକୁ ଯୋଗ୍ୟତା ଅର୍ଜନ କରିବ।





## 'ପଟୌଦୀ' ଐତିହ୍ୟ ଅକ୍ଷୁଣ୍ଣ ରଖାଯାଉ: ସଚିନ

ନୂଆଦିଲ୍ଲୀ, ୧୬।୬ (ଏଜେନ୍ସି): କ୍ରିକେଟ୍‌ର ଭଗବନା ଭାବେ ବିବେଚିତ ହେଉଥିବା ସଚିନ ତେନ୍ଦୁଲକର ଭାରତୀୟ କ୍ରିକେଟ୍ କଣ୍ଟ୍ରୋଲ ବୋର୍ଡ (ବିସିସିଆଇ) ଓ ଇଂଲଣ୍ଡ ଆଣ୍ଡ ୱେଲ୍ସ କ୍ରିକେଟ୍ ବୋର୍ଡ (ଇସିବି)କୁ ଏକ ଅନୁରୋଧ କରିଛନ୍ତି। ଯେଉଁଥିରେ ସେ କହିଛନ୍ତି, ଇଂଲଣ୍ଡ ମାଟିରେ ଭାରତୀୟ ଦଳ ଯେଉଁ ଟେଷ୍ଟ ସିରିଜ ଖେଳୁଛି ତାହାର ନାମକୁ ପଟୌଦୀ ଐତିହ୍ୟ ସହ ଅକ୍ଷୁଣ୍ଣ ରଖାଯାଉ। ପୂର୍ବରୁ ଉଭୟ ବିସିସିଆଇ ଓ ଇସିବି ୨୦ରୁ ଭାରତ ଓ ଇଂଲଣ୍ଡ ମଧ୍ୟରେ ଆରମ୍ଭ ହେବାକୁ ଥିବା ଟେଷ୍ଟ ସିରିଜର ନାମକୁ 'ଆଣ୍ଡରସନ-ତେନ୍ଦୁଲକର' ଟ୍ରଫି ନାମରେ ନାମିତ କରିବାକୁ ନିଷ୍ପତ୍ତି ନେଇଥିଲେ। ଏମ୍‌ଏକେ ପଟୌଦୀଙ୍କ ନାମରେ ପୂର୍ବରୁ ପ୍ରଦାନ କରାଯାଉଥିବା 'ପଟୌଦୀ ଟ୍ରଫି'କୁ ଅବସର ଦିଆଯାଇଥିଲା। ଏବେ କିନ୍ତୁ ସଚିନଙ୍କ ଅନୁରୋଧ ପରେ 'ପଟୌଦୀ'ଙ୍କ ଐତିହ୍ୟକୁ ଅକ୍ଷୁର୍ଣ୍ଣ ରଖିବା ଲାଗି ଆଗାମୀ ଟେଷ୍ଟ ସିରିଜର ବିଜୟୀ ଅଧିନାୟକ କିମ୍ବା ଶ୍ରେଷ୍ଠ ଖେଳାଳିଙ୍କୁ 'ପଟୌଦୀ ପଦକ' ପ୍ରଦାନ କରିବା ନେଇ ନିଷ୍ପତ୍ତି ନେଇଛି।

■ ଜାତୀୟ ବଡିବିଲ୍ଡିଂ

## ପିଙ୍କି ଚାମ୍ପିଅନ; ଜିତେନ୍ଦ୍ରଙ୍କୁ ୨ ରୌପ୍ୟ

ଭୁବନେଶ୍ୱର, ୧୬।୬ (ସମିସ): ଉତ୍ତର ପ୍ରଦେଶର ଗାଜିଆବାଦ୍‌ଠାରେ ଦ୍ୱିତୀୟ ମିଷ୍ଟର ଇଣ୍ଡିଆ ବଡିବିଲ୍ଡିଂ ପ୍ରତିଯୋଗିତା ଅନୁଷ୍ଠିତ ହୋଇଯାଇଛି। ଏହି ଜାତୀୟ ସିନିଅର ବଡିବିଲ୍ଡିଂ ଓ ଫିଜିକ୍ସ ସ୍ପୋର୍ଟ୍ସ ଚାମ୍ପିଅନସିପ୍‌ରେ ଦୁଇ ଓଡ଼ିଆ ପ୍ରତିଯୋଗୀ ପିଙ୍କି ବେହେରା ଓ ଜିତେନ୍ଦ୍ର ବାରିକ ଉଲ୍ଲେଖନୀୟ ସଫଳତା ହାସଲ କରିଛନ୍ତି। ମହିଳା ବଡିବିଲ୍ଡିଂରେ ପିଙ୍କି ଚାମ୍ପିଅନ ହୋଇ ସ୍ୱର୍ଣ୍ଣପଦକ ଜିତିଛନ୍ତି। ସେହିଭଳି ଜିତେନ୍ଦ୍ର ଦୁଇଟି ରୌପ୍ୟ ପଦକ ବିଜୟୀ ହୋଇଛନ୍ତି। ସେ ପୁରୁଷ ଫିଜିକ୍ସ ୬୫ କିଗ୍ରା ଓ ୭୫ କିଗ୍ରାରେ ଏହି ସଫଳତା ପାଇଛନ୍ତି।

## ଯମଜ ପୁତ୍ର ସନ୍ତାନର ପିତା ହେଲେ ନୀତୀଶ

ଲକ୍ଷ୍ନୌ, ୧୬।୬ (ଏଜେନ୍ସି): ଭାରତୀୟ କ୍ରିକେଟର୍ ନୀତୀଶ ରାଣାଙ୍କ ଲାଗି ଖୁସି ଖବର। ପ୍ରଥମଥର ଲାଗି ପିତୃତ୍ୱ ଲାଭ କରିଛନ୍ତି ଏହି ବାମହାତୀ ବ୍ୟାଟର୍। ନୀତୀଶଙ୍କ ପତ୍ନୀ ସାଚି ମାରୱାହ ଯମଜ ପୁତ୍ର ସନ୍ତାନ ଜନ୍ମ ଦେଇଛନ୍ତି। ସାମାଜିକ ଗଣମାଧ୍ୟମ ଇନ୍‌ଷ୍ଟାଗ୍ରାମ ଜରିଆରେ ସୋମବାର ନୀତୀଶ ଏହି ଖୁସି ଖବରକୁ ତାଙ୍କ ପ୍ରଶଂସକଙ୍କୁ ଶେୟାର କରିଛନ୍ତି। ଉଲ୍ଲେଖଯୋଗ୍ୟ, ଭାରତ ପାଇଁ ୩ଟି ଅନ୍ତର୍ଜାତୀୟ ମ୍ୟାଚ୍ ଖେଳିଥିବା ନୀତୀଶ ଗତ ଆଇପିଏଲ୍‌ରେ ରାଜସ୍ଥାନ ରୟାଲ୍ସ ପକ୍ଷରୁ ପ୍ରତିନିଧିତ୍ୱ କରୁଥିଲେ। ୨୦୧୯ରେ ସେ ଇଣ୍ଟେରିୟର ଡିଜାଇନର ସାଚିଙ୍କ ସହ ବିବାହ ବନ୍ଧନରେ ଆବଦ୍ଧ ହୋଇଥିଲେ। ସାଚି ମାତୃତ୍ୱ ଲାଭ କରିବାକୁ ଯାଉଥିବା ସୂଚନା ନୀତୀଶ ଗତ ମାର୍ଚ୍ଚରେ ପ୍ରଶଂସକଙ୍କୁ ଜଣାଇଥିଲେ।



#### ଓସିଏ ଆନ୍ତଃଜିଲ୍ଲା ୧୯ ବର୍ଷରୁ କମ୍ କ୍ରିକେଟ୍

## ଆଜି ଖେଳାଯିବ କ୍ୱାର୍ଟର ଫାଇନାଲ

ଭୁବନେଶ୍ୱର, ୧୬।୬ (ସମିସ): ଓଡ଼ିଶା କ୍ରିକେଟ୍ ଆସୋସିଏସନ (ଓସିଏ) ଆନୁକୂଲ୍ୟରେ କଟକରେ ଚାଲିଥିବା ୧୯ ବର୍ଷରୁ କମ୍ ଆନ୍ତଃଜିଲ୍ଲା କ୍ରିକେଟ୍ ଟୁର୍ଣ୍ଣାମେଣ୍ଟର କ୍ୱାର୍ଟର ଫାଇନାଲ କାର୍ଯ୍ୟସୂଚୀ ପ୍ରକାଶ ପାଇଛି। ମଙ୍ଗଳବାର ୪ଟି ଯାକ କ୍ୱାର୍ଟର ଫାଇନାଲ ଖେଳାଯିବ। ରେଭେନଶା ଗ୍ରାଉଣ୍ଡ-୨ରେ ପ୍ରଥମ କ୍ୱାର୍ଟରରେ ଝାରସୁଗୁଡ଼ା ଓ ଭୁବନେଶ୍ୱର-ଏ ଏବଂ ବିଡ଼ାନାସୀ ଗ୍ରାଉଣ୍ଡରେ ଭୁବନେଶ୍ୱର-ବି ଓ କଟକ-ବି ମଧ୍ୟରେ ଦ୍ୱିତୀୟ କ୍ୱାର୍ଟର ଫାଇନାଲ ଅନୁଷ୍ଠିତ ହେବ। ସେହିଭଳି କଟକ-ଏ ଓ ଖୋର୍ଦ୍ଧା ମଧ୍ୟରେ ୩ୟ କ୍ୱାର୍ଟର ଫାଇନାଲ ନିମପୁର ଗ୍ରାଉଣ୍ଡରେ ଖେଳାଯିବ। ଶେଷ ତଥା ୪ର୍ଥ କ୍ୱାର୍ଟର ସୁନ୍ଦରଗଡ଼ ଓ କେନ୍ଦ୍ରାପଡ଼ା ମଧ୍ୟରେ ଖୋର୍ଦ୍ଧା ଗ୍ରାଉଣ୍ଡରେ ଆୟୋଜିତ ହେବ। ସେହିଭଳି ବୁଧବାର ଦୁଇଟି ଯାକ ସେମିଫାଇନାଲ ମ୍ୟାଚ୍ ଅନୁଷ୍ଠିତ ହେବ। କ୍ୱାର୍ଟର-୧ ଓ କ୍ୱାର୍ଟର-୪ର ବିଜେତାଙ୍କ ମଧ୍ୟରେ ପ୍ରଥମ ସେମିଫାଇନାଲ ଓ କ୍ୱାର୍ଟର-୨ ଓ କ୍ୱାର୍ଟର-୩ର ବିଜେତା ଦ୍ୱିତୀୟ ସେମିଫାଇନାଲରେ ପରସ୍ପରକୁ ଭେଟିବେ। ଜୁନ ୨୦ରେ ଫାଇନାଲ ମ୍ୟାଚ୍ ଖେଳାଯିବ ବୋଲି ଓସିଏ ପକ୍ଷରୁ ସୂଚନା ଦିଆଯାଇଛି। ଉଲ୍ଲେଖଯୋଗ୍ୟ, ଜୁନ ୧୩ରେ ଲିଗ୍ ପର୍ଯ୍ୟାୟ ଶେଷ ହୋଇଥିଲା। ଏଥିରେ ଗ୍ରୁପ୍-ଏ'ରୁ ଝାରସୁଗୁଡ଼ା, ଗ୍ରୁପ-ବି'ରୁ କଟକ-ବି, ଗ୍ରୁପ୍-ସି'ରୁ କଟକ-ଏ, ଗ୍ରୁପ୍-ଡି'ରୁ ଭୁବନେଶ୍ୱର-ଏ, ଗ୍ରୁପ୍-ଇ'ରୁ ସୁନ୍ଦରଗଡ଼ ଓ ଗ୍ରୁପ୍-ଏଫ୍‌ରୁ କଟକ-ବି ସର୍ବାଧିକ ପଏଣ୍ଟ ରଖି ନକ୍‌ଆଉଟ୍‌କୁ ଉନ୍ନୀତ ହୋଇଥିଲେ। ସେହିଭଳି ଗ୍ରୁପ୍ ବିଜେତା ବାଦ୍ ଅନ୍ୟ ଦୁଇ ସର୍ବାଧିକ ପଏଣ୍ଟ ରଖିଥିବା ଦଳ ଖୋର୍ଦ୍ଧା ଓ କେନ୍ଦ୍ରାପଡ଼ା ମଧ୍ୟ କ୍ୱାର୍ଟର ଫାଇନାଲ ଟିକଟ୍ ହାସଲ କରିଥିଲେ।

## ଅଶ୍ୱିନଙ୍କ ନାମରେ ବଲ୍ ଟାମ୍ପରିଂ ଅଭିଯୋଗ

ଚେନ୍ନଇ, ୧୬।୬ (ଏଜେନ୍ସି): ପୂର୍ବତନ ଭାରତୀୟ କ୍ରିକେଟର୍ ରବିଚନ୍ଦ୍ରନ ଅଶ୍ୱିନ ତାମିଲନାଡୁ ପ୍ରିମିଅର ଲିଗ୍ (ଟିଏନ୍‌ପିଏଲ୍)ର ଚଳିତ ୯ମ ସଂସ୍କରଣରେ ବେଶ୍ ଚର୍ଚ୍ଚାରେ ରହିଆସିଛନ୍ତି। ସଦ୍ୟ ଏକ ରିପୋର୍ଟ ଅନୁଯାୟୀ, ଅଶ୍ୱିନଙ୍କ ନାମରେ ଗୁରୁତର ବଲ୍ ଟ୍ୟାମ୍ପରିଂ ଭଳି ଅଭିଯୋଗ ଆସିଛି। ସିଏଚେମ୍ ମଦୁରାଇ ପାନ୍ଥର୍ସ ଫ୍ରାଞ୍ଚାଇଜ ପକ୍ଷରୁ ଏହି ଅଭିଯୋଗ ଟିଏନ୍‌ପିଏଲ୍ ନିକଟରେ ଲିଖିତ ଭାବେ କରାଯାଇଛି। ଅଶ୍ୱିନ ଡିଣ୍ଡିଗଲ୍ ଡ୍ରାଗନ୍ସ ଦଳର ନେତୃତ୍ୱ ନେଉଥିବାବେଳେ ଗତ ରବିବାର ମଦୁରାଇ ପାନ୍ଥର୍ସ ବିପକ୍ଷ ମ୍ୟାଚରେ ସେ ବଲ୍ ଟ୍ୟାମ୍ପରିଂ କରିଥିବା ଏହି ଅଭିଯୋଗରେ କୁହାଯାଇଛି। ଏହି ମ୍ୟାଚରେ ଫିଲ୍ଡିଂ ସମୟରେ ଡ୍ରାଗନ୍ସ ଅଧିନାୟକ ଅଶ୍ୱିନ ଯେଉଁ ଟାୱେଲରେ ବଲ୍‌କୁ ପୋଛୁଥିଲେ ସେଥିରେ କେମିକାଲ ବୋଳାଯାଇଥିଲା। ଯାହା ବଲ୍‌ର ସ୍ଥିତିକୁ ପରିବର୍ତ୍ତନ କରିବାରେ ସହାୟକ ହୋଇଥିଲା। ଟିଏନ୍‌ପିଏଲ୍ ପକ୍ଷରୁ ସିଇଓ ପ୍ରସନ୍ନା କନନ୍ ଏଭଳି ବଲ୍ ଟ୍ୟାମ୍ପରିଂ ଅଭିଯୋଗକୁ ଖଣ୍ଡନ କରିବା ସହ ମଦୁରାଇ ପାନ୍ଥର୍ସଙ୍କୁ ପ୍ରମାଣ ମାଗିଛନ୍ତି।

#### ଏସିଆନ୍ ପାରା ବ୍ୟାଡ୍‌ମିଣ୍ଟନ

## ଭାରତୀୟ ଦଳରେ ୪ ଓଡ଼ିଆ

ଭୁବନେଶ୍ୱର, ୧୬।୬ (ସମିସ): ଓଡ଼ିଶା ପାରାବ୍ୟାଡ୍‌ମିଣ୍ଟନ କ୍ରୀଡ଼ା ଲାଗି ଗର୍ବର ସମୟ। ଥାଇଲାଣ୍ଡରେ ଆସନ୍ତାକାଲିଠାରୁ ହେବାକୁ ଯାଉଥିବା ଏସିଆନ ପାରାବ୍ୟାଡ୍‌ମିଣ୍ଟନ ଟୁର୍ଣ୍ଣାମେଣ୍ଟ ଲାଗି ଓଡ଼ିଶାର ୪ଜଣ ଖେଳାଳି ଭାରତୀୟ ଦଳରେ ସାମିଲ ହୋଇଛନ୍ତି। ସେମାନେ ହେଲେ ଦୀପରଞ୍ଜନ ବିଶୋଇ, ଜି ଦିଲାଶ୍ୱର ରାଓ, ଶୁଭ୍ରଜିତ ମହାରଣା ଓ ନୁରୁଲ ହାସନ ଖାନ୍। ଏମାନେ ଏସିଆ ମହାଦେଶର ଶ୍ରେଷ୍ଠ ପାରା ବ୍ୟାଡ୍‌ମିଣ୍ଟନ ଖେଳାଳିଙ୍କ ସହ ମୁକାବିଲା କରିବେ। ଭାରତୀୟ ଦଳରେ ୪ଜଣ ଖେଳାଳି ସାମିଲ ହେବା ଅର୍ଥ ଓଡ଼ିଶା ବ୍ୟାଡ୍‌ମିଣ୍ଟନ ଦେଶ ତଥା ଦେଶ ବାହାରେ ଏକ ଶକ୍ତି ହେବାକୁ ଯାଉଛି। ସରକାରୀ ସହାୟତା ଓ ପାରା କ୍ରୀଡ଼ା ସଂଗଠନର ଉଦ୍ୟମ ବଳରେ ଏହା ସମ୍ଭବ ହୋଇପାରିଛି। ଏହି କ୍ରୀଡ଼ାବିତ୍‌ମାନଙ୍କୁ ସଂଘ ପକ୍ଷରୁ ଶୁଭେଚ୍ଛା ଜ୍ଞାପନ କରାଯାଇଛି।

ଥାଇଲାଣ୍ଡରେ ଗତକାଲି ଶେଷ ହୋଇଥିବା ଅନ୍ତର୍ଜାତୀୟ ପାରାବ୍ୟାଡ୍‌ମିଣ୍ଟନ ଟୁର୍ଣ୍ଣାମେଣ୍ଟରେ ଓଡ଼ିଶାର ଦିଲାଶ୍ୱର ରାଓ ପୁରୁଷ ଯୁଗଳ ବିଭାଗରେ କାଂସ୍ୟ ପଦକ ବିଜୟୀ ହୋଇଥିଲେ। ସେ ଏସ୍‌ଏଲ୩-୪ କାଟେଗୋରୀରେ ଦିନେଶ ରାଜେୟାଙ୍କ ସହ ମିଶି ଏହି ସଫଳତା ପାଇଥିଲେ। କାଂସ୍ୟ ପଦକ ମୁକାବିଲାରେ ନେପାଳର ଅଧିକାରୀ ପ୍ରକାଶ ଓ ଭୂଟାନର ଚେୟାଙ୍କ କୁଏନ୍‌ଚାପଙ୍କୁ ହରାଇ ସେମିଫାଇନାଲରେ ପ୍ରବେଶ କରିବା ଫଳରେ ତାଙ୍କୁ କାଂସ୍ୟ ପଦକ ମିଳିଥିଲା।



## ପୋଲ୍ ଭଲ୍ଟରେ ଡୁପ୍ଲାଣ୍ଟିସ୍‌ଙ୍କ ଦ୍ୱାଦଶ ବିଶ୍ୱରେକର୍ଡ

ଷ୍ଟକହୋଲମ, ୧୬।୬ (ଏଜେନ୍ସି): ସ୍ୱିଡେନର ଆର୍ମଣ୍ଡ ଡୁପ୍ଲାଣ୍ଟିସ ପୋଲ୍ ଭଲ୍ଟରେ ପୁଣିଥରେ ନୂଆ ବିଶ୍ୱରେକର୍ଡ ପ୍ରତିଷ୍ଠା କରିଛନ୍ତି। ଘରୋଇ ମାଟିରେ ରବିବାର ଅନୁଷ୍ଠିତ ଷ୍ଟକହୋଲମ୍ ଡାଏମଣ୍ଡ ଲିଗ୍‌ରେ ୨୫ ବର୍ଷୀୟ ଅର୍ମାଣ୍ଡ ୬.୨୮ ମିଟର ଉଚ୍ଚକୁ ଡେଇଁଥିଲେ। ଯାହାକି ପୁରୁଷ ପୋଲ୍ ଭଲ୍ଟରେ ନୂଆ ବିଶ୍ୱରେକର୍ଡ ହୋଇଛି। ଆମେରିକା ଜନ୍ମିତ ଡବଲ୍ ଅଲିମ୍ପିକ ଚାମ୍ପିଅନ ଡୁପ୍ଲାଣ୍ଟିସ ଏଥିସହ ୧୨ଥର ଲାଗି ନିଜ ନାମରେ ବିଶ୍ୱରେକର୍ଡ ପ୍ରତିଷ୍ଠା କରିଛନ୍ତି। ଫେବୃଆରୀ ୨୮ରେ ଫ୍ରାନ୍ସରେ ଅନୁଷ୍ଠିତ ଏକ ଇଭେଣ୍ଟରେ ସେ ୬.୨୭ ମିଟର ଡେଇଁ ନୂଆ ରେକର୍ଡର ଅଧିକାରୀ ରହିଥିଲେ। ୨୦୨୦ ମସିହାରେ ଡୁପ୍ଲାଣ୍ଟିସ ୬.୧୭ ମିଟର ଉଚ୍ଚକୁ ଡେଇଁ ପ୍ରଥମଥର ଲାଗି ବିଶ୍ୱରେକର୍ଡ କରିଥିଲେ।

#### ଖଣ୍ଡିତର ସର୍ବଭାରତୀୟ କବାଡ଼ିରେ ବର୍ଷା ପ୍ରତିବନ୍ଧକ

# ମହିଳା ଫାଇନାଲରେ କୋଲକାତାର ପୂର୍ବ ରେଳବାଇ

ରସୁଲପୁର,୧୬।୬ (ସମିସ):

ଓଡ଼ିଶାରେ ସବୁଠାରୁ ସମ୍ମାନଜନକ ଓ ବୃହତ୍ କବାଡ଼ି ଟୁର୍ଣ୍ଣାମେଣ୍ଟ ହେଉଛି ଯାଜପୁର କବାଡ଼ି ଆସୋସିଏସନ ଆନୁକୂଲ୍ୟରେ ୭୭ ବର୍ଷ ଧରି ଖଣ୍ଡିତରଠାରେ ଆୟୋଜିତ ହୋଇଆସୁଥିବା ସର୍ବଭାରତୀୟ ପ୍ରତିଯୋଗିତା। ପ୍ରତିବର୍ଷ ପରି ଚଳିତବର୍ଷ ମଧ୍ୟ ଏହି ପ୍ରତିଯୋଗିତା ଧୂମଧାମ୍‌ରେ ଆରମ୍ଭ ହୋଇଥିଲା। କିନ୍ତୁ ଏହି ଟୁର୍ଣ୍ଣାମେଣ୍ଟ ଉଦ୍‌ଯାପିତ ହେବା ପୂର୍ବରୁ ବର୍ଷା ସାଜିଲା ପ୍ରତିବନ୍ଧକ। ସୋମବାର ଓଡ଼ିଶାର ଅନ୍ୟତମ ଶ୍ରେଷ୍ଠ ପର୍ବ ଶେଷ ରଜରେ ଏହି ପ୍ରତିଯୋଗିତା ହୋଇଥାନ୍ତା ଉଦ୍‌ଯାପିତ। କିନ୍ତୁ ବର୍ଷା ସାଜିଲା ପ୍ରତିବନ୍ଧକ। ସୋମବାର ସକାଳେ ମହିଳା ବିଭାଗରେ ଗୋଟିଏ ସେମିଫାଇନାଲ ଓ ପୁରୁଷ ବିଭାଗରେ ବାକିଥିବା ୨ଟି କ୍ୱାର୍ଟର ଫାଇନାଲ ଶେଷ ହୋଇଥିଲା। ଅପରାହ୍ଣରେ ଖେଳାଯିବାକୁ ଥିବା ନକ୍‌ଆଉଟ ମ୍ୟାଚ୍ ଆରମ୍ଭ ପୂର୍ବରୁ ହୋଇଥିଲା ପ୍ରବଳ ବର୍ଷା ଓ ପବନ। ଆୟୋଜକ ଯାଜପୁର କବାଡି ସଂଘର ସମସ୍ତ ଚେଷ୍ଟା ସତ୍ତ୍ୱେ ମ୍ୟାଟ୍ ଉପରେ ମ୍ୟାଚ୍ ଆୟୋଜନ କରିବା ସମ୍ଭବ ହୋଇପାରି ନଥିଲା। ଶେଷରେ ମ୍ୟାଟକୁ ବାହାର କରାଯାଇ ଖାଲି ମାଟିରେ ବାକିଥିବା ମ୍ୟାଚ୍‌କୁ ଶେଷ କରାଯିବା ଲାଗି ସଂଘ ପକ୍ଷରୁ ନିଷ୍ପତ୍ତି ନିଆଯାଇଥିଲା। ରିପୋର୍ଟ ଲେଖା ହେଲା ବେଳକୁ ମ୍ୟାଚ୍ ଆରମ୍ଭ ହୋଇ ପାରି ନ ଥିଲା।

ସୋମବାର ସକାଳେ ଭୁବନେଶ୍ୱରର କିଟ୍-କିସ୍‌କୁ ୩୪-୧୦ ପଏଣ୍ଟରେ ପରାସ୍ତ କରି ପୂର୍ବ ରେଳବାଇ ଫାଇନାଲରେ ପ୍ରବେଶ କରିଥିଲା। ଏହି ବିଭାଗରେ ଦ୍ୱିତୀୟ ସେମିଫାଇନାଲ ମୁକାବିଲା ଦକ୍ଷିଣ ପୂର୍ବ ରେଳବାଇ ଓ ପଶ୍ଚିମବଙ୍ଗର ଅଶୋକ ସଂଘ ମଧ୍ୟରେ ଖେଳାଯିବାର କାର୍ଯ୍ୟକ୍ରମ ରହିଥିଲା। ପୁରୁଷ ବିଭାଗରେ ଶେଷ ଦୁଇଟି କ୍ୱାର୍ଟର ଫାଇନାଲରେ ବିଳାସପୁର ୫୯-୩୨ ପଏଣ୍ଟରେ ଭଞ୍ଜନଗରକୁ ଓ ଦିଲ୍ଲୀ ୩୮-୧୭ରେ କଟକ ଦଳକୁ ପରାସ୍ତ କରି ସେମିଫାଇନାଲରେ ପ୍ରବେଶ କରିଥିଲେ। ସେମିଫାଇନାଲରେ ଭୋପାଳ ଟିମ୍ ସହ ବିଳାସପୁରର ଓ ଦିଲ୍ଲୀ ସହ ପୁରୀର ଶ୍ରୀ ଜଗନ୍ନାଥ ସଂସ୍କୃତ ବିଶ୍ୱବିଦ୍ୟାଳୟ ଟିମ୍‌ର ମୁକାବିଲା ହେବାର କାର୍ଯ୍ୟକ୍ରମ ସ୍ଥିର ହୋଇଥିଲା।

ଟୁର୍ଣ୍ଣାମେଣ୍ଟର ପୁରୁଷ ବିଭାଗରେ ଚାମ୍ପିଅନ ଦଳକୁ ୧.୫ ଲକ୍ଷ, ରନର୍ସ ଅପ୍ ଦଳକୁ ୧ ଲକ୍ଷ, ତୃତୀୟ ସ୍ଥାନିତ ଦଳକୁ ୬୦,୦୦୦ ଟଙ୍କା ପୁରସ୍କାର ପ୍ରଦାନ କରାଯିବାର ବ୍ୟବସ୍ଥା ରହିଛି। ସେହିପରି ମହିଳା ବିଭାଗରେ ଚାମ୍ପିଅନ ଦଳକୁ ୫୦,୦୦୦, ରନର୍ସ ଅପ ଦଳକୁ ୩୦,୦୦୦, ସେମିଫାଇନାଲରେ ପରାଜିତ ଦୁଇ ଦଳକୁ ୧୦,୦୦୦ ଟଙ୍କା ଲେଖାଏଁ ଦିଆଯିବାକୁ ସ୍ଥିର କରାଯାଇଥିଲା। ଏହାଛଡ଼ା ବଡ଼ ବଡ଼ ଟ୍ରଫି ସହ ବ୍ୟକ୍ତିଗତ ଶ୍ରେଷ୍ଠ ପ୍ରଦର୍ଶନକାରୀଙ୍କୁ ମଧ୍ୟ ପୁରସ୍କୃତ କରାଯିବାର କାର୍ଯ୍ୟକ୍ରମ ରହିଛି। ଯାଜପୁର କବାଡି ସଂଘ ସଭାପତି ପ୍ରଦୀପ କୁମାର ସେଠୀ ଓ ସମ୍ପାଦକ ସମରେନ୍ଦ୍ର ଦାଶଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ଏହି ଟୁର୍ଣ୍ଣାମେଣ୍ଟ ଆୟୋଜିତ ହେଉଛି।




PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED.
PRINTED AT THE SAKALA, SWOTI VILLAGE, PANIKOILI-755043, DIST: JAJPUR, ODISHA

କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦ୍ର ଦାସ
EXECUTIVE EDITOR: SAMARENDU DAS